




RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 42 ♦ISSUE-346 ♦BHUBANESWAR ♦SATURDAY ♦14 JUNE 2025 ♦PAGE-12 ♦₹ 6.00 | PANIKOILI | ♦ବର୍ଷ-୪୨ ♦ସଂଖ୍ୟା-୩୪୬ ♦ଭୁବନେଶ୍ୱର ♦ଶନିବାର ♦୧୪ ଜୁନ୍ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


# ମଧ୍ୟପ୍ରାଚ୍ୟ ଥରହର



- ଇରାନ ଉପରେ ଇସ୍ରାଏଲ୍‌ର ପ୍ରଚଣ୍ଡ ଆକ୍ରମଣ
- ୩୩୦ ବୋମାବର୍ଷା କଲେ ୨୦୦ ଲଢୁଆ ବିମାନ
- ପରମାଣୁ କେନ୍ଦ୍ର ସମେତ ୬ ସାମରିକ ଠିକଣା ଧ୍ୱଂସ
- ଇରାନର ୨୦ ପ୍ରମୁଖ ସେନା କମାଣ୍ଡର ନିହତ
- ୬ ପ୍ରମୁଖ ପରମାଣୁ ଓ ସାମରିକ ବୈଜ୍ଞାନିକ ମୃତ
- ଇସ୍ରାଏଲ ଉପରେ ଇରାନ୍‌ର ଶହେରୁ ଊର୍ଦ୍ଧ୍ୱ ଡ୍ରୋନ ମାଡ଼
- ପରମାଣୁ ଚୁକ୍ତି ନ କଲେ ବଡ଼ଧରଣର ଆକ୍ରମଣ: ଟ୍ରମ୍ପ
- ଆମେରିକାର ଚେତାବନୀକୁ ଇରାନ୍‌ର ବେଖାତିର୍

■ **ତେହରାନ, ୧୩।୬ (ଏଜେନ୍ସି):** ଶୁକ୍ରବାର ପ୍ରତ୍ୟୁଷରେ ମଧ୍ୟପ୍ରାଚ୍ୟରେ ଅପ୍ରତ୍ୟାଶିତ ଘଟଣା ଘଟିଛି। ଏହା ପୁଣି ଯୁଦ୍ଧର ନିଆଁକୁ କୁହୁଳାଇ ଦେଇଛି। ଦୁଇ ଦୁଇଟି ଯୁଦ୍ଧ ଲାଗି ରହିଥିବାବେଳେ ପୃଥିବୀକୁ ଆଉ ଏକ ଯୁଦ୍ଧର କଳାବାଦଲ ଘେରି ରହିଛି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଚେତାବନୀର ଦିନକ ପରେ ମଧ୍ୟପ୍ରାଚ୍ୟ ଥରି ଉଠିଛି। ଇରାନ ଉପରେ ଇସ୍ରାଏଲର ପ୍ରଚଣ୍ଡ ଆକ୍ରମଣ ପରେ ଏହି ଭୟାବହ ସ୍ଥିତି ସୃଷ୍ଟି ହୋଇଛି। ଅପରେସନ 'ରାଇଜିଂ ଲାୟନ' ଅଧିନରେ ଭାରତୀୟ ସମୟ ୫ଟା ୧୫ରେ



୨୦୦ରୁ ଅଧିକ ଲଢୁଆ ବିମାନ ଇରାନରେ ଜୋରଦାର ଏୟାର ଷ୍ଟ୍ରାଇକ କରିଛି। ଇରାନର ୧୨ ପ୍ରଦେଶର ୬ଟି ଠିକଣାକୁ ନିଶାଣ କରି ବୋମାବର୍ଷା କରାଯାଇଛି। ୩୩୦ରୁ ଅଧିକ ବୋମାମାଡ଼ରେ ଇରାନ ଥରି ଉଠିଛି। ଆକ୍ରମଣ ଏତେ ଭୟାବହ ଥିଲା ଯେ ରାତିରେ ଦିନର ଭ୍ରମ ସୃଷ୍ଟି ହୋଇଛି। ଏହି ବିଧ୍ୱଂସକ ଆକ୍ରମଣରେ ୪ଟି ପରମାଣୁ କେନ୍ଦ୍ର, ବାଲିଷ୍ଟିକ କ୍ଷେପଣାସ୍ତ୍ର ମହଜୁଦ କେନ୍ଦ୍ର ସମେତ ୬ଟି ସାମରିକ ଠିକଣା ଧ୍ୱଂସ ହୋଇଯାଇଛି। ଏହି ଆକ୍ରମଣ ଇରାନ ପାଇଁ କାଳ ପାଲଟି ଯାଇଛି। ବିପୁଳ କ୍ଷୟକ୍ଷତି ହୋଇଛି। ଯାହାକୁ ଭରଣା କରିବା ଇରାନ ପକ୍ଷେ ସମ୍ଭବ ହେବ ନାହିଁ। ଏହି ଏୟାର ଷ୍ଟ୍ରାଇକରେ ୭୦ରୁ ଅଧିକ ଲୋକଙ୍କ ମୃତ୍ୟୁ ହୋଇଛି। ୩୨୦ରୁ ଅଧିକ ଆହତ ହୋଇଛନ୍ତି। ଅନେକଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ସମ୍ଭାବନା ରହିଛି। ମୃତକଙ୍କ ମଧ୍ୟରେ ଇରାନ ରିଭୋଲ୍ୟୁସନାରୀ ଗାର୍ଡ କ୍ରପ୍ସ (ଆଇଆରଜିସି) ମୁଖ୍ୟ ତଥା ସର୍ବୋଚ୍ଚ ଶାସକ ଅୟତୁଲ୍ଲା ଅଲ ଖାମନେଇଙ୍କ ଘନିଷ୍ଠ ଜେନେରାଲ ହୋସେନ ସଲାମୀ, ସଶସ୍ତ୍ର ବାହିନୀ ମୁଖ୍ୟ ମହମ୍ମଦ ବାଘେରୀଙ୍କ ସମେତ ୨୦ ପ୍ରମୁଖ କମାଣ୍ଡରଙ୍କ ଜୀବନ ଯାଇଛି। ୬ ଜଣ ପ୍ରମୁଖ ପରମାଣୁ ଏବଂ ସାମରିକ ବୈଜ୍ଞାନିକ ମଧ ପ୍ରାଣ ହରାଇଛନ୍ତି। ଇସ୍ରାଏଲର ଏହି ଆକ୍ରମଣ ଇରାନର ପରମାଣୁ କାର୍ଯ୍ୟକ୍ରମ ପାଇଁ ଶକ୍ତ ଝଟ୍‌କା ସାବ୍ୟସ୍ତ ହୋଇଛି।

ଏହି ଆକ୍ରମଣ ମଧ୍ୟପ୍ରାଚ୍ୟରେ ଉତ୍ତେଜନାକୁ ଚରମରେ ପହଞ୍ଚାଇ ଦେଇଛି। ଏହାକୁ ନେଇ ଇରାନ ସର୍ବୋଚ୍ଚ ଶାସକ ଅୟତୁଲ୍ଲା ଅଲ ଖାମନେଇ ଇସ୍ରାଏଲକୁ ଚେତାବନୀ ଦେଇଛନ୍ତି। ▸ପୃଷ୍ଠା-୭

**ଅହମଦାବାଦ ବିମାନ ଦୁର୍ଘଟଣା** ଦରପୋଡ଼ା ଶବ ଦେଖି ଠକିଯାଉଛି ଆଖି

# ଶବାଗାରରେ ଆତ୍ମୀୟ ଖୋଜା



## ୨୭୦ ମୃତଦେହ ଉଦ୍ଧାର
## ଚିହ୍ନଟ ହୋଇପାରୁନି ୨୬୩

■ **ଅହମଦାବାଦ, ୧୩।୬ (ଏଜେନ୍ସି):** ଅହମଦାବାଦରେ ଏୟାର ଇଣ୍ଡିଆ ବିମାନ ଏଆଇ-୧୭୧ ଦୁର୍ଘଟଣା ସାରା ବିଶ୍ୱକୁ ସ୍ତବ୍ଧ କରିଦେଇଛି। ଏହି ଭୟଙ୍କର ଦୁର୍ଘଟଣାରୁ କେବଳ ଜଣେ ମାତ୍ର ରୋଗୀ ଜୀବିତ ବଞ୍ଚି ଯାଇଛନ୍ତି। ଏହି ବିମାନରେ ୧୨ କ୍ରୁ ସଦସ୍ୟଙ୍କ ସମେତ ୨୪୨ ଜଣ ଯାତ୍ରୀ ଯାତ୍ରା କରୁଥିଲେ। ଏମାନଙ୍କ ମଧ୍ୟରେ ରାଜସ୍ଥାନର ୧୩ ଜଣ, ମଧ୍ୟପ୍ରଦେଶ, ହରିୟାଣା ଏବଂ ବିହାରର ଜଣେ ଲେଖାଏଁ ସାମିଲ ଅଛନ୍ତି। ଏ ପର୍ଯ୍ୟନ୍ତ ଘଟଣାସ୍ଥଳରୁ ୨୭୦ ମୃତଦେହ ଉଦ୍ଧାର କରାଗଲାଣି। ମାତ୍ର ମୃତଦେହ ଚିହ୍ନଟ କରିବାରେ ସମସ୍ୟା ସୃଷ୍ଟି ହୋଇଛି। ସମସ୍ତ ମୃତଦେହ ଜଳି ଯାଇଥିବାରୁ ଏହାକୁ ଚିହ୍ନଟ କରିବା କଷ୍ଟସାଧ୍ୟ ହୋଇପଡ଼ିଛି। ସେହିପରି ଗୁଜରାଟ ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୟ ରୁପାଣୀଙ୍କ ମୃତଦେହ ବି ଚିହ୍ନଟ ହୋଇପାରି ନାହିଁ। ମୃତକଙ୍କୁ ଚିହ୍ନଟ ଲାଗି ତାଙ୍କ ପରିବାର ସଦସ୍ୟଙ୍କ ଡିଏନ୍‌ଏ ପରୀକ୍ଷା କରାଯାଉଛି। ଏହାର ରିପୋର୍ଟ ଆସିବା ପରେ ୭ ଜଣଙ୍କୁ ଚିହ୍ନଟ କରାଯାଇ ପରିବାର ସଦସ୍ୟଙ୍କୁ ମୃତଦେହ ହସ୍ତାନ୍ତର କରାଯାଇଛି। ୨୨୦ ଜଣଙ୍କ ଡିଏନଏ ନମୁନା ସଂଗ୍ରହ କରାଯାଇଛି। ଅହମଦାବାଦ ହସ୍ପିଟାଲ ବାହାରେ ମୃତକଙ୍କ ସମ୍ପର୍କୀୟଙ୍କ ଗହଳି ଲାଗି ରହିଛି। ନିଜ ସମ୍ପର୍କୀୟଙ୍କୁ ଚିହ୍ନଟ କରିବା ପାଇଁ ସେମାନେ ଦିନରାତି ଚାହିଁ ରହିଛନ୍ତି।

ଏହି ବିମାନ ଦୁର୍ଘଟଣାର ଯାଞ୍ଚରେ ୮ଟି ଏଜେନ୍ସି ଲାଗିଛି। ଏଗୁଡିକ ମଧ୍ୟରେ ଗୁଜରାଟ ପୁଲିସ, ଏନଆଇଏ, ଏଏଆଇବି, ଡାଇରେକ୍ଟୋରେଟ ଜେନେରାଲ ଅଫ୍ ସିଭିଲ ଆଭିଏସନ (ଡିଜିସିଏ), ୟୁନାଇଟେଡ କିଙ୍ଗଡମ ଏୟାର ଆକ୍ସିଡେଣ୍ଟ ଇନଭେଷ୍ଟିଗେସନ ବ୍ରାଞ୍ଚ (ୟୁକେ-ଏଏଆଇବି), ମିଳିତ ଜାତିସଂଘର ନ୍ୟାସନାଲ ଟ୍ରାନ୍ସପୋର୍ଟେସନ ସେଫ୍ଟି ବୋର୍ଡ (ଏନଟିଏସବି), ଫେଡେରାଲ ଆଭିଏସନ ଆଡମିନିଷ୍ଟ୍ରେସନ (ଏଫଏଏ) ସାମିଲ ରହିଛି। ସେହିପରି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଘଟଣାସ୍ଥଳ ଗସ୍ତ କରିଛନ୍ତି। ସେ ଆହତଙ୍କୁ ଭେଟିଛନ୍ତି।

## ହଷ୍ଟେଲ୍ ଛାତରୁ ମିଳିଲା ବ୍ଲାକ୍ ବକ୍ସ

■ **ନୂଆଦିଲ୍ଲୀ, ୧୩।୬ (ଏଜେନ୍ସି):** ଅହମଦାବାଦ୍ ବିମାନ ଦୁର୍ଘଟଣାରେ ଏପର୍ଯ୍ୟନ୍ତ ୨୬୫ଜଣ ଯାତ୍ରୀଙ୍କ ମୃତ ହେଦ ଉଦ୍ଧାର କରାଯାଇଛି। ଦୁର୍ଘଟଣାର କାରଣ ନେଇ ଏପର୍ଯ୍ୟନ୍ତ କିଛି ସୂଚନା ମଳିନଥିବା ବେଳେ ବିମାନର ବ୍ଲାକ ବକ୍ସ ହଷ୍ଟେଲ ଛାତ ଉପରେ ମିଳିଛି। ବିମାନର ବ୍ଲାକ୍ସ ବକ୍ସ କୁହାଯାଉଥିବା ଡିଜିଟାଲ ଫ୍ଲାଇଟ୍ ଡାଟା ରେକର୍ଡର (ଡିଏଫ୍‌ଡିଆର)କୁ ଦୁର୍ଘଟଣାସ୍ଥଳରେ ଥିବା ମେଡିକାଲ ହଷ୍ଟେଲର ଛାତ ଉପରେ ମିଳିଛି ବୋଲି ଶୁକ୍ରବାର ଏୟାର କ୍ରାଫ୍ଟ ଆକସିଡେଣ୍ଟ ବ୍ୟୁରୋ (ଏଏଆଇବି) ସୂଚନା ଦେଇଛି। ଏବେ ଖୁବ୍‌ଶୀଘ୍ର ବିମାନର ଦୁର୍ଘଟଣାର ସମ୍ପର୍କରେ ସୂଚନା ମିଳି ପାରିବ ବୋଲି ଆଶା କରାଯାଉଛି।

## ମହିଳା ଜନଜାଗରଣ ସମାବେଶରେ ସରକାରଙ୍କୁ ବିଜେଡିର ନିଶାଣ

# ଓଡ଼ିଶାରେ ମହିଳା ଅସୁରକ୍ଷିତ

- ଏକ ବର୍ଷରେ ଦୁଷ୍କର୍ମ, ଅପହରଣ, ହତ୍ୟାରେ ଅହେତୁକ ବୃଦ୍ଧି
- କ୍ଷୁଣ୍ଣ ହୋଇଛି ରାଜ୍ୟର ୭୦ଲକ୍ଷ ମହିଳାଙ୍କ ଆର୍ଥିକ ସ୍ୱାଧୀନତା
- ସୁଭଦ୍ରାରେ ଦିନକୁ ୨୭ ଟଙ୍କା ମହିଳାଙ୍କ ସ୍ୱାଭିମାନକୁ ପରିହାସ



■ **ଯାଜପୁର, ୧୩।୬ (ସମିସ):** ଗତ ଏକ ବର୍ଷରେ ରାଜ୍ୟର ମହିଳାମାନଙ୍କୁ ସୁରକ୍ଷା ପ୍ରଦାନରେ ବିଫଳତାକୁ ନେଇ ବର୍ଷିଛି ବିଜେଡି। ଯାଜପୁରର ବରୁଆଁଠାରେ ଏକ ବିଶାଳ ମହିଳା ଜନ ଜାଗରଣ ଅଭିଯାନରେ ବିଜେଡି ରାଜ୍ୟରେ ବର୍ଦ୍ଧିତ ମହିଳା ବିରୋଧୀ ହିଂସା, ମହିଳାଙ୍କ ପ୍ରତି ଅନ୍ୟାୟ, ପ୍ରତିଶ୍ରୁତି ପାଳନରେ ସରକାରଙ୍କ ବିଫଳତା ଓ ସୁଭଦ୍ରା ସହାୟତା ପରିହାସକୁ ଲୋକଙ୍କ ପାଖରେ ପହଞ୍ଚାଇଛନ୍ତି।

ଦଳର ବରିଷ୍ଠ ନେତ୍ରୀ ତଥା ବିଧାୟିକା ପ୍ରମିଳା ମଲ୍ଲିକଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି ସମାବେଶରେ ରାଜ୍ୟସଭା ସାଂସଦ ସୁଲତା ଦେଓ, ପୂର୍ବତନ ବିଧାୟିକା ସ୍ନେହାଙ୍ଗିନୀ ଛୁରିଆ, ଟୁକୁନି ସାହୁ, ପୂର୍ବତନ ସାଂସଦ ଶର୍ମିଷ୍ଠା ସେଠୀ, ରାଜଶ୍ରୀ ମଲ୍ଲିକ, ବରିଷ୍ଠ ନେତ୍ରୀ ଲେଖାଶ୍ରୀ ସାମନ୍ତ ସିଂହାର, ଭୁବନେଶ୍ୱର ମେୟର ସୁଲୋଚନା ଦାସ ପ୍ରମୁଖ ସରକାରଙ୍କୁ କଟୁ ସମାଲୋଚନା କରିଛନ୍ତି। ଗତ ଏକ ବର୍ଷରେ ରାଜ୍ୟରେ ମହିଳାଙ୍କ ବିରୋଧରେ ଅପରାଧ ଅହେତୁକ ବୃଦ୍ଧି ପାଇଛି। ପ୍ରତିଦିନ ମହିଳାମାନେ ଦୁଷ୍କର୍ମ, ଅପହରଣ, ହତ୍ୟା, ଯୌନ ନିର୍ଯାତନାର ଶିକାର ହେଉଥିବାର ଖବର ପ୍ରତିଦିନ ଗଣମାଧମରେ ଶିରୋନାମା ପାଲଟୁଛି। ମହିଳାମାନଙ୍କୁ ସୁରକ୍ଷା ପ୍ରଦାନ କ୍ଷେତ୍ରରେ ବିଜେପି ସରକାର ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି। ଏହାଛଡା ନବୀନ ସରକାରଙ୍କ ସମୟରେ ମିଶନ ଶକ୍ତି ମାଧମରେ ସଶକ୍ତ ହୋଇଥିବା ୭୦ ଲକ୍ଷ ମହିଳା ମାନେ ଯେଉଁ ଅର୍ଥନୈତିକ ସ୍ୱାଧୀନତା ହାସଲ ହାସଲ କରିଥିଲେ, ତାହା ଆଜି ସରକାରଙ୍କ ଉଦାସୀନତା ଯୋଗୁ ବିପଦରେ ପଡିଛି। ରାଜ୍ୟ ସରକାର ମିଶନଶକ୍ତିର ଏସ୍‌ଏଚ୍‌ଜି ଗୁଡିକୁ ଅଣଦେଖା କରିବା ଯୋଗୁଁ ସ୍ୱାବଲମ୍ବୀ ମହିଳାମାନେ ଆଜି ସମ୍ମାନରୁ ବଞ୍ଚିତ ହୋଇଛନ୍ତି। ସୁଭଦ୍ରା ଯୋଜନାରେ ଦୁଇ ବର୍ଷରେ ପଚାଶ ହଜାର ଟଙ୍କା ଦେବାର ପ୍ରତିଶ୍ରୁତି ଦେଇ ଏବେ ଦୈନିକ ୨୭ଟଙ୍କା ହିସାବରେ ଛଅ ମାସକୁ ୫ ହଜାର ଦେଇ ସରକାର ପରିହାସ କରିଛନ୍ତି । ▸ପୃଷ୍ଠା-୭

## ଓଡ଼ିଆ 'ଅସ୍ମିତା'ର ଝାଡ଼ଖଣ୍ଡୀ ପ୍ରୀତି

### ଓଡ଼ିଶା ସାରା ବୁଲୁଛି ଝାଡ଼ଖଣ୍ଡ 'ବିକାଶ ବାହନ'

■ **ଭୁବନେଶ୍ୱର, ୧୩।୬ (ସମିସ):** ରାଜ୍ୟ ସରକାରଙ୍କ ଏକ ବର୍ଷ ପୂର୍ତ୍ତି ଅବସରରେ ସାରା ରାଜ୍ୟରେ ବୁଲୁଛି 'ବିକାଶ ବାହନ'। ରାଜ୍ୟ ସରକାରଙ୍କ ଏକ ବର୍ଷର ଉପଲବ୍ଧି ଏହି ବିକାଶ ବାହନ ଜରିଆରେ ରାଜ୍ୟ ସାରା ପ୍ରଚାର କରାଯାଉଛି। ଗେରୁଆ ରଙ୍ଗରେ ସୁସଜ୍ଜିତ ଗାଡ଼ିରେ ସରକାରୀ ଯୋଜନାଗୁଡ଼ିକର ପ୍ରଚାର କରାଯାଉଛି ଓ ଖୋଦ ମୁଖ୍ୟମନ୍ତ୍ରୀ ଓ ପ୍ରଧାନମନ୍ତ୍ରୀଙ୍କ ଫଟୋ ଗାଡ଼ିରେ ଲଗାଯାଇଛି। ମାଇକ୍ ଜରିଆରେ ସରକାରଙ୍କ ତଥାକଥିତ ବିକାଶର ରେକଡ଼ିଂ ଗୁଣଗାନ କରାଯାଉଛି।

**ଉପେକ୍ଷିତ ଓଡ଼ିଆ ଗାଡ଼ି ମାଲିକଙ୍କ ପେଟରେ ଲାତ**

ମାତ୍ର ବିଡ଼ମ୍ବନା ହେଉଛି ରାଜଧାନୀ ଭୁବନେଶ୍ୱର ସହ ରାଜ୍ୟର କୋଣ ଅନୁକୋଣରେ ଘୁରୁଥିବା ପ୍ରାୟତଃ ସବୁ ଗାଡ଼ି ଝାଡ଼ଖଣ୍ଡରୁ ଭଡ଼ାରେ ଅଣା ଯାଇଛି ଓ ଗାଡ଼ିଗୁଡ଼ିକରେ ହଳଦିଆ ନମ୍ବର ପ୍ଲେଟରେ ଝାଡ଼ଖଣ୍ଡ ନମ୍ବର ଲିଖିତ ରହିଛି । ଗୋଟିଏ ପଟେ ବିଜେପି ଓ ରାଜ୍ୟ ସରକାର ନିଜକୁ ଓଡ଼ିଆ ଅସ୍ମିତାର ▸ପୃଷ୍ଠା-୭

## ୧୬ରୁ ବଢ଼ିବ ବର୍ଷା

■ **ଭୁବନେଶ୍ୱର, ୧୩।୬ (ସମିସ):** ରାଜ୍ୟରେ ଆସନ୍ତା ୧୬ ତାରିଖରୁ ବର୍ଷାର ପ୍ରଭାବ ବଢ଼ିବ। ଉତ୍ତର -ପଶ୍ଚିମ ବଙ୍ଗୋପସାଗରରେ ୧୬ ତାରିଖ ବେଳକୁ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବାର ସମ୍ଭାବନା ରହିଛି। ପରିସ୍ଥିତି ସୁହାଇଲେ ଏହା ପ୍ରଭାବରେ ଏକ ଲଘୁଚାପ ମଧ୍ୟ ସୃଷ୍ଟି ହୋଇପାରେ। ଏମିତି ହେଲେ ରାଜ୍ୟରେ ମୌସୁମୀ ସକ୍ରିୟ ହେବା ସହ ବର୍ଷାର ପ୍ରଭାବ ବୃଦ୍ଧି ପାଇବ। ବର୍ତ୍ତମାନ ରାଜ୍ୟର ବିଭିନ୍ନ ସ୍ଥାନରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ପାଇଁ ପାଗ ଅନୁକୂଳ ରହିଛି। ୧୪-୧୫ ତାରିଖ ଅର୍ଥାତ ପହିଲି ରଜ ଓ ରଜ ସଂକ୍ରାନ୍ତିରେ ମଧ୍ୟ ଏହି ସ୍ଥିତି ଜାରି ରହିବାର ▸ପୃଷ୍ଠା-୭


DADLS-31

ରଜ ପର୍ବ ଅବସରରେ ମୁଖ୍ୟମନ୍ତ୍ରୀଙ୍କ ଶୁଭେଚ୍ଛା




ରଜ ପର୍ବ ଓଡ଼ିଶାରେ ପାଳନ କରାଯାଉଥିବା କୃଷିଭିତ୍ତିକ ପର୍ବମାନଙ୍କ ମଧ୍ୟରେ ଅନ୍ୟତମ ଶ୍ରେଷ୍ଠ ପର୍ବ । ଆମ ଓଡ଼ିଆ ସଂସ୍କୃତିର ଏକ ନିଚ୍ଛକ ମହାନ୍ ପର୍ବ । ଧରିତ୍ରୀ ମାତାର ଉପାସନା ସହିତ ଘରେ ଘରେ ଆନନ୍ଦ ଉଲ୍ଲାସରେ ଏହି ପର୍ବ ପାଳନ କରାଯାଇଥାଏ । ଏହି ଅବସରରେ ଚାଷୀକୁଳଙ୍କ ସୁଖ ଓ ସମୃଦ୍ଧି କାମନା କରିବା ସହିତ ରାଜ୍ୟବାସୀ ଭାଇଭଉଣୀଙ୍କୁ ମୋର ଆନ୍ତରିକ ଶୁଭେଚ୍ଛା ଜଣାଉଛି ।

(ମୋହନ ଚରଣ ମାଝୀ)
ମୁଖ୍ୟମନ୍ତ୍ରୀ, ଓଡ଼ିଶା

OIPR-15001/13/0697/2526


## ବାଇକ୍‌କୁ ଚାପିଦେଲା ଟ୍ରକ୍; ୩ ମୃତ


■ **କେନ୍ଦୁଝର, ୧୩।୬ (ସମିସ):** ସଦର ଥାନା ଶୁଆକାଟି ଫାଣ୍ଡି ଠାକୁରଡିହି ଛକ ବୁଲାଣି ନିକଟରେ ଶୁକ୍ରବାର ଅପରାହ୍ଣରେ ଏକ ଅଜଣା ଗାଡ଼ି ଧକ୍କାରେ ତିନିଜଣଙ୍କ ମୃତ୍ୟୁ ଘଟିଛି। ମୃତକମାନେ ହେଲେ, ଶୁଆକାଟି ମାଇନିଂ ଛକ ମହେଶ୍ୱର ବାରିକଙ୍କ ପୁଅ ବିଭୁ (୧୫), ବାଦଲ ନାଏକ(୨୨), ସନତ ନାଏକ(୨୧)। ଫାଣ୍ଡି ଏସ୍‌ଆଇ ସୁରିନାରାୟଣ ପାତ୍ର ଘଟଣାସ୍ଥଳରୁ ଶବ ଜବତ କରିବା ସହ ତଦନ୍ତ ଆରମ୍ଭ କରିଛନ୍ତି। ଯୁବକମାନେ ଏକ ବାଇକ୍‌ରେ ଶୁଆକାଟି ପଟୁ କେନ୍ଦୁଝର ଅଭିମୁଖେ ଆସୁଥିବା ବେଳେ ଏହି ଅଘଟଣ ଘଟିଥିଲା। ବିପରୀତ ଦିଗରୁ ଆସୁଥିବା ଏକ ଟ୍ରକ୍ ସେମାନଙ୍କୁ ଧକ୍କା ଦେଇଥିଲା। ▸ପୃଷ୍ଠା-୭

**ସରକାରଙ୍କ ଆଦିବାସୀ ପ୍ରୀତି ଏମିତି**

## ଜୁନ ଅଧା ହେଲାଣି; ମିଳିଲାନି ଛାତ୍ରବୃତ୍ତି

■ **ଭୁବନେଶ୍ୱର, ୧୩।୬ (ସମିସ):** ରାଜ୍ୟ ସରକାର ଆଦିବାସୀଙ୍କ ପାଇଁ କୋଷାଗାର ମେଲା କରି ଦେଇଛନ୍ତି ବୋଲି କହୁଛନ୍ତି। ଆଦିବାସୀଙ୍କ କଲ୍ୟାଣ ପାଇଁ ଅର୍ଥର ଅଭାବ ହେବ ନାହିଁ ବୋଲି ବିଭାଗୀୟ ମନ୍ତ୍ରୀ ବଖାଣୁଛନ୍ତି। ମାତ୍ର ରାଜ୍ୟର ବିଭିନ୍ନ ଅନୁସୂଚୀତି ଜାତି ଓ ଜନଜାତି ଛାତ୍ରଛାତ୍ରୀଙ୍କ ବୃତ୍ତିରାଶି ଦେବା ଲାଗି ସରକାରଙ୍କ ହାତ ଯାଉ ନାହିଁ। ଏହି ଅର୍ଥରାଶି ବୃଦ୍ଧି ନିମନ୍ତେ ତତ୍‌କାଳୀନ ବିଜେଡ଼ି ସରକାର କେନ୍ଦ୍ର ନିକଟରେ ବାରମ୍ବାର ଦାବି କରିଥିବା ସତ୍ତ୍ୱେ କୌଣସି ପଦକ୍ଷେପ ନିଆଗଲା ନାହିଁ। ଅନ୍ୟପକ୍ଷରେ ଯେତିକି ଅନୁଦାନ ମିଳିବା କଥା ସେତିକି ଠିକ୍ ସମୟରେ କେନ୍ଦ୍ର ସରକାର ନ ଦେଲେ ମଧ ପିଲାମାନଙ୍କ ପାଠପଢ଼ାକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର ନିଜ ପାଣ୍ଠିରୁ ତାହାକୁ ଶିକ୍ଷାବର୍ଷ ଆରମ୍ଭରୁ ପ୍ରଧାନଶିକ୍ଷକଙ୍କ ଆକାଉଣ୍ଟକୁ ପଠାଇ

**କରଜ କରି ପ୍ରଧାନଶିକ୍ଷକ ଚଳାଉଛନ୍ତି ଛାତ୍ରାବାସ**

**୪ ଓଳି ଖାଦ୍ୟ, ତେଲ-ସାବୁନ ପାଇଁ ମାସକୁ ମାତ୍ର ୧୦୫୦**

ଦେଉଥିଲେ। ମାତ୍ର ଏବେ ଶିକ୍ଷାବର୍ଷ ଆରମ୍ଭ ହେବାର ଦୁଇ ମାସ ପରେ ମଧ ପିଲାମାନଙ୍କୁ ପ୍ରାକ୍ ମାଟ୍ରିକ୍ ଛାତ୍ରବୃତ୍ତି ପ୍ରଦାନ କରାଯାଇ ନାହିଁ। ଯାହାକୁ ନେଇ ଅଧିକାଂଶ ଅନୁସୂଚୀତ ଜାତି ଓ ଜନଜାତି ▸ପୃଷ୍ଠା-୭

# ଇରାନ ଉପରେ କାହିଁକି ଆକ୍ରମଣ କଲା ଇସ୍ରାଏଲ

ତେଲ ଆଭିଭ, ୧୩।୬ (ଏଜେନ୍ସି): ଇସ୍ରାଏଲ ପାହାନ୍ତିଆରେ ଆକ୍ରମଣ କରି ଇରାନକୁ ଦୋହଲାଇ ଦେଇଛି। ଏହି ଆକ୍ରମଣକୁ ଏଭଳି ଭାବେ ଗୋପନୀୟ ରଖା ଯାଇଥିଲା ଯେ ତାହାର ଟିକିଏ ହେଲେ ବି ସୂଚନା ଇରାନ ପାଇପାରି ନ ଥିଲା। କିନ୍ତୁ ଆମେରିକାକୁ ପ୍ରଥମେ ଜଣାଇ ଦିଆଯାଇଥିଲା। ପୂର୍ବରୁ ପରମାଣୁ କାର୍ଯ୍ୟକ୍ରମକୁ ନେଇ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବାରମ୍ବାର ଇରାନକୁ ଧମକ ଦେଇ ଚାଲିଥିଲେ। ପରମାଣୁ ଚୁକ୍ତି ନ କଲେ ବଡ଼ ପରିଣତି ଭୋଗିବ ବୋଲି ଚେତାଇ ଦେଇଥିଲା। ଏହା ପରେ ଇସ୍ରାଏଲ ଇରାନର ପରମାଣୁ କେନ୍ଦ୍ର, କ୍ଷେପଣାସ୍ତ୍ର ମହଜୁଦ କେନ୍ଦ୍ର ଏବଂ ପ୍ରମୁଖ ନେତୃତ୍ୱଙ୍କୁ ନିଶାଣ କରି ଆକ୍ରମଣ କରିଥିଲା। କେହି କିଛି ବୁଝିବା ଆଗରୁ ଆଇଡିଏଫର ଲଢୁଆ ବିମାନ ରାମ, ସୌଫା, ଏବଂ ଏଡିଆର ଆଦି ଧ୍ୱଂସଲୀଳା ରଚି ଫେରି ଆସିଥିଲା। ଏବେ ଇସ୍ରାଏଲକୁ ଏହି ଅଭିଯାନ କରିବାର କ'ଣ ଆବଶ୍ୟକତା ପଡ଼ିଲା ବୋଲି ପ୍ରଶ୍ନ ଉଠୁଛି। ଏହା ପଛରେ ଇରାନ ପରମାଣୁ କାର୍ଯ୍ୟକ୍ରମ ବଡ଼ କାରଣ ରହିଛି। ଗତ ଫେବୃଆରୀରୁ ଆମେରିକା ଗୁଇନ୍ଦା ଏଜେନ୍ସି ସତର୍କ କରି ଆସୁଥିଲା। ଇରାନ ଆଣବିକ କାର୍ଯ୍ୟକ୍ରମ ସହ ଜଡ଼ିତ ଏକାଧିକ ପ୍ରତିଷ୍ଠାନ ଉପରେ ଇସ୍ରାଏଲ ଆକ୍ରମଣ କରିପାରେ ବୋଲି କୁହାଯାଇଥିଲା। ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ ମଧ୍ୟ



ଇରାନକୁ ପୂର୍ବରୁ ଅନେକ ଥର ଧମକ ଦେଇଥିଲେ।

କିଛି ଦିନ ତଳେ ଆମେରିକା ଗୁଇନ୍ଦା ରିପୋର୍ଟରେ କୁହାଯାଇଥିଲା ଯେ ଅକ୍ଟୋବରରେ ମିସାଇଲ ଉତ୍ପାଦନ କେନ୍ଦ୍ର ଓ ଏୟାର ଡିଫେନ୍ସ ସିଷ୍ଟମ ଉପରେ ହୋଇଥିବା ଆକ୍ରମଣର ପ୍ରତିଶୋଧ ନେବା ପାଇଁ ଇସ୍ରାଏଲ ବ୍ଲୁ ପ୍ରିଣ୍ଟ ପ୍ରସ୍ତୁତ କରୁଛି। ଇରାନରେ କ୍ଷମତା ପରିବର୍ତ୍ତନ କରି ନିଜର କର୍ତ୍ତୃତ୍ୱ ଜାହିର କରିବାକୁ ମଧ୍ୟ ଇସ୍ରାଏଲ ଚାହୁଁଥିବା କୁହାଯାଇଥିଲା। ଆଜି ଇସ୍ରାଏଲ ଏହାକୁ ସତ କରି ଦେଖାଇଛି। ଯଦି ଇରାନ ଆଣବିକ ବୋମା ପାଇଯାଏ ତେବେ ତେଲ ଆଭିଭ ସବୁଠାରୁ ଅଧିକ କ୍ଷତି ସହିବ ବୋଲି ଇସ୍ରାଏଲ କହି ଆସୁଥିଲା। କାରଣ ଇରାନ ଇସ୍ରାଏଲର ଦୃଢ଼ ବିରୋଧୀ। ଇସ୍ରାଏଲକୁ ନିପାତ କରିବା ପାଇଁ ଇରାନ ଚାହୁଁଛି। ଦୀର୍ଘ ଦଶନ୍ଧି ଧରି ଇସ୍ରାଏଲ ବିରୋଧରେ ଛାୟା ଯୁଦ୍ଧ ଚଳାଇଛି। ହମାସ, ହୁତି ବିଦ୍ରୋହୀ ଏବଂ ହିଜବୁଲ୍ଲା ମାଧ୍ୟମରେ ଇସ୍ରାଏଲ ଉପରେ ଆକ୍ରମଣ ଜାରି ରଖିଛି। ଏହି ଆତଙ୍କବାଦୀ ଗୋଷ୍ଠୀ ଗୁଡିକୁ ଇରାନ ସହାୟତା ଦେଉଛି। ଗାଜାରେ ଇସ୍ରାଏଲ ଆକ୍ରମଣ ପରଠାରୁ ଏହି ସଂଗଠନ ଗୁଡ଼ିକ ପାଲେଷ୍ଟାଇନ ସମର୍ଥନରେ ବାହାରିଛନ୍ତି। ସେମାନେ ଇସ୍ରାଏଲ ବିରୋଧରେ ନିଜର ଆକ୍ରମଣକୁ ଜୋରଦାର କରିଛନ୍ତି।

ଅନ୍ୟପକ୍ଷରେ ମିଳିତ ଜାତିସଂଘର ଆଣବିକ ୱାଚଡଗ ଗୁରୁବାର ଗୋଟିଏ ସଂକଳ୍ପ ପାରିତ କରିଥିଲା। ଏଥିରେ ଇରାନ ନିଜର ଆଣବିକ ନିରସ୍ତ୍ରୀକରଣ ଚୁକ୍ତିକୁ ଉଲ୍ଲଙ୍ଘନ କରିବା ସ୍ଥିତିରେ ରହିଛି ବୋଲି କୁହାଯାଇଥିଲା। ଏହାର ଜବାବରେ ଇରାନ ଆଣବିକ କାର୍ଯ୍ୟକ୍ରମକୁ ବିସ୍ତାର କରିବାକୁ ଘୋଷଣା କରିଥିଲା। ଇରାନ ପରମାଣୁ କାର୍ଯ୍ୟକ୍ରମକୁ ଜୋରଦାର କରିବାରୁ ଇସ୍ରାଏଲ ଆକ୍ରମଣ କରିଥିଲା। ସବୁ ରାସ୍ତା ବନ୍ଦ ହୋଇ ଯାଇଥଇବାରୁ ବାଧ୍ୟବାଧ୍ୟକତାରେ ଏହି ନିଷ୍ପତ୍ତି ନିଆଯାଇଥିଲା ବୋଲି ଇସ୍ରାଏଲ ବିଦେଶମନ୍ତ୍ରୀ ଗିଦୋନ ସାର୍ କହିଛନ୍ତି। ଇରାନ ଅଟକିବାକୁ ଚାହୁଁ ନ ଥିଲା। ତେଣୁ ତାକୁ ରୋକିବାର ଆବଶ୍ୟକତା ଥିଲା।

## ଆକ୍ରମଣରେ କିଏ ହରାଇଛନ୍ତି ପ୍ରାଣ

ତେହରାନ, ୧୩।୬ (ଏଜେନ୍ସି): ଇସ୍ରାଏଲ ଆକ୍ରମଣରେ ଇରାନ ସେନାର ବହୁ ଉଚ୍ଚ ପଦରେ ଥିବା ଅଧିକାରୀ ପ୍ରାଣ ହରାଇଛନ୍ତି। ପ୍ରତି ଆକ୍ରମଣକୁ ଦେଖି ଇସ୍ରାଏଲ ନିଜ ଦେଶରେ ଏମର୍ଜେନ୍ସି ଜାରି କରିଛି। ସଂରକ୍ଷିତ ସେନାକୁ ମୁତୟନ ଆରମ୍ଭ କରିଛି। ସେନାକୁ ସତର୍କ କରି ରଖିଛି। ଇସ୍ରାଏଲ ଆଜି ତେହରାନ ସ୍ଥିତ ଇରାନ ରିଭୋଲ୍ୟୁସନାରୀ ଗାର୍ଡ (ଆଇଆରଜିସି)ର ମୁଖ୍ୟାଳୟକୁ ନିଶାଣ କରି ଆକ୍ରମଣ କରିଥିଲା। ଏଥିରେ ଆଇଆରଜିସି ମୁଖ୍ୟ ତଥା ସବୁଠାରୁ କ୍ଷମତାଶାଳୀ ବ୍ୟକ୍ତି ଜେନେରାଲ ହୋସେନ ସଲାମୀ ପ୍ରାଣ ହରାଇଛନ୍ତି। ସେ ୨୦୧୯ ଠାରୁ ଏହି ପଦରେ ରହିଥିଲେ। ଏହି ଅଭିଯାନରେ ମେଜର ଜେନେରାଲ ମହମ୍ମଦ ବାଘେରୀ ମଧ୍ୟ ନିହତ ହୋଇଛନ୍ତି। ସେ ସଶସ୍ତ୍ର ବାହିନୀର ମୁଖ୍ୟ ଥିଲେ। ସର୍ବୋଚ୍ଚ ନେତା ଖାମନେଇଙ୍କ ପରେ ସେ ଦ୍ୱିତୀୟ କ୍ଷମତା କେନ୍ଦ୍ର ଥିଲେ। ସେହିପରି ଖତମ ଏଲ- ଅନବିୟାର ମୁଖ୍ୟାଳୟରେ ହୋଇଥିବା ଆକ୍ରମଣରେ ଜେନେରାଲ ଘୋଲମ ଅଲି ରସିଦ ନିହତ ହୋଇଛନ୍ତି। ବାୟୁସେନା ମୁଖ୍ୟ ଅମିର ଅଲ୍ଲି ହାଜିଜାଦେହ ଏବଂ ପୂର୍ବତନ ଆଇଆରଜିସି କମାଣ୍ଡର ଅଲି ସାମଖାନୀ ମଧ୍ୟ ଆକ୍ରମଣରେ ପ୍ରାଣ ହରାଇଛନ୍ତି। ସେହିପରି ୬ ପରମାଣୁ ବୈଜ୍ଞାନିକଙ୍କ ଜୀବନ ମଧ୍ୟ ଯାଇଛି। ଏମାନଙ୍କ ମଧ୍ୟରେ ଅବଦୋଲହମିତ ମିନୋଚେହର, ଅହମଦରେଜା ଜୋଲଫାଘରି, ଅମିରହୋସେନ ଫେକି, ମୋତାଲେବିଲଜେଦହ, ମହମ୍ମଦ ମେହଦି ତେହରାଞ୍ଚି ଏବଂ ଫେରେଦୋନ ଅବାସି ସାମିଲ ଅଛନ୍ତି।

## ଇରାନକୁ ଟ୍ରମ୍ପଙ୍କ ଧମକ

ୱାଶିଂଟନ, ୧୩।୬(ଏଜେନ୍ସି): ପରମାଣୁ ଚୁକ୍ତିରେ ସ୍ୱାକ୍ଷର କରିବାକୁ ଆମେରିକା ଇରାନକୁ ଖୋଲାଖୋଲି ଭାବେ କହିଛି। ଇସ୍ରାଏଲ୍ ପାଖରେ ବିପଜ୍ଜନକ ଓ ବିଧ୍ୱଂସକାରୀ ଅସ୍ତ୍ରଶସ୍ତ୍ର ରହିଛି। ତେଣୁ ଚୁକ୍ତିରେ ସ୍ୱାକ୍ଷର ନକଲେ ଇରାନ ଭୟଙ୍କର ପରିଣାମ ଭୋଗିବ ବୋଲି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଧମକ ଦେଇଛନ୍ତି। ଇରାନରେ ଯେଉଁମାନେ ଏହି ଚୁକ୍ତିକୁ ବିରୋଧ କରୁଥିଲେ, ସେମାନେ ସମସ୍ତେ ଇସ୍ରାଏଲ ଆକ୍ରମଣରେ ମୃତ୍ୟୁବରଣ କରିଛନ୍ତି। ତେଣୁ ଏବେ ମଧ୍ୟ ଇରାନ ପାଖରେ ସୁଯୋଗ ରହିଛି ବୋଲି ଟ୍ରମ୍ପ ଏକ ପୋଷ୍ଟରେ ଉଲ୍ଲେଖ କରି ଏହି କଥା କହିଛନ୍ତି। ଆମେରିକାରେ ସବୁଠାରୁ ଘାତକ ତଥା ବିପଜ୍ଜନକ ଅସ୍ତ୍ରଶସ୍ତ୍ର ନିର୍ମାଣ କରାଯାଉଛି। ଇସ୍ରାଏଲ ପାଖରେ ବିପୁଳ ପରିମାଣରେ ଏହି ଅସ୍ତ୍ରଶସ୍ତ୍ର ରହିଛି।

## ଇରାନ ହାତ ଛାଡ଼ିଦେଲା ହିଜବୁଲ୍ଲା

ତେହରାନ, ୧୩।୬ (ଏଜେନ୍ସି): ଇସ୍ରାଏଲ ଏବଂ ଇରାନ ମଧ୍ୟରେ ଉତ୍ତେଜନା ଚରମରେ ପହଞ୍ଚିଛି। ପରମାଣୁ ଠିକଣାରେ ଇସ୍ରାଏଲ ଏୟାର ଷ୍ଟ୍ରାଇକ ପରେ ଲେବାନନ ଇରାନକୁ ବଡ଼ ଝଟ୍‌କା ଦେଇଛି। ଆତଙ୍କବାଦୀ ସଂଗଠନ ହିଜବୁଲ୍ଲା ଇରାନର ହାତ ଛାଡ଼ି ଦେଇଛି। ଲେବାନନ ସରକାରଙ୍କ ତାଗିଦ ଯୋଗୁଁ ଏପରି ହୋଇଛି। ଦେଶକୁ ଯୁଦ୍ଧ ମଧ୍ୟକୁ ଠେଲି ଦିଆଯିବ ନାହିଁ ବୋଲି ଲେବାନନ ସରକାର ସ୍ପଷ୍ଟ



କରିଦେଇଛନ୍ତି। ଏହା ସହିତ ହିଜବୁଲ୍ଲାକୁ ମଧ୍ୟ ଚେତାବନୀ ଦେଇଛନ୍ତି। ଇରାନ ସପକ୍ଷରେ ଯାଇ ଇସ୍ରାଏଲ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ନ ନେବାକୁ ହିଜବୁଲ୍ଲାକୁ ନିର୍ଦ୍ଦେଶ ଦିଆଯାଇଛି। ସାଧାରଣତଃ ପ୍ରତ୍ୟେକ ସ୍ଥିତିରେ ହିଜବୁଲ୍ଲା ଇରାନକୁ ସମର୍ଥନ ଦେଇଥାଏ। କିନ୍ତୁ ଚଳିତ ଥର ସ୍ଥିତି ବଦଳି ଯାଇଛି। ସାଉଦି ନ୍ୟୁଜ ଆଉଟଲେଟ୍ 'ଅଲ-ଅରବିୟା' ରିପୋର୍ଟ ଅନୁଯାୟୀ ଲେବାନନ ସରକାର ହିଜବୁଲ୍ଲାଙ୍କୁ ସ୍ପଷ୍ଟ ବାର୍ତ୍ତା ଦେଇଛନ୍ତି। ଏବେ ସଂଗଠନ ନିଜ ଇଚ୍ଛା ଅନୁଯାୟୀ ନିଷ୍ପତ୍ତି ନେଇପାରିବ ନାହିଁ। ଏବେ ସେହି ସମୟ ଚାଲି ଯାଇଛି। ଆଉ ନିଜେ ନିଷ୍ପତ୍ତି ନେଇ ଦେଶକୁ ଯୁଦ୍ଧ ମଧ୍ୟକୁ ଠେଲିପାରିବ ନାହିଁ। ଏବେ ଯଦି ହିଜବୁଲ୍ଲା ଆକ୍ରମଣ କରିବ ତେବେ ସାରା ଦେଶକୁ ଏହାର ଫଳ ଭୋଗିବାକୁ ପଡ଼ିବ।

ଲେବାନନ ସରକାରଙ୍କ ଏହି ନିର୍ଦ୍ଦେଶ ପଛରେ ଇସ୍ରାଏଲ ଆକ୍ରମଣର ଭୟ ରହିଛି। ହିଜବୁଲ୍ଲା ଆକ୍ରମଣ କଲେ ଇସ୍ରାଏଲ ବେରୁତ ଏବଂ ଦକ୍ଷିଣ ଲେବାନନର ଅନେକ ଅଞ୍ଚଳକୁ ନିଶାଣ କରିପାରେ। ପୂର୍ବରୁ ଇସ୍ରାଏଲ ଯୁଦ୍ଧ ପାଇଁ ପ୍ରସ୍ତୁତ ହୋଇ ରହିଛି। ଏଭଳି ସ୍ଥିତିରେ ସରକାର କୌଣସି ବିପଦକୁ ଆମନ୍ତ୍ରଣ ଦେବାକୁ ଚାହୁଁନାହାନ୍ତି। ଅନ୍ୟପଟେ ଲେବାନନ ଆର୍ଥିକ ଏବଂ ରାଜନୈତିକ ସଙ୍କଟ ଦେଇ ମଧ୍ୟ ଗତି କରୁଛି। ଦରଦାମ ବୃଦ୍ଧି, ବେକାରୀ, ସରକାରରେ ଅସ୍ଥିରତା ମଧ୍ୟରେ ସାମରିକ ସଂଘର୍ଷ ହେଲେ ସ୍ଥିତି ଅଧିକ ଉତ୍କଟ ହୋଇଯିବାର ସମ୍ଭାବନା ରହିଛି। ତେଣୁ ସରକାର ଭାବିଚିନ୍ତି ଏପରି ନିଷ୍ପତ୍ତି ନେଇଛନ୍ତି। ଏହା ମଧ୍ୟରେ ହିଜବୁଲ୍ଲା ଇସ୍ରାଏଲ ଆକ୍ରମଣକୁ ନିନ୍ଦା କରିଛି। ଏହାକୁ ବିପଜ୍ଜନକ ପଦକ୍ଷେପ କହିଛି। ଆମେରିକା ସମର୍ଥନରେ ଇସ୍ରାଏଲ ସୀମା ପାର କରିଦେଇଥିବା କୁହାଯାଇଛି। ଇସ୍ରାଏଲର ଏହି ପଦକ୍ଷେପ ଦ୍ୱାରା ଶାନ୍ତି ଏବଂ ସ୍ଥିରତା ପାଇଁ ଚାଲିଥିବା ପ୍ରୟାସ ପ୍ରଭାବିତ ହୋଇଛି। ତେବେ ଏହାର ଜବାବରେ ଇସ୍ରାଏଲ ଉପରେ କୌଣସି ଆକ୍ରମଣ କରାଯିବ ନାହିଁ ବୋଲି ହିଜବୁଲ୍ଲା ସ୍ପଷ୍ଟ କରିଦେଇଛି।

## ଅହମଦାବାଦ ଦୁର୍ଘଟଣା

### ଜୀବନ ହରାଇଲେ ଭାଇ-ଭଉଣୀ



ଉଦୟପୁର, ୧୩।୬(ଏଜେନ୍ସି): ରାଜସ୍ଥାନର ଉଦୟପୁରର ମାର୍ବଲ ବ୍ୟବସାୟୀ ସଞ୍ଜୀବ ମୋଦୀଙ୍କ ପୁଅ ଶୁଭ ଓ ଝିଅ ସଗୁନ୍ ଲଣ୍ଡନ ବୁଲିବାକୁ ଯାଉଥିଲେ। କିନ୍ତୁ ଏମାନଙ୍କର ଏହି ଯାତ୍ରା ଥିଲା ଶେଷଯାତ୍ରା। ଭାଇ- ଭଉଣୀ ଏମ୍‌ବିଏ କରିବା ପରେ ପିତାଙ୍କ ବ୍ୟବସାୟ ସମ୍ଭାଳୁଥିଲେ। ଦୁର୍ଘଟଣା ବିଷୟରେ ଜାଣିବା ପରେ ସଞ୍ଜୀବ ଅହମଦାବାଦ ଯାଇଛନ୍ତି। ସ୍ଥାନୀୟ ସହେଲୀ ନଗରସ୍ଥିତ ତାଙ୍କ ବାସଭବନକୁ ଉଦୟପୁର ଜିଲ୍ଲା କଲେକ୍ଟର ନମିତ ମେହେତା ଯାଇ ଘଟଣା ସଂକ୍ରାନ୍ତରେ ତାଙ୍କୁ ଓ ପରିବାର ଲୋକଙ୍କୁ ଅବଗତ କରାଇଥିଲେ। ଏହାପରେ ଆଖପାଖ ପଡୋଶୀ ମଧ୍ୟ ସେଠାରେ ପହଞ୍ଚିବାକୁ ଲାଗିଥିଲେ। ସେଠାରେ ଏବେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଛି।

### ପତ୍ନୀଙ୍କ ଅନ୍ତିମ ସଂସ୍କାର କରିବାକୁ ଆସିଥିଲେ, କିନ୍ତୁ...

ସୁରଟ, ୧୩।୬(ଏଜେନ୍ସି): ମୂଳତଃ ସୁରଟ ରହୁଥିବା ଅର୍ଜୁନ ପଟୋଲିଆ ପତ୍ନୀ ଓ ଦୁଇ ଝିଅଙ୍କ ସହ ୨୦୦୯ ରୁ ଲଣ୍ଡନରେ ରହିଆସୁଥିଲେ। ସେ ଲଣ୍ଡରେ ଏକ ବଡ଼ କମ୍ପାନୀରେ କାର୍ଯ୍ୟ କରୁଥିଲେ। ଗତ ୩ ବର୍ଷ



ହେବ ତାଙ୍କ ପତ୍ନୀ ସର୍ଭାଇକାଲ କ୍ୟାନ୍ସରରେ ପୀଡିତ ଥିଲେ। ଗତ ମେ ୨୩ରେ ପତ୍ନୀଙ୍କ ପରଲୋକ ହୋଇଥିଲା। ଲଣ୍ଡନରେ ତାଙ୍କ ଅନ୍ତିମ ସଂସ୍କାର ହୋଇଥିଲା। କିନ୍ତୁ ଅନ୍ତିମ ସଂସ୍କାର ପରେ ସେ କେତୋଟି ରୀତିନୀତି ପାଳନ କରିବାକୁ ସୁରତ ଆସିଥିଲେ। ଏହାକୁ ପୂରଣ କରି ଅର୍ଜୁନ ଲଣ୍ଡନ ଫେରୁଥିଲେ। କିନ୍ତୁ ତାଙ୍କର ଏହି ଯାତ୍ରା ମହାଯାତ୍ରାରେ ପରିଣତ ହୋଇଥିଲା।

### ବାନ୍ଧବୀଙ୍କ ସହ ନେଲେ ଶେଷ ନିଶ୍ୱାସ



ଅହମଦାବାଦ, ୧୩।୬(ଏଜେନ୍ସି): ବିମାନ ଦୁର୍ଘଟଣାରେ ଆଉ ଏକ ଦୁଃଖଦ ଖବରକୁ ନେଇ ଗୁଜରାଟରେ ଚର୍ଚ୍ଚା ହେଉଛି। ବିବାହ କରିବାକୁ ଯାଉଥିବା ଏକ ଯୋଡି ଏହି ବିମାନ ଦୁର୍ଘଟଣାରେ ପ୍ରାଣ ହରାଇଛନ୍ତି। ଗୁଜରାଟର ଗଡ଼ଡା ତାଲୁକାର ଅଡତଲା ଗାଁରେ ରହୁଥିବା ୨୭ ବର୍ଷୀୟ ହାର୍ଦ୍ଦିକ ଦେବରାଜଭାଇ ଲଣ୍ଡନରେ ଆମାଜନରେ ଚାକିରି କରୁଥିଲେ। ସେ ଗତ ଦୁଇବର୍ଷ ହେବ ଲଣ୍ଡନରେ ରହୁଥିଲେ। ଲଣ୍ଡନରେ ରହୁଥିବା ବିଭୂତୀଙ୍କର ଗୋଟିଏ ମାସ ପୂର୍ବରୁ ନିର୍ବନ୍ଧ ହୋଇଥିଲା। ଏଥିପାଇଁ ରିତୀନୀତି ପାଳନ କରିବାକୁ ଦୁହେଁ ଗାଁକୁ ଆସିଥିଲେ। ଗୁରବାର ଦୁହେଁ ବିମାନରେ ଲଣ୍ଡନ ଫେରୁଥିଲେ। କିନ୍ତୁ ଦୁହେଁ ସାଥି ହୋଇ ଶେଷ ନିଶ୍ୱାସ ନେଇଥିଲେ।

### ଏମ୍‌ବିବିଏସ୍ ଆଡମିସନ କରିବାକୁ ଲଣ୍ଡନ ଯାଉଥିଲେ ପାୟଲ

ଅହମଦାବାଦ, ୧୩।୬ (ଏଜେନ୍ସି): ପିଲାଟି ବେଳୁ ଡାକ୍ତର ହେବାର ସ୍ୱପ୍ନ ଦେଖୁଥିଲେ ପାୟଲ ଖଟିକ୍। ଲଣ୍ଡନର ଏକ ପ୍ରତିଷ୍ଠିତ କଲେଜ୍‌ରେ ସେ ଏମ୍‌ବିବିଏସ୍‌ରେ ଆଡମିସନ



କରିବାକୁ ଯାତ୍ରା କରିଥିଲେ। ସେ ପରିବାର ସହିତ ଗୁଜରାଟ ହିମତ ନଗରରେ ରହୁଥିଲେ। କିନ୍ତୁ ମୂଳତଃ ସେ ଉଦୟପୁର ଜିଲ୍ଲାର ଗୋଗୁଁନ୍ଦାରେ ପୂର୍ବରୁ ରହୁଥିଲେ। ପଢ଼ିବାକୁ ତାଙ୍କର ଜବରଦସ୍ତ ଉତ୍ସାହ ଥିଲା। ଏହା ମଧ୍ୟ ତାଙ୍କର ପ୍ରଥମ ବିଦେଶ ଗସ୍ତ ଥିଲା। କିନ୍ତୁ ସେ ଏହି ଦୁର୍ଘଟଣାରେ ପ୍ରାଣ ହରାଇଥିଲେ।

## ଦୁର୍ଘଟଣା ବେଳେ ତାପମାତ୍ରା ୧, ୦୦୦ ଡିଗ୍ରୀ ଥିଲା



ନୂଆଦିଲ୍ଲୀ, ୧୩।୬(ଏଜେନ୍ସି): ଟେକ୍ ଅଫ୍‌ର ମାତ୍ର ୩୦ ସେକେଣ୍ଡ ମଧ୍ୟରେ ଏୟାର ଇଣ୍ଡିଆ ବିମାନ ଏଆଇ ୧୭୧ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲା। ଦୁର୍ଘଟଣା ବେଳେ ବିମାନର ତାପମାତ୍ର ୧, ୦୦୦ ଡିଗ୍ରୀ ସେଣ୍ଟିଗ୍ରେଡ୍‌କୁ ବୃଦ୍ଧି ପାଇଥିଲା। ବିମାନରେ ସେତେବେଳେ ୧.୨୫ ଲକ୍ଷ ଲିଟର ଇନ୍ଧନ ରହିଥିଲା। ଏହି ଇନ୍ଧନ ଜଳିବା ଫଳରେ ତାପମାତ୍ରରେ ଜବରଦସ୍ତ ବୃଦ୍ଧି ହୋଇଥିଲା। ଫଳରେ ଉଦ୍ଧାର କାର୍ଯ୍ୟ ଅତ୍ୟନ୍ତ କଷ୍ଟକର ହୋଇଥିଲା ବୋଲି ଅଧିକାରୀମାନେ ସୂଚନା ଦେଇଥାନ୍ତି। ଏପରିକି ଦୁର୍ଘଟଣା ସ୍ଥଳରେ ପକ୍ଷୀ ଓ କୁକୁର ଭଳି ଜୀବ ମଧ୍ୟ ବଞ୍ଚିପାରି ନଥିଲେ। ଇନ୍ଧନ ଜଳିବା ଫଳରେ କାହାକୁ ଉଦ୍ଧାର କରିବା ଅସମ୍ଭବ ଥିଲା ବୋଲି କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ କହିଛନ୍ତି। ମୃତ ଦେହଗୁଡିକ ସମ୍ପୂର୍ଣ୍ଣ ଭାବେ ଜଳିଯାଇଥିବା ବେଳେ, ସେଗୁଡିକୁ ଚିହ୍ନଟ କରିବାକୁ ଏବେ ଡିଏନ୍ଏ ଟେଷ୍ଟ କରିବାକୁ ହେବ ବୋଲି ଜଣେ ଅଧିକାରୀ କହିଛନ୍ତି। ସ୍ଥାନୀୟ ସିଭିଲ ହସ୍ପିଟାଲକୁ ୨୭୦ଟି ମୃତଦେହ ଅଣାଯାଇଥିବା ବେଳେ କେତେ ସଂଖ୍ୟାରେ ଲୋକ ମରିଛନ୍ତି ସେ ନେଇ କିଛି କୁହାଯାଇନାହିଁ।

## ଉଡ଼ାଣ ପୂର୍ବରୁ ବୋଇଂ ୭୮୭ର ଯାଞ୍ଚ୍ ହେବ: ଡିଜିସିଏ

ନୂଆଦିଲ୍ଲୀ, ୧୩।୬(ଏଜେନ୍ସି): ଏଥର ଉଡାଣ ପୂର୍ବରୁ ବୋଇଂ ୭୮୭ର ଯାଞ୍ଚ୍ ହେବ। ଅହମଦାବାଦ ବିମାନ ଦୁର୍ଘଟଣା ପରେ ଏହି ନିଷ୍ପତ୍ତି ନିଆଯାଇଛି। ଡାଇରେକ୍ଟୋରେଟ୍ ଜେନେରାଲ ଅଫ୍ ସିଭିଲ ଆଭିଏସନ (ଡିଜିସିଏ) ଶୁକ୍ରବାର ଏ ନେଇ ଆଦେଶ ଦେଇଛି। ଉଡାଣ ପୂର୍ବରୁ ୭୮୭ ଡ୍ରିମ୍‌ଲାଇନର ସୁରକ୍ଷା ଯାଞ୍ଚ୍ ହେବ ବୋଲି କୁହାଯାଇଛି। ବୋଇଂ ୭୮୭-୮ ଓ ୭୮୭-୯ ବିମାନର ପ୍ରତ୍ୟେକ ଉଡାଣ ପୂର୍ବରୁ କଡ଼ାକଡ଼ି ଯାଞ୍ଚ୍ ହେବ ବୋଲି ସ୍ପଷ୍ଟ କରାଯାଇଛି। ସବୁ ଯାଞ୍ଚ ରିପୋର୍ଟ ଡିଜିସିଏକୁ ପ୍ରଦାନ କରାଯିବ। ସେହିପରି ଏୟାର ଇଣ୍ଡିଆର ଜେନଏକ୍ସ ଇଞ୍ଜିନ ବାଲା ବୋଇଂ ୭୮୭-୮ ଓ ୭୮୭-୯ ବିମାନର ଅତିରିକ୍ତ ପରିଚାଳନା ତଥା ମେଣ୍ଟେନାନ୍ସ ପାଇଁ ଡିଜିସିଏ ନିର୍ଦ୍ଦେଶ ଦେଇଛି। ଡିଜିସିଏର ଏହି ଆଦେଶ ତଥା ନିର୍ଦ୍ଦେଶ ଜୁନ୍ ୧୫ରୁ ଲାଗୁ ହେବ। ଟାଟା ଗ୍ରୁପ୍‌ର ଏୟାର ଇଣ୍ଡିଆ ପାଖରେ ୨୬ଟି ୭୮୭-୮ ଓ ୭ଟି ୭୮୭-୯ ବିମାନ ରହିଛି। ଉଡାଣ ପୂର୍ବରୁ ଖାସ୍ କରି ୯ଟି ଗୁରୁତ୍ୱପୂର୍ଣ୍ଣ ଯାଞ୍ଚ୍ ପାଇଁ ନିର୍ଦ୍ଦେଶ ଦିଆଯାଇଛି।

## ବଞ୍ଚିଯାଇଥିବା ଏକ ମାତ୍ର ଯାତ୍ରୀ ରମେଶଙ୍କୁ ଭେଟିଲେ ପ୍ରଧାନମନ୍ତ୍ରୀ

ଅହମଦାବାଦ୍, ୧୩।୬(ଏଜେନ୍ସି): ବିମାନ ଦୁର୍ଘଟଣାରେ ବର୍ତ୍ତିଯାଇଥିବା ଏକାମାତ୍ର ଭାଗ୍ୟବାନ ଯାତ୍ରୀ ରମେଶ ବିଶ୍ୱାସ କୁମାରଙ୍କୁ ଭେଟିଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ। ମୋଦୀ ଶୁକ୍ରବାର ସିଭିଲ ହସ୍ପିଟାଲ ଯାଇ ତାଙ୍କୁ ଭେଟିଛନ୍ତି। ଉଭୟ ୧୦ ମିନିଟ ଧରି କଥା ହୋଇଥିଲେ। ମୋଦୀ ତାଙ୍କ ହାଲଚାଲ୍ ପଚାରି ବୁଝିଥିଲେ। ବିମାନରେ ରମେଶ ୧୧ଏ ସିଟ୍‌ରେ ବସିଥିଲେ। ଦୁର୍ଘଟଣା ପରେ ସେ ଘଟଣାସ୍ଥଳରୁ ଚାଲିଚାଲି ବାହାରକୁ ଆସିଥିଲେ। ମୋଦୀ ତାଙ୍କୁ କିପରି ଦୁର୍ଘଟଣା ହୋଇଥିଲା ବୋଲି ପଚାରିଥିଲେ। ବଞ୍ଚିଛି ବୋଲି ନିଜକୁ ବିଶ୍ୱାସ କରିପାରୁ ନାହିଁ ବୋଲି ରମେଶ କହିଥିଲେ। ସମ୍ପୂର୍ଣ୍ଣ ଦୁର୍ଘଟଣା ମୋ ଆଖି ସାମ୍ନାରେ ଘଟିଥିଲା। ମୋ ସିଟ୍ ବିମାନର ଯେଉଁ ଅଂଶରେ ଥିଲା ତାହା ବିଲ୍ଡିଂର ନିମ୍ନ ଭାଗରେ ମାଡ୍ ହୋଇଥିଲା। ବିମାନର ଉପର ଅଂଶରେ ନିଆଁ ଲାଗିଥିଲା। ଏଥିରେ ବହୁ ଲୋକ ଫସିଯାଇଥିଲେ। ବୋଧେ ମୁଁ ସିଟ ସହିତ ତଳକୁ ଖସି ପଡ଼ିଥିଲି ଓ ଯେମିତ ହେଉ ବାହାରିବାକୁ ଚେଷ୍ଟା କରିଥିଲି। ମୋ ଆଖି ସମ୍ନାରେ ଦୁଇଜଣ ଏୟାର



ହଷ୍ଟେସ ଓ ଜଣେ ଅଙ୍କଲ ଓ ଆଣ୍ଟି ଜଳିଯାଉଥିଲେ ବୋଲି ରମେଶ କହିଛନ୍ତି। ସେ ଏହି ଦୁର୍ଘଟଣାର ବଞ୍ଚିବା ଏକ ବଡ଼ ଚମତ୍କାର ବୋଲି କୁହାଯାଇପାରେ।

## ବୋଇଂ ୭୮୭-୮ ଉଡ଼ାଣକୁ ବନ୍ଦ କରିପାରେ ଭାରତ

ନୂଆଦିଲ୍ଲୀ, ୧୩।୬(ଏଜେନ୍ସି): ଅହମ୍ମଦାବାଦ ବିମାନ ଦୁର୍ଘଟଣା ପରେ କେନ୍ଦ୍ର ସରକାର ବୋଇଂ ୭୮୭-୮ ବିମାନର ଉଡାଣ ନେଇ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବାର ସମ୍ଭାବନା ସୃଷ୍ଟି ହୋଇଛି। ସରକାର ଏହି ବିମାନର ଉଡାଣକୁ ବନ୍ଦ କରିପାରନ୍ତି ବୋଲି ନିର୍ଭରଯୋଗ୍ୟ ସୂତ୍ରରୁ ଜଣାଯାଇଛି। ସୁରକ୍ଷା ନେଇ ବିଶ୍ଳେଷଣ କରିବାକୁ ଆମେରିକାର ଏହି ବିମାନ କମ୍ପାନୀ ସହ ଭାରତ ଖୁବ୍‌ଶୀଘ୍ର ଆଲୋଚନା କରିବ। କେବଳ ସେତିକ ନୁହଁ ଏୟାର ଇଣ୍ଡିଆ ମଧ୍ୟ ନିଜର ବିମାନ ସଞ୍ଚାଳନ ପ୍ରକ୍ରିୟା ଓ ମାନ ନେଇ ଯାଞ୍ଚ୍‌ର ସମ୍ମୁଖୀନ ହେବ ବୋଲି କୁହାଯାଇଛି। ସେପଟେ ଏହି ଘଟଣା ନେଇ ବୋଇଂ ଏୟାର ଇଣ୍ଡିଆ ସହ ଯୋଗାଯୋଗ କରିଛି। ଏୟାର ଇଣ୍ଡିଆକୁ ସବୁପ୍ରକାର ସହାୟତା ଯୋଗାଇଦେବାକୁ ବୋଇଂ ପ୍ରସ୍ତୁତ ଅଛି ବୋଲି କହିଛି। ଯାତ୍ରୀ, କ୍ରିୟୁ ମେମ୍ବରଙ୍କ ସୁରକ୍ଷାକୁ ଆମେ ସବୁବେଳେ ପ୍ରାଥମିକତା ଦେଉଥାଉ ବୋଲି ବୋଇଂ ତରଫରୁ କୁହାଯାଇଛି।

## ଥାଇଲାଣ୍ଡରେ ଏୟାର ଇଣ୍ଡିଆ ବିମାନର ଜରୁରୀ ଅବତରଣ

ବ୍ୟାଙ୍କକ୍, ୧୩।୬(ଏଜେନ୍ସି): ଥାଇଲାଣ୍ଡର ଫୁକେଟ ଅନ୍ତର୍ଜାତୀୟ ବିମାନ ବନ୍ଦରରେ ଏୟାର ଇଣ୍ଡିଆ ବିମାନ ଏଆଇ-୩୭୯ ଜରୁରୀ ଅବତରଣ କରିଛି। ଏହି ବିମାନରେ ବୋମା ଥିବାର ସୂଚନା ମିଳିଥିଲା। ବିମାନରେ ୧୫୬ଜଣ ଯାତ୍ରୀ ଥିଲେ। ଏହା ଫୁକେଟରୁ ଦିଲ୍ଲୀ ଯାତ୍ରା କରୁଥିଲା। କିନ୍ତୁ ଭାରତୀୟ ସମୟ ଅନୁସାରେ ସକାଳ ୯.୩୦ରେ ଅବତରଣ କରିଥିଲା। ବିମାନ ଆଣ୍ଡାମାନ ସାଗର ଉପରେ ଏକ ବଡ଼ ଚକ୍କର ଲଗାଇ ପ୍ରତ୍ୟାବର୍ତ୍ତନ କରିବା ସହ ୨୦ ମିନିଟ୍ ପରେ ଲ୍ୟାଣ୍ଡିଂ କରିଥିଲା। ସବୁ ଯାତ୍ରୀ ଓ କ୍ରୁ ମେମ୍ବର ସୁରକ୍ଷିତ ଅଛନ୍ତି ବୋଲି କୁହାଯାଇଛି ଓ କାହାର କୌଣସି କ୍ଷତି ହୋଇନାହିଁ। ବୋମା ଧମକ ମିଳିବା ପରେ ଫୁକେଟ ବିମାନ ବନ୍ଦର ଏୟାରପୋର୍ଟ କଣ୍ଟିଜେନ୍ସି ପ୍ଲାନ (ଏସିପି) ଆକ୍ଟିଭେଟ୍ କରିଥିଲା। ଏହି ଧମକକୁ ନେଇ ସବୁ ଜରୁରୀ ପଦକ୍ଷେପ ନିଆଯାଇଥିଲା।

## ଏୟାର ଇଣ୍ଡିଆ ବିମାନ ଦୁର୍ଘଟଣା

# ବୀମା କମ୍ପାନୀକୁ ୨୪୯୦ କୋଟିର ଝଟ୍‌କା

■ ଭାରତୀୟ ବିମାନ ଚଳାଚଳ ବୀମା ଇତିହାସରେ ସବୁଠାରୁ ବଡ଼ ବୀମା କ୍ଲେମ୍

ନୂଆଦିଲ୍ଲୀ,୧୩।୬(ଏଜେନ୍ସି): ଅହମ୍ମଦାବାଦରେ ସମ୍ପ୍ରତି ଘଟିଥିବା ଏୟାର ଇଣ୍ଡିଆ ବିମାନ ଦୁର୍ଘଟଣାରେ କେବଳ ବହୁ ଜୀବନ ଯାଇଛି ତା' ନୁହେଁ, ବରଂ ଏହା ବୀମା କମ୍ପାନୀଗୁଡ଼ିକ ପାଇଁ ଏକ ବଡ଼ ଆର୍ଥିକ ବିପର୍ଯ୍ୟୟ ଆଣିଛି। କାରଣ ଦୁର୍ଘଟଣା ଯୋଗୁ ବୀମା କମ୍ପାନୀକୁ ବୀମା କ୍ଲେମ୍ ବାବଦ ପ୍ରାୟ ୨୪୯୦ କୋଟିର ଝଟ୍‌କା ଲାଗିବାକୁ ଯାଉଛି। ଏହି ଦୁର୍ଘଟଣାରେ ୨୪୨ ଜଣଙ୍କ ମଧ୍ୟରୁ ୨୪୧ ଜଣଙ୍କର ମୃତ୍ୟୁ ଘଟିଛି। ସେଥିପାଇଁ ଭାରତୀୟ ବିମାନ ଚଳାଚଳ ବୀମା ଇତିହାସରେ ଏହା ସବୁଠାରୁ ବଡ଼ ବୀମା କ୍ଲେମ୍ ହେବାକୁ ଯାଉଛି।

ଭିସ୍ତାରା ସହ ମିଶ୍ରଣ ପରେ ଏୟାର ଇଣ୍ଡିଆ ଏହାର ୩୦୦ ରୁ ଅଧିକ ବିମାନ ପାଇଁ ମୋଟ ୨୦ ବିଲିୟନ ଡଲାର (ପ୍ରାୟ ୧.୬୬ ଲକ୍ଷ କୋଟି ଟଙ୍କା)ର ବୀମା କଭର ନେଇଥିଲା। ସୂତ୍ର ଅନୁଯାୟୀ, ମୋଟ ବୀମା ଦାବିର ୫% ଭାରତର ଜିଆଇସି ଆର୍‌ଇ ଦେବ, ଅବଶିଷ୍ଟ ୯୫% ଅନ୍ତର୍ଜାତୀୟ ବୀମାକାରୀମାନଙ୍କୁ ଦେବାକୁ ପଡିବ। ଏହି ଦୁର୍ଘଟଣାରେ ବୀମା କ୍ଲେମ୍ ରାଶି ୨୦୦-୩୦୦ ନିୟୁତ ଡଲାର ୧୬୬୦ କୋଟିରୁ ୨୪୯୦ କୋଟି ଟଙ୍କା ପର୍ଯ୍ୟନ୍ତ) ହୋଇପାରେ। ତେବେ ମଣ୍ଟ୍ରିଆଲ୍ ଚୁକ୍ତିନାମା ଅନୁଯାୟୀ, ବିମାନ



ଦୁର୍ଘଟଣାରେ ଯାତ୍ରୀଙ୍କ ମୃତ୍ୟୁ କିମ୍ବା ଗୁରୁତର ଆଘାତ ହେଲେ, ବିମାନ କମ୍ପାନୀ କ୍ଷତିଗ୍ରସ୍ତଙ୍କ ପରିବାରକୁ କ୍ଷତିପୂରଣ ଦେଇଥାଏ। ଏହା ଯାତ୍ରୀଙ୍କ ବୟସ, ବୃତ୍ତି, ରୋଜଗାର ଏବଂ କୋର୍ଟ ଦ୍ୱାରା ସ୍ଥିର କରାଯାଇଥିବା ମାନଦଣ୍ଡ ଆଧାରରେ ନିର୍ଣ୍ଣୟ କରାଯାଏ।

୨୦୨୦ରେ କୋଝିକୋଡରେ ଏୟାର ଇଣ୍ଡିଆ ଏକ୍ସପ୍ରେସ ଦୁର୍ଘଟଣାରେ ୨୧ ଜଣଙ୍କର ମୃତ୍ୟୁ ହୋଇଥିଲା। ସେହି ସମୟରେ ବୀମା କମ୍ପାନୀଗୁଡ଼ିକ ଯାତ୍ରୀ ଦାୟିତ୍ୱ ଅଧୀନରେ ପ୍ରାୟ ୩୮ ନିୟୁତ ଡଲାର (ପ୍ରାୟ ୩୧୫ କୋଟି ଟଙ୍କା) ଦେଇଥିଲେ। ଏଥର ଅହମଦାବାଦ ଦୁର୍ଘଟଣାରେ କ୍ଷତି ବହୁତ ବଡ଼ ହୋଇଥିବାରୁ ମୋଟ ବୀମା କ୍ଲେମ୍ ୨,୪୯୦ କୋଟି ଟଙ୍କା କିମ୍ବା ତା'ଠାରୁ ଅଧିକ ହେବାର ସମ୍ଭାବନା ଅଛି, ଯାହା ଭାରତୀୟ ବିମାନ ଚଳାଚଳ ବୀମା ଇତିହାସରେ ଏ ପର୍ଯ୍ୟନ୍ତର ସବୁଠାରୁ ବଡ଼ ବୀମା କ୍ଲେମ୍ ହୋଇପାରେ।

## ପ୍ରକାଶ ପାଇଲା ପିଜି ମେଧା ତାଲିକା

### ପ୍ରଥମ ରାଉଣ୍ଡରେ ନାମ ଲେଖାଇବେ ୨୨,୨୨୬ ଛାତ୍ରଛାତ୍ରୀ

**ଭୁବନେଶ୍ୱର,୧୩।୬(ସମିସ):** ସ୍ନାତକୋତ୍ତର (ପିଜି) ନାମଲେଖା ପାଇଁ ଶୁକ୍ରବାର ମେଧା ତାଲିକା ପ୍ରକାଶ ପାଇଛି। ପ୍ରଥମ ରାଉଣ୍ଡ ନାମଲେଖା ପାଇଁ ୨୨,୨୨୬ ଜଣ ଛାତ୍ରଛାତ୍ରୀଙ୍କୁ ଚୟନ କରାଯାଇଛି। ତନ୍ମଧ୍ୟରେ ୭,୩୨୩ଜଣ ଛାତ୍ର ଥିବାବେଳେ ଏହାର ପ୍ରାୟ ଦୁଇଗୁଣା ଅର୍ଥାତ୍ ୧୪,୯୧୨ ଜଣ ଛାତ୍ରୀ ରହିଛନ୍ତି। ଚୟନ ହୋଇଥିବା ଶିକ୍ଷାନୁଷ୍ଠାନରେ ନାମଲେଖାଇବାକୁ ଇଚ୍ଛୁକ ଥିବା ପିଲାମାନେ ଫ୍ରିଜ୍ ଅପସନ୍ ଦେଇ ଅନ୍‌ଲାଇନ୍‌ରେ ନାମଲେଖା ଫି' ଦାଖଲ କରିବେ। ଏହାସହ ସମ୍ପୃକ୍ତ ଶିକ୍ଷାନୁଷ୍ଠାନକୁ ଯାଇ ୧୬ରୁ ୧୮ ତାରିଖ ମଧ୍ୟରେ ନାମଲେଖାଇ ପାରିବେ। ଅପରପକ୍ଷରେ ଯେଉଁମାନେ ଅନ୍ୟ ଶିକ୍ଷାନୁଷ୍ଠାନ ପାଇଁ ଆଗ୍ରହୀ ଥିବେ ସେମାନେ ସ୍ଲାଇଡ୍ ବା ଫ୍ଲୋଟ୍ ଅପସନ୍ ଦେଇ ଫି' ଜମା କରିବେ। ସେମାନଙ୍କୁ ଶିକ୍ଷାନୁଷ୍ଠାନକୁ ଯିବାପାଇଁ ପଡ଼ିବ ନାହିଁ ବୋଲି କୁହାଯାଇଛି।

ଚଳିତବର୍ଷ ସମୁଦାୟ ୧୨୧ଟି ଶିକ୍ଷାନୁଷ୍ଠାନରେ ନାମଲେଖା ପାଇଁ ୩୧,୧୫୪ଟି ସିଟ୍ ଉପଲବ୍ଧ ରହିଛି। ଏଥିରେ ନାମଲେଖାଇବାକୁ ୬୨,୩୨୧ ଜଣ ଆବେଦନ କରିଛନ୍ତି। ସେମାନଙ୍କ ମଧ୍ୟରୁ ୫୬,୯୭୬ ଜଣ ଯୋଗ୍ୟ ଆବେଦନକାରୀଙ୍କୁ ଚୟନ ପାଇଁ ବିଚାରକୁ ନିଆଯାଇଥିଲା। ହେଲେ ସେମାନଙ୍କ ମଧ୍ୟରୁ ମାତ୍ର ୪୧,୨୮୮ ଜଣ ଚଏସ୍ ଲକିଂ ପ୍ରକ୍ରିୟା ସମ୍ପୂର୍ଣ୍ଣ କରିଛନ୍ତି। ଅର୍ଥାତ୍ ୧୫,୬୮୮ ଜଣ ଆବେଦନ କରିଥିଲେ ମଧ୍ୟ ଚଏସ୍ ଲକିଂ ବା ଶିକ୍ଷାନୁଷ୍ଠାନ ଚୟନ କରିନାହାନ୍ତି। ପ୍ରଥମ ରାଉଣ୍ଡ ସରିବା ପରେ ୨୩ତାରିଖରେ ଦ୍ୱିତୀୟ ରାଉଣ୍ଡ ଓ ଜୁଲାଇ ୩ରେ ତୃତୀୟ ତଥା ଶେଷ ରାଉଣ୍ଡ ନାମଲେଖା ପାଇଁ ମେଧା ତାଲିକା ପ୍ରକାଶ ପାଇବ। ୩ଟି ପର୍ଯ୍ୟାୟ ସରିବା ପରେ ବଳକା ସିଟ୍‌ରେ ନାମଲେଖାଇବାକୁ ୱେଟିଂ ଲିଷ୍ଟ ରାଉଣ୍ଡ ହେବ। ଏଥିପାଇଁ ପିଲାମାନେ ଜୁଲାଇ ୧୪ରୁ ୧୭ ତାରିଖ ମଧ୍ୟରେ ଅନ୍‌ଲାଇନ୍ ଆବେଦନ କରିବେ। ଜୁଲାଇ ୧୦ ତାରିଖରୁ ପ୍ରଥମ ବର୍ଷ ପାଠପଢ଼ା ଆରମ୍ଭ ହେବ।

**ଆବେଦନ ସତ୍ତ୍ୱେ ଚଏସ୍ ଲକିଂ କରିନାହାନ୍ତି ୧୫,୬୮୮**

---

### ଭିନ୍ନ ଭିନ୍ନ ସାଇବର ଠକେଇ ଘଟଣା

## କ୍ରାଇମବ୍ରାଞ୍ଚ ପଞ୍ଝାରେ ୬ ସାଇବର ଠକ

**କଟକ,୧୩।୬(ସମିସ):** ଭିନ୍ନ ଭିନ୍ନ ଘଟଣାରେ ଅନଲାଇନ ପୁଞ୍ଜିନିବେଶ ନାଁରେ ଲୋଭ ଦେଖାଇ ଠକିଥିବା ମୋଟ ୬ଜଣ ସାଇବର ଠକଙ୍କୁ ଗିରଫ କରିଛି କ୍ରାଇମବ୍ରାଞ୍ଚ। ଗିରଫଙ୍କ ମଧ୍ୟରେ ଜଣେ ମହିଳା ସାଇବର ଠକ ରହିଥିବା ଜଣାପଡିଛି। ଇଣ୍ଟରନାସନାଲ ମେଟାଲ ଟ୍ରେଡିଂରେ ନିବେଶ କରି ଅଧିକ ଅର୍ଥ ପାଇବାର ପ୍ରଲୋଭନ ଦେଖାଇ ବାଲେଶ୍ୱରର ଜଣେ ବ୍ୟକ୍ତିଙ୍କ ଠାରୁ ୭୪ଲକ୍ଷ ଟଙ୍କା ଠକେଇ ଅଭିଯୋଗରେ ମହିଳା ସାଇବର ଠକ ଗିରଫ ହୋଇଛି। ଦୁର୍ଗାପୁର ଷ୍ଟିଲ ଟାଉନନିବାସୀ ଏହି ମହିଳା ଠକ ଅନୁଷ୍କା ମିତ୍ର(୨୪)ଙ୍କୁ ଗିରଫ କରିଛି କ୍ରାଇମବ୍ରାଞ୍ଚ। ଅଭିଯୁକ୍ତ ନିକଟରୁ ଏକ ଆଇଫୋନ ସହ ଏଟିଏମ କାର୍ଡ ଆଦି ଜବତ କରାଯାଇଛି। ସେହିଭଳି ଭୁବନେଶ୍ୱରର ଜଣେ





ବ୍ୟକ୍ତିଙ୍କୁ ୧.୪କୋଟି ଟଙ୍କା ଠକେଇ ଘଟଣାରେ ଗିରଫଦାରୀ ସଂଖ୍ୟା ୧୧ରେ ପହଞ୍ଚିଛି। ପୂର୍ବରୁ ୯ଜଣ ଗିରଫ ହୋଇଥିବା ବେଳେ ଆଜି ଗୁଜୁରାଟରୁ ଆଉ ଦୁଇ ଜଣ ଏହି ଘଟଣାରେ ଗିରଫ ହୋଇଛନ୍ତି। ଗିରଫ ଦୁଇ ଜଣ ହେଲେ ଯୋଗେଶ ହରଜିଭାଇ(୨୩) ଓ କୋଟକ କୌଶିକ(୩୬)। ସେହିଭଳି ଭୁବନେଶ୍ୱରରେ ନିଜକୁ କ୍ରାଇମବ୍ରାଞ୍ଚ ଅଧିକାରୀ ଭାବେ ପରିଚୟ ଦେଇ ୧.୦୬କୋଟି ଟଙ୍କା ଠକେଇ ଘଟଣାରେ ଗୁଜୁରାଟରୁ ଦୁଇ ଜଣ ଗିରଫ ହୋଇଛନ୍ତି। ଏମାନେ ହେଲେ ବାଘେଲା ଅରବିନ୍ଦ(୨୪) ଓ ଗୋହଲି ଭାରତ(୨୪)।

ଗଞ୍ଜାମ ଛତ୍ରପୁରର ଜଣେ ଅଭିଯୋଗକାରୀଙ୍କୁ ନିବେଶ ନାମରେ ୫୦ଲକ୍ଷ ଠକେଇ ଘଟଣାରେ ଗୁଜୁରାଟରୁ ଖିକାନି ଧ୍ରୁବ ବିଜୟଭାଇ(୨୨)ନାମକ ଜଣେ ସାଇବର ଠକ ଗିରଫ ହୋଇଛନ୍ତି। ତଦନ୍ତକାରୀ ଟିମ ଉପରୋକ୍ତ ଘଟଣା ମାନଙ୍କରେ ଅଭିଯୁକ୍ତ ଦ୍ୱୟଙ୍କ ଠାରୁ ମୋବାଇଲ୍ ଫୋନ୍, ସିମ୍ କାର୍ଡ, ଆଧାର କାର୍ଡ, ପ୍ୟାନ୍ କାର୍ଡ ଇତ୍ୟାଦି ସାମଗ୍ରୀ ଜବତ କରିଛି। ଏହି ମାମଲାରେ ଠକମାନଙ୍କର ଏକାଧିକ ବ୍ୟାଙ୍କ ଆକାଉଣ୍ଟକୁ ଅଚଳ କରାଯାଇଛି।

---

**■ ଶ୍ରୀକ୍ଷେତ୍ରରେ ଲଜ୍ଜା**

## ନାବାଳିକାକୁ ୩ ଦିନ ହୋଟେଲରେ ରଖି ଗଣଦୁଷ୍କର୍ମ

**ପୁରୀ,୧୩।୬(ସମିସ):** ଶ୍ରୀକ୍ଷେତ୍ରରେ ଲଜ୍ଜା। ଜଣେ ୧୪ ବର୍ଷର ନାବାଳିକାକୁ ୩ ଦିନ ଏକ ହୋଟେଲରେ ରଖି ଗଣଦୁଷ୍କର୍ମ କରିଛନ୍ତି ୩ ଯୁବକ। ଶୁକ୍ରବାର ସମୁଦ୍ରକୂଳ ଥାନା ପୋଲିସ ଅଭିଯୁକ୍ତମାନଙ୍କୁ ଗିରଫ କରିଛି। ସେମାନେ ହେଲେ, ବାଲିନୋଳିଆ ସାହି ଉପରସାହିର ଲେଙ୍କା ସୁନୀଲ ବେହେରା, ଗୌଡ଼ବାଡ଼ ସାହିର ଏଲ୍. ରାଜା ବେହେରା ଏବଂ ବି. ଗୌରାଙ୍ଗ ବେହେରା। ଶନିବାର ଅଭିଯୁକ୍ତମାନଙ୍କର ଡାକ୍ତରୀ ପରୀକ୍ଷା ପରେ କୋର୍ଟଚାଲାଣ କରାଯିବ ବୋଲି ସମୁଦ୍ରକୂଳ ଥାନାଧିକାରୀ କହିଛନ୍ତି।

ଗତ ୭ ତାରିଖ ଅପରାହ୍ଣରେ ନାବାଳିକା ପୁରୀ ହୋଟେଲ ନିକଟରେ ବୁଲୁଥିଲେ। ଏହି ସମୟରେ ତାକୁ ଜଳଖିଆ ଖାଇବାକୁ କହି ଅଭିଯୁକ୍ତ ଲେଙ୍କା ସୁନୀଲ ବଳିଆପଣ୍ଡାସ୍ଥିତ ଏକ ହୋଟେଲକୁ ନେଇ ଯାଇଥିଲେ। ସେଠାରେ ୩ଦିନ ରଖିଥିଲେ। ଲେଙ୍କା ସୁନୀଲ ଏବଂ ତାଙ୍କର ଦୁଇସାଙ୍ଗ ଏଲ୍. ରାଜା, ବି. ଗୌରାଙ୍ଗ ନାବାଳିକାକୁ ଗଣଦୁଷ୍କର୍ମ କରିଥିଲେ। ୯ ତାରିଖ ସନ୍ଧ୍ୟା ପ୍ରାୟ ୬ଟାରେ ଲେଙ୍କା ସୁନୀଲ ନାବାଳିକାକୁ ଆଣି ଗାନ୍ଧୀ ପାର୍କ ନିକଟରେ ଛାଡି ଦେଇଥିଲା। ପୁଲିସ୍ ତଦନ୍ତ କରି ଶୁକ୍ରବାର ୩ ଅଭିଯୁକ୍ତଙ୍କୁ ଗିରଫ କରିଛି। ଜେରା ସମୟରେ ସେମାନେ ତାଙ୍କର ଦୋଷ ସ୍ୱୀକାର କରିଛନ୍ତି। ଏଥିସହ ପୁଲିସ ନାବାଳିକାର ଡାକ୍ତରୀମାଇନା କରାଯାଇଛି। ଏନେଇ ଥାନାରେ ପୋକ୍ସୋ ଆଇନ ଅନୁଯାୟୀ ଏକ ମାମଲା (ନଂ.୧୪୯/୨୫) ରୁଜୁ କରାଯାଇଛି। ଶନିବାର ପୁଲିସ ୩ ଅଭିଯୁକ୍ତଙ୍କର ଡାକ୍ତରୀ ପରୀକ୍ଷା କରିବା ପରେ ସେମାନଙ୍କୁ କୋର୍ଟଚାଲାଣ କରାଯିବ ବୋଲି ଆଇଆଇସି ମାନସ ଚକ୍ର କହିଛନ୍ତି।

---

## ସାତକୋଶିଆରେ ଦନ୍ତାହାତୀ ମୃତ

**ଅନୁଗୋଳ, ୧୩।୬(ସମିସ):** କିଛି ଦିନ ବ୍ୟବଧାନରେ ସାତକୋଶିଆ ଅଭୟାରଣ୍ୟ ବନଖଣ୍ଡରେ ପୁଣି ଏକ ଦନ୍ତାହାତୀର ମୃତ୍ୟୁ ହୋଇଛି। ଶୁକ୍ରବାର ଅପରାହ୍ଣରେ ଅଭୟାରଣ୍ୟ ଅନ୍ତର୍ଗତ ଟିକରପଡ଼ା ରେଞ୍ଜ ବେହେରା ସହି ଗାଁ ନିକଟ ଜଙ୍ଗଲରେ

### ଘଟଣା ଲୁଚାଇବାକୁ ବନ ବିଭାଗର ଉଦ୍ୟମ !



ହାତୀ ମୃତଦେହ ଦେଖି ଗ୍ରାମବାସୀ ଟିକରପଡ଼ା ରେଞ୍ଜ କାର୍ଯ୍ୟାଳୟକୁ ଖବର ଦେଇଥିଲେ। ବନ ବିଭାଗ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ୨/୪ ଦିନ ପୂର୍ବରୁ ହାତୀର ମୃତ୍ୟୁ ହୋଇଥିବା ପ୍ରାଥମିକ ଅନୁସନ୍ଧାନରୁ ଜଣାପଡ଼ିଛି। ମୃତ୍ୟୁର କାରଣ ସ୍ପଷ୍ଟ ହୋଇନି। ବ୍ୟବଚ୍ଛେଦ ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ବନ ବିଭାଗ କହିଛି। ତେବେ ହାତୀ ମୃତ୍ୟୁ ଖବର ବନ ବିଭାଗ ଜାଣିବା ପୂର୍ବରୁ ଗ୍ରାମବାସୀ ଜାଣିପାରିଛନ୍ତି। ବନ ବିଭାଗ ହାତୀ ମୃତ୍ୟୁ ସମ୍ପର୍କରେ ଜାଣି ନ ଥିଲା ନା ଜାଣିଶୁଣି ଖବରକୁ ଚାପିଦେବାକୁ ଉଦ୍ୟମ କରୁଥିଲା, ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ଅଭୟାରଣ୍ୟ ସୁରକ୍ଷା ପାଇଁ ବନ ବିଭାଗ ପକ୍ଷରୁ ବ୍ୟାପକ ବ୍ୟବସ୍ଥା ଖଞ୍ଜା ଯାଇଥିଲେ ବି ବନ୍ୟପ୍ରାଣୀଙ୍କ ସୁରକ୍ଷା ଦିଗହରା ହୋଇପଡୁଛି। ଜନସୁରକ୍ଷା ଏବଂ ଗଜରକ୍ଷା ଯୋଜନା କେବଳ ସରକାରୀ ଫାଇଲ ଭିତରେ ରହି ଯାଉଛି। ହାତୀ ସୁରକ୍ଷା ଯୋଜନା କେତେକ ଉଦାସୀନ ଅଧିକାରୀ ଏବଂ କର୍ମଚାରୀଙ୍କ ପାଇଁ ବାଟବଣା ହେଉଛି। ହାତୀ ସୁରକ୍ଷା ପାଇଁ ଯୋଜନାରେ ଜଙ୍ଗଲ ମଧ୍ୟରେ ହାତୀ ଖାଦ୍ୟ ପାଇଁ ଚାରାରୋପଣ କରିବା, ହାତୀ ବିଚରଣ ପାଇଁ ପର୍ଯ୍ୟାପ୍ତ ଚାରଣ ଭୂମି, ଜଳାଶୟ ସୃଷ୍ଟି କରିବା, ଜଙ୍ଗଲକୁ ନିଆଁରୁ ସୁରକ୍ଷା ଦେବା, ଜଙ୍ଗଲ ଅଧ୍ୟୁଷିତ ଅଞ୍ଚଳବାସୀଙ୍କୁ ସଚେତନ କରିବା, ହାତୀ ଗତିବିଧି ନିରୀକ୍ଷଣ କରିବା, ଗାଁ ଗାଁରେ ସ୍ୱେଚ୍ଛାସେବୀ ଗଜସାଥୀ ସୃଷ୍ଟି କରିବା ଇତ୍ୟାଦି ପାଇଁ ସରକାର ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ କରୁଥିଲେ ବି ବାସ୍ତବରେ ତାହା ବିଭଗୀୟ ଅଧିକାରୀଙ୍କ ପାଇଁ ଫଳଶୂନ୍ୟ ହେଉଛି।

---

## ହାତୀ ପାଦ ତଳେ ଗଲା ୩ ଜୀବନ

**ବଡ଼ବିଲ/ଯୋଡ଼ା, ୧୩।୬(ସମିସ):** କେନ୍ଦୁଝର ଜିଲ୍ଲାର ପୃଥକ୍ ସ୍ଥାନରେ ହାତୀ ଆକ୍ରମଣରେ ଆଜି ଦିନକରେ ଏକ ଦମ୍ପତିଙ୍କ ସମେତ ୩ଜଣଙ୍କ ମୃତ୍ୟୁ ହୋଇଛି। ମୃତ ଦମ୍ପତି ହେଲେ, ରୁଗୁଡ଼ି ଥାନା କେନ୍ଦୁଡ଼ିହି ଗ୍ରାମର ରୀନା ମୁଣ୍ଡା(୪୦) ଓ ତାଙ୍କ ସ୍ୱାମୀ ରାଜୁ ମୁଣ୍ଡା(୪୫)। ଅନ୍ୟ ଜଣେ ମୃତକଙ୍କ ନାମ ଜଣାପଡ଼ିନାହିଁ।

ସୂଚନାନୁଯାୟୀ, ରୀନା ଓ ରାଜୁ ଆଜି ନିକଟସ୍ଥ ଜଙ୍ଗଲକୁ କାଠ ଆଣିବାକୁ ଯାଇଥିବା ବେଳେ ଏହି ଅଘଟଣ ଘଟିଥିଲା। ଜଙ୍ଗଲ ଭିତରେ ସେମାନେ ଏକ ହାତୀ ହାବୁଡ଼ରେ ପଡ଼ି ଯାଇଥିଲେ। ହାତୀଟି ଶୁଣ୍ଢରେ ଟେକି କଚାଡ଼ିଦେବା ସହ ପାଦରେ ଦଳିଦେବାରୁ ଘଟଣାସ୍ଥଳରେ ସେମାନଙ୍କ ମୃତ୍ୟୁ ହୋଇଯାଇଥିଲା। ଖବର ପାଇ ବନ ବିଭାଗ ଓ ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ଅପରପକ୍ଷେ, ଏହି ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ବିଭାଗୀୟ ଅଧିକାରୀ ଓ କର୍ମଚାରୀଙ୍କ ପ୍ରତି ଆକ୍ରୋଶ ରଖି ଶତାଧିକ ଗ୍ରାମବାସୀ ଘଟଣାସ୍ଥଳରେ

**■ କାଠ ଆଣିବାକୁ ଯାଇଥିବା ଦମ୍ପତିଙ୍କୁ ଦଳିଦେଲା ହାତୀ**

ରୁଣ୍ଡ ହୋଇଥିବା ଜଣାପଡ଼ିଛି। ଏବେ ବି ସ୍ଥାନୀୟ ଅଞ୍ଚଳ ଉତ୍ତେଜନାପୂର୍ଣ୍ଣ ରହିଥିବା ଜଣାପଡ଼ିଛି। ଗ୍ରାମବାସୀ ଓ ପୁଲିସ କର୍ମଚାରୀ ହାତାହାତି ହୋଇଥିବା ଜଣାପଡ଼ିଥିଲା ବେଳେ ପୁଲିସ୍ ପକ୍ଷରୁ କୌଣସି ସୂଚନା ସ୍ପଷ୍ଟ କରାଯାଇନାହିଁ। ଅନ୍ୟ ଏକ ଘଟଣା ଶୁକ୍ରବାର ସନ୍ଧ୍ୟାରେ କାଳିମାଟି ଅଞ୍ଚଳରେ ଘଟିଛି। ଜଣେ ଯୁବକ ବଜାରରୁ ଘରକୁ ଚାଲି ଚାଲି ଆସୁଥିବା ବେଳେ ସ୍ଥାନୀୟ ମହାପର୍ବତ ଅଞ୍ଚଳରୁ ଏକ ମାଈ ହାତୀ ଦୌଡ଼ି ଆସି ଯୁବକଙ୍କୁ ଦଳି ଦେଇଥିଲା। ତାଙ୍କ ପରିଚୟ ସଠିକ୍ ମିଳି ପାରିନାହିଁ। ଘଟଣାସ୍ଥଳରେ ଚାପା ଉତ୍ତେଜନା ଦେଖାଦେଇଛି।

---

**■ ବି. ବାଲାକ୍ରିଷ୍ଣାଙ୍କ ପରଲୋକ**

## ଏମ୍‌କେସିଜିକୁ ଶରୀର ଦାନ କଲେ ପରିବାରଲୋକ

**ବ୍ରହ୍ମପୁର,୧୩।୬(ସମିସ):** ନୂଆ ବସ୍‌ଷ୍ଟାଣ୍ଡ ରୋଡ୍ ନିବାସୀ ତଥା ମାନବବାଦୀ ହେତୁବାଦୀ ସଂଗଠନର ପ୍ରତିଷ୍ଠାତା ସଭ୍ୟ ବି.ବାଲାକ୍ରିଷ୍ଣାଙ୍କ ଗୁରୁବାର ୮୨ବର୍ଷ ବୟସରେ ପରଲୋକ ଘଟିଛି। ଛାତ୍ରଛାତ୍ରୀଙ୍କ ପଢ଼ିବା ପାଇଁ ସ୍ୱର୍ଗତ ବାଲାକ୍ରିଷ୍ଣାଙ୍କ ଶରୀର ଏମ୍‌କେସିଜି ମେଡ଼ିକାଲକୁ ଦାନ କରିଛନ୍ତି ପରିବାରବର୍ଗ। ଏହା ସହ ଦୃଷ୍ଟିବାଧିତ ଲୋକଙ୍କ ପାଇଁ ଚକ୍ଷୁଦାନ ମଧ୍ୟ କରାଯାଇଛି। କାର୍ଯ୍ୟରତ ପ୍ରତିଷ୍ଠିତ ସ୍ୱେଚ୍ଛାସେବୀ ସଂଗଠନ ମାନବବାଦୀ ହେତୁବାଦୀ ସଂଗଠନ ଓ ଫ୍ରେଣ୍ଡସ ହେଲଫିଂ କ୍ଲବର ସହଯୋଗରେ ମେଡ଼ିକାଲର ଚକ୍ଷୁ ବିଭାଗକୁ ତାଙ୍କ ଚକ୍ଷୁ ମଧ୍ୟ ଦାନ କରିଥିଲେ। ପିତାଙ୍କ ଇଚ୍ଛା ପୂରଣ ପାଇଁ ତାଙ୍କର ଝିଅ ଇ. ଶ୍ରୁତି ଓ ଜ୍ୱାଇଁ ଇ. ଅଭିଲାଷ ଓ ନାତି ଇ. ଅଭିଲାଷ ସମେତ ପରିବାର ସଦସ୍ୟଙ୍କ ପକ୍ଷରୁ ଏଭଳି ନିଷ୍ପତ୍ତି ନେଇଥିଲେ। କାର୍ଯ୍ୟକ୍ରମରେ ମାନବବାଦୀ ହେତୁବାଦୀ ସଂଗଠନର ଉପ ସଭାପତି କିଶୋର ଚନ୍ଦ୍ର ମିଶ୍ର, ଜମ୍ମୁଲା ସୁରେଶ, ଡି. ମୋହନ ରାଓ, କେ.ବାସବା ରାଜୁ, ଯୁଧିଷ୍ଠିର ସାହୁ, ପ୍ରତାପ ପ୍ରଧାନ ଓ ଫ୍ରେଣ୍ଡସ ହେଲଫିଂ କ୍ଲବର ପୂର୍ବତନ ସଭାପତି କେ. ପୁରୁଷୋତ୍ତମ କୁମାର ଭଟ୍ଟ, ଇ. ଜଗଦୀଶ୍ୱର ରାଓ, ହରେକୃଷ୍ଣ ପାଣିଗ୍ରାହୀ, ଡି.ଜୀବନ କୁମାର, ବି.ଦନେଶ, ଇ.ବିଜୟ ଲକ୍ଷ୍ମୀ, ଇ.ଶଙ୍କର ରାଓ, ବି.ଲକ୍ଷ୍ମୀଙ୍କ ସମେତ ବହୁ ବ୍ୟକ୍ତି ଉପସ୍ଥିତ ଥିଲେ।



---

## ଗୃହରକ୍ଷୀଙ୍କ ଦୈନିକ ଡ୍ୟୁଟି ଭତ୍ତା ୧୧ ଟଙ୍କା ବଢ଼ାଇଲେ ସରକାର

### ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀଙ୍କ ଦୈନିକ ଡ୍ୟୁଟି ଓ ଟ୍ରେନିଂ ଭତ୍ତାରେ ବୃଦ୍ଧି

**ଭୁବନେଶ୍ୱର,୧୩।୬(ସମିସ):** ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀଙ୍କ ଭତ୍ତା ଓ ଗୃହରକ୍ଷୀଙ୍କ ଡ୍ୟୁଟି କଲ୍-ଅପ୍ ଭତ୍ତା ବୃଦ୍ଧି ପ୍ରସ୍ତାବକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ମଞ୍ଜୁରୀ ଦେଇଛନ୍ତି। ଗୃହରକ୍ଷୀଙ୍କ ଦୈନିକ ଡ୍ୟୁଟି କଲ୍-ଅପ୍ ଭତ୍ତାରେ ୧୧ଟଙ୍କା ବୃଦ୍ଧି କରିଛନ୍ତି ରାଜ୍ୟ ସରକାର। ଗୃହରକ୍ଷୀମାନଙ୍କୁ ପୂର୍ବରୁ ଦୈନିକ କଲ୍-ଅପ୍ ଡ୍ୟୁଟି ଭତ୍ତା ବାବଦରେ ୬୧୨ ଟଙ୍କା ମିଳୁଥିବାବେଳେ ଏଣିକି ୬୨୩ ଟଙ୍କା ପାଇବେ। ସେହିପରି ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀଙ୍କର ଦୈନିକ ଡ୍ୟୁଟି ଭତ୍ତା ୧୫୦ ଟଙ୍କା ଓ ଟ୍ରେନିଂ ଭତ୍ତା ୧୪୦ ଟଙ୍କାକୁ ବୃଦ୍ଧି ହୋଇଛି। ପୂର୍ବରୁ ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀଙ୍କ ଦୈନିକ ଡ୍ୟୁଟି ଭତ୍ତା ୩୧ ଟଙ୍କା ଏବଂ ଦୈନିକ ଟ୍ରେନିଂ ଭତ୍ତା ପରିମାଣ ୨୮ ଟଙ୍କା ରହିଥିଲା। ଏହି ବର୍ଦ୍ଧିତ ଭତ୍ତା ପରିମାଣ ପିଛିଲା ଭାବେ ୨୦୨୫ ମେ ପହିଲାରୁ ଲାଗୁ ହେବ।

---

## ୫ ଅନ୍ତଃରାଜ୍ୟ ବନ୍ଧୁକ ବେପାରୀ ଗିରଫ

**ଭୁବନେଶ୍ୱର, ୧୩।୬(ସମିସ):** ଏୟାରପୋର୍ଟ ଥାନା ପୁଲିସ ଏବଂ ସ୍ପେଶାଲ ସ୍କ୍ୱାଡ୍ ଚୋରା ବନ୍ଧୁକ କାରବାର କରୁଥିବା ୫ ଆନ୍ତଃରାଜ୍ୟ ବନ୍ଧୁକ ବେପାରୀଙ୍କୁ ଗିରଫ କରିଛି। ସେମାନେ ହେଲେ, ୟୁପିର ପ୍ରବୀନ କୁମାର ସିଂ, ଏମ୍‌ପିର ରାଘବେନ୍ଦ୍ର ସିଂ, ୟୁପିର ଅଭିଶେଷ ରାଜପୁର, ଇନ୍ଦ୍ରଜିତ ସିଂ ଏବଂ କଟକ ସାଲେପୁରର ଏସ୍.କେ ସାକିଲ। ସମସ୍ତଙ୍କ ମେଡ଼ିକାଲ ପରୀକ୍ଷା କରାଯିବା ପରେ କୋର୍ଟଚାଲାଣ କରାଯାଇଛି। ଏମାନେ ବିହାରରୁ ବନ୍ଧୁକ ଆଣି ଜଟଣୀରେ ଘରଭଡ଼ା ନେଇ ବେପାର ଚଳାଉଥିଲେ। ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ପୁଲିସ୍ ଆଜି ପୋଖରୀପୁଟ ଅଞ୍ଚଳରେ ଅତର୍କିତ ଚଢ଼ଉ କରି ଅଭିଯୁକ୍ତମାନଙ୍କୁ ଗିରଫ କରିଛି। ସେମାନଙ୍କ ନିକଟରୁ ୬ଟି ବନ୍ଧୁକ,୧୮ ରାଉଣ୍ଡ ଜୀବନ୍ତ ଗୁଳିକୁ ଜବତ ହୋଇଛି।

ଅଭିଯୁକ୍ତମାନେ ଜଟଣୀରେ ଦୋକାନ ଖୋଲି ଏହି ବେଆଇନ କାରବାର ଚଳାଇଥିବା ବେଳେ ଗୋରୁ ବେପାରୀଠୁ ଆରମ୍ଭ କରି ପଥର ମାଫିଆ ସେମାନଙ୍କ ଗ୍ରାହକ ଥିଲେ। ସେହିପରି ବାଲିଘାଟ ମାଫିଆ ଓ ବ୍ରାଉନସୁଗାର ବେପାରୀମାନେ ମଧ୍ୟ ଏଠାରୁ ଚୋରାରେ ବନ୍ଧୁକ କିଣୁଥିଲେ।

ଏନେଇ ପୁଲିସ କମିଶନର ସୁରେଶ ଦେବଦତ୍ତ ଅଧିକ ସୂଚନା ଦେଇ କହିଛନ୍ତି ଯେ ବିହାରର ବଳିଆ ଅଞ୍ଚଳର ତିନି ମାଫିଆ ପ୍ରବୀର କୁମାର, ଅଭିଷେକ ଓ ଇନ୍ଦ୍ରଜିତ ବିହାରରୁ ବନ୍ଧୁକ ଭୁବନେଶ୍ୱର ଆଣୁଥିଲେ। ମଧ୍ୟପ୍ରଦେଶର ରାଘବେନ୍ଦ୍ର ସିଂ ଗ୍ରାହକଙ୍କ ସହ ବନ୍ଧୁକର ଦର ନିର୍ଦ୍ଧାରଣ ଓ ଗ୍ରାହକଙ୍କ ସହ ମୂଲଚାଲ କରୁଥିଲା। ସେହିପରି କଟକ ସାଲେପୁର ଏସ.କେ ସକିଲ ଗ୍ରାହକ ଯୋଗାଡ଼ କରୁଥିଲା। ଏମାନଙ୍କଠାରୁ ୬ ପ୍ରକାରର ବନ୍ଧୁକ ଜବତ ହୋଇଛି। ସେଗୁଡ଼ିକ ମଧ୍ୟରେ ୪ଟି ୭.୬୫ ଏମ୍‌ଏମ୍ ସେମି-ଅଟୋମେଟିକ ପିସ୍ତଲ ରହିଥିବା ବେଳେ ଗୋଟିଏ ୬ରାଉଣ୍ଡ ରିଭଲଭର୍ ଓ ଗୋଟିଏ ସିଙ୍ଗଲ ସଟ୍ ବନ୍ଧୁକ ରହିଛି। ବିହାର ଲିଙ୍କ୍ ନେଇ ଖୋଳତାଡ଼ କରାଯାଉଛି। ଖୁବ୍‌ଶୀଘ୍ର ସେମାନଙ୍କୁ ରିମାଣ୍ଡରେ ଆଣି ପଚରାଉଚରା କରାଗଲେ ସବୁ ପଦାକୁ ଆସିବ ବୋଲି କମିଶନର୍ କହିଛନ୍ତି।

**ଜଟଣୀରେ ଖୋଲିଥିଲେ ବନ୍ଧୁକ ଦୋକାନ**

**୬ବନ୍ଧୁକ, ୧୮ ରାଉଣ୍ଡ ଗୁଳି ଏବଂ କାର ଜବତ**

---

### ଗୋଟିଏ ଦିନରେ ମହିଳାଙ୍କୁ ନେଇ ଦୁଇ ଦଳଙ୍କ ଶକ୍ତି ପ୍ରଦର୍ଶନ

## ବିଜେପିର 'ଶକ୍ତି'ର ଜବାବରେ ବିଜେଡିର ଜାଗରଣ

**ଭୁବନେଶ୍ୱର,୧୩।୬(ସମିସ):** ମହିଳାଙ୍କୁ ନେଇ ଶୁକ୍ରବାର ରାଜ୍ୟରେ ଆୟୋଜନ ହୋଇଛି ଦୁଇ ଦୁଇଟି ବଡ଼ ସମାବେଶ। ବର୍ଷପୂର୍ତ୍ତି ଅବସରରେ ସରକାର କଟକରେ 'ନାରୀ ଶକ୍ତି' ସମାବେଶ ଆୟୋଜନ କରି ମହିଳାମାନଙ୍କୁ ସୁଭଦ୍ରା ଯୋଜନାର ସଫଳ କାହାଣୀ କହି ବେଳେ ଲକ୍ଷପତି ଦିଦିର ସ୍ୱପ୍ନ ଦେଖାଇଛନ୍ତି। ଅନ୍ୟପଟେ ଯାଜପୁରରେ ବିଜେଡି ପକ୍ଷରୁ ଜାଗରଣ ଅଭିଯାନକୁ ଜୋରଦାର କରି ସରକାରଙ୍କ ପ୍ରତାରଣାର ଛବିକୁ ଅନାବରଣ କରାଯାଇଛି। ଏହି ସମାବେଶରେ ଦଳ ନିଜ ସରକାର ଓ ନବୀନ ପଟ୍ଟନାୟକ ମିଶନ ଶକ୍ତି ମାଧ୍ୟମରେ କିପରି ୭୦ ଲକ୍ଷ ମହିଳାଙ୍କୁ ସଶକ୍ତ କରିଥିଲେ ଓ ବର୍ତ୍ତମାନ କିପରି ମହିଳା ହିଂସା ବୃଦ୍ଧି ପାଉଛି ତାହା ଦର୍ଶାଇଛି। ସମାବେଶରେ ବିଜେଡି ସରକାରଙ୍କୁ ଘେରିବାକୁ ପ୍ରସ୍ତୁତ କରିଛି ରୋଡ଼ମ୍ୟାପ୍।

ଗତ ଏକ ବର୍ଷ ମଧ୍ୟରେ ରାଜ୍ୟ ବିଜେପି ସରକାରରେ ମହିଳାମାନେ ସବୁଠାରୁ ବେଶୀ ଉପେକ୍ଷାର ଶିକାର ହୋଇଛନ୍ତି। ରାଜ୍ୟରେ ମହିଳା ବିରୋଧୀ ହିଂସା ଭୟଙ୍କର ଭାବରେ ବୃଦ୍ଧି ପାଇଛି। ଦୈନିକ ହାରାହାରି ୧୫ ମହିଳା ଦୁଷ୍କର୍ମର ଶିକାର ହେଉଛନ୍ତି। ମହିଳା ନିର୍ଯାତନା ଓ ଅତ୍ୟାଚାର ବୃଦ୍ଧି ପାଇଛି। ନାବାଳିକାମାନେ ଯୌନ ଶୋଷଣର ଶିକାର ହୋଇ ଗର୍ଭବତୀ ହୋଇଛନ୍ତି। ଏପରିକି ଗତ ମାଟ୍ରିକ୍ ପରୀକ୍ଷା ସମୟରେ ବିଭିନ୍ନ ସ୍ଥାନରେ ପରୀକ୍ଷା କେନ୍ଦ୍ରରେ ମଧ୍ୟ ନାବାଳିକା ଝିଅମାନେ ସନ୍ତାନ ଜନ୍ମ କରିଥିବା ଖବର ମିଳିଛି। ଅନ୍ୟପକ୍ଷରେ ଦୁଷ୍କର୍ମ, ଅତ୍ୟାଚାରର ଅଭିଯୁକ୍ତମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନାହିଁ। ଯାହାକୁ ନେଇ ରାଜ୍ୟରେ ଏକ ଅସ୍ୱସ୍ତିକର ପରିବେଶ ସୃଷ୍ଟି ହୋଇଛି। ସେହିପରି ରାଜ୍ୟ ଅର୍ଥନୀତିର ଅଭିବୃଦ୍ଧି କ୍ଷେତ୍ରରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିବା ଓଡ଼ିଶାର ମହିଳାମାନଙ୍କୁ ରାଜ୍ୟ ସରକାର ସବୁଠାରୁ ଉପେକ୍ଷା କରିଛନ୍ତି। ମିଶନଶକ୍ତି କାର୍ଯ୍ୟନିର୍ବାହୀ ସଦସ୍ୟାମାନଙ୍କୁ ବହିଷ୍କାର କରିବାକୁ ଯୋଜନା କରି ସେମାନଙ୍କ ପାଦରେ ବେଡ଼ି ପକାଇ ଦେଇଛନ୍ତି। ମିଶନଶକ୍ତି ମାଧ୍ୟମରେ ଆର୍ଥିକ ସ୍ୱାବଲମ୍ବୀ ହୋଇଥିବା ରାଜ୍ୟର ୭୦ଲକ୍ଷ ମହିଳାଙ୍କ ସ୍ଥିତି ଏବେ ବିପନ୍ନ ହୋଇଛି। ସୁଭଦ୍ରା ଯୋଜନାରେ ୨ ବର୍ଷରେ ମହିଳାମାନଙ୍କୁ ୫୦ ହଜାର ଟଙ୍କା ଭାଉଚର ଦେବାକୁ ପ୍ରତିଶ୍ରୁତି ଦେଇଥିବା ବିଜେପି ସରକାର ବର୍ଷକୁ ୫ ହଜାର ଅର୍ଥାତ୍ ଦିନକୁ ୨୭ ଟଙ୍କା ଦେଇ ଲକ୍ଷପତି ହେବାର ସ୍ୱପ୍ନ ଦେଖାଇଛନ୍ତି। ଦିଲ୍ଲୀ ଓ ମହାରାଷ୍ଟ୍ରରେ ବିଜେପି ସରକାର ସେହି ରାଜ୍ୟର ମହିଳାମାନଙ୍କୁ ମାସିକ ଯଥାକ୍ରମେ ୨୫୦୦ ଓ ୨୧୦୦ ଟଙ୍କା ଦେଉଥିଲେ ମଧ୍ୟ ଓଡ଼ିଶାରେ ଏହା ନାମମାତ୍ର। ଅନ୍ୟପକ୍ଷରେ ମହିଳା, ବିଧବାମାନଙ୍କୁ ମାସିକ ୩ହଜାର ଟଙ୍କା ଭତ୍ତା ଏବେ ବି ସ୍ୱପ୍ନ ପାଲଟିଛି। ଯାହାକୁ ଅସ୍ତ୍ର କରି ବିଜେଡି ରାଜ୍ୟ ସରକାରଙ୍କ ବିରୋଧରେ ଯୁଦ୍ଧ ଦେହି ଡ଼ାକରା ଦେଇଛି।

ଅନ୍ୟପଟେ ରାଜ୍ୟ ସରକାର ମଧ୍ୟ ମହିଳାଙ୍କ ଉପରେ ଫୋକସ୍ କରିଛନ୍ତି। ଯଦିଓ ପ୍ରତିଶ୍ରୁତି ମୁତାବକ ସୁଭଦ୍ରା ଯୋଜନାରେ ୨ ଟି କିସ୍ତିରେ ଦଳ ୫୦ ହଜାର ଟଙ୍କା ଦେବାରେ ବିଫଳ ହୋଇଛି, କିନ୍ତୁ ଏହି ଯୋଜନାକୁ ନେଇ ବ୍ରାଣ୍ଡିଂ କରିବା ଓ ଏହାକୁ ଏକ ଅନନ୍ୟ ଯୋଜନା ଭାବେ ଅଭିହିତ କରିବାକୁ ସରକାର ଉଦ୍ୟମ କରୁଛନ୍ତି। ଏହି କ୍ରମରେ କଟକରେ ଆୟୋଜିତ ନାରୀ ଶକ୍ତି ସମାବେଶରେ ନାରୀ ମାନଙ୍କ ସଶକ୍ତିକରଣ ପାଇଁ 'ସୁଭଦ୍ରା' ସବୁଠୁ ଯୁଗାନ୍ତକାରୀ ଯୋଜନା ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଏହାସହିତ ରାଜ୍ୟରେ ୧୬ ଲକ୍ଷରୁ ଅଧିକ ଲକ୍ଷପତି ଦିଦି ସୃଷ୍ଟି ହୋଇଥିବା ବେଳେ ଏତେ ସଂଖ୍ୟକ ଲକ୍ଷପତି ଦିଦି ସୃଷ୍ଟି କରିବାରେ ଓଡ଼ିଶା ପ୍ରଥମ ବୋଲି ଉଲ୍ଲେଖ କରି ସରକାର ନିଜ ପିଠି ଥାପୁଡ଼େଇଛନ୍ତି। ସରକାରଙ୍କ ସଫଳତାର ପ୍ରଚାରକୁ ବିରୋଧୀ ଶାଣିତ ଆକ୍ରମଣ କରି ଭେଦ କରିବାକୁ ଯେଉଁ ଯୋଜନା ଆପଣାଇଛନ୍ତି, ତାହା ସଫଳ ହେଉଛି କି ନାହିଁ ତାହା ଉପରେ ନଜର ରହିଛି।

---

### ଓଡ଼ିଶା ନଦୀ ସୁରକ୍ଷା ସମ୍ମିଳନୀରେ ଦାବି

## ଶ୍ୱେତପତ୍ର ସହ ନଦୀ ନୀତି ଆଣନ୍ତୁ ସରକାର

**ଭୁବନେଶ୍ୱର,୧୩।୬(ସମିସ):** ସଂପ୍ରତି ଓଡ଼ିଶାର ନଦୀଗୁଡିକର ସ୍ୱାସ୍ଥ୍ୟ ସ୍ଥିତି ଅତ୍ୟନ୍ତ ଗମ୍ଭୀର। ଅନେକ ନଦୀ ମରିବାକୁ ବସିଲାଣି। ନଦୀର ସ୍ୱାସ୍ଥ୍ୟ ଠିକ୍ ନ ରହିଲେ ରାଜ୍ୟର ସ୍ୱାସ୍ଥ୍ୟ ଠିକ୍ ରହିବ ନାହିଁ ବୋଲି ଓଡ଼ିଶା ଗସ୍ତରେ ଆସିଥିବା ଜଳ ମାନବ ଡଃ ରାଜେନ୍ଦ୍ର ସିଂ କହିଛନ୍ତି। ଶୁକ୍ରବାର ମହାନଦୀ ବଞ୍ଚାଓ ଆନ୍ଦୋଳନ ଓ ଓଡିଶା ନଦୀ ସୁରକ୍ଷା ସମିତି ତରଫରୁ ଭୁବନେଶ୍ୱରଠାରେ ଆୟୋଜିତ ଓଡିଶା ନଦୀ ସୁରକ୍ଷା ସମ୍ମିଳନୀରେ ଯୋଗ ଦେଇ ଡଃ ସିଂ କହିଛନ୍ତି ଯେ ସରକାର ନଦୀ ସୁରକ୍ଷା ପ୍ରତି ଗୁରୁତ୍ୱ ଦେଇ ସେଗୁଡିକର ସୁରକ୍ଷା ପାଇଁ ବିହିତ ପଦକ୍ଷେପ ନେବା ଜରୁରୀ। ସରକାର ତୁରନ୍ତ ଜଳସମ୍ପଦ ବିଭାଗ, ବିଶେଷଜ୍ଞ, ନଦୀ ଆନ୍ଦୋଳନର କର୍ମୀ ତଥା ନାଗରିକ





ସମାଜର ଏକ ମିଳିତ ସମ୍ମିଳନୀ ଆୟୋଜନ କରି ନଦୀ ସମସ୍ୟାଗୁଡିକୁ ନିରୂପଣ କରିବା ସହିତ ସମାଧାନର ରାସ୍ତା ବାହାର କରିବାର ଆବଶ୍ୟକ ରହିଛି ବୋଲି ଡଃ ସିଂ ମତ ଦେଇଛନ୍ତି।

ଅନ୍ୟତମ ଅତିଥି ଭାବରେ ଯୋଗଦେଇ ପୂର୍ବତନ ପ୍ରଶାସକ ଅରବିନ୍ଦ ବେହେରା କହିଛନ୍ତି ଯେ ବିକାଶ ନାମରେ ବିନାଶ ଯେମିତି ଗ୍ରହଣୀୟ ନୁହଁ, ଠିକ୍ ସେମିତି ଅସ୍ମିତା ନାମରେ ନିଜର ଅସ୍ତିତ୍ୱ ହରାଇଲା ଭଳି ପଦକ୍ଷେପ ଆଦୌ ସ୍ପୃହଣୀୟ ନୁହଁ। ବିଶିଷ୍ଟ ପରିବେଶବିତ୍ ପ୍ରଫୁଲ ସାମନ୍ତରାୟ ଓଡ଼ିଶାର ସମସ୍ତ ନଦୀ ଆନ୍ଦୋଳନକୁ ସଂଯୋଜିତ କରି ଏକ ବ୍ୟାପକ ଜନଆନ୍ଦୋଳନ ଗଢ଼ି ତୋଳିବାକୁ ଆହ୍ୱାନ ଦେଇଥିବା ବେଳେ ବିଶିଷ୍ଟ ପ୍ରଶାସକ ଓ ଲେଖକ ସଂଜୀବ ହୋତା ତାଙ୍କ ବକ୍ତବ୍ୟରେ ଓଡ଼ିଶାର ବିଭିନ୍ନ ନଦୀର ସ୍ୱାସ୍ଥ୍ୟ ଅବସ୍ଥାର ଅବନତିର କାରଣ ଖୋଜିବା ଏବଂ ଏହାର ନିରାକରଣ କରି ନଦୀ ସ୍ୱାସ୍ଥ୍ୟ ଠିକ୍ ରଖିବା ପାଇଁ ଆହ୍ୱାନ ଦେଇଥିଲେ।

### ନଦୀଗୁଡ଼ିକର ସ୍ୱାସ୍ଥ୍ୟ ଠିକ୍ ନ ରହିଲେ ଓଡ଼ିଶାର ସ୍ୱାସ୍ଥ୍ୟ ଠିକ୍ ରହିବ ନାହିଁ: ରାଜେନ୍ଦ୍ର ସିଂ

ମହାନଦୀ ବଞ୍ଚାଅ ଆନ୍ଦୋଳନର ଆବାହକ ସୁଦର୍ଶନ ଦାସ ଓଡ଼ିଶାରେ ନଦୀ ଆନ୍ଦୋଳନର ଆବଶ୍ୟକତା ଉପରେ ଗୁରୁତ୍ୱ ଦେଇ କହିଥିଲେ ଯେ ନଦୀର ସମ୍ବଳ ଉପରେ ଅଧିକାର ମାଗିବା ପାଇଁ ସମସ୍ତେ ତତ୍ପର। ମାତ୍ର ବର୍ତ୍ତମାନ ପାଣି ଓ ଜମି ଉପରେ ନଦୀର ଅଧିକାର ସାବ୍ୟସ୍ତ କରିବାର ସମୟ ଉପନୀତ। ନଦୀ ଆନ୍ଦୋଳନର କର୍ମୀମାନେ ଏଥିପ୍ରତି ଧ୍ୟାନ ଦେବା ପାଇଁ ସେ ନିବେଦନ କରିଥିଲେ। ଦୟା ନଦୀର ପୁନରୁଦ୍ଧାର ସହିତ ସ୍ଲରି ପାଇପ ଲାଇନରେ ବୈତରଣୀ ପାଣିକୁ ବ୍ୟବହାର କରି ଲୁହା ଗୁଣ୍ଡ ପରିବହନକୁ ନିଷିଦ୍ଧ କରିବା, ଶିଳ୍ପ ସଂସ୍ଥା ଓ ସହରର ଆବର୍ଜନ ଇତ୍ୟାଦିକୁ ନଦୀକୁ ସିଧାସଳଖ ନ ପକାଇବା, ନଦୀର ସ୍ୱାସ୍ଥ୍ୟକୁ ଠିକ୍ ରଖିବା ପାଇଁ ଶିଳ୍ପ ସଂସ୍ଥାମାନଙ୍କୁ ଦାୟିତ୍ୱ ଦେବା, ନଦୀ ସଂକ୍ରାନ୍ତରେ ଶ୍ୱେତପତ୍ର ଓ ନଦୀ ନୀତି ପ୍ରଣୟନ କରିବା ଉପରେ ଗୁରୁତ୍ୱ ଦେଇଥିଲେ।

---

## ଜିଏ ଜମିର କନ୍‌ଭର୍‌ସନ୍ ଫି' ୩ ପ୍ରତିଶତକୁ ହ୍ରାସ

**ଭୁବନେଶ୍ୱର,୧୩।୬(ସମିସ):** ସାଧାରଣ ପ୍ରଶାସନ ବିଭାଗର ଲିଜ୍ ଜମିକୁ ଫ୍ରି ହୋଲ୍‌ଡ କରିବା ପାଇଁ କନ୍‌ଭର୍‌ସନ୍ ଫି' ହ୍ରାସ ହୋଇଛି। ସାଧାରଣ ପ୍ରଶସନ ବିଭାଗ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତି ଅନୁଯାୟୀ ଏଣିକି କନ୍‌ଭର୍‌ସନ୍ ଫି' ବାବଦକୁ ଜମି ବେଞ୍ଚ ମାର୍କ ମୂଲ୍ୟର ୩ ପ୍ରତିଶତ ଅର୍ଥ ଦେବାକୁ ପଡ଼ିବ। ପୂର୍ବରୁ ଏହି ବାବଦକୁ ୧୦ ପ୍ରତିଶତ ଅର୍ଥ ଦେବାକୁ ପଡୁଥିଲା। ପୂର୍ବରୁ ଏନେଇ କ୍ୟାବିନେଟ ନିଷ୍ପତ୍ତି ହୋଇଥିବା ବେଳେ ବିଡିଏ, ସିଡିଏ ଏବଂ ହାଉସିଂ ବୋର୍ଡ ଜମିକୁ ମଧ୍ୟ ଫ୍ରି ହୋଲ୍‌ଡ କରିବାକୁ କନ୍‌ଭର୍‌ସନ୍ ଫି' ହ୍ରାସ ହୋଇ ସାରିଛି।

ବିଜ୍ଞପ୍ତି ଅନୁଯାୟୀ ଆବାସିକ ବ୍ୟବହାର ବିଭିନ୍ନ ସମୟରେ ବିଭିନ୍ନ ବ୍ୟକ୍ତିଙ୍କୁ ଲିଜ୍ ଦିଆଯାଇଥିବା ଜମିର କନଭରସନ ଫି ହ୍ରାସ ହୋଇଛି। ତେବେ କୌଣସି ଯୋଜନା ବିଚ୍ୟୁତି ବିନା ଅନୁମୋଦିତ କୋଠା ନିର୍ମାଣ କରାଯାଇଥିବା କ୍ଷେତ୍ରରେ ଏହି ଅର୍ଥ ୩ ପ୍ରତିଶତ ରହିବ। ମାତ୍ର ବିଚ୍ୟୁତି ଅନୁମତିପ୍ରାପ୍ତ ସୀମା ଅତିକ୍ରମ କରିଥିଲେ କନ୍‌ଭର୍‌ସନ୍ ଅନୁମତି ଦିଆଯିବ ନାହିଁ। ସ୍ଥାନୀୟ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିୟମିତକରଣ ପରେ ହିଁ ଏହି ପ୍ରକାରର ମାମଲାକୁ ଗ୍ରହଣ କରାଯିବ। ତେବେ ଫ୍ରିହୋଲ୍ଡ ପାଇଁ ଆବେଦନ ଦାଖଲ କରିବା ସମୟରେ ଆବେଦନକାରୀଙ୍କୁ କୌଣସି ପ୍ରକାର ନିୟମ ବିଚ୍ୟୁତି ବିନା କୋଠା ନିର୍ମାଣ ସମ୍ପର୍କରେ ବିଏମ୍‌ସି/ବିଡିଏର ପ୍ରମାଣପତ୍ର ଦାଖଲ କରିବାକୁ ପଡିବ ବୋଲି ବିଜ୍ଞପ୍ତିରେ ଦର୍ଶାଯାଇଛି।

ସକାଳ
THE SAKALA



ବଞ୍ଚି ରହିଛି ପ୍ରଥା ପରମ୍ପରା

# ହଜି ଯାଉଛି ରଜ ମଉଜ

କର୍ଯ୍ୟାଁଗୋଲା, ୧୩।୬(ସମିସ)

ଉପକୂଳବର୍ତ୍ତୀ ଯାଜପୁର ଜିଲା ଅଞ୍ଚଳରେ କୃଷିଭିତ୍ତିକ ଗଣପର୍ବ ରଜ ଏକ ମୁଖ୍ୟ ପର୍ବ ଭାବେ ପାଳିତ ହୋଇଆସୁଛି। ଅତୀତ ଓ ବର୍ତ୍ତମାନ ମଧ୍ୟରେ ଏହି ପର୍ବ କ୍ରମଶଃ ସାଧାରଣରେ ଯେପରି ଅନାଗ୍ରହ ସୃଷ୍ଟି କରୁଥିବା ଭଳି ଦେଖିବାକୁ ମିଳିଛି। ଦାଣ୍ଡରେ ବାଗୁଡ଼ି ଖେଳ, ଯୁବତୀମାନଙ୍କ ପୁଚି ଖେଳ ସାଙ୍ଗକୁ ପିଠାପଣାର ଆସର ଯେପରି ଆଉ ଦେଖିବାକୁ ମିଳୁନାହିଁ। ମାତ୍ର ଦଶରଥପୁର ବ୍ଲକ ଅଞ୍ଚଳର କିଛି ଗାଁରେ ଯୁବତୀମାନଙ୍କ ମଧ୍ୟରେ ରଜ ପାଇଁ ପ୍ରସ୍ତୁତି ଜୋରଦାର ଥିବା ଦେଖିବାକୁ ମିଳିଛି।

ଯୁବତୀମାନେ ବିଳମ୍ବିତ ରାତିରେ ନିଜକୁ ସଜେଇ ହୋଇ ରଜ ମଉଜ ପାଳିବାକୁ ପ୍ରସ୍ତୁତି ଜୋରଦାର କରିଥିବା ଦେଖିବାକୁ ମିଳିଛି। ମାତ୍ର ପିଲା ଦିନେ ପାଳୁଥିବା



ରଜ ବର୍ତ୍ତମାନ ମଧ୍ୟରେ ବହୁ ତାରତମ୍ୟ ଦେଖାଦେଇଛି। ପିଲାଦିନେ କଦଳି ପଟୁଆର ଚପଲ ପିନ୍ଧି ଦୋଳି ଖେଳୁଥିଲୁ। ମାତ୍ର ବର୍ତ୍ତମାନ ସେ ଗାଁ ପୁଚି ଓ ଦୋଳି ଖେଳ ନାହିଁ କି କଦଳି ପଟୁଆର ଚପଲ ନାହିଁ ବୋଲି ବହୁ ବୟସ୍କା ମହିଳା କହିଛନ୍ତି। ସେମାନଙ୍କ ମତରେ ପିଲାଦିନେ ରଜରେ ବାଗୁଡ଼ି ଖେଳିବାକୁ ଓ ଦେଖିବାକୁ ଯେପରି ଖାଇବା ଭୁଲି ଯାଉଥିଲୁ। ମାତ୍ର ତାହା ଏବେ ଯେପରି ସ୍ୱପ୍ନ ପାଲଟିଛି। ରଜରେ ତାସ୍ ଖେଳର ମଜା ଏବେ ବି ଆମ ଭିତରେ ଉଙ୍କି ମାରୁଛି। ନୂତନ ଯୁବପିଢ଼ି ପାଇଁ ରଜ ମଉଜ ଯେପରି କ୍ରମଶଃ ଦୂରେଇ ଯିବାକୁ ବସିଛି। ତେବେ ଏହି ରଜ ପାଇଁ ବାହାରେ ରହୁଥିବା ବ୍ୟକ୍ତିମାନେ ପରିବାର ସହ ଘରମୁହାଁ ହୋଇଛନ୍ତି। ତିନି ଦିନ ଧରି ବିଭିନ୍ନ ଗାଁରେ ସାଂସ୍କୃତିକ କାର୍ଯ୍ୟକ୍ରମ ବ୍ଲକ ଅଞ୍ଚଳକୁ ଉତ୍ସବମୁଖର କରିବ। ଏହି କାର୍ଯ୍ୟକ୍ରମ ପାଇଁ ପ୍ରସ୍ତୁତି ଯେପରି ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ମାତ୍ର ବର୍ତ୍ତମାନର ରଜପର୍ବ ଯୁବକମାନଙ୍କ ମଧ୍ୟରେ ଏକ ଭିନ୍ନ ଢଙ୍ଗରେ ପାଳନ ହେଉଥିବା ଦେଖିବାକୁ ମିଳୁଛି। ବର୍ତ୍ତମାନ ଗାଁରେ ରଜ ତିନି ଦିନ ପାଇଁ ଭୋଜି ଭାତର ଆସର ଜମୁଛି।

## ମାଗଣା ଯାତାୟତ ସୁବିଧା ଦାବି

ଯାଜପୁର, ୧୩।୬(ସମିସ): ସରକାରୀ ପରିବହନରେ ମାଗଣା ଯାତାୟତ ଓ ବେସରକାରୀ ଯାନବାହନରେ ୫୦ ପ୍ରତିଶତ ରିହାତି କରିବା ପାଇଁ ଛାତ୍ର କଂଗ୍ରେସ ପକ୍ଷରୁ ଦାବି କରାଯାଇଛି। ଯାଜପୁର ଠାରେ ବିଧାନସଭା ମଣ୍ଡଳୀ ନେତା ସୁଦିପ କୁମାର କରଙ୍କ ପ୍ରତିନିଧିତ୍ୱ ଓ ଛାତ୍ର କଂଗ୍ରେସର ଅନୁପମ ମଲ୍ଲିକଙ୍କ ନେତୃତ୍ୱରେ ଶତାଧିକ ଛାତ୍ରଛାତ୍ରୀ ଧାରଣା ଏବଂ ବିକ୍ଷୋଭରେ ସାମିଲ ହୋଇଥିଲେ। ସରକାରୀ ସାର୍ବଜନୀନ ପରିବହନରେ ଛାତ୍ରଛାତ୍ରୀଙ୍କ ପାଇଁ ମାଗଣା ଯାତ୍ରା ସୁବିଧା ସକାଶେ ରାଜ୍ୟ ସରକାରୀ ପରିଚାଳିତ ବସ ଏବଂ ପରିବହନ ସେବାରେ ସମସ୍ତ ଛାତ୍ରଛାତ୍ରୀଙ୍କ ପାଇଁ ମାଗଣା ଯାତ୍ରା ଯୋଗାଇ ଦେବାକୁ ଏହି ବିକ୍ଷୋଭରେ ଛାତ୍ରମାନେ ସରକାରଙ୍କୁ ଅନୁରୋଧ କରିଥିଲେ। ଏହି ବିକ୍ଷୋଭରେ ଚନ୍ଦ୍ରଶେଖର ସାହୁ, ଅନନ୍ତ ଜେନା, କୁମାର ଆଶୁତୋଷ, ଆଶିଷ ମଲ୍ଲିକ, ସୁଜିତ ମଲ୍ଲିକ, ଯଯାତୀ ନାୟକ, ସତ୍ୟବ୍ରତ ନାୟକ, ସୂର୍ଯ୍ୟମଣି ଖିଲାର, ଚିନ୍ମୟ ଦାଶ, ଅଜୟ ଜେନା, ଉମାକାନ୍ତ ବେହେରା, ରବି ପ୍ରକାଶ ନାୟକ ପ୍ରମୁଖଙ୍କ ସହ ଶତାଧିକ ଛାତ୍ରଛାତ୍ରୀ ଯୋଗ ଦେଇଥିବା ବେଳେ ଜିଲ୍ଲା କଂଗ୍ରେସ ପକ୍ଷରୁ ସନ୍ତୋଷ ନନ୍ଦ, ସଂଗ୍ରାମ ସାହାଣୀ, ସାଗର ପରିଡ଼ା, ଦୁର୍ଯ୍ୟୋଧନ ବେହେରା, ବିଦ୍ୟାଧର ମହାନ୍ତି, ସାଗର ପରିଡ଼ା, ମାଗୁଣି ଜେନା, ଅରଜିତ ନାଏକ, ସତ୍ୟଜିତ ନନ୍ଦ, ହରେକୃଷ୍ଣ ସାହୁ, ଗଦାଧର ଦାସ, କାଳୁଆ ରାଉତ, ନକୁଳ ଦେବ ସାହୁ, ମାସନ କର, ଏକାଦଶ ତ୍ରିପାଠୀ, ସଂଗ୍ରାମ ଜେନା, ଆଲୋକ ବେହେରା, ଅନିଲ ମହାନ୍ତି, ବିଜୟ ମହାପାତ୍ର ପ୍ରଭୃତି ଛାତ୍ର କଂଗ୍ରେସକୁ ସହଯୋଗ କରିଥିଲେ।

## ଲାଙ୍ଗୁଡ଼ି ସୁରକ୍ଷା ମଞ୍ଚ ପକ୍ଷରୁ ମେଧାବୀ ଛାତ୍ରଙ୍କୁ ସହାୟତା



ଧର୍ମଶାଳା, ୧୩।୬(ସମିସ): ଧର୍ମଶାଳା ବ୍ଲକର ସ୍ୱେଚ୍ଛାସେବୀ ଅନୁଷ୍ଠାନ ଲାଙ୍ଗୁଡି ସୁରକ୍ଷା ମଞ୍ଚ ପକ୍ଷରୁ ଜଣେ ଗରିବ ମେଧାବୀ ଛାତ୍ରର ଉଚ୍ଚଶିକ୍ଷା ନିମନ୍ତେ ଆର୍ଥିକ ସହାୟତା ପ୍ରଦାନ କରାଯାଇଛି। ଗଙ୍ଗାଧରପୁର ପଞ୍ଚାୟତ ଇମାମନଗର ଗ୍ରାମର ପ୍ରଦୀପ୍ତ କୁମାର ପାଳଙ୍କ ପୁତ୍ର ସୁଧାଂଶୁ ଶେଖର ପାଳ ସେଞ୍ଚୁରିଆନ କଲେଜରେ ଏମ୍‌ସିଏ ଦ୍ୱିତୀୟ ବର୍ଷରେ ଅଧ୍ୟୟନ କରନ୍ତି। ବାପା ଜଣେ ଗରିବ ତଥା ସାଧାରଣ କୃଷକ ହୋଇଥିବାରୁ ଅର୍ଥ ଖର୍ଚ୍ଚ କରି ପଢ଼ାଇବା କଷ୍ଟକର ହୋଇପଡ଼ିଥିଲା। ଇମାମନଗର ଗ୍ରାମର ଯୁବ ସମାଜସେବୀ ଦେବବ୍ରତ ରାଉତଙ୍କ ଜରିଆରେ ଲାଙ୍ଗୁଡ଼ି ସୁରକ୍ଷା ମଞ୍ଚର ସଭାପତି ଆଲୋକ ଜେନାସାମନ୍ତଙ୍କୁ ଅବଗତ କରିଥିଲେ। ଏହାକୁ ହୃଦୟଙ୍ଗମ କରି ସଭାପତି ଶ୍ରୀ ଜେନାସାମନ୍ତଙ୍କ ପରାମର୍ଶ କ୍ରମେ ମଞ୍ଚର ସଦସ୍ୟ ଗାଁରେ ପହଞ୍ଚି ଶ୍ରୀ ପାଳଙ୍କୁ ସାକ୍ଷାତ କରି ଆର୍ଥିକ ସହାୟତା ପ୍ରଦାନ କରିବା ସହିତ ଆଗକୁ ଯେମିତି ପାଠ ପଢ଼ାରେ କୌଣସି ଅସୁବିଧା ନ ହେବ ସୁଧାଂଶୁ ଶେଖରଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ମଞ୍ଚ ତରଫରୁ ଉପାଧ୍ୟକ୍ଷ ରୋଟାରୀଆନ ପ୍ରଶାନ୍ତ କୁମାର ପୃଷ୍ଟି, ସଦସ୍ୟ ସବ୍ୟସାଚୀ ପଣ୍ଡା, ଜୟନ୍ତ ସ୍ୱାଇଁ, ଶ୍ରୀପଦ ଜେନାସାମନ୍ତ, ବିଶ୍ୱଜିତ ବିଶ୍ୱାଳ, ବ୍ରଜକିଶୋର ବିଶ୍ୱାଳ, ବ୍ରଜକିଶୋର ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।

## ସୁଭଦ୍ରା ଶକ୍ତି ପାରମ୍ପରିକ ଖାଦ୍ୟ ପ୍ରତିଯୋଗିତା

କୁଆଖିଆ, ୧୩।୬(ସମିସ): ଆଜି ରସୁଲପୁର ବ୍ଲକରେ ସୁଭଦ୍ରା ଶକ୍ତି ପାରମ୍ପରିକ ଖାଦ୍ୟ ପ୍ରତିଯୋଗିତା ଆୟୋଜିତ ହୋଇଯାଇଛି। କୁଆଖିଆ ସ୍ଥିତ ଅଭିମନ୍ୟୁ ସାମନ୍ତ ସିଂହାର ଭବନଠାରେ ୧୫ଟି ଏସ୍‌ଏଚଜିର ସଦସ୍ୟା ମାନେ ପାରମ୍ପରିପ ପିଠାପଣା ପ୍ରସ୍ତୁତ କରିଥିଲେ।



ବିଡିଓ ସତ୍ୟାନନ୍ଦ ଦାଶ ମୁଖ୍ୟ ଅତିଥି ଭାବରେ ଯୋଗଦେଇ କାର୍ଯ୍ୟକ୍ରମ ଉଦଘାଟନ କରିଥିଲେ। ସିଡିପିଓ ଗୀତା ଗାୟତ୍ରୀ ରଥ, ଏବିଇଓ ଡ. ପ୍ରଭଞ୍ଜନ ପତି, ମୁଗୁପାଳ କଲେଜ୍‌ର ଇଂରାଜୀ ଅଧ୍ୟାପିକା ମମତା ବୋଇତାଇ, ମଧୁବନ ସିଏଚସିର ଡା. ସୁଶ୍ରୀ ସଙ୍ଗୀତା ମହାନ୍ତି, ଭାରପ୍ରାପ୍ତ ଏବିଡିଓ ସୌରଭ ପାଲ, ବିପିଏମ ମିଶନ ଶକ୍ତି ସୁପ୍ରଭା ଜେନା ପ୍ରମୁଖ ଅତିଥି ଭାବରେ ଯୋଗଦେଇଥିଲେ। ଯୋଗଦେଇଥିବା ଏସଏଚଜି ମାନଙ୍କ ମଧ୍ୟରୁ ରସୁଲପୁରର ଜଗନ୍ନାଥ ଏସଏଚଜି ୧ମ ଓ ନରସିଂହପୁରର ବନ୍ଦେ ଉତ୍କଳ ଜନନୀ ଏସଏଚଜି ୨ୟ ସ୍ଥାନ ଅଧିକାର କରି ଯଥାକ୍ରମେ ୫ ହଜାର ଓ ୪ ହଜାର ପୁରସ୍କାର ଓ ପ୍ରମାଣପତ୍ର ପାଇଥିଲେ। ଭାଗନେଇଥିବା ସମସ୍ତ ଏସଏଚଜିଙ୍କୁ ପ୍ରମାଣପତ୍ର ଦିଆଯାଇଥିଲା।

## କବାଡ଼ି ଟୁର୍ଣ୍ଣାମେଣ୍ଟ ଉଦ୍‌ଘାଟିତ



ପାଣିକୋଇଲି, ୧୩।୬(ସମିସ): କୋରେଇ ବ୍ଲକ ଅନ୍ତର୍ଗତ କରଦା ପଞ୍ଚାୟତର କରଦା ହରିହାଟ ମହୋତ୍ସବ ପଡ଼ିଆ ଠାରେ ଜିଲ୍ଲାସ୍ତରୀୟ କବାଡି ପ୍ରତିଯୋଗିତା ଉଦ୍‌ଘାଟିତ ହୋଇଛି। ଗଣପତି କବାଡି କ୍ଲବ ଅନୁକୂଲ୍ୟରେ ଆୟୋଜିତ ୨ ଦିନ ବ୍ୟାପି ଏହି ଟୁର୍ଣ୍ଣାମେଣ୍ଟରେ ପୁରୁଷ ବିଭାଗରେ ମୋଟ ୧୨ଟି ଦଳ ଓ ୩ଟି ମହିଳା ଦଳ ଅଂଶ ଗ୍ରହଣ କରିଛନ୍ତି। ଆଜିର ଉଦ୍‌ଘାଟନୀ ମ୍ୟାଚ ବେରୁଦା ବନାମ ବରେଇ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଦୁଇ ଦିନ ମ୍ୟାଚ ପରେ ଉଭୟ ବିଜେତା ଓ ରନର୍ସ ଅପ ଦଳକୁ ଅନୁଷ୍ଠାନ ପକ୍ଷରୁ ପୁରସ୍କୃତ କରାଯିବ ବୋଲି ଅନୁଷ୍ଠାନର ମୁଖ୍ୟ ରଞ୍ଜୀବ କୁମାର ମଲ୍ଲିକ ସୂଚନା ଦେଇଛନ୍ତି।

## ରାଜପଥରେ ସିରିଜ୍ ଦୁର୍ଘଟଣା; ୨ ଚାଳକ ଗୁରୁତର



ପାଣିକୋଇଲି, ୧୩।୬(ସମିସ): ପାଣିକୋଇଲି ଥାନା ଅନ୍ତର୍ଗତ ୧୬ ନମ୍ବର ଜାତୀୟ ରାଜପଥର ସିଙ୍ଗଡ଼ା ବ୍ରିଜ ନିକଟରେ ଗୋଟିଏ ଟ୍ୟାଙ୍କର, ଗୋଟିଏ ଡମ୍ଫର ଓ ଗୋଟିଏ ଟ୍ରକ୍ ମଧ୍ୟରେ ଧକ୍କା ହେବା ଫଳରେ ଡମ୍ଫର ଓ ଟ୍ରକର ଚାଳକ ଗୁରୁତର ଆହତ ହୋଇଛନ୍ତି। ସେମାନଙ୍କୁ ଉଦ୍ଧାର କରାଯାଇ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ପ୍ରକାଶଯେ ରାଜପଥ ମରାମତି ଦାୟିତ୍ୱରେ ଥିବା ଡିବିଏଲ୍ କମ୍ପାନୀ ଦ୍ୱାରା ଜାତୀୟ ରାଜପଥର ସିଙ୍ଗଡ଼ା ବ୍ରିଜର ଅନତିଦୂରରେ ରାଜପଥ ମରାମତି କାର୍ଯ୍ୟ ଚାଲୁଥିବାରୁ ଏକ ଡମ୍ଫର (ୟୁପି୬୩ଏଟି ୮୯୫୨) ରଙ୍ଗ ରୁଟ୍‌ରେ ଛିଡ଼ା ହୋଇଥିଲା। ଏହି ସମୟରେ ଉକ୍ତ କମ୍ପାନୀର ଏକ ପାଣି ବୋଝେଇ ଟ୍ୟାଙ୍କର (ୟୁପି୪୦ଟି୪୨୬୭) ପାଣିକୋଇଲି ପଟୁ ହାଟସାହି ଛକ ଆଡ଼କୁ ଯିବା ସମୟରେ ଡମ୍ଫରକୁ ଦେଖି ବାମ ପଟକୁ କାଟି ଦେଇଥିଲା। ଫଳରେ ପଛରେ ଆସୁଥିବା ଏକ ୧୬ ଚକିଆ ଟ୍ରକ (ଓଡ଼ି୦୯ଟି୯୯୬୪) ଡମ୍ଫରକୁ ମୁହାମୁହିଁ ଧକ୍କା ଦେଇ ଟ୍ୟାଙ୍କରକୁ ଧକ୍କା ଦେଇଥିଲା। ଫଳରେ ଡମ୍ଫର ଓ ଟ୍ରକର ଚାଳକ ଗାଡ଼ି ଭିତରେ ଚାପି ହୋଇ ରହିଯାଇଥଲେ। ଖବର ପାଇ ପାଣିକୋଇଲି ପୁଲିସ, ରାଜପଥ ପାଟ୍ରୋଲିଂ ପୁଲିସ ଓ ସ୍ଥାନୀୟ ଲୋକ ମାନେ ପହଞ୍ଚି ଡମ୍ଫରରୁ ଚାଳକକୁ ବାହାର କରି ସ୍ଥାନୀୟ ଏକ ବେସରକାରୀ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। କିନ୍ତୁ ଟ୍ରକ୍‌ର ଚାଳକ ଟ୍ୟାଙ୍କର ଭିତରେ ଚାପି ହୋଇ ରହିଯାଇଥିଲେ। ପରେ ରସୁଲପୁର ଦମକଳ ବାହିନୀ ପହଞ୍ଚି ଗ୍ୟାସ କଟର ସାହାଯ୍ୟରେ କାଟି ଚାଳକକୁ ଗୁରୁତର ଅବସ୍ଥାରେ ଉଦ୍ଧାର କରିବା ପରେ ଜାତୀୟ ରାଜପଥ ଆମ୍ବୁଲାନ୍ସ ଯୋଗେଁ ଯାଜପୁର ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତରିତ କରାଯାଇଥିଲା। ଏହି ଦୁର୍ଘଟଣା ଫଳରେ ରାଜପଥରେ ଗୋଟିଏ ପଟରେ ଗାଡି ଚଳାଚଳ ବ୍ୟାହତ ହୋଇଥିଲା। ପ୍ରାୟ ୧ ଘଣ୍ଟା ପରେ ପୁଲିସ ଗାଡି ଚଳାଚଳ ସ୍ୱାଭାବିକ କରିବା ସହ ଗାଡ଼ି ତିନୋଟିକୁ ଜବତ କରିଛି। ଟ୍ରକର ଡାଇଭର କୋରେଇ ଥାନା ଅନ୍ତର୍ଗତ ପାଟରଙ୍ଗା ପଞ୍ଚାୟତ ଗୋହିରାଗଡ଼ିଆ ଗ୍ରାମର ରଙ୍ଗାଧର କର ଗୁରୁତର ଅବସ୍ଥାରେ କଟକ ସ୍ଥାନାନ୍ତର ହୋଇଥିବା ବେଳେ ଡିବିଏଲ୍ ହାଇୱା ଡ୍ରାଇଭର ବିହାର ରାଜ୍ୟର ସୟଦ ବୋଲି ଜଣାପଡ଼ିଛି।

## ଟ୍ରକ୍ ଧକ୍କାରେ ବିଦ୍ୟୁତ ଖୁଣ୍ଟ ଭାଙ୍ଗିଲା



ପାଣିକୋଇଲି, ୧୩।୬(ସମିସ): ୧୬ ନମ୍ବର ଜାତୀୟ ରାଜପଥରୁ ଦାମୋଦରପୁର ଗ୍ରାମ ମଧ୍ୟ ଦେଇ ରାସ୍ତା ଓ ଗୃହ ନିର୍ମାଣ ବିଭାଗ ଦ୍ୱାରା ରାସ୍ତାର ପ୍ରଶସ୍ତୀକରଣ କାର୍ଯ୍ୟ ଚାଲୁଛି। ତେବେ ରାସ୍ତା କାମ ଅଧପନ୍ତରିଆ ହୋଇ ପଡ଼ି ରହିଥିବା ବେଳେ ରାସ୍ତାକୁ ନେଇ ଗ୍ରାମବାସୀ ନାହିଁ ନଥିବା ଅସୁବିଧାର ସମ୍ମୁଖିନ ହେଉଛନ୍ତି। ତେବେ ଏହା ଉପରେ ଦାଉ ସାଧୁଛନ୍ତି ରାସ୍ତା କଡ଼ରେ ଥିବା ଗ୍ୟାରେଜ ମାଲିକ ମାନେ। ଗୋଟିଏ ପଟେ ରାସ୍ତା କାମସମ୍ପୂର୍ଣ୍ଣ ହୋଇ ନଥିବା ବେଳେ ଗ୍ୟାରେଜ ଦୋକାନୀ ମାନେ ମରାମତି ଲାଗି ଆସୁଥିବା ଟ୍ରକ ଗୁଡ଼ିକୁ ରାସ୍ତା ଉପରେ ଥୋଇ ରାସ୍ତା ଜାମ କରୁଛନ୍ତି। ଆଜି ସନ୍ଧ୍ୟାରେ ଏକ ୧୬ ଚକିଆ ଟ୍ରକ (ଓଡ଼ି୨୯ଏଫ୬୬୨୦)ଟି ଗ୍ୟାରେଜକୁ ମରାମତି ଲାଗି ଆସିଥିବା ବେଳେ ରାସ୍ତା ମଝିରେ ଥିବା ଏକ ବିଦ୍ୟୁତ ଖୁଣ୍ଟକୁ ଧକ୍କା ଦେବାରୁ ତାହା ଭାଙ୍ଗି ଯାଇ ଅଧା ଝୁଲି ବିପଦ ସଙ୍କୁଳ ଅବସ୍ଥାରେ ରହିଅଛି। ଫଳରେ ଉକ୍ତ ରାସ୍ତା ଦେଇ ଯିବା ଆସିବା କରୁଥିବା ପଥଚାରୀ ମାନଙ୍କ ନିମନ୍ତେ ବିପଦ ସୃଷ୍ଟି କରିଛି।

ସେହିପରି ଷଠିପୁର ଠାରୁ ବୈତରଣୀ ରୋଡ ପୂର୍ତ୍ତ ବିଭାଗ ରାସ୍ତା ଦୋହରୀକରଣ ହେଉଥିବା ବେଳେ ରାସ୍ତା ମଝିରୁ ବିଦ୍ୟୁତ ଖୁଣ୍ଟ ଉଠିନାହିଁ। ଖୁଣ୍ଟ ନ ଉଠି ମଧ ରାସ୍ତା କାମ ଚାଲୁ ରହିଛି। ଫଳରେ ଗୁରୁବାର ରାତିରେ ଏକ କାର ଅମୃତିଆ ଗ୍ରାମକୁ ଆସି ସେଠାରୁ ଫେରୁଥିବା ସମୟରେ ବାଲି ଗାଡିର ଲମ୍ବା ଲାଇନ୍ ଥିବା ଦେଖି ରାସ୍ତା ମଝିରେ ଖୁଣ୍ଟ ଥିବା ଜାଣିନପାରି ପିଟି ହୋଇଥିଲା। ଫଳରେ କାରଟିର ଆଗ ଭାଙ୍ଗିଯାଇଥିଲେ ହେଁ ଯାତ୍ରୀ ମାନେ ସୁରକ୍ଷିତ ରହିଛନ୍ତି।

## ବିପଦପୂର୍ଣ୍ଣ ଭାବରେ ରହିଛି ଟ୍ରାନ୍ସଫର୍ମର

ବିଞ୍ଝାରପୁର, ୧୩।୬(ସମିସ): ବିଞ୍ଝାରପୁର ବ୍ଲକ ଲେଙ୍କାସାହି ଫ୍ରିଡର ଠାରୁ ମାତ୍ର ଏକ କିଲୋମିଟର ଦୂରତା ମଧ୍ୟରେ ପଇରଖି ଗାଁରେ ଟ୍ରାନ୍ସଫର୍ମର ବିପଦପୂର୍ଣ୍ଣ ଭାବରେ ରହିଛି। ଟ୍ରାନ୍ସଫର୍ମର ସମ୍ମୁଖ ପଟରେ ଗ୍ରୀଲ ଦୁଇ ଖଣ୍ଡ ଝୁଲା ଯାଇଥିବା ବେଳେ ଅନ୍ୟ ୩ ଦିଗରେ ନା ଅଛି ବାଡ଼ ନା ଅଛି କିଛି ଆବଦ୍ଧ। ଖୁଲମ ଖୁଲା ରହିଛି ଟ୍ରାନ୍ସଫର୍ମର। ଯାହାକୁ ନେଇ ଅଞ୍ଚଳର ବୃଦ୍ଧିଜୀବୀଠାରୁ ଲୋକ ପ୍ରତିନିଧି ପର୍ଯ୍ୟନ୍ତ ବିଜୁଳି ବିଭାଗକୁ ଅବଗତି କରାଇଛନ୍ତି। ଟାଟା ପାୱାର ପକ୍ଷରୁ ବିଭିନ୍ନ ସ୍ଥାନରେ ଟ୍ରାନ୍ସଫର୍ମରକୁ ଆବଦ୍ଧ କରୁଥିବା ବେଳେ ଏଠାରେ ସମ୍ପୂର୍ଣ୍ଣ ରାସ୍ତାକୁ ଲାଗି ରହିଥିବା ଟ୍ରାନ୍ସଫର୍ମରକୁ କିଭଳି ଆବଦ୍ଧ କରାଯାଉନି ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସବୁଠୁ ବଡ କଥା ହେଲା ଏହି ରାସ୍ତାଟି ନୂତନ କରି ସମ୍ପ୍ରସାରଣ ହେବା ପରେ ସତେ ଯେମିତି ଟ୍ରାନ୍ସଫର୍ମରଟି ରାସ୍ତା ଅବରୋଧ କଲାପରି ଦେଖା ଯାଉଛି। ଏହି ରାସ୍ତାଟି ବର୍ତ୍ତମାନ ଦଶରଥପୁର ବ୍ଲକ ଏବଂ ବିଞ୍ଝାରପୁର ବ୍ଲକ ମଧ୍ୟରେ ଯାତାୟତ ପାଇଁ ପ୍ରମୁଖ ରାସ୍ତା ହୋଇପଡ଼ିଛି। ଏହି ରାସ୍ତା ଦେଇ ପ୍ରତ୍ୟେକ ଦିନ ଗୃହପାଳିତ ପ୍ରାଣୀ ଠାରୁ ଆରମ୍ଭ କରି ସ୍କୁଲ କଲେଜ, ଅଙ୍ଗନବାଡି ପିଲାମାନେ ଯାତାୟତ କରୁଛନ୍ତି। ଏହା ସହ ଗୃହପାଳିତ ପ୍ରାଣୀମାନେ ଟ୍ରାନ୍ସଫର୍ମକୁ ଲାଗି ଥିବା ବାଉଁଶ ବାଡ଼ିରେ ଆଶ୍ରୟ ନେଉଛନ୍ତି। ଯାହାଫଳରେ ସେମାନଙ୍କ ଜୀବନ ପ୍ରତି ମଧ ବିପଦ ରହୁଛି। ବିଦ୍ୟୁତ୍ ମାନଦଣ୍ଡଙ୍କୁ ଏଠାରେ ସମ୍ପୂର୍ଣ୍ଣ ରୂପେ ଉଲ୍ଲଙ୍ଘନ କରାଯାଉଛି। ମାନଦଣ୍ଡ ଅନୁସାରେ ଟ୍ରାନ୍ସଫର୍ମର ଆବଦ୍ଧ ରହିବା ସହ ସାବଧାନ ଫଳକ ଲଗାଯିବା କଥା; କିନ୍ତୁ ଏଠାରେ ତାହା ଦେଖିବାକୁ



ମିଳୁନାହିଁ। ବିଭାଗୀୟ କର୍ତ୍ତୃପକ୍ଷ ଏଥିପ୍ରତି ଦୃଷ୍ଟି ଦେଉନାହାଁନ୍ତି। ଆଗକୁ ବର୍ଷା ଋତୁ ଅଘଟଣ ଘଟିବାର ସମ୍ଭାବନ ରହିଥିବା କଥା ଗ୍ରାମବାସୀ ପ୍ରକାଶ କରିଛନ୍ତି। ଟାଟାପାୱାର ତୁରନ୍ତ ପଦକ୍ଷପ ଗ୍ରହଣ କରି ରାସ୍ତାକୁ ଲାଗି ରହିଥିବା ବିପଦପୂର୍ଣ୍ଣ ଟ୍ରାନ୍ସଫର୍ମରଟିକୁ ଅନ୍ୟତ୍ର ସ୍ଥାନାନ୍ତର କରିବା ସହ ଧନ ଜୀବନ ରକ୍ଷା କରିବାକୁ ସ୍ଥାନୀୟ ଅଞ୍ଚଳରବାସୀ ଦାବି କରୁଛନ୍ତି।

## ଗାଡ଼ି ଦୁର୍ଘଟଣାରେ ଜଣେ ଗୁରୁତର

ସୁକିନ୍ଦା, ୧୩।୬(ସମିସ): ୫୩ନଂ ଜାତୀୟ ରାଜପଥ ସୁକିନ୍ଦା ଡୁବୁରୀ ରାସ୍ତାର ଝୁମ୍ପାଣ ଛକ ନିକଟରେ ଏକ ଦୁର୍ଘଟଣାରେ ବାଇକ୍ ଆରୋହୀ ଗୁରୁତର ଅବସ୍ଥାରେ ସୁକିନ୍ଦା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି ହୋଇଥିବା ଜଣାପଡ଼ିଛି। ଦୁର୍ଘଟଣାରେ ଆହତ ଯୁବକ ଢେଙ୍କାନାଳ ଜିଲ୍ଲା କାମାକ୍ଷାନଗର ଥାନା ଅନ୍ତର୍ଗତ କାନପୁର ଗ୍ରାମ ଅନିରୁଦ୍ଧ ମହାନ୍ତ। ଶୁକ୍ରବାର ଦିନ ଅନିରୁଦ୍ଧ କଳିଙ୍ଗନଗର ଯାଉଥିବା ସମୟରେ ଏକ ଅଜଣା ଗାଡ଼ି ଦୁର୍ଘଟଣାର ଶୀକାର ହୋଇଥିଲେ। ଅନିରୁଦ୍ଧଙ୍କୁ ସ୍ଥାନୀୟ ଲୋକେ ତୁରନ୍ତ ଉଦ୍ଧାର କରି ସୁକିନ୍ଦା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ତାଙ୍କର ପ୍ରାଥମିକ ଚିକିତ୍ସା ଜାରି ରହିଛି।

## ଦୁଇ ବାଲି ହାଇୱା ଜବତ; ୨ ଗିରଫ

ପାଣିକୋଇଲି, ୧୩।୬(ସମିସ): ଯାଜପୁର ଖଣି ବିଭାଗ ଦ୍ୱାରା ଦୁଇ ବାଲି ବୋଝେଇ ହାଇୱାକୁ ଷଠିପୁର ଠାରେ ଜବତ କରାଯାଇଛି। ଏହି ଘଟଣାରେ ୨ ଗାଡ଼ିର ଚାଳକଙ୍କୁ ଗିରଫ କରାଯାଇ ଅଦାଲତ ଚାଲାଣ କରାଯାଇଛି। ପ୍ରକାଶଯେ ଯାଜପୁର ଉପ ଖଣି ନିର୍ଦ୍ଦେଶକଙ୍କ ନିର୍ଦ୍ଦେଶ କ୍ରମେ ଜୁନିୟର ଖଣି ଅଫିସର ବିଶ୍ୱଜିତ ସ୍ୱାଇଁ ଏନ୍‌ଫୋର୍ସମେଣ୍ଟ ଟିମ୍ ସହିତ ଷଠିପୁର ଠାରେ ଚେକିଂ କରୁଥିବା ବେଳେ ଏକ ବାଲି ବୋଝେଇ ହାଇୱା (ଓଡ଼ି୨୨ଭି୪୯୮୯)କୁ ଅଟକାଇ କାଗଜପତ୍ର ଯାଞ୍ଚ କରିଥିଲେ। ମାତ୍ର ଉକ୍ତ ଗାଡ଼ିର ଚାଳକ କୌଣସି ବୈଧ କାଗଜପତ୍ର ଦେଖାଇପାରି ନଥିଲେ। ତେବେ ଉକ୍ତ ବାଲି ଗୁଡ଼ିକ ଚୋରାଚାଲାଣ ହେଉଛି ଜାଣିପାରି ଶ୍ରୀ ସ୍ୱାଇଁ ହାଇୱାକୁ ଜବତ କରିବା ସହିତ ଚାଳକକୁ ପୁଲିସର ଜିମା ଦେଇଥିଲେ। ଏ ନେଇ ଶ୍ରୀ ସ୍ୱାଇଁଙ୍କ ଅଭିଯୋଗ କ୍ରମେ ପୁଲିସ ଏକ ମାମଲା ୧୬୭/୨୫ ରୁଜୁ କରିବା ସହିତ ହାଇୱାର ଚାଳକ ବାଲେଶ୍ୱର ଜିଲ୍ଲା ନିଳଗିରି ଥାନା ଅନ୍ତର୍ଗତ ପ୍ରଦୀପ ସିଂକୁ କୋର୍ଟଚାଲାଣ କରିଛି। ସେହିପରି ଜିଲ୍ଲାର ଜୁନିୟର ଖଣି ଅଫିସର ଛାୟାକାନ୍ତ ମହାନ୍ତ ଚେକିଂ କରୁଥିବା ବେଳେ ଅନ୍ୟ ଏକ ଚୋରା ବାଲି ବୋଝେଇ ହାଇୱା (ଓଡ଼ି୩୪ଏନ୦୫୭୪)କୁ ଷଠିପୁର ଠାରେ ଜବତ କରି ପାଣିକୋଇଲି ଥାନାକୁ ହସ୍ତାନ୍ତର କରିଥିଲେ। ଏ ନେଇ ଶ୍ରୀ ମହାନ୍ତଙ୍କ ଅଭିଯୋଗ କ୍ରମେ ପୁଲିସ ଏକ ମାମଲା ୧୬୬/୨୫ ରୁଜୁ କରିବା ସହିତ ଚାଳକ ଏହି ଥାନା ଅନ୍ତର୍ଗତ ବାଲିପଶି ଗ୍ରାମର ରଷିନାଥ ନାୟକଙ୍କ ପୁଅ ଶୁକ୍ରା ନାୟକ(୨୦)କୁ ଗିରଫ କରି କୋର୍ଟଚାଲାଣ କରିଛି।

● ବିଲରେ ପଡ଼ିଛି ଚାଷୀର କ୍ଷତବିକ୍ଷତ ମୃତଦେହ

## ହତ୍ୟା ଅଭିଯୋଗ ଆଣିଲେ ପରିବାର ଲୋକ

ବିଞ୍ଝାରପୁର, ୧୩।୬(ସମିସ): ବିଞ୍ଝାରପୁର ଥାନା ଅନ୍ତର୍ଗତ ଚନ୍ଦ୍ରମୁହଁ ପଞ୍ଚାୟତ ଜଗନ୍ନାଥପୁର ଗ୍ରାମରେ ଜଣେ ଚାଷୀଙ୍କୁ ହତ୍ୟା କରାଯାଇଥିବା ପରିବାର ଲୋକେ ଥାନାରେ ଅଭିଯୋଗ କରିଛନ୍ତି। ଚାଷୀ ଜଣକ ହେଲେ ଅଶୋକ କୁମାର ନାୟକ। ଅଭିଯୋଗ ମୁତାବକ ଆଜି ସକାଳୁ ଅଶୋକ ନିଜ ଘରଠାରୁ ମାତ୍ର ୧କିମି ଦୂରରେ ଅବସ୍ଥିତ ପାଳକୁ ପନିପରିବା ତୋଳିବା ପାଇଁ ଯାଇଥିଲେ। ସେଠାରୁ ପନିପରିବା ତୋଳି ପୁଅ ଅକ୍ଷୟ ନାୟକଙ୍କୁ ଦେଇ ହାଟକୁ ପଠାଇଥିଲେ। ପୂର୍ବାହ୍ନରେ ପତ୍ନୀ ରେଖା ଖାଇବା ନେଇ ପାଳକୁ ଯାଇଥିଲେ ସେଠାରେ ଅଶୋକ ଖାଇ ପାଳ ଜଗିବା ପାଇଁ କହି ରହିଥିଲେ। ମାତ୍ର ମଧ୍ୟାହ୍ନ ଭୋଜନ ପାଇଁ ଅଶୋକ ଘରକୁ ଆସିବାରେ ବିଳମ୍ବ ହେବାରୁ ପରିବାର ଲୋକ ଫୋନ ଯୋଗେ ଅଶୋକଙ୍କ ସହ ଯୋଗା ଯୋଗ କରିଥିଲେ। ସେ ଫୋନ ନ ଉଠାଇବାରୁ ପୁଅ ଅକ୍ଷୟ ପାଳକୁ ଯାଇଥିଲେ। ସେଠାରେ ବାପାଙ୍କ କ୍ଷତବିକ୍ଷତ ମୃତଦେହ ପଡ଼ିଥିବା ଦେଖିବାକୁ ପାଇ ହତବାକ ହୋଇଯାଇ ପରିବାର ଲୋକଙ୍କୁ ଖବର ଦେଇଥିଲେ। ପରିବାର ଲୋକ ଏବଂ ଗ୍ରାମବାସୀ ଘଟଣା ସ୍ଥଳରେ ପହଞ୍ଚି ପୁଲିସକୁ ଖବର ଦେଇଥିଲେ। ବିଞ୍ଝାରପୁର ଥାନା ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଥିବା ବେଳେ ଏହା ଏକ ହତ୍ୟାକାଣ୍ଡ ବୋଲି ସନ୍ଦେହ କରାଯାଉଛି। ମୃତ ଅଶୋକ ଅନେକ ଲୋକଙ୍କ ଠାରୁ ଧାରକରଜ କରିଥିଲେ। ତାକୁ ନେଇ ଗତକାଲି ରାତିରେ ତାଙ୍କ ନିକଟକୁ ଏକ ଧମକପୂର୍ଣ୍ଣ ଫୋନ ଆସିଥିବା ପତ୍ନୀ ରେଖା ପ୍ରକାଶ କରିଛନ୍ତି। ପୁଲିସ ମୃତଦେହକୁ ଜବତ କରିବା ସହ ସାଇଣ୍ଟିଫିକ ଟିମ ସହାୟତାରେ ତଦନ୍ତ କରୁଛି।

## ସମାଜସେବୀଙ୍କ ବିୟୋଗରେ ଶ୍ରଦ୍ଧାଞ୍ଜଳି ସଭା

ଧର୍ମଶାଳା, ୧୩।୬(ସମିସ): ଧର୍ମଶାଳା ବ୍ଲକ ଅଧୀନସ୍ଥ ଗଙ୍ଗାଧରପୁର ଗ୍ରାମ ପଞ୍ଚାୟତ ଭାତୁରିପଶି ଗ୍ରାମର ବିଶିଷ୍ଟ ସମାଜସେବୀ ତଥା ଅବସପ୍ରାପ୍ତ ପରିବହନ ଅଧିକାରୀ ଗଙ୍ଗାଧର ବରାଳଙ୍କ ବିୟୋଗରେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଧର୍ମଶାଳା ପ୍ରେସ୍ କ୍ଲବର ସଭାପତି ରମାକାନ୍ତ ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସ୍ମୃତିସଭାରେ ତାଙ୍କର ବହୁମୁଖୀ ପ୍ରତିଭା ସମ୍ପର୍କରେ ଉପସ୍ଥିତ ଅତିଥି ମାନେ ଆଲୋକପାତ କରିଥିଲେ। ଅତିଥି ଭାବେ ଧର୍ମଶାଳା ସାହିତ୍ୟ ସମାଜର ସମ୍ପାଦକ ପ୍ରଶାନ୍ତ କୁମାର ସ୍ୱାଇଁ, ପୂର୍ବତନ ସମାଜସେବୀ ଗୋଲକ ଚନ୍ଦ୍ର ପଲେଇ, ଶିକ୍ଷକ ନେତା ବିଭୁତି ଭୂଷଣ ପାଳ, ବିଶିଷ୍ଟ ସାହିତ୍ୟିକ ବିଜୟ କୁମାର ଦେବତା, ହରିଶଙ୍କର ମହାବିଦ୍ୟାଳୟର ଅଧ୍ୟକ୍ଷ ବଳଭଦ୍ର ଦାଶ, ଶିକ୍ଷାବିତ ସୁରେନ୍ଦ୍ର କୁମାର ରାଉତ, କୃଷକ ଲକ୍ଷ୍ମଣ ଦାଶ, ସାମ୍ବାଦିକ ଅଖିଳ କୁମାର ସ୍ୱାଇଁ, ସୁବାସ



ରାଉତ ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ ସ୍ମରଣିକା 'ସ୍ମୃତି ସମ୍ଭାର'କୁ ଅତିଥିମାନେ ଉନ୍ମୋଚନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଧର୍ମଶାଳା ବ୍ଲକର ଅଧ୍ୟକ୍ଷ ପ୍ରଭାତ କୁମାର ବଳବନ୍ତରାୟ, ପ୍ରାଧ୍ୟପକ ରମେଶ ଚନ୍ଦ୍ର ସିଂ, ଅବସରପ୍ରାପ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା.ବିଜୟ କୁମାର ଶତପଥୀ, ସାମ୍ବାଦିକ ଇନ୍ଦ୍ରମଣି ନାୟକ, ଶରତ ଚନ୍ଦ୍ର ରାଉତରାୟ, ଅଧ୍ୟାପକ ଧନେଶ୍ୱର ମହାନ୍ତି, ରୋଟାରିଆନ ବିନୋଦ ପରିଡ଼ା, ଅଜାମ୍ବର ସାହୁ, ଦୀପକ କୁମାର ଜେନା, ଅଶୋକ ଜେନା, ସୁକାନ୍ତ କୁମାର ସ୍ୱାଇଁ, ପ୍ରମୋଦ କୁମାର ସାମଲ, ଅସିତ କୁମାର ଜେନା ଓ ରଶ୍ମିରଞ୍ଜନ ରାୟ ପ୍ରମୁଖ ଶ୍ରଦ୍ଧା ସୁମନ ଅର୍ପଣ କରିଥିଲେ। ପ୍ରକାଶ କୁମାର ବରାଳ ଓ ପ୍ରଦୀପ୍ତ କୁମାର ବରାଳ ସମସ୍ତଙ୍କୁ କୃତଜ୍ଞତା ଜଣାଇଥିଲେ।

## କାର୍ବାଇଡ ଦ୍ୱାରା ପଚା ଫଳ ଖାଇ ବଢ଼ୁଛି ରୋଗ

ବରୀ, ୧୩।୬(ସମିସ)

ବର୍ତ୍ତମାନ ବଜାରରେ ବିଭିନ୍ନ କିସମର ଆମ୍ବ ବିକ୍ରି କରାଯାଉଛି। ଦୈନିକ ହଜାର ହଜାର ଟଙ୍କାର ଆମ୍ବ ବିକ୍ରି ହେଉଥିବା ଦେଖିବାକୁ ମିଳୁଛି। ଆମ୍ବ ସିଜିନ ଚାଲିଥିବାରୁ ଦର ଯେତେ ଅଧିକ ହେଲେ ମଧ ଆମ୍ବ ନ ହେଲେ ପାଟିକୁ ଭାତ ରୁଚୁନି। ବଜାରରୁ ଫେରିଲା ବେଳକୁ ବ୍ୟାଗରେ କିଛି ପନିପରିବା ସହ ପ୍ରାୟତଃ ଆମ୍ବକୁ କିଣି ଲୋକମାନେ ଘରକୁ ନେଉଛନ୍ତି। ପାଟିକୁ ସୁସ୍ୱାଦ ଲାଗିବା ପାଇଁ କିଣା ଯାଇଥିବା ଏହି ଆମ୍ବ ଶରୀର ପାଇଁ ହିତକର କି ନୁହେଁ ତାହା ଜାଣିବା ପାଇଁ ସମୟ ନଥାଏ। ଆମ୍ବ ଏପରି ଏକ ଫଳ ଯାହା ଉଭୟ କଞ୍ଚା ଓ ପାଚିଲା ଖାଇହୁଏ। କିନ୍ତୁ ଆମ୍ବ ବଜାରରୁ କ୍ରୟକରି ଅଣାଯାଉନି ଯେ କ୍ୟାନସର ରୋଗକୁ ଆମନ୍ତ୍ରଣ କରାଯାଉଛି ବୋଲି ଅଧିକାଂଶ ଜାଣିନାହାନ୍ତି। ଯେଉଁ ଆମ୍ବ ଗଛରେ ରହିଲେ କିମ୍ବା ତୋଳା ହେବାର କିଛି ଦିନ ମଧ୍ୟରେ ପାଚିବା କଥା ସେହି ଆମ୍ବ କଞ୍ଚା ଅବସ୍ଥାରେ ତୋଳି କ୍ୟାଲସିୟମ କାର୍ବାଇଟ ଦେଇ ପଚାଇ ଦିଆ ଯାଉଥିବା ଦେଖିବାକୁ ମିଳୁଛି। ପାଚିଲା ଭଳି ଦେଖା ଯାଉଥିବା ଏହି ଆମ୍ବଗୁଡ଼ିକ ପାଟିକୁ ସୁସ୍ୱାଦ ଲାଗୁଛି। ଆଉ ଶରୀର ପାଇଁ କ୍ଷତିକାରକ ସାଜୁଛି ସ୍ୱାସ୍ଥ୍ୟ ପାଇଁ କେଉଁ ଫଳ ହିତକର ଏବଂ କେଉଁ ଫଳ ଅହିତକର ଏହା ଖାଦ୍ୟ ସୁରକ୍ଷା ବିଭଗ ପକ୍ଷରୁ ଯାଞ୍ଚ କରାଯାଉ ନାହିଁ। ବଜାରରେ ବିକ୍ରି ହେଉଥିବା ଆମ୍ବ ସଂକ୍ରାନ୍ତରେ ଜନୈକ ବିଶେଷଜ୍ଞ ଡାକ୍ତରଙ୍କ ଦୃଷ୍ଟି ଆକର୍ଷଣ କରିବାରୁ ସେ କହିଲେ ଆମ୍ବ ଖାଇବାର ଯଦି ଅଛି ତେବେ ଗଛରେ ପାଚିଥିବା ଆମ୍ବ ଖାଅ କାର୍ବାଇଟ ଦିଆ ଆମ୍ବ ଖାଅନି କି ରୋଗକୁ ଆମନ୍ତ୍ରଣ କରନି କ୍ୟାଲସିୟମ କାର୍ବାଇଟରୁ ଏସିଟିଲିନ ନାମକ ବିଷାକ୍ତ ଗ୍ୟାସ ବାହାରୁ ଥିବାରୁ ଏହାକୁ ବ୍ୟବହାର କରି ଯେଉଁ ଫଳ ପଚାଯାଏ ସେଥିରେ ଏହି ଗ୍ୟାସ ରହିଥାଏ। ଏହାକୁ ବ୍ୟବହାର କଲେ କ୍ୟାନସର, ଥାଇରଡ଼, ପାଟି ଭିତରେ ଘା, ଏଲର୍ଜି ପ୍ରଭୃତି ରୋଗ ଦେଖା ଦେଇଥାଏ। ଏପରିକି ବୃଦ୍ଧ ଲୋକଙ୍କ ଶରୀରରେ ଆଜମା ଭଳି ରୋଗ ସୃଷ୍ଟି ହୋଇ ଶରୀରରେ କ୍ଷତି ହୋଇଥାଏ। କେବଳ ଆମ୍ବ ନୁହେଁ କଦଳୀ, ସେଓ, ସପୁରୀ, ପଣସ, ଖଜୁରୀ ତଥା ବଜାରରେ ମିଳୁଥିବା ପ୍ରାୟ ଅଧିକାଂଶ ଫଳରେ କ୍ୟାଲସିୟମ କାର୍ବାଇଟ ବ୍ୟବହାର ହେଉଥିବା ଅଭିଯୋଗ ହେଉଛି। ଯାଜପୁର ଜିଲ୍ଲାର ବାଲିଚନ୍ଦ୍ରପୁର, ଯାଜପୁର ରୋଡ଼, ଚଣ୍ଡିଖୋଲ, କୁଆଖିଆ, ବରୀ, ବିଞ୍ଝାରପୁର, ଯାଜପୁର ଟାଉନ୍ ଏବଂ ଏହାର ଆଖପାଖ ଅଞ୍ଚଳର ବଜାରରେ ମିଳୁଥିବା ଆମ୍ବ ଠାରୁ ଆରମ୍ଭକରି ଅନ୍ୟାନ୍ୟ ଫଳରେ କ୍ୟାଲସିୟମ କାର୍ବାଇଟ ବ୍ୟବହାର କରାଯାଉଛି କି ନାହିଁ ତାହାର ଯାଞ୍ଚ ଜରୁରୀ ବୋଲି ବିଭିନ୍ନ ମହଲରେ ପ୍ରକାଶ ପାଇଛି। ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ବା ଖାଦ୍ୟ ସୁରକ୍ଷା ବିଭାଗ ପକ୍ଷରୁ ଏ ଦିଗରେ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ଯାଜପୁର ଜିଲ୍ଲାରେ ଝାଡ଼ାବାନ୍ତି ସ୍ଥିତି

# ବିଭିନ୍ନ ହୋଟେଲ ଓ ଢାବା ଉପରେ ଚଢ଼ଉ



**ଯାଜପୁର, ୧୩।୬ (ସମିସ)**

ଯାଜପୁର ଜିଲ୍ଲାରେ ଝାଡ଼ାବାନ୍ତି ସ୍ଥିତିରେ ଧୀରେ ଧୀରେ ସୁଧାର ଆସୁଥିବା ପ୍ରଶାସନ ସୂଚନା ଦେଇଛି। ଅଦ୍ୟାବଧି ଜିଲାର ବିଭିନ୍ନ ଡାକ୍ତରଖାନାରେ ୨୨୬ ଜଣ ଝାଡ଼ାବାନ୍ତିରେ ଆକ୍ରାନ୍ତ ରୋଗୀ ଚିକିତ୍ସିତ ହେଉଥିବା ବେଳେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ୯୧ଜଣ ରୋଗୀ ଚିକିତ୍ସିତ ହେଉଛନ୍ତି। ଗତ ୩ ଧରି ବିଭିନ୍ନ ଡାକ୍ତରଖାନାରେ ୬୨୨ ଜଣ ରୋଗୀ ଚିକିତ୍ସିତ ହୋଇଥିବା ବେଳେ ସେଥିମଧ୍ୟରୁ ୧୧ ଜଣ ରୋଗୀଙ୍କର ମୃତ୍ୟୁ ଘଟିଛି। ଅନ୍ୟପକ୍ଷରେ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଯେଉଁ ୪୧ଟି ନମୁନା ପରୀକ୍ଷା ପାଇଁ ଯାଇଥିଲା ସେଥିରୁ ୮ଟିରେ କଲେରା ପଜିଟିଭ୍ ଲକ୍ଷଣ ଦେଖାଦେଇଥିବା ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ସୂଚନା ଦେଇଛନ୍ତି।

ଜିଲ୍ଲାର ୭ଟି ବ୍ଲକ ଓ ୨ଟି ପୌରାଞ୍ଚଳରେ ଝାଡ଼ାବାନ୍ତିରେ ଲୋକେ ଆକ୍ରାନ୍ତ ହୋଇଥିବା ଜଣାପଡ଼ିଛି। ଶୁକ୍ରବାର ଦିନ ପାନୀୟ ଜଳ ଓ ପଞ୍ଚାୟତିରାଜ ସଚିବ ଗିରିଶ ଏସ୍ଏନ୍ ପାନୀୟ ଜଳ ନିର୍ଦ୍ଦେଶକ ଭିନିତ ଭରଦ୍ୱାଜ, ଆରଡବ୍ଲ୍ୟୁଏସ୍ଏସ୍‌ର ମୁଖ୍ୟଯନ୍ତ୍ରୀ ବଳରାମ ମିଶ୍ର ସ୍ଥିତି ଅନୁଧ୍ୟାନ କରିବା ସହ ଜିଲ୍ଲା ପ୍ରଶାସନ ସହିତ ଆଲୋଚନା କରିଥିଲେ। ଏହାକୁ ଦୃଷ୍ଟିରେ ରଖି ଜିଲାପାଳ ପି. ଅନ୍ୱେଷା ରେଡ୍ଡୀ ଆଭାସୀ ମାଧ୍ୟମରେ ଉଚ୍ଚ ଅଧିକାରୀଙ୍କ ସହିତ ଆଲୋଚନା କରିବା ସହ ୧୪ରୁ ୧୬

### ସରକାରୀ କର୍ମଚାରୀଙ୍କ ରଜ ଛୁଟି ବାତିଲ

ତାରିଖ ପର୍ଯ୍ୟନ୍ତ ସମସ୍ତ ସରକାରୀ କର୍ମଚାରୀ ଓ ଅଧିକାରୀଙ୍କ ଛୁଟିକୁ ବାତିଲ କରିଛନ୍ତି। ଦୂଷିତ ପାଣି ଓ ଭୋଜି ଖାଇ ଝାଡ଼ା ବାନ୍ତିରେ ଲୋକେ ଆକ୍ରାନ୍ତ ହୋଇଥିବା ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ନୀଳକଣ୍ଠ ମିଶ୍ର ସୂଚନା ଦେଇଛନ୍ତି। ଝାଡ଼ା ବାନ୍ତିର କାରଣ ସମ୍ପର୍କରେ କେନ୍ଦ୍ରୀୟ ଦଳ ଦୁଇଦିନ ହେବ ବିଭିନ୍ନ ପରୀକ୍ଷା ନିରୀକ୍ଷା ଜାରି ରଖିଥିବା ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଶ୍ରୀ ମିଶ୍ର ସୂଚନା ଦେବା ସହ ଏବେ ବି କାରଣ ଅସ୍ପଷ୍ଟ ରହିଥିବା ସୂଚନା ମିଳିଛି। ତେବେ କେତୋଟି ନମୂନାରେ କଲେରା ଜୀବାଣୁ ମିଳିଥିବା ସେ



କହିଛନ୍ତି। ଯାଜପୁର ଜିଲ୍ଲାର ଦାନଗଦୀ, ଧର୍ମଶାଳା, କୋରେଇ, ଦଶରଥପୁର, ଯାଜପୁର, ବଡ଼ଚଣା, ସୁକିନ୍ଦା, ଯାଜପୁର ଓ ବ୍ୟାସନଗର ପୌରାଞ୍ଚଳରେ ଝାଡ଼ା ବାନ୍ତିରେ ଲୋକେ ଆକ୍ରାନ୍ତ ହୋଇଛନ୍ତି। ଶୁକ୍ରବାର ଆଭାସୀ ମାଧ୍ୟମରେ ଜିଲାପାଳ ପି. ଅନ୍ୱେଷା ରେଡ୍ଡୀ ଉଚ୍ଚ ଅଧିକାରୀଙ୍କ ସହିତ ଆଲୋଚନା କରିବା ସହିତ ନଳକୂପ, କୂପ, ପୁଷ୍କରିଣୀ ସ୍ଥାନକୁ ବିଶୋଧନ କରିବା ପାଇଁ ପରାମର୍ଶ ଦେଇଥିଲେ। ଏପରିକି ପାଣି ଟାଙ୍କିକୁ ବିଶୋଧନ କରିବା ସହ ୪/୫ଟି ପଞ୍ଚାୟତକୁ ନେଇ ଜଣେ ନୋଡାଲ ଅଫିସର ରହିବା ପାଇଁ ପରାମର୍ଶ ଦେଇଥିଲେ। ସମ୍ପୃକ୍ତ ଅଞ୍ଚଳର ବିଡିଓ, ପଞ୍ଚାୟତର ସରପଞ୍ଚଙ୍କୁ ନେଇ କାର୍ଯ୍ୟରେ ନିୟୋଜିତ ହେବା ପାଇଁ ପରାମର୍ଶ ଦେଇଥିଲେ। ବିଶେଷତଃ ବାସି ଖାଦ୍ୟ ଉପରେ ଗୁରୁତ୍ୱ ଦେବା ସହ ଜିଲ୍ଲାର ବିଭିନ୍ନ ଢାବା ଓ ହୋଟେଲ ଗୁଡିକ ଉପରେ ଚଢ଼ାଉ ଆରମ୍ଭ ହୋଇଛି। ଜିଲ୍ଲାର ବିଭିନ୍ନ ଅଞ୍ଚଳରୁ ମୋଟ ୭୦ ଟି ଖାଦ୍ୟ ନମୂନା ସଂଗ୍ରହ ହେବା ସହିତ ବାସି ଖାଦ୍ୟ ବିକ୍ରି କରିବା ଅଭିଯୋଗରେ ୬୫୦୦ ଟଙ୍କା ଜରିମାନା ଆଦାୟ କରାଯାଇଥିବା ଖାଦ୍ୟ ନିରାପତ୍ତା ଅଧବକାରୀ ରାକେଶ କୁମାର ସାହୁ ସୂଚନା ଦେଇଛନ୍ତି।

## ଜଳବାହିତ ରୋଗ ନିରାକରଣକୁ ନେଇ ମୁଖ୍ୟ ଶାସନ ସଚିବଙ୍କ ସମୀକ୍ଷା

# ଯାଜପୁରରେ ୮ କଲେରା ପଜିଟିଭ୍ ଚିହ୍ନଟ

**ଭୁବନେଶ୍ୱର, ୧୩।୬(ସମିସ):** ଯାଜପୁର ଜିଲ୍ଲାରେ ଗତ ନ ଦିନ ଧରି ଦେଖାଦେଇଥିବା ଝାଡ଼ାବାନ୍ତି ଘଟଣାକୁ ନେଇ ପ୍ରଶାସନ ପକ୍ଷରୁ ସମୀକ୍ଷା କରାଯାଇଛି। ତେବେ ସଂଗ୍ରହ ହୋଇଥିବା ଝାଡ଼ା ନମୁନାରେ କଲେରା ପଜିଟିଭ୍ ମିଳିଥିବା ସୂଚନା ମିଳିଛି।

ଡାଇରିଆ, ଜଣ୍ଡିସ୍, ମ୍ୟାଲେରିଆ, ଡେଙ୍ଗୁ ଆଦି ବର୍ଷାଦିନିଆ ରୋଗର ପ୍ରତିରୋଧ ଓ ଚିକିତ୍ସାକୁ ନେଇ ଆଜି ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ସମୀକ୍ଷା କରିଛନ୍ତି। ଯାଜପୁର ଓ ଭଦ୍ରକ ଜିଲ୍ଲାର କେତେକ ଜାଗାରେ ଦେଖାଦେଇଥିବା ଡାଇରିଆ ରୋଗ ବିଷୟରେ ବୈଠକରେ ଆଲୋଚନା ହୋଇଥିଲା। ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଡାକ୍ତର ନୀଳକଣ୍ଠ ମିଶ୍ର କହିଥିଲେ, ଏସବୁ ସ୍ଥାନରେ ସର୍ବେକ୍ଷଣ ଓ ଡାକ୍ତରୀ ଦଳ କାର୍ଯ୍ୟରତ ଅଛନ୍ତି। ସଂଗ୍ରହ କରାଯାଇଥିବା ୪୨ଟି ଝାଡ଼ା ନମୁନା ମଧ୍ୟରୁ ୮ଟିରେ କଲେରା ପଜିଟିଭ୍ ସଙ୍କେତ ମିଳିଛି। ୧୦ ଦିନ ଭିତରେ ବିଶୋଧନ କାର୍ଯ୍ୟ ସମ୍ପୂର୍ଣ୍ଣ କରିବାକୁ ମୁଖ୍ୟ ଶାସନ ସଚିବ ନିର୍ଦ୍ଦେଶ ଦେଇଥିଲେ। ବ୍ୟାପକ ସଚେତନତା, କ୍ଷେତ୍ରସ୍ତରୀୟ ପ୍ରତିଷେଧ ଓ ପ୍ରାଥମିକସ୍ତରରେ ଚିହ୍ନଟ ଓ ଚିକିତ୍ସା ଆଦି ମାଧ୍ୟମରେ ସ୍ଥିତି ନିୟନ୍ତ୍ରଣାଧିନ ଅଛି ବୋଲି ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଜଣାଇଥିଲେ।

ଜିଲ୍ଲା ୱାରୀ ସ୍ଥିତିର ସମୀକ୍ଷା କରି କ୍ଷେତ୍ରସ୍ତରରେ ସଚେତନତା କାର୍ଯ୍ୟକ୍ରମକୁ ଅଧିକ ପ୍ରଭାବୀ କରିବା, ଘରକୁ ଘର ସର୍ବେକ୍ଷଣ କରି ଆରମ୍ଭରୁ ରୋଗର ଚିହ୍ନଟ କରିବା, ସରକାରୀ ଡାକ୍ତରଖାନାଗୁଡ଼ିକରେ ଶଯ୍ୟା ସଂଖ୍ୟା ବୃଦ୍ଧି କରିବା, ଉପଯୁକ୍ତ ଚିକିତ୍ସା ବ୍ୟବସ୍ଥା, ସ୍ୱାସ୍ଥ୍ୟ କେନ୍ଦ୍ର ଓ ହସ୍ପିଟାଲରେ ଆବଶ୍ୟକୀୟ ଔଷଧ ଓ ସାଲାଇନ୍ ଆଦି ମହଜୁଦ ରଖିବା ଆଦି ନିଶ୍ଚିତ କରାଇବା ପାଇଁ ଶ୍ରୀ ଆହୁଜା ନିର୍ଦ୍ଦେଶ ଦେଇଥିଲେ। ଆଶାକର୍ମୀ, ବହୁମୁଖୀ ସ୍ୱାସ୍ଥ୍ୟକର୍ମୀ, ଅଙ୍ଗନବାଡି କର୍ମୀ, ଗୋଷ୍ଠୀ ସ୍ୱାସ୍ଥ୍ୟ କର୍ମୀ ଆଦି କ୍ଷେତ୍ରସ୍ତରୀୟ କର୍ମୀମାନଙ୍କୁ ସଠିକ ଭାବେ ଅନୁପ୍ରେରିତ କରି ଗ୍ରାମ ଓ ୱାର୍ଡସ୍ତରରେ ସମସ୍ତ ରୋଗ ପ୍ରତିରୋଧ କାର୍ଯ୍ୟକ୍ରମ ଦୃଢ଼ୀଭୂତ କରିବାକୁ ବୈଠକରେ ସ୍ଥିର ହୋଇଥିଲା।

ଗ୍ରାମ ଓ ସହରାଞ୍ଚଳରେ ଥିବା ସମସ୍ତ ନଳକୂପ ଓ ପାନୀୟ ଜଳସ୍ରୋତକୁ ନିୟମିତ ଭାବେ ବିଶୋଧିତ କରିବା ପାଇଁ ଜଳଯୋଗାଣ ବିଭାଗ ଯନ୍ତ୍ରୀମାନଙ୍କୁ କଡା ନିର୍ଦ୍ଦେଶ ଦିଆଯାଇଛି। ଶିକ୍ଷାନୁଷ୍ଠାନ ପରିସରରେ ଥିବା ନଳକୂପ, କୂପ ଓ ପାଣିଟାଙ୍କି ଆଦିକୁ ବୈଜ୍ଞାନିକ ପଦ୍ଧତିରେ ସଠିକ ଭାବେ ବିଶୋଧିତ କରିବା ପାଇଁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ଦୂରଦୂରାନ୍ତ ଅଞ୍ଚଳରେ ମୋବାଇଲ୍ ହେଲ୍ଥ ୟୁନିଟ୍‌ଗୁଡ଼ିକୁ ଅଧିକ କ୍ରିୟାଶୀଳ କରିବା ପାଇଁ ବୈଠକରେ ଉପସ୍ଥିତ ସ୍ୱାସ୍ଥ୍ୟ ବିଭାଗ ଶାସନ ସଚିବ ଅଶ୍ୱତୀ ଏସ୍‌ଙ୍କୁ ପରାମର୍ଶ ଦିଆଯାଇଥିଲା। ମ୍ୟାଲେରିଆ ଓ ଡେଙ୍ଗୁ ପ୍ରବଣ ଅଞ୍ଚଳମାନଙ୍କରେ 'ଦମନ' କାର୍ଯ୍ୟକ୍ରମକୁ ସଘନ ଓ ବ୍ୟାପକ କରିବା ପାଇଁ ମଧ୍ୟ ମୁଖ୍ୟ ଶାସନ ସଚିବ ନିର୍ଦ୍ଦେଶ ଦେଇଥିଲେ। ବର୍ଷାଋତୁଜନିତ ରୋଗର ସର୍ବେକ୍ଷଣ, ଚିକିତ୍ସା ଓ ପରିଚାଳନା ନିମନ୍ତେ ଜିଲ୍ଲାସ୍ତରରେ ୨୪ ଘଣ୍ଟିଆ ଭିତ୍ତିରେ କଣ୍ଟ୍ରୋଲ ରୁମ୍ କାର୍ଯ୍ୟକ୍ଷମ କରିବା ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା।

ବୈଠକରେ ସବୁ ଜିଲ୍ଲାର ଜିଲ୍ଲାପାଳ ଓ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀମାନେ ଅଂଶଗ୍ରହଣ କରିଥିଲେ। ଯାଜପୁର ଜିଲ୍ଲା ନିରୀକ୍ଷଣ ଦାୟିତ୍ୱରେ ଥିବା ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ କମିଶନର ତଥା ଶାସନ ସଚିବ ଗିରୀଶ ଏସ୍ଏନ୍ ଏବଂ ବିଭାଗୀୟ ନିର୍ଦ୍ଦେଶକ ବିନୀତ ଭରଦ୍ୱାଜ ଯାଜପୁରରୁ କ୍ଷେତ୍ରୀୟ ସ୍ଥିତି ଓ ଜାରି ରହିଥିବା ପ୍ରତିକାରାତ୍ମକ ପଦକ୍ଷେପ ବିଷୟରେ ସୂଚନା ଦେଇଥିଲେ।

## ଦାନଗଦିରେ ଆଉ ଜଣଙ୍କର ମୃତ୍ୟୁ

# ୨୪ ଘଣ୍ଟାରେ ୪୦ ନୂଆ ଆକ୍ରାନ୍ତ

**ଦାନଗଦି :** ଦାନଗଦି ବ୍ଲକରେ ଝାଡାବାନ୍ତିରେ ଆଉ ଜଣଙ୍କର ମୃତ୍ୟୁ ଘଟିଛି। ମୃତ ବ୍ୟକ୍ତି ଜଣଙ୍କ ହେଲେ ଉଛବାଳି ପଞ୍ଚାୟତ ତାରାଇଲୋ ଗାଁର ଘନଶ୍ୟାମ ପୃଷ୍ଟି (୭୨)। ଆଜି ସକାଳ ୭ଟାରେ ଘନଶ୍ୟାମଙ୍କୁ ତାଙ୍କ ପରିବାର ଲୋକେ ଆନନ୍ଦପୁର ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ମଧ୍ୟାହ୍ନ ୧ ଘଟିକାରେ ତାଙ୍କର ମୃତ୍ୟୁ ଘଟିଥିଲା। ସେହିପରି ବ୍ଲକରେ ଗତ ୨୪ ଘଣ୍ଟା ଭିତରେ ଆଉ ୪୦ ନୂତନ ରୋଗୀ ଭର୍ତ୍ତି ହୋଇଥିବାବେଳେ ସେମାନଙ୍କ ମଧ୍ୟରୁ ୧୪ ଜଣଙ୍କୁ ଚିକିତ୍ଛା ପରେ ଛାଡ଼ି ଦିଆଯାଇଛି। ଅନ୍ୟ ୨୬ ଜଣଙ୍କ ଅବସ୍ଥା ଏବେ ଭଲ ଥିବା ଡାକ୍ତରଖାନା ସୂତ୍ରରୁ ଜଣାପଡ଼ିଛି।

## ସୁକିନ୍ଦାରେ ପୁଣି ୧୭ ରୋଗୀ ଆକ୍ରାନ୍ତ

**ସୁକିନ୍ଦା:** ସୁକିନ୍ଦା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ୧୭ଜଣ ଡାଇରିଆ ରୋଗୀ ଭର୍ତ୍ତି ହୋଇଥିବା ବେଳେ ସେମଧ୍ୟରୁ ୪ଜଣଙ୍କ ଅବସ୍ଥା ଗୁରୁତର ଥିବାରୁ କଟକ ସ୍ଥାନାନ୍ତର କରାଯାଇଛି। ଗତ କିଛିଦିନ ହେବ କୋରେଇ ଓ ଧର୍ମଶାଳା ଅଞ୍ଚଳରେ ଡାଇରିଆ ରୋଗୀଙ୍କ ସଂଖ୍ୟା କ୍ରମଶଃ ବୃଦ୍ଧି ପାଉଥିବା ବେଳେ ଗତ ଶୁକ୍ରବାର ଦିନ ବିଭିନ୍ନ ଅଞ୍ଚଳର ୧୭ ରୋଗୀ ସୁକିନ୍ଦା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି



ହୋଇ ଚିକିତ୍ସାଧୀନ ଅବସ୍ଥାରେ ଅଛନ୍ତି।ସେମାନଙ୍କ ମଧ୍ୟରୁ ସୁକିନ୍ଦା ନଦିକୁଳ ଅଞ୍ଚଳର ୪ଜଣଙ୍କ ଅବସ୍ଥା ଗୁରୁତର ଥିବାରୁ ସେମାନଙ୍କୁ କଟକ ବଡ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଛି। ସ୍ୱାସ୍ଥ୍ୟ ବିଭାଗର ଏକ ଟିମ୍ ଶୁକ୍ରବାର ସନ୍ଧ୍ୟାରେ ନଦୀକୂଳ ଅଞ୍ଚଳର ବିଭିନ୍ନ ଗ୍ରାମରେ ପହଞ୍ଚି ଆବଶ୍ୟକୀୟ ସେବା ଯୋଗାଇବା ସହ ସଚେତନ ରହିବା ପାଇଁ ଜନସାଧାରଣଙ୍କୁ ପରାମର୍ଶ ଦେଇଛନ୍ତି।ଏହି ଡାଇରିଆ ରୋଗ ଆମ୍ବ ଖାଇବା ଓ ଦୂଷିତ ଜଳ ବ୍ୟବହାରକୁ ନେଇ ବ୍ୟାପୁଥିବା ସନ୍ଦେହ କରାଯାଉଛି।

## କଂଗ୍ରେସ ପ୍ରତିନିଧିଙ୍କ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ

**ବଡଚଣା/ଧର୍ମଶାଳା:** ଯାଜପୁର ଜିଲ୍ଲାରେ ଦେଖାଦେଇଥିବା ଝାଡା ବାନ୍ତି ଓ ରୋଗୀ ମୃତ୍ୟୁକୁ ନେଇ ଆଜି କଂଗ୍ରେସ ଏକ ପ୍ରତିନିଧି ଦଳ ଧର୍ମଶାଳା ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ ବଡ଼ଚଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କରି ରୋଗୀମାନଙ୍କ ଶହ ଆଲୋଚନା କରିବା ଶହ ସ୍ଥାନୀୟ ଡାକ୍ତରଙ୍କ ଶହ ଏହାର କାରଣ ଓ ପ୍ରତିକାର ସମ୍ପର୍କରେ ଆଲୋଚନା କରିଥିଲେ। ଏହି ପ୍ରତିନିଧି ଦଳରେ ପ୍ରଦେଶ କଂଗ୍ରେସ ସେବାଦଳ ଅଧ୍ୟକ୍ଷ ଶୁଭେନ୍ଦୁ ମହାନ୍ତି, ସନ୍ତୋଷ ବଳ, ସୁରେଶ ସାହାଣୀ, ଚିନ୍ମୟ ପ୍ରଧାନ, ନୀଳକଣ୍ଠ ମିଶ୍ର, ଶ୍ରୀକାନ୍ତ ମଲିକ, ବିଜୟ ସ୍ୱାଇଁ ସମେତ ବହୁ କର୍ମୀ ସାମିଲ ହୋଇଥିଲେ।

ଧର୍ମଶାଳାରେ ଝାଡାବାନ୍ତି ସ୍ଥିତି ସଙ୍ଗିନ ରହିଥିବା ବେଳେ ରୋଗୀମାନଙ୍କୁ ଉପଯୁକ୍ତ ସେବା ଯୋଗାଇ ଦିଆଯାଉ ନଥିବା ଦଳ ପକ୍ଷରୁ ଅଭିଯୋଗ ହୋଇଛି। ଏଠାରେ ଆବଶ୍ୟକ ବେଡ ନଥିବାରୁ ରୋଗୀମାନେ ତଳେ ବାରଣ୍ଡାରେ ପଡ଼ି ରହି ଚିକିତ୍ସିତ ହେଉଛନ୍ତି। ଡାକ୍ତରଖାନାରେ ଆବଶ୍ୟକ ଷ୍ଟାଫ ନଥିବାରୁ ରୋଗୀମାନଙ୍କୁ ସଠିକ ଚିକିତ୍ସା ଦିଆଯାଇ ପାରୁ ନାହିଁ। ଧର୍ମଶାଳାର କଂଗ୍ରେସ ନେତା କିଶାନ ପଣ୍ଡା, କୃଷକ ନେତା ବସନ୍ତ ପରିଡ଼ା, ପ୍ରଫୁଲ୍ଲ ରାୟ, ଦୀପକ ବଳ, ସଞ୍ଜୟ ରାଉତ, ଜିତେନ୍ଦ୍ର ପଣ୍ଡା, କାଲୁଆ ରାଉତ ଓ ଉପେନ୍ଦ୍ର ରାଉତ ପ୍ରମୁଖ ସାମିଲ ହୋଇଥିଲେ।



# ସଚିବଙ୍କ ଡାଇରିଆ ପ୍ରବଣ ଅଞ୍ଚଳ ପରିଦର୍ଶନ

**ଯାଜପୁର:** ଆଜି ଓଡ଼ିଶା ସରକାରଙ୍କ ପଞ୍ଚାୟତିରାଜ ଓ ପାନୀୟଜଳ ବିଭାଗର ଶାସନ ସଚିବ ଗିରିଶ ଏସ.ଏନ୍, ନିର୍ଦ୍ଦେଶକ ବିନୀତ ଭରଦ୍ୱାଜ ଓ ଇଞ୍ଜିନିୟରିଂ ଇନ୍ ଚିଫ୍ ବଳରାମ ମିଶ୍ର ଯାଜପୁର ଜିଲ୍ଲା ଗସ୍ତରେ ଆସି ଡାଇରିଆ ପ୍ରଭାବିତ ଧର୍ମଶାଳା ବ୍ଲକର ଅଞ୍ଜିରା ପଞ୍ଚାୟତ ଗୋଡ଼ିପାଟିଆ ଗାଁ ପରିଦର୍ଶନ କରି ଲୋକମାନଙ୍କ ସହିତ ଆଲୋଚନା କରିଥିଲେ ଏବଂ ଜଳଉତ୍ସ ଗୁଡ଼ିକର ଡିସଇନଫେକ୍ସନ୍ ଦେଖିଥିଲେ। ପରେ ଜେନାପୁର ପଞ୍ଚାୟତ ଓ ରସୁଲପୁର ବ୍ଲକର ଗୋପାଳପୁର ଗାଆଁ ପରିଦର୍ଶନ କରିଥିଲେ। ଅପରାହ୍ନରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଗ୍ରାମ୍ୟ ଜଳ ଯୋଗାଣ ଓ ପରିମଳ ବିଭାଗର ଅଧିକାରୀ ଓ କର୍ମଚାରୀଙ୍କ ସହିତ ଡିସଇନଫେକ୍ସନ୍ କାର୍ଯ୍ୟର ସମୀକ୍ଷା କରିଥିଲେ। ଜିଲ୍ଲା ପ୍ରଶାସନ ସମସ୍ତଙ୍କ ସମନ୍ୱୟରେ ସ୍ୱାସ୍ଥ୍ୟ ବିଭାଗ ଆଶା ଅଙ୍ଗନବାଡିଙ୍କ ମାଧ୍ୟମରେ ମୁକାବିଲା କରୁଛନ୍ତି। ପ୍ରତ୍ୟେକ ଟ୍ୟୁବ୍ ୱେଲ, ଓଭର ହେଡ୍ ଟାଙ୍କି, ପିଇବା ପାଣି ଉତ୍ସ ତାହା ସରକାରୀ ହେଉ ବା ବେସରକାରୀ ହେଉ ତାଙ୍କ ଘର ବାଡ଼ିରେ ଥିବା ଜଳଉତ୍ସ ଗୁଡ଼ିକୁ ମଧ୍ୟ ଡିସଇନଫେକ୍ସନ୍ କରାଯିବ। ପ୍ରତ୍ୟେକ ଗ୍ରାମ ପଞ୍ଚାୟତରେ ଏସିଏମ, ମିସ୍ତ୍ରି, ଖଲାସୀ, ଲେବର ଓ ନୋଡାଲ ଅଧିକାରୀ ମାନେ ପ୍ରତ୍ୟେକ ଦିନ ଆଧାରରେ ଡିସଇନଫେକ୍ସନ୍ କରିବା ପାଇଁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ପ୍ରଭାବିତ ଅଞ୍ଚଳରେ ଆବଶ୍ୟକ ସ୍ଥଳେ ସୁପର କ୍ଲୋରିନେସନ୍ କରାଯିବ। ବିଭାଗ ପକ୍ଷରୁ ଅଧିକ ସାମର୍ଥ୍ୟ ଥିବା ବ୍ଲିଚିଂ ପାଉଡର ଓ କ୍ଲୋରିନ ଯୋଗାଇ ଦିଆଯାଉଛି। ଭୋଜି ଭାତରେ ବ୍ୟବହୃତ ହେଉଥିବା ବୋତଲ ପାଣି, ଡ୍ରମ ପାଣିର ସୋର୍ସ ଚେକ୍ କରାଯିବ। ଏହାର ନମୁନା ପରୀକ୍ଷା କରାଯିବ। ପାଣି ରୋଗ ସଂକ୍ରମଣ ଥିବା ଜଣା ପଡ଼ିଲେ ଏହାକୁ ଜବତ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଯାଜପୁର ଜିଲ୍ଲାର ୧୦ ବ୍ଲକରେ ୧୬ ଜଣ କନିଷ୍ଠ ଯନ୍ତ୍ରୀ ଅଛନ୍ତି ଏଣୁ ଆଉ ୪ ଜଣ କନିଷ୍ଠ ଯନ୍ତ୍ରୀଙ୍କୁ ଡିପ୍ଲଏ କରାଯିବ। ଜୁନ ୧୮ ତାରିଖରେ ବିଦ୍ୟାଳୟ ଗୁଡ଼ିକ ଖୋଲିବା ପୂର୍ବରୁ ସ୍କୁଲ୍ ପରିସର ଆବାସିକ ହଷ୍ଟେଲର ଜଳଉତ୍ସ ଡିସଇନଫେକ୍ସନ୍ କରାଯିବ। ଜିଲ୍ଲା ପ୍ରଶାସନ ଦ୍ୱାରା ନମୁନା ପରୀକ୍ଷା, ବ୍ଲିଚିଂ ପାଉଡର, ଷ୍ଟାଫ, ଫଣ୍ଡ ଯାହା ଆବଶ୍ୟକ କରିବେ ବିଭାଗ ପକ୍ଷରୁ ତୁରନ୍ତ ଯୋଗାଇ ଦିଆଯିବ ବୋଲି ଶାସନ ସଚିବ ସୂଚନା ଦେଇଥିଲେ। ଏହି ବୈଠକରେ ଜିଲ୍ଲାପାଳ ପି. ଅନ୍ୱେଷା ରେଡ୍ଡୀ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ, ଜଳ ଯୋଗାଣ ବିଭାଗର ସମସ୍ତ ଯନ୍ତ୍ରୀ, ସିଡିଏମଓ, ମେଡିକାଲ କଲେଜ୍ ପ୍ରିନ୍ସିପଲ୍, ସୁପରିଣ୍ଟେଡେଣ୍ଟ୍, ବିଭାଗୀୟ ଅଧିକାରୀମାନେ ସମୀକ୍ଷା ବୈଠକରେ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ।

## ପ୍ରଶାସନର ପାଣିକୋଇଲିରେ ଚଢ଼ଉ



**ପାଣିକୋଇଲି:** ଯାଜପୁର ଜିଲ୍ଲାରେ ଡାଇରିଆ ବ୍ୟାପିଥିବା ବେଳେ ଏହାକୁ ନିୟନ୍ତ୍ରଣକୁ ଆଣିବାକୁ ପ୍ରଶାସନ ପକ୍ଷରୁ ଉଦ୍ୟମ ଜାରିରହିଛି। ପାଣିକୋଇଲି ସମସ୍ତ ଫାଷ୍ଟଫୁଡ ଓ ଉଠା ଦେକାନୀଙ୍କୁ ବନ୍ଦ କରାଯାଇଥିବା ବେଳେ ଆଜି ହୋଟେଲ ଓ ଜଳଖିଆ ଦେକାନ ଓ ଲସି ଦେକାନକୁ ମଧ୍ୟ ସମ୍ପୂର୍ଣ୍ଣ ବନ୍ଦ ରଖିବାକୁ ପରାମର୍ଶ ଦିଆଯାଇଛି। ପାର୍ସଲ ବ୍ୟବସ୍ଥା କରି ଦେଇ ହେବ କିନ୍ତୁ ଗହଳି କରି ଲୋକଙ୍କୁ ବସାଇ ଖାଇବାକୁ ଦେବାକୁ ବାରଣ କରାଯାଇଛି। ଜିଲ୍ଲାପାଳ ପି. ଅନ୍ୱେଷା ରେଡ୍ଡୀଙ୍କ ନିର୍ଦ୍ଦେଶରେ ବ୍ୟାସନଗର ତହସିଲଦାର ଦେବାଶିଷ ରାଉତ, ରାଜସ୍ୱ ନିରୀକ୍ଷକ ସରୋଜ କୁମାର ମଲିକ, କାଟେ ପୂର୍ତ୍ତି ସଦଳବଳେ ପାଣିକୋଇଲି ପୁଲିସ ସବଇନ୍ସପେକ୍ଟର ବିଶ୍ୱରଞ୍ଜନ ଦାସ, ପ୍ରଶାନ୍ତ କୁମାର ଦାଶ, ଏଏସଆଇ ସୋମନାଥ ରାଉତଙ୍କ ସହାୟତାରେ ଦୋକାନୀମାନଙ୍କୁ ତାଗିଦ କରାଇଥିଲେ। ଏଥିରେ ବ୍ୟତିକ୍ରମ ଘଟିଲେ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଚେତାବନୀ ଦେଇଥିଲେ। ଏଥି ସହିତ ପ୍ରଭାବିତ ଅଞ୍ଚଳର ପ୍ରତ୍ୟେକ ଗ୍ରାମରେ ଜଳଉତ୍ସ କୂଅ, ନଳକୂପ, ପାଇପ ଜଳଯୋଗାଣ, ଓଭରହେଡ ଟାଙ୍କି, ଆବର୍ଜନା ସ୍ଥାନ ସଫା କରିବାକୁ ପରାମର୍ଶ ଦେଇଥିଲେ।

## ଧର୍ମଶାଳାରେ ଆସୁଛି ସୁଧାର

**ଧର୍ମଶାଳା:** ଧର୍ମଶାଳା ବ୍ଲକରେ ଗତ ଚାରିଦିନ ହେଲା ଲାଗିରହିଥିବା ଝାଡାବାନ୍ତି ରୋଗରେ ଆଜି କିଛିଟା ସୁଧାର ଆସିଛି। ବ୍ଲକର ବିଭିନ୍ନ ଗ୍ରାମରେ ଆଜି ସୁଦ୍ଧା ୨୧୩ ଜଣ ଝାଡାବାନ୍ତିରେ ଆକ୍ରାନ୍ତ ହୋଇ ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସିତ ହୋଇଥିବା ବେଳେ ୭ ଜଣଙ୍କୁ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି ଏବଂ ୧୭୭ଜଣ ଚିକିତ୍ସିତ ହୋଇ ଘରକୁ ଫେରିଛନ୍ତି। ବର୍ତ୍ତମାନ ସୁଦ୍ଧା ୨୯ ଜଣ ଝାଡ଼ାବାନ୍ତି ରୋଗୀ ଡାକ୍ତରଖାନାରେ ରହି ଚିକିତ୍ସିତ ହେଉଛନ୍ତି। ତେବେ ଗତ ତିନି ଦିନ ଭଳି ଆଜି ସେତେ ପରିମାଣର ରୋଗୀ ଡାକ୍ତରଖାନାକୁ ଆସି ନଥିବାରୁ ସ୍ଥିତିରେ ଧିରେ ଧିରେ ସୁଧାର ଆସୁଥିବା ନେଇ ଡାକ୍ତର କହିଛନ୍ତି। ଚିକିତ୍ସିତଙ୍କ ମଧ୍ୟରେ ଅଧିକାଂଶ ଧର୍ମଶାଳା ବ୍ଲକର ପାଖର, ମହିଶରା ଓ ଅଞ୍ଜିରା ପଞ୍ଚାୟତର ହୋଇଥିବା ଜଣାଯାଇଛି। ଗତକାଲି ସ୍ୱସ୍ଥ୍ୟ ସଚିବ ଅଶ୍ୱଥି ଏସ୍ ଆସି ମେଡିକାଲରେ ରୋଗୀଙ୍କ ସ୍ଥିତି ପରଖିଥିଲେ। ତେବେ ସ୍ୱାସ୍ଥ୍ୟ ସଚିବ ଏବଂ ଯାଜପୁର ଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ମେଡିକାଲ ଟିମ ଝାଡ଼ାବାନ୍ତି ପ୍ରବଣ ଗ୍ରାମ ଗୁଡିକୁ ଯାଇ ସଚେତନତା କରୁଥିବା ବେଳେ ଲୋକଙ୍କୁ ହାଲୋଜିନ ବଟିକା ଏବଂ ଓଆର୍ଏସ ଗୁଣ୍ଡ ପିଇବାକୁ ପରାମର୍ଶ ଦେଉଛନ୍ତି। ସେହିପରି ଦୂଷିତ ପାଣି ଓ ଭୋଜି ଖାଇ ଲୋକେ ଝାଡ଼ାବାନ୍ତିରେ ଆକ୍ରାନ୍ତ ହେଉଥିବା ପ୍ରାଥମିକ ତଦନ୍ତରୁ ଆକଳନ କରାଯାଇଥିବା ବେଳେ ସଚିବ ଓ ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଆଜି ଖାଦ୍ୟ ସୁରକ୍ଷା ୟୁନିଟ୍‌ର ଏକ ଟିମ୍ ଧର୍ମଶାଳା ବ୍ଲକ ଅଞ୍ଚଳରେ ବିଭିନ୍ନ ଢାବା ଏବଂ ରେଷ୍ଟୁରାଣ୍ଟ ବୁଲି ବାସିଖାଦ୍ୟକୁ ନଷ୍ଟ କରିବା ସହିତ ଏଠାରେ ବ୍ୟବହୃତ ପାଣିର ନମୁନା ସଂଗ୍ରହ କରି ନେଇଛନ୍ତି। ଜିଲ୍ଲା ଖାଦ୍ୟ ସୁରକ୍ଷା ଅଧିକାରୀ ରାକେଶ କୁମାର ସାହୁଙ୍କ ନେତୃତ୍ୱରେ ଏକ ଟିମ୍ ଆଜି ପୁର୍ବାହ୍ନରେ ୧୬ନଂ ଜାତୀୟ ରାଜପଥ ଜାରକା ଶଙ୍ଖାରିଡିହ ଠାରେ ଥିବା ବିଭିନ୍ନ ହୋଟେଲ ଓ ଢାବା ଗୁଡିକରେ ଚଢ଼ଉ କରି ବାସି ଖାଦ୍ୟକୁ ନଷ୍ଟ କରିବା ସହିତ ହୋଟେଲରେ ବ୍ୟବହାର କରାଯାଉଥିବା ପାଣିର ନମୁନା ସଂଗ୍ରହ କରି ନେଇଛନ୍ତି। ତେବେ ଧିରେ ଧିରେ ସ୍ଥିତିରେ ସୁଧାର ଆସୁଥିବା ବେଳେ ଲୋକମାନେ ଭୟଭୀତ ନହେବା ଲାଗି ଧର୍ମଶାଳା ଗୋଷ୍ଠି ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ସୂଚନା ଦେଇ କହିଛନ୍ତି।

## ଡାଇରିଆକୁ ନିୟନ୍ତ୍ରଣ ଦାବିରେ ବିକ୍ଷୋଭ

**ଯାଜପୁର:** ଆଜି ଏସ୍‌ୟୁସିଆଇ (କମ୍ୟୁନିଷ୍ଟ) ପକ୍ଷରୁ ଯାଜପୁର ଜିଲ୍ଲାରେ ଡାଇରିଆ ନିୟନ୍ତ୍ରଣ କରିବାକୁ ତ୍ୱରିତ ପଦକ୍ଷେପ ନେବାକୁ ଦାବି କରାଯାଇ ବିକ୍ଷୋଭ କରାଯାଇଛି। ଧର୍ମଶାଳା, ବଡ଼ଚଣା, ଯାଜପୁର, କୋରାଇ, ଦାନଗଦି, ସୁକିନ୍ଦା, ବରୀ, ବିଞ୍ଝାରପୁର, ମଙ୍ଗଳପୁର ପ୍ରଭୃତି ବ୍ଲକରେ ଝାଡ଼ା ବାନ୍ତିରେ ସଂକ୍ରମିତ ଶହ ଶହ ଲୋକମାନଙ୍କୁ ଯୁଦ୍ଧକାଳୀନ ଭିତ୍ତିରେ ଉନ୍ନତମାନର ଚିକିତ୍ସା ଯୋଗାଇ ଦେବା, ସଂକ୍ରମିତ ଅଞ୍ଚଳରେ ପର୍ଯ୍ୟାପ୍ତ ପରିମାଣରେ ଡାକ୍ତର, ନର୍ସ ଓ ସ୍ୱାସ୍ଥ୍ୟ କର୍ମୀ ରଖି ସ୍ୱାସ୍ଥ୍ୟ ସେବା ଯୋଗାଇ ଦେବା, ଜିଲ୍ଲାର ସମସ୍ତ ଡାକ୍ତରଖାନାରେ ଦିବାରାତ୍ର ଚିକିତ୍ସା ଯୋଗାଇ ଦେବା, ସଂକ୍ରମିତ ଅଞ୍ଚଳରେ ବିଶୁଦ୍ଧ ପାନୀୟ ଜଳ





ଯୋଗାଇ ଦେବା, ମୃତକଙ୍କ ପରିବାରକୁ ପର୍ଯ୍ୟାପ୍ତ ପରିମାଣରେ ଆର୍ଥିକ ସହାୟତା ଦେବା ଏବଂ ପ୍ରୟୋଜନ ମୁତାବକ ସମସ୍ତ ଘରକୁ ହେଲୋଜେନ ବଟିକା ଓ ବ୍ଲିଚିଂ ପାଉଡର ଯୋଗାଇ ଦେବା ପ୍ରଭୃତି ଦାବିରେ ଜିଲ୍ଲାପାଳ ଅଫିସ ସମ୍ମୁଖରେ ବିକ୍ଷୋଭ କରାଯାଇଥିଲା। ଏସ୍‌ୟୁସିଆଇ (ସି) ଯାଜପୁର ଜିଲ୍ଲା କମିଟିର ସମ୍ପାଦକ ସୁରେନ୍ଦ୍ର ମଲ୍ଲିକଙ୍କ ନେତୃତ୍ୱରେ ରାଧାବଲ୍ଲଭ ମଲ୍ଲିକ, ସୁଲୋଚନା ପ୍ରଧାନ, ନିରୁପମା ବେହେରା, ପ୍ରଭାତି ମଲ୍ଲିକ ପ୍ରମୁଖ ଏଡିଏମ୍ ଓ ସିଡିଏମ୍‌ଓଙ୍କୁ ଏକ ୫ ଦଫା ଦାବିପତ୍ର ପ୍ରଦାନ କରରିଥିଲେ।ଜିଲ୍ଲା କମିଟି ସଭ୍ୟ ସୁବାସ ମଲ୍ଲିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ପ୍ରତିବାଦ ସଭାରେ ତରଙ୍ଗିଣୀ ଦାସ, ଅଭିମନ୍ୟୁ ମଲ୍ଲିକ, ଅକ୍ଷୟ ପଣ୍ଡା, ମନୋଜ ସେଠୀ, ଚୈତନ୍ୟ ସାହୁ, ଲବଙ୍ଗଲତା ଯେନା, ମାଧବୀ ମଲ୍ଲିକ, ରାଶ୍ରୀ ମହାନ୍ତି, ମଧୁସୁଦନ ସେଠୀ, ନିଗମାନନ୍ଦ ଦାସ, ପଲ୍ଲୀ ମଲ୍ଲିକ, ଅଶୋକ ସାହୁ, ମମତା ସେଠୀ, ପ୍ରଭୃତି ବକ୍ତାମାନେ ଚିକିତ୍ସାରେ ଅବହେଳା ଓ ପ୍ରଶାସନିକ ନିଷ୍କ୍ରିୟତା ଫଳରେ ରୋଗୀମାନେ ମୃତ୍ୟୁ ହୋଇଛି ବୋଲି ଦୃଢ଼ ନିନ୍ଦା କରିଥିଲେ। ଯୁଦ୍ଧକାଳୀ ଭିତ୍ତିରେ ସରକାର ଏହି ଭଳି ମହାମାରୀ ପରିସ୍ଥିତିରେ ଉନ୍ନତମାନର ଚିକିତ୍ସା ଯୋଗାଇ ଦେବା ସଂଗେ ସଂଗେ ରୋଗୀମାନଙ୍କୁ ମୃତ୍ୟୁ ମୁଖରୁ ରକ୍ଷା କରନ୍ତୁ। ନହେଲେ ଆଗାମୀ ଦିନରେ ଦୁର୍ବାର ଗଣଆନ୍ଦୋଳନ ଗଢ଼ିତୋଳା ଯିବ ବୋଲି ସଂଗଠନ ପକ୍ଷରୁ ଚେତାବନୀ ଦିଆଯାଇଛି।

## ଦଶରଥପୁରରେ ଏଡିଏମ୍‌ଙ୍କ ସମୀକ୍ଷା

# ଗାଁରେ ପହଞ୍ଚିଲେ ପ୍ରଶାସନିକ ଅଧିକାରୀ

**ଦଶରଥପୁର:** ଦଶରଥପୁର ବ୍ଲକରେ ଝାଡ଼ାବାନ୍ତି ସ୍ଥିତିରେ ସାମାନ୍ୟ ଉନ୍ନତି ହୋଇଥିଲେ ମଧ୍ୟ ଶୁକ୍ରବାର ସୁଦ୍ଧା ବ୍ଲକର ୨ ସିଏଚ୍‌ସିରେ ୯୪ ଜଣ ଆକ୍ରାନ୍ତ ଚିକିତ୍ସିତ ହୋଇ ଘରକୁ ଫେରିଛନ୍ତି। ସେହିପରି ଶୁକ୍ରବାର ସନ୍ଧ୍ୟା ସୁଦ୍ଧା ମଙ୍ଗଳପୁର ସିଏଚ୍‌ସିରେ ୬ ଏବଂ ଦଶରଥପୁର ସିଏଚ୍‌ସିରେ ୨ ଆକ୍ରାନ୍ତଙ୍କୁ ମିଶାଇ ମୋଟ ୮ ଜଣ ଚିକିତ୍ସାଧୀନ ଥିବା ସିଏଚ୍‌ସି ପକ୍ଷରୁ ସୂଚନା ମିଳିଛି। ଆଜି ଅତିରିକ୍ତ ଜିଲ୍ଲପାଳ ଯୁଧିଷ୍ଠିର ନାୟକ (ପ୍ରଶାସନ)ଙ୍କ ନେତୃତ୍ୱରେ ବିଡିଓ ଆକାଶ ପଟ୍ଟନାୟକ, ତହସିଲଦାର ଶୁଭ୍ରାଂଶୁ ସାହୁ, ଅତିରିକ୍ତ ତହସିଲଦାର ରଶ୍ମିରଞ୍ଜନ ମଲ୍ଲିକ, ସିଡିପିଓ ସାବିତ୍ରୀ ସେଠୀ ପ୍ରମୁଖ ପୂର୍ବାହ୍ନରେ ଦଶରଥପୁର ଏବଂ ମଙ୍ଗଳପୁର ସିଏଚ୍‌ସି ଗସ୍ତ କରି ଚିକିତ୍ସାଧୀନ ଆକ୍ରାନ୍ତଙ୍କ ସହ କଥା ହେବା



ସହିତ ଆକ୍ରାନ୍ତଙ୍କୁ କିଭଳି ଉନ୍ନତ ସ୍ୱାସ୍ଥ୍ୟ ସେବା ଯୋଗାଇ ଦିଆଯିବ ସେ ନେଇ ଗୋଷ୍ଠୀ ସ୍ୱାସ୍ଥ୍ୟଅଧିକାରିଣୀ ଡ. ଅମ୍ରିତା ପ୍ରିତମ ମଲ୍ଲ ଏବଂ ଦଶରଥପୁର ଗୋଷ୍ଠୀ କେନ୍ଦ୍ରରେ ଡ୍ୟୁଟିରେ ଥିବା ଡାକ୍ତରଙ୍କ ସହିତ ଆଲୋଚନା କରିଥିଲେ। ପରେ ସମ୍ପୃକ୍ତ ପ୍ରଶାସନିକ ଟିମ୍ ବ୍ଲକ ଅଧୀନ ଓଡ୍ରେଇ, ଚାମ୍ପେଇପାଳ, କାଟିଆ, ନାୟକସାହି, ତରାଙ୍ଗ ଆଦି ଅଞ୍ଚଳରେ ପହଞ୍ଚି ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଚାଲିଥିବା ବିଭିନ୍ନ କାର୍ଯ୍ୟକ୍ରମ ଅନୁଧ୍ୟାନ କରିବା ସହ ଲୋକ ମାନଙ୍କୁ ଭେଟି ଆଲୋଚନା କରିଥିଲେ। ସେହିପରି ମଙ୍ଗଳପୁର ସିଏଚ୍‌ସି ଅଧୀନରେ ଥିବା ଉପସ୍ୱାସ୍ଥ୍ୟକେନ୍ଦ୍ର ମାଧ୍ୟମରେ ଜନସାଧାରଣଙ୍କ ପାଇଁ ହାଲୋଜିନ ଟାବଲେଟ, ଓଆରଏସ ପ୍ୟାକେଟ, ବ୍ଲିଚିଂ ପାଉଡର ଯୋଗାଇ ଦେବାର ବ୍ୟବସ୍ଥା କରାଯାଇଥିବା ବେଳେ ବ୍ଲକରେ କାର୍ଯ୍ୟରତ ସ୍ୱାସ୍ଥ୍ୟ କର୍ମଚାରୀ, ଆଶା, ଅଙ୍ଗନବାଡ଼ି କର୍ମୀକୁ ବିଭିନ୍ନ ଅଞ୍ଚଳରେ ଘର ଘର ବୁଲି ଫୁଟା ପାଣି ବ୍ୟବହାର, ବାହାର ଖାଦ୍ୟ ନଖାଇବା, ଆମ୍ବ ପଣସ ଏବଂ ଭୋଜିଭାତ ଖାଇବାରେ ସତର୍କତା ଅବଲମ୍ବନ ଉପରେ ଲୋକଙ୍କୁ ସଚେତନ କରିବା ସହ ବିଭିନ୍ନ ଜଳଉତ୍ସ, ନଳକୂପ, ଖୋଲା କୂଅ ଆଦି ପରିଷ୍କାର କାର୍ଯ୍ୟରେ ନିୟୋଜିତ କରାଯାଇଥିବା ମଙ୍ଗଳପୁର ସିଏଚ୍‌ସି ଅଧିକାରିଣୀ ଡା. ମଲ୍ଲ ସୂଚନା ଦେଇଥିଲେ।

# ସମ୍ପାଦକୀୟ



ଐତିହ୍ୟ ଉପରେ ବୋଝ ହୁଅ ନାହିଁ କିମ୍ବା ବୋଝ ବୋଲି ଚିନ୍ତା କର ନାହିଁ।
-ରବି ରବର୍ଟସନ୍

ସକାଳ
THE SAKALA

## ଦୁଃଖଦ ଉଡ଼ାଣ

ଅହମ୍ମଦାବାଦରୁ ଲଣ୍ଡନ ଅଭିମୁଖେ ଯାତ୍ରା କରୁଥିବା ଏୟାର ଇଣ୍ଡିଆର ୧୭୧ ବିମାନ ଦୁର୍ଘଟଣାର ସମ୍ମୁଖୀନ ହେବାରୁ ୨୩୦ ଯାତ୍ରୀ ଓ ୧୨ ବିମାନ କର୍ମଚାରୀ ପ୍ରାଣ ହରାଇଥିବାର ଅନୁମାନ କରାଯାଉଛି। ତେବେ ଏହି ଦୁଃଖଦ ଘଟଣାକ୍ରମରେ ଚକିତ କଲା ଭଳି ଗୋଟିଏ ଖବର ହସ୍ତଗତ ହୋଇଛି। ସିଟ୍ ନମ୍ବର ୧୧ ଏ ଯାତ୍ରୀ ରମେଶ ବିଶ୍ୱାସକୁମାର ଏକମାତ୍ର ବ୍ୟକ୍ତି ଯେ କି ଜୀବିତାବସ୍ଥାରେ ଦୁର୍ଘଟଣାଗ୍ରସ୍ତ ବିମାନରୁ ବାହାରି ଆସି ନିଜର ପରିଚୟ ଦେଇଥିଲେ। ଗୁରୁତର ଭାବେ ଆହତ ହୋଇଥିଲେ ମଧ୍ୟ ସେ କଥା କହିବାକୁ ସକ୍ଷମ ଥିବାରୁ ତାଙ୍କଠାରୁ ତଥ୍ୟ ସଂଗ୍ରହ କରାଯାଇଛି। ୨୩୦ ଯାତ୍ରୀଙ୍କ ମଧ୍ୟରେ ଥିଲେ ୬୯ ଜଣ ଭାରତୀୟ, ୫୩ ବ୍ରିଟିଶ, ଜଣେ କାନାଡ଼ା ଓ ୭ ଜଣ ପର୍ତ୍ତୁଗୀଜ୍ ନାଗରିକ। ଯାତ୍ରୀବାହୀ ବିମାନଟି ସର୍ଦ୍ଦାର ବଲ୍ଲଭଭାଇ ପଟେଲ ଆନ୍ତର୍ଜାତିକ ବିମାନ ବନ୍ଦର ସଂଲଗ୍ନ ବିଜେ ମେଡିକାଲ କଲେଜ୍‌ର ଛାତ୍ରାବାସ ନିକଟରେ ଜ୍ୱଳନ୍ତ ଅବସ୍ଥାରେ ପଡ଼ିଯିବାରୁ ବହୁସଂଖ୍ୟାରେ ମେଡିକାଲ ଛାତ୍ର ମଧ୍ୟ ମୃତାହତ ହୋଇଛନ୍ତି।

ବୋଇଂ ୮୭୮ ଡ୍ରିମଲାଇନର ବିମାନର ଟ୍ରାକରେକର୍ଡକୁ ଅନୁଧ୍ୟାନ କଲେ ତାହାର ନିରାପଦତା ନେଇ କୌଣସି ଆପତ୍ତି କିମ୍ବା ଅଭିଯୋଗ ନାହିଁ। କମ୍ପାନୀ ପକ୍ଷରୁ ୧୨ ଶହ ଯାତ୍ରୀବାହୀ ବିମାନ ମଧ୍ୟରୁ ଏହା ପ୍ରଥମ ବିମାନ ଯାହାକି ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ଗୁରୁବାର ମଧ୍ୟାହ୍ନ ୧-୩୮ ମିନିଟ୍‌ରେ ବିମାନ ୨୩ ନମ୍ବର ରନୱେରୁ ଯାତ୍ରା ଆରମ୍ଭ କରିଥିଲା। ସେ ସମୟରେ ମଧ୍ୟ କୌଣସି ଅସ୍ୱାଭାବିକତା ପରିଲକ୍ଷିତ ହୋଇ ନଥିଲା। ତେବେ ୬୨୫ ଫୁଟ ଉଚ୍ଚରେ ବିମାନ ଥିବା ବେଳେ ତାହାର ଗତିଶୀଳତା ହଠାତ୍ ବାଧାପ୍ରାପ୍ତ ହୋଇଥିଲା। ସମ୍ଭାବ୍ୟ ବିପଦ ଆଶଙ୍କାରେ ବିମାନ ଚାଳକ ତୁରନ୍ତ ସାହାଯ୍ୟ ପାଇଁ ଏୟାର ଟ୍ରାଫିକ କଣ୍ଟ୍ରୋଲ ରୁମ୍‌କୁ ଫୋନ କରିଥିଲେ, ଯାହାକୁ 'ମେଡେକଲ' କୁହାଯାଏ। କିନ୍ତୁ ବିମାନ ମିନିଟ ପିଛା ୧୭୫ ଫୁଟ ଗତିରେ ପତନାଭିମୁଖୀ ଥିବାରୁ ଏଟିସିର ପାଲଟା କଲ୍ ଶୁଣିବାକୁ ସମୟ ନଥିଲା। ସେତେବେଳେ ବିମାନଟି ମେଡିକାଲ କଲେଜ ପରିସରରେ ପଡ଼ି ଗୋଟିଏ ଅଗ୍ନିପିଣ୍ଡୁଳା ଭଳି ଜଳୁଥିଲା। ଏହି ବିମାନର ଚାଳକ ଥିଲେ କ୍ୟାପଟେନ ସୁମିତ ସବରୱାଲ ଓ ସହଯୋଗୀ କ୍ଲାଇଭ୍ କୁନ୍ଦର। ସବରୱାଲ ଜଣେ ସୁଦକ୍ଷ ଓ ଅଭିଜ୍ଞ ବିମାନ ଚାଳକ। ୮୨୦୦ ଘଣ୍ଟା ବିମାନ ଚାଳନା କରିଥିବାର ଅଭିଜ୍ଞତା ତାଙ୍କର ଅଛି। ସେହିଭଳି ସହଚାଳକ କୁନ୍ଦର ମଧ୍ୟ ୧୧ ଶହ ଘଣ୍ଟା ବିମାନ ଚାଳନା କରିଛନ୍ତି। ତେଣୁ ଏହି ଦୁର୍ଘଟଣା ପଛରେ କିଛି ବୈଷୟିକ ତ୍ରୁଟି ଥିବାର ଆଶଙ୍କାକୁ ଏଡ଼ାଇ ଦିଆଯାଇ ନପାରେ। ବିମାନ ଉର୍ଦ୍ଧ୍ୱକୁ ଯିବା ପରିବର୍ତ୍ତେ କ୍ରମେ ତଳମୁହାଁ ହୋଇ ଖସୁଥିବାର ଲକ୍ଷ୍ୟ କରି ଚାଳକ ସହାୟତା ପାଇଁ 'ମେଡେକଲ' କରିଥିଲେ। ବିମାନରେ ଥିବା ଦୁଇଟି ଯାକ ଇଞ୍ଜିନ କୌଣସି କାରଣରୁ ଉଡ଼ାଣର ବେଗ ବୃଦ୍ଧି କରିବାକୁ ସକ୍ଷମ ହୋଇନଥିଲେ। ଦୁର୍ଘଟଣାର ପରିଦୃଶ୍ୟ ଯାହା, ସେଥିରୁ ସ୍ପଷ୍ଟ ହୋଇଛି ଯେ ବିମାନର ବ୍ଲାକବକ୍ସ ସୁରକ୍ଷିତ ଅଛି। ସେଥିରେ ରେକର୍ଡିଂ ହୋଇଥିବା ତଥ୍ୟ ହିଁ ଦୁର୍ଘଟଣାର ଅସଲ କାରଣ ଉନ୍ମୋଚନ କରିବ। ଦୁର୍ଘଟଣା ସ୍ଥଳରେ ଡିଜିସିଏ ଓ ଏନ୍‌ଆଇଏ ପରିସ୍ଥିତି ଯାଞ୍ଚ ଓ ତଦନ୍ତ ଆରମ୍ଭ କରିଛନ୍ତି।

ଆମ ଦେଶରେ ଏହା ଅନ୍ୟତମ ବଡ଼ ବିମାନ ଦୁର୍ଘଟଣା। ସେଥିରେ ପୁଣି ସମସ୍ତଙ୍କ ଆଖିଆଗରେ ଦୁର୍ଘଟଣାଗ୍ରସ୍ତ ବିମାନଟି ନିକଟସ୍ଥ ମେଡିକାଲ କଲେଜ ପରିସରରେ ଖସିପଡ଼ିବା ଘଟଣାକୁ ଅନେକ ବରଦାସ୍ତ କରିପାରି ନାହାନ୍ତି। ତେଣୁ ସାମ୍ଭାବ୍ୟ କାରଣକୁ ନେଇ ବିଭିନ୍ନ ମହଲରେ ତର୍ଜମା ଆରମ୍ଭ ହୋଇଯାଇଛି। ବିମାନରେ କ'ଣ ଆବଶ୍ୟକତାଠାରୁ ଅଧିକ ଇନ୍ଧନ ଥିଲା, ଯାହା ଫଳରେ ଇଞ୍ଜିନ ଭାର ବହନ ସକାଶେ ଅକ୍ଷମ ଥିଲା? ଏମିତିରେ ଅହମ୍ମଦାବାଦ ବିମାନ ବନ୍ଦରରେ ପକ୍ଷୀଙ୍କ ଯୋଗୁଁ ଉଡ଼ାଣ ବାଧାପ୍ରାପ୍ତ ହେବା ଘଟଣା ଅପେକ୍ଷାକୃତ ଅଧିକ। ତେବେ ବିମାନରେ ଥିବା ଦୁଇଟିଯାକ ଇଞ୍ଜିନ୍‌ରେ କ'ଣ ପକ୍ଷୀ ଆଘାତ ଦେଇଥିଲେ? କାରଣ ଗୋଟିଏ ଇଞ୍ଜିନରେ ଆଘାତ ଲାଗିଲେ ମଧ୍ୟ ଦ୍ୱିତୀୟଟି ବିମାନକୁ ପୁଣି ରନୱେକୁ ଫେରାଇ ଆଣିବା ପାଇଁ କୌଣସି ଅସୁବିଧା ହେବ ନାହିଁ। ସ୍ୱାଭାବିକ ପାଣିପାଗ, ପୁଣି ମଧ୍ୟାହ୍ନ ସମୟ, ତେଣୁ ପ୍ରତିକୂଳ ପରିସ୍ଥିତିର ସମ୍ଭାବନା ଊଣା। ବିମାନ ଚାଳକ ଅସାବଧାନ ଥିଲେ ଏତେ ନିକଟରୁ ସେ 'ମେଡେକଲ' କରିନଥା'ନ୍ତେ। କିନ୍ତୁ ଭିଡିଓ ଫୁଟେଜ୍‌ରୁ ମିଳିଥିବା ଚିତ୍ରରୁ ଉଡ଼ାଣ ବେଳେ କେତେକ ବୈଷୟିକ ତ୍ରୁଟି ପ୍ରତି ବୈମାନିକମାନେ ଦୃଷ୍ଟି ଆକର୍ଷଣ କରିଛନ୍ତି। ଏହା ଯାନ୍ତ୍ରିକ ତ୍ରୁଟି ନା ପାଇଲଟ୍‌ଙ୍କ ଅସାବଧାନତା ତାହାକୁ ନେଇ ମଧ୍ୟ ଚର୍ଚ୍ଚା ଆରମ୍ଭ ହୋଇଛି। ଏନେଇ ଯେତେ ତର୍ଜମା ହେଉଥିଲେ ମଧ୍ୟ ରକ୍ଷଣାବେକ୍ଷଣା ଭଳି ଗୁରୁତର ଦିଗ ପ୍ରତି ଏପର୍ଯ୍ୟନ୍ତ ସେହି ଅଙ୍ଗୁଳି ନିର୍ଦ୍ଦେଶ କରିନାହାନ୍ତି। ଏହି ବିମାନରେ ନୂଆଦିଲ୍ଲୀରୁ ଅହମ୍ମଦାବାଦ ଆସିଥିବା ଯାତ୍ରୀ ଆକାଶ ବକ୍ସ କିନ୍ତୁ ଗୁରୁତର ଅଭିଯୋଗ କରିଛନ୍ତି। ବିମାନର ଟିଭି ଓ ଏସି ଚାଲୁନି। ବୈଷୟିକ ତ୍ରୁଟି ଯୋଗୁଁ ଏହି ବିମାନର ଲଣ୍ଡନଯାତ୍ରା ମେ ୧ ତାରିଖରେ ବାତିଲ ହେବା ପରେ ମେ ୨ ରେ ଯାତ୍ରା କରିଥିଲା। ୧୦/୧୨ ବର୍ଷର ପୁରୁଣା ବିମାନ ଅତିରିକ୍ତ ରକ୍ଷଣାବେକ୍ଷଣା ଦାବି କରୁଥିବା ବେଳେ ସେଥିପ୍ରତି ଉପଯୁକ୍ତ ଧ୍ୟାନ ଦିଆଯାଇ ପାରିନଥିବା ସେ ଦର୍ଶାଇଥିଲେ।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ବ୍ରିଟିଶ ପ୍ରଧାନମନ୍ତ୍ରୀ କେ ଷ୍ଟାର୍ମର, ରୁଷ ରାଷ୍ଟ୍ରପତି ଭ୍ଲାଦିମାର ପୁଟିନ୍‌ଙ୍କ ସମେତ ବିଭିନ୍ନ ରାଷ୍ଟ୍ରର ରାଷ୍ଟ୍ରମୁଖ୍ୟ ଓ ଶାସନମୁଖ୍ୟଙ୍କ ପକ୍ଷରୁ ଭାରତର ବିମାନ ଦୁର୍ଘଟଣାରେ ମୃତାହତଙ୍କ ପାଇଁ ଗଭୀର ଶୋକ ପ୍ରକାଶ କରାଯାଇଛି। ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ବିମାନ ଦୁର୍ଘଟଣାସ୍ଥଳରେ ଉପସ୍ଥିତ ରହି ଏକମାତ୍ର ଜୀବିତ ଯାତ୍ରୀଙ୍କୁ ସାକ୍ଷାତ କରିବା ସହ ପୋଡ଼ି ଯାଇଥିବା ଯାତ୍ରୀଙ୍କ ତ୍ୱରିତ ଚିହ୍ନଟ ପ୍ରକ୍ରିୟା ଓ ଡିଏନଏ ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ମୃତ ବ୍ୟକ୍ତିଙ୍କ ପରିବାର ପିଛା ଟାଟା କମ୍ପାନୀ ୧ କୋଟି ଟଙ୍କା କ୍ଷତିପୂରଣ ଦେବାକୁ ଘୋଷଣା କରିବା ସହ କ୍ଷତିଗ୍ରସ୍ତ ମେଡିକାଲ୍ କଲେଜର ପୁନରୁଦ୍ଧାର କାର୍ଯ୍ୟ ହତକୁ ନେବା ପ୍ରତିଶ୍ରୁତି ଦେଇଛି। ଟାଟା ଏୟାର ଇଣ୍ଡିଆକୁ ଅଧିଗ୍ରହଣ କରିବା ପରେ ଏହା ବୋଧହୁଏ ପ୍ରଥମ ଦୁର୍ଘଟଣା। ତେଣୁ ଆଗାମୀ ଦିନରେ ଏହାର ଯେପରି ପୁନରାବୃତ୍ତି ଘଟେ ସେଥିପ୍ରତି ସଚେତନ ହେବା ଜରୁରୀ।

ଇତିମଧ୍ୟରେ ବିମାନର ଦୁଇଟିଯାକ ବ୍ଲାକ୍‌ବକ୍ସକୁ ଉଦ୍ଧାର କରାଯାଇଛି। ସେଥିରୁ ଘଟଣାର ସତ୍ୟାସତ୍ୟ ଜଣାପଡ଼ିବ। ତେବେ ଏହା ଭିତରେ ଯେଉଁ ଭାବାବେଗ ଓ ଆତ୍ମୀୟତାର ଅନ୍ତ ଘଟିଲା ତାହା ବ୍ଲାକ୍‌ବକ୍ସ ଅନୁସନ୍ଧାନ ପୂରଣ କରିପାରିବ ନାହିଁ। ସମ୍ପୂର୍ଣ୍ଣ ଘଟଣାରେ କିନ୍ତୁ ଭାରତୀୟ ଧର୍ମବିଶ୍ୱାସର ଗୋଟିଏ ଆପ୍ତ ବାକ୍ୟ ପୁଣି ଥରେ ସତ ସାବ୍ୟସ୍ତ ହୋଇଛି - 'ଯାହାକୁ ରଖିବେ ଅନନ୍ତ କି କରିପାରେ ବଳବନ୍ତ'। ଆକାଶରେ ବିମାନ ଦୁର୍ଘଟଣା ଘଟିଲେ କୀଟପତଙ୍ଗ ମଦ୍ୟ ବଞ୍ଚିବାର ସମ୍ଭାବନା ଆଦୌ ନାହିଁ। ଅଥଚ ଜଣେ ବିମାନଯାତ୍ରୀ ବଞ୍ଚିଯିବା ଅଲୌକିକତା ନିଶ୍ଚୟ। ସେହିପରି ଟ୍ରାଫିକ୍ ଜାମ ଯୋଗୁଁ ଯେଉଁ ଯାତ୍ରୀଜଣକ ଠିକ୍ ସମୟରେ ବିମାନଯାତ୍ରାରୁ ବଞ୍ଚିତ ହୋଇଥିଲେ ତାହା ମଧ୍ୟ ଭାଗ୍ୟର ସଂଯୋଗ ବୋଲି କହିବାକୁ ପଡ଼ିବ।

# ଶିଶୁଶ୍ରମ ଓ ଆମର ଦାୟିତ୍ୱ

ଡ. ସମୀର କୁମାର ନନ୍ଦ

୨୦୨୫ ମସିହାର ଅର୍ଦ୍ଧେକ ସରିବା ଉପରେ। ଜାତିସଂଘର ସଦସ୍ୟ ରାଷ୍ଟ୍ରମାନଙ୍କ ଦ୍ୱାରା ୨୦୧୫ ମସିହାରେ ଧାର୍ଯ୍ୟ କରାଯାଇଥିବା ୧୭ ଟି ସ୍ଥାୟୀ ବିକାଶ ଲକ୍ଷ୍ୟର ଅବଧି ସରିବାକୁ ବସିଲାଣି। ସେହି ଲକ୍ଷ୍ୟସୂଚୀର ୮.୭ କ୍ରମାଙ୍କ ଅନୁଯାୟୀ ୨୦୨୫ ମସିହା ସୁଦ୍ଧା ସମସ୍ତ ପ୍ରକାରର ଶିଶୁ ଶ୍ରମିକ ପ୍ରଥାର ନିରାକରଣ ହେବାର ସ୍ଥିରୀକୃତ ହୋଇଥିଲା। କିନ୍ତୁ ବାସ୍ତବ ଚିତ୍ର କ'ଣ ରହିଛି ତାହା ଆମେ କିଛି ଉଦାହରଣରୁ ଜାଣିପାରିବା।

କୌଣସି ରେଳ ଷ୍ଟେସନକୁ ଗଲେ ଅନେକ କୁନି କୁନି ପିଲା ନୁଖୁରା କେଶ ଓ ଛିଣ୍ଡା ପୋଷାକରେ ଇତସ୍ତତ ବୁଲୁଥିବାର ଆମେ ଦେଖିପାରିବା। ବହିଖାତା କିମ୍ବା ଖେଳଣା ବଦଳରେ ଗୋଟିଏ ହାତରେ ଥିବ ଖୋଲା ପାଣି ବୋତଲ ସଂଗ୍ରହର ବସ୍ତା ଓ ଅନ୍ୟ ହାତରେ ଡେଣ୍ଡ୍ରାଇଟ ଅଠାର ଗୋଟିଏ ଗୋଟିଏ ଟ୍ୟୁବ୍। ଏହି ପିଲାମାନେ ଦିନସାରା ଜରି ଓ ଖାଲି ପାଣି ବୋତଲ ସଂଗ୍ରହ କରି କିଛି ପଇସା ରୋଜଗାର କରନ୍ତି, ଯାହାକି ସେମାନଙ୍କ ଖାଇବା ଖର୍ଚ୍ଚକୁ ଭରଣା କରିପାରେ ନାହିଁ ସତ; କିନ୍ତୁ ସ୍ୱଳ୍ପ ମୂଲ୍ୟରେ ମିଳୁଥିବା ମାରାତ୍ମକ ଡେଣ୍ଡ୍ରାଇଟ ଅଠା ଗୋଟିଏ ମିଳିଯାଏ, ଯାହାକୁ ଟିକିଏ ଶୁଙ୍ଘି ଦେଲେ ଭୋକ, ଶୋଷ ଓ ଥଣ୍ଡାରୁ ମୁକ୍ତି ମିଳିଯାଏ। ସେମିତି ରାଜଧାନୀର ଛାତି ଉପରେ ଥିବା ମାଷ୍ଟରକ୍ୟାଣ୍ଟିନ ବସଷ୍ଟାଣ୍ଡ ପରିସର ଓ ଟ୍ରାଫିକ ଲାଇଟ ତଳେ ମାଳମାଳ ଶିଶୁ ଓ କିଶୋର କିଶୋରୀ ଅନାୟାସରେ ଭିକ୍ଷାବୃତ୍ତି କରୁଥିବାର ଘଟଣାକୁ କେହି ଅସ୍ୱୀକାର କରିପାରିବେ ନାହିଁ। ଏହି ଭିକ୍ଷାବୃତ୍ତିରେ ଦେଢ଼ବର୍ଷରୁ ଆରମ୍ଭ କରି ତେର/ଚଉଦ ବର୍ଷର କୁନି କୁନି ପିଲା ନିୟୋଜିତ ହୋଇଥା'ନ୍ତି। ଏମାନଙ୍କ କଥା ବୁଝିବା ପାଇଁ କେହି ନାହାନ୍ତି।

ଶିଶୁ ଶ୍ରମିକ ପ୍ରଥାର ଉଚ୍ଛେଦ ପାଇଁ ଚାରୋଟି ମୁଖ୍ୟ ଉପାଦାନର ଆବଶ୍ୟକତା ରହିଛି। ସେଗୁଡ଼ିକ ହେଲା - ୧) ଶିଶୁ ଶ୍ରମିକଙ୍କ ସର୍ବେକ୍ଷଣ, ୨) ଉଦ୍ଧାର ଓ ଥଇଥାନ, ୩) ଆଇନର ସଫଳ ପ୍ରଣୟନ ଓ କାର୍ଯ୍ୟାନୁଷ୍ଠାନ ଏବଂ ୪) ଶିକ୍ଷାର ମୁଖ୍ୟସ୍ରୋତରେ ସାମିଲକରଣ। ବାସ୍ତବରେ ଏହି ଉପାଦାନଗୁଡ଼ିକର ପ୍ରକୃତ ସ୍ଥିତି କ'ଣ ରହିଛି ତାହା ଉଲ୍ଲେଖ ଅନାବଶ୍ୟକ। ବାସ୍ତବରେ ଶିଶୁ ଶ୍ରମିକମାନଙ୍କର ସଂଖ୍ୟା ସମ୍ପର୍କରେ ପ୍ରକୃତ ତଥ୍ୟ କାହା ପାଖରେ ନାହିଁ। ଶିଶୁ ଶ୍ରମିକଙ୍କ ସର୍ବେକ୍ଷଣ ରାଜ୍ୟ ସରକାରଙ୍କ ଦ୍ୱାରା ୧୯୯୦ ମସିହାଠାରୁ ଅଦ୍ୟାବଧି ମାତ୍ର ଦୁଇଥର ହୋଇଛି। ୧୯୯୦ ମସିହାକୁ 'ବାଳିକାମାନଙ୍କ ପାଇଁ ବର୍ଷ' ବୋଲି 'ସାର୍କ' ତରଫରୁ ପାଳନ କରାଯାଇଥିଲା। ସେଥିପାଇଁ ରାଜ୍ୟ ସରକାର ବାଧ ହୋଇ ଶିଶୁ ଶ୍ରମିକଙ୍କ ସର୍ବେକ୍ଷଣ କରିଥିଲେ। ସେହିପରି ୧୯୯୫-୯୬ ମସିହାରେ ହୋଇଥିବା ରାଜ୍ୟସ୍ତରୀୟ ସର୍ବେକ୍ଷଣରେ ୮, ୩୧, ୬୬୪ ଜଣ ଶିଶୁ ଶ୍ରମିକ ଚିହ୍ନଟ ହୋଇଥିଲେ।

ଶିଶୁ ଶ୍ରମିକଙ୍କ କଲ୍ୟାଣ ପାଇଁ ୧୯୯୪ ମସିହାଠାରୁ ରାଜ୍ୟରେ ପରିଚାଳିତ ହେଉଥିବା ଏକମାତ୍ର କେନ୍ଦ୍ରୀୟ ଅନୁଷ୍ଠାନ 'ଜାତୀୟ ଶିଶୁ ଶ୍ରମିକ ପ୍ରକଳ୍ପ' ଦ୍ୱାରା ୧୯୯୬-୯୭ ମସିହାଠାରୁ ପ୍ରତି ତିନିବର୍ଷରେ ଥରେ ସର୍ବେକ୍ଷଣ କରାଯାଇ ଶିଶୁ ଶ୍ରମିକମାନଙ୍କୁ ଚିହ୍ନଟ, ଉଦ୍ଧାର ଓ ସ୍ୱତନ୍ତ୍ର ପ୍ରଶିକ୍ଷଣ କେନ୍ଦ୍ର ମାଧ୍ୟମରେ ଥଇଥାନ ଓ ଶିକ୍ଷାର ମୁଖ୍ୟସ୍ରୋତରେ ସାମିଲ କରାଯାଉଥିଲା। କିନ୍ତୁ ୨୦୨୧ ମସିହାଠାରୁ ସେହି ଅନୁଷ୍ଠାନକୁ ଚକ୍ରାନ୍ତ କରି ବନ୍ଦ କରି ଦେବା ଦ୍ୱାରା ବର୍ତ୍ତମାନ ଶିଶୁଶ୍ରମିକଙ୍କ କୌଣସି ତଥ୍ୟ କାହା ପାଖରେ ନାହିଁ କି କୌଣସି ସ୍ୱତନ୍ତ୍ର ଯୋଜନା ନାହିଁ। ଆଇନ ପ୍ରଣୟନ କଥା ବିଚାରକୁ ନେଲେ ଆମେ ଜାଣିପାରିବା ଯେ ନିୟମ ଅନୁସାରେ ଶିଶୁ ଶ୍ରମିକଙ୍କ ଉଦ୍ଧାର ଓ ଥଇଥାନ ଆଇନର ସଫଳ ପ୍ରଣୟନ ତଥା ପୀଡ଼ିତ ଶିଶୁ ଓ ସାକ୍ଷ୍ୟ ପ୍ରଦାନ କରୁଥିବା ଶିଶୁମାନଙ୍କୁ ସୁରକ୍ଷା ଆଦି କାର୍ଯ୍ୟର ତଦାରଖ କରିବା ପାଇଁ ପ୍ରତ୍ୟେକ ଜିଲ୍ଲାରେ ଜିଲ୍ଲାପାଳମାନଙ୍କ ଅଧ୍ୟକ୍ଷତାରେ ଶ୍ରମ ବିଭାଗ ଦ୍ୱାରା 'ଶିଶୁ ଶ୍ରମିକଙ୍କ ଟାସ୍କ ଫୋର୍ସ କମିଟି' ଗଠନ ହେବ ଏବଂ ଏହାର ବୈଠକ ପ୍ରତିମାସରେ ବସିବ। କିନ୍ତୁ ପ୍ରାୟ ଜିଲ୍ଲାରେ ବର୍ଷ ବର୍ଷ ଧରି ଏହାକୁ କାର୍ଯ୍ୟକାରୀ କରାଯାଉ ନାହିଁ। ୨୦୨୦ ମସିହାଠାରୁ ୨୦୨୪ ଭିତରେ ମାତ୍ର ୨୬ ଜଣ ଶିଶୁ ଶ୍ରମିକ ଉଦ୍ଧାର ହୋଇଥିବା ବେଳେ ୨୦୧୩ ରୁ ୨୦୧୭ ମଧ୍ୟରେ ମାତ୍ର ୪୩୧ ମାମଲା ରୁଜୁ ହୋଇଛି। ଶ୍ରମ ବିଭାଗକୁ ନବକଳେବର କରାଯାଇ ଅଧିକାରୀମାନଙ୍କ ସଂଖ୍ୟା, କ୍ଷମତା ଓ ଦରମା ହାର ସିନା ବୃଦ୍ଧି କରାଯାଇଛି, କିନ୍ତୁ ଶିଶୁଶ୍ରମିକ ଆଇନ ପ୍ରଣୟନ କ୍ଷେତ୍ରରେ କୌଣସି ପ୍ରଭାବଶାଳୀ ଉଦ୍ୟମ ହୋଇନାହିଁ। ବର୍ତ୍ତମାନ ସବୁ ଯୋଜନା କେବଳ ପ୍ରଚାରସର୍ବସ୍ୱ ହୋଇ ରହିଯାଇଛି।

ଏକଦା ଶିଶୁ ଶ୍ରମିକମାନଙ୍କୁ ଉଦ୍ଧାର କରି ସ୍ୱତନ୍ତ୍ର ପ୍ରଶିକ୍ଷଣ କେନ୍ଦ୍ର ମାଧ୍ୟମରେ ସ୍ୱତନ୍ତ୍ର ଶିକ୍ଷା ପ୍ରଦାନ କରି ମୁଖ୍ୟସ୍ରୋତରେ ସାମିଲ କରିବା ପାଇଁ ଅଭିଯାନ ଚଳାଇ ବିଶେଷ ସଫଳତା ହାସଲ କରିଥିଲା 'ଜାତୀୟ ଶିଶୁ ଶ୍ରମିକ ପ୍ରକଳ୍ପ'। ଏହି ପ୍ରକଳ୍ପ ବନ୍ଦ ହୋଇଗଲା ପରେ ଶିଶୁ ଶ୍ରମିକଙ୍କ ପାଇଁ କୌଣସି ସ୍ୱତନ୍ତ୍ର ବିଦ୍ୟାଳୟ ଦେଖିବାକୁ ମିଳୁନାହିଁ। ଆମ ରାଜ୍ୟରେ ଶତକଡ଼ା ୯ ଭାଗ ଛାତ୍ରଛାତ୍ରୀ ମାଧ୍ୟମିକସ୍ତରରେ ପାଠ ଛାଡ଼ି ଦେଉଛନ୍ତି। ସେହିପରି ଆଠଲକ୍ଷରୁ ଅଧିକ ଛାତ୍ରଛାତ୍ରୀଙ୍କ ଆଧାର ପରିଚୟ ପତ୍ର ନାହିଁ। ସରକାର ବିଦ୍ୟାଳୟର ସଂସ୍କାର ଯେତିକି କରିବାକୁ ଯାଉଛନ୍ତି ଦିନକୁ ଦିନ ସେତିକି ପିଲା ପାଠ ଛାଡୁଛନ୍ତି। ଆମେ ବିଦ୍ୟାଳୟରେ ପଢୁଥିଲା ବେଳେ କୌଣସି ସ୍ୱତନ୍ତ୍ର ଯୋଜନା ନଥାଇ ମଧ୍ୟ ପ୍ରତ୍ୟେକ ଶ୍ରେଣୀରେ ଏକାଧିକ ବିଭାଗ ରହି ଶହେ ଲେଖାଏଁ ପିଲା ପାଠ ପଢୁଥିଲେ। ଅଥଚ ସେହି ବିଦ୍ୟାଳୟଗୁଡ଼ିକରେ ବର୍ତ୍ତମାନ ସର୍ବମୋଟ ପିଲା ସଂଖ୍ୟା ଶହେ ହେବ କି ନାହିଁ ସନ୍ଦେହ। ପିଲାମାନେ ଯଦି ପାଠ ଛାଡୁଛନ୍ତି ସେମାନେ କୁଆଡ଼େ ଯାଉଛନ୍ତି? କ'ଣ କରୁଛନ୍ତି? ସେକଥା ବୁଝୁଛି କିଏ?

ଆମ ଦେଶ ସ୍କୁଲଶିକ୍ଷାର ସାର୍ବଜନୀନକରଣ ଦିଗରେ ପ୍ରଚେଷ୍ଟା ଜାରି ରଖିଛି। ପ୍ରଗତି ସତ୍ତ୍ୱେ ଶିଶୁଶ୍ରମର ପ୍ରଚଳନ ରହିଛି। ଠିକ୍ ଏହିପରି ସ୍କୁଲ ଉପସ୍ଥାନ ଏବଂ ସମାପ୍ତି ହାର ଶିକ୍ଷାଗତ ପ୍ରାପ୍ତିରେ ବ୍ୟବଧାନ ପ୍ରକାଶ କରୁଛି। ଗତ ଦୁଇ ଦଶନ୍ଧି ମଧ୍ୟରେ ଶିଶୁ ଶ୍ରମିକ ନିରାକରଣ ଦିଗରେ ପ୍ରଗତି ଘଟିଥିଲେ ମଧ୍ୟ ବିଶ୍ୱରେ ଏବେ ବି ୧୬୦ ନିୟୁତ ଶିଶୁ ଶ୍ରମିକ ଭାବରେ କାମ କରୁଛନ୍ତି, ଯାହାର ସଂଖ୍ୟା ଆମଦେଶରେ ଆକଳନ କରାଯାଇ ନାହିଁ। ଶିଶୁ ଶ୍ରମିକ ପ୍ରଥା କେବଳ ଶିକ୍ଷା, ସୁରକ୍ଷା ଏବଂ ଅବସର ପାଇବାର ଅଧିକାରରୁ ବଞ୍ଚିତ କରି ଶିଶୁ ମାନଙ୍କର ଅଧିକାରକୁ ଉଲ୍ଲଙ୍ଘନ କରେ ନାହିଁ, ବରଂ ଏହା ସେମାନଙ୍କୁ ଶୋଷଣକାରୀ ଓ ପ୍ରାୟତଃ ବିପଜ୍ଜନକ କାର୍ଯ୍ୟ ପରିବେଶରେ ଫସାଇ ସେମାନଙ୍କର ପୂର୍ଣ୍ଣ ସମ୍ଭାବନା ଓ ଦକ୍ଷତାକୁ ଉପଯୋଗ କରିବାର ସୁଯୋଗକୁ ମଧ୍ୟ ବାଧାପ୍ରାପ୍ତ କରେ।

୨୦୨୫ ମସିହା ସୁଦ୍ଧା ସମସ୍ତ ପ୍ରକାରର ଶିଶୁଶ୍ରମିକ ପ୍ରଥା ଦୂର କରିବା ପାଇଁ ସ୍ଥାୟୀ ବିକାଶ ଲକ୍ଷ୍ୟ ମାଧ୍ୟମରେ ଜାତିସଂଘର ଆହ୍ୱାନକୁ ସାକାର କରିବା ଲାଗି ଏକ ନୂତନ ପ୍ରୟାସର ଆବଶ୍ୟକ। ଶିଶୁଶ୍ରମିକ ପ୍ରଥାର ଦୂରୀକରଣ ପାଇଁ ଆମମାନଙ୍କର ମାନସିକତାରେ ପରିବର୍ତ୍ତନ ଜରୁରୀ। ଶିଶୁଶ୍ରମିକ ନିୟୋଜିତ ହୋଇଥିବା ଦୋକାନ, ହୋଟେଲ, ଢାବା ଓ କାର୍ଯ୍ୟସ୍ଥଳ ସହିତ ଉତ୍ପାଦ ସାମଗ୍ରୀକୁ ଆମମାନଙ୍କ ଭିତରୁ କେତେଜଣ ବର୍ଜନ କରି ପାରୁଛେ? ଶିଶୁ ଶ୍ରମିକ ନିୟୋଜିତ ହୋଇଥିବା ଢାବା, ହୋଟେଲ କିମ୍ବା ଚା' ଦୋକାନକୁ ଆମେ ସମସ୍ତେ ଯଦି ଯିବା ନାହିଁ, ତେବେ ମାଲିକ ଶିଶୁ ଶ୍ରମିକ ନିୟୋଜନ କରିବାରୁ କ୍ଷାନ୍ତ ନିଶ୍ଚୟ ରହିବ। ସମାଜରେ ଶିଶୁଶ୍ରମିକ ପ୍ରଥାର ପ୍ରଚଳନକୁ ଆମେ ଆଜିପର୍ଯ୍ୟନ୍ତ ଗ୍ରହଣ କରି ଆସୁଛନ୍ତି। କୌଣସି ସ୍ଥାନରେ ଶିଶୁ ଶ୍ରମିକଟିଏ ଦେଖିଲେ ଆମେ ଅଭିଯୋଗ କରୁଛୁ କି? ଶିଶୁ ଶ୍ରମିକ ସମ୍ପର୍କରେ ଅଭିଯୋଗ ପାଇଁ ବର୍ତ୍ତମାନ କୌଣସି କାର୍ଯ୍ୟାଳୟକୁ ଯିବା ଜରୁରୀ ଆବଶ୍ୟକ ନୁହେଁ। ଆମେ ସିଧାସଳଖ ମୋବାଇଲ ଫୋନ ମାଧ୍ୟମରେ www.pencil.gov.in ରେ ତଥ୍ୟ ପ୍ରଦାନ କରି ଅଭିଯୋଗ କରିପାରିବା। ଆମର ପରିଚୟ ଗୁପ୍ତ ରହିବାର ବ୍ୟବସ୍ଥା ରହିଛି। ଦେଶରେ ରହୁଥିବା ପ୍ରତ୍ୟେକ ନାଗରିକ ଯଦି ଏ ଦିଗରେ ଗୋଟିଏ ପାଦ ବଢ଼ାଇବେ ତେବେ ଦିନ ଆସିବ ଦେଶରେ ଶିଶୁ ଶ୍ରମିକ ରହିବେ ନାହିଁ। ଏଥିପାଇଁ ସରକାରଙ୍କ କୌଣସି ଆଇନ କି ଯୋଜନାର ମଧ୍ୟ ସହାୟତା ନେବା ଦରକାର ପଡ଼ିବ ନାହିଁ।

ଦେବଗଡ଼, ମୋ: ୯୪୩୭୨୧୮ ୯୧୭

# ବାର୍ଦ୍ଧକ୍ୟ: ଏକ ଅବ୍ୟକ୍ତ ଯନ୍ତ୍ରଣା

ଜଗନ୍ନାଥ ବେହେରା



ପଦ୍ମ ପୁରାଣରେ ବର୍ଣ୍ଣନା ଅଛି - 'ପିତା ଧର୍ମ ପିତା ସ୍ୱର୍ଗ, ପିତା ହିଁ ପରମ ତପ / ପିତରି ପ୍ରତିମା ପନ୍ନେ ପ୍ରିୟନ୍ତେ ସର୍ବ ଦେବତା।' ଅର୍ଥାତ୍ ପିତା ସ୍ୱର୍ଗ ପରି ପୂଜ୍ୟ। ପୁଣି ବାପା ହିଁ ସର୍ବଶ୍ରେଷ୍ଠ ତପସ୍ୟା। ବାପାଙ୍କୁ ପୂଜା କଲେ ସର୍ବଦେବତା ଶାନ୍ତି ପାଆନ୍ତି। ପିତାମାତା ହେଉଛନ୍ତି ଜୀବନର ପ୍ରଥମ ଶବ୍ଦ ପ୍ରଥମ ଅକ୍ଷର। ସିଏ ହିଁ ଅ ଆ ଇ ଈ। ତାଙ୍କଠାରୁ ସବୁ ଶିକ୍ଷା ମିଳେ। ଯାହାଙ୍କଠାରୁ ସବୁ ଶିକ୍ଷା ଲାଭ କଲୁ ଆଜି ଆମେ କହୁ 'ଚୁପ୍ କରି ବସ, ତୁମେ କିଛି ଜାଣିନ।' ଆଶ୍ଚର୍ଯ୍ୟ। ଯେଉଁ ବାପା ବର୍ଷ ବର୍ଷ ଧରି କାଖେଇ କୋଳେଇ ଦୁନିଆ ଦାଣ୍ଡରେ ମଣିଷ ପରି ମଣିଷ ଟିଏ କରି ଠିଆ କରାଇଥିଲା, ଆଜି ସିଏ ଅଦରକାରୀ ବୋଝ। ଚାରି ପୁଅ ଚାରି ଭାଗ କରି ବାଣ୍ଟି ଦେଉଛନ୍ତି। ଭାଗ ନ ଛିଡ଼ିଲେ ବୃଦ୍ଧାଶ୍ରମ।

ମୋ ଓଡ଼ିଶାର ସଂସ୍କୃତି ଓ ପରମ୍ପରା କିନ୍ତୁ ଦୟା, ଧର୍ମ, ଶାନ୍ତି, ମୈତ୍ରୀ, ଭ୍ରାତୃତ୍ୱବୋଧ ଓ ମହାମାନବବାଦର ମୂଳଦୁଆ ଉପରେ ପ୍ରତିଷ୍ଠିତ। ପରସ୍ପର ସହିତ ଏକ ନିବିଡ଼ ସମ୍ପର୍କର ରଜ୍ଜୁରେ ବନ୍ଧା ଉତ୍କଳୀୟ ପରିବାର। ସ୍ନେହ, ଶ୍ରଦ୍ଧା, ବଡ଼, ସାନ, ମାନ୍ୟ, ପୁଣ୍ୟ ବିଚାର ସହିତ କଳା ସାହିତ୍ୟ ସଂସ୍କୃତିକୁ ନେଇ ଓଡ଼ିଶା ସମୃଦ୍ଧ। ଏହାର ପାଣି ପବନ ମାଟି ସବୁ ସରଳ ଓ ନିରୀହ। ପୋଥି, ପୁରାଣ, ଶାସ୍ତ୍ର ଜ୍ଞାନର ଗନ୍ତାଘର ହେଉଛି ଓଡ଼ିଶା ମାଟି। ପିତୃ ଦେବୋଭବ, ମାତୃ ଦେବୋଭବକୁ ମୁକ୍ତକଣ୍ଠରେ ସ୍ୱୀକାର କରୁଥିବା ଜାତିର ମା' ମାଟି ହେଉଛି ମୋ ଓଡ଼ିଶା। ଜାତି, ବର୍ଣ୍ଣ, ଧର୍ମର ସଂକୀର୍ଣ୍ଣତାରୁ ଉର୍ଦ୍ଧ୍ୱକୁ ଉଠି ସେବା, ତ୍ୟାଗ, ଦାନ, ପୁଣ୍ୟ କରନ୍ତି ମୋ ଓଡ଼ିଶାବାସୀ।

ଅଥଚ ଏହି ଓଡ଼ିଶାରେ ଆଜି ଶତାଧିକ ବୃଦ୍ଧାଶ୍ରମ ନିର୍ମାଣ ହୋଇଛି। ଭାରତବର୍ଷରେ କେରଳ ପରି ଅତିଶିକ୍ଷିତ ରାଜ୍ୟରେ ୧୨୪ ରୁ ଅଧିକ ଆଶ୍ରମ ଥିବା ବେଳେ ଦୟା ଧର୍ମର ରାଜ୍ୟ ଓଡ଼ିଶା ଏ କ୍ଷେତ୍ରରେ ଦ୍ୱିତୀୟରେ ଅଛି। ବିଶେଷକରି ଭୁବନେଶ୍ୱର ପରି ସଭ୍ୟ ସହର ମଧ୍ୟରେ ହିଁ ପାଖାପାଖି ୧୦ଟି ବୃଦ୍ଧାଶ୍ରମ ରହିଛି। ଯେଉଁଠି ମୁଠାଏ ଭଲ ଭାତ ମିଳୁଛି ସିଏ ଭଲ, ଯିଏ ଅଧେ ମୁଠା ଭାତ ଦେଉଛି ସିଏ ଖରାପ।

ଉତ୍କଳ ଭୂମି, ଯେଉଁଠି ପଥର ଦେହରେ ଦେବତା, ବୃକ୍ଷ ଡାଳ ପତ୍ରରେ ଲୋକ ଦେବୀଦେବତା ଦେଖନ୍ତି, ବନ୍ଧା ଅବସ୍ଥାରେ ଗାଇଟିଏ ମରିଗଲେ ସାତଦିନ ବେକରେ ପାଳ ଦଉଡ଼ି ଗୁଡ଼େଇ ସାତ ଗାଁ ବୁଲି ଭିକ୍ଷା ମାଗନ୍ତି, ଯେଉଁଠି ଗାଁ ଗାଁରେ ଭାଗବତ ପଢ଼ା ହୁଏ ଓ ସନ୍ଧ୍ୟାରେ ସଙ୍କୀର୍ତ୍ତନ ହୁଏ, ପଶୁ ପକ୍ଷୀଙ୍କୁ ଖାଇବାକୁ ଦିଆଯାଏ ସେଠାରେ ବୃଦ୍ଧାଶ୍ରମ ସଂସ୍କୃତି ନିଶ୍ଚୟ ଦୁଃଖଦାୟକ। ଯେଉଁଠି ଅଧିକରୁ ଅଧିକ ଲୋକ ଗରିବ ଓ ଅଶିକ୍ଷିତ, ସେଠାରେ ଆଜି ଶତାଧିକ ଜରାଶ୍ରମ। ଏହା କ'ଣ ଆଶ୍ଚର୍ଯ୍ୟ ହେବାର କଥା ନୁହେଁ। ଓଡ଼ିଶାର ପୁରପଲ୍ଲୀରେ ଆଜି ବିଚିତ୍ର ଦୃଶ୍ୟ ଦେଖିବାକୁ ମିଳୁଛି। ବୃଦ୍ଧ ପିତାମାତାଙ୍କୁ ପିଲାମାନେ ମାସେ ମାସେ ଭାଗ ବାଣ୍ଟି ନିଅନ୍ତି। ମାସେ ବଡ଼ ଘରେ ରହିଲେ ମାସେ ସାନ ଘରେ ରହିବ।

ବୃଦ୍ଧାବସ୍ଥାକୁ ବାନ୍ଧି ଦେଉଛି ନିଜ ଅକର୍ମି ହାତଗୋଡ଼। ଆଖି ମଧ୍ୟ ଆଡ଼ ହେଇ ଯାଉଛି। କାନ ଠିକ୍ ଶୁଣିବାରେ ଅସହଯୋଗ କରୁଛି। ପେଟ ଖାଦ୍ୟ ଜୀର୍ଣ୍ଣ କରିବାକୁ କୁଣ୍ଠାବୋଧ କରୁଛି। ଦାନ୍ତଗୁଡ଼ିକ ପାଟିକୁ ଛାଡ଼ି ନିଜ ବାଟ ଧରୁଛନ୍ତି। ପବନ ବି ବେଳେ ବେଳେ ଧୋକା ଦେଉଛି। ରକ୍ତଚାପ, ମଧୁମେହ, ଅମ୍ଳ ପରି ରୋଗଗୁଡ଼ିକ ଶରୀର ଭିତରେ ପଶି ବାଉଁଶକୁ ପୋକ କଣା କରିଲା ପରି କରି କଣା କରି ଦେଇଥା'ନ୍ତି। ପୋକଖିଆ ବାଉଁଶର ଆୟୁଷ କେତେ? ଏମିତି ପରିସ୍ଥିତିରେ ଆଉ ପୁଅ ଝିଅ ବା କାହିଁକି ସେମାନଙ୍କର ସାଙ୍ଗରେ ରହିବେ? ବାର୍ଦ୍ଧକ୍ୟର ଶେଷ ଆଶ୍ରୟ ହିଁ ହେଉଛି ଜରାଶ୍ରମ। ନାତିନାତୁଣୀଙ୍କୁ ଛାଡ଼ି ଯଦିଓ ରହିବା କଷ୍ଟ, କିନ୍ତୁ ରହିବାକୁ ବାଧ୍ୟ।

ଜୀବନ ସାରା କଞ୍ଚା ମାଟିକୁ ଗଢ଼ି ନିଜ ହାତରେ ତିଆରି କରିଥିବା ପୁଅ ଝିଅ ଯେଉଁଠି ସେବା ଦେବା ଭୟରେ ବୃଦ୍ଧାଶ୍ରମ ଦେଖାଇ ଦେଲେ, ସେଠାରେ ସାମାନ୍ୟ କିଛି ଟଙ୍କା ପାଇଁ କାମ କରୁଥିବା ଜଣେ କର୍ମଚାରୀ କେତେ ସେବା ଦେବେ ସମସ୍ତେ ଜାଣନ୍ତି। ରାତିଦିନ ଏକାଠି କରି ଅନାହାର ଅନିଦ୍ରାରେ ରହି ସମାଜରେ ଯେଉଁ ପୁଅ ଝିଅଙ୍କୁ ମଣିଷ କରି ଠିଆ କରିଥିଲେ, ସେମାନେ ଆଜି ହତାଦର କରି ଆଶ୍ରମକୁ ଠେଲି ଦେଲେ। ଦୁଃଖ ଏତିକି ଯେ ନିଜର ସ୍ୱାଧୀନତା ସେଠାରେ ରହେ ନାହି। ନିଜ ଇଚ୍ଛାରେ କୌଣସି କାର୍ଯ୍ୟ କରି ପାରିବେ ନାହିଁ କି ପାଟିର ରୁଚି ଅନୁଯାୟୀ ଖାଦ୍ୟ ଖାଇ ପାରିବେ ନାହି। ଜୀବନସାରା ଅନ୍ୟକୁ କାମରେ ଲଗାଉ ଥିବା ଲୋକଟା ଶେଷଜୀବନରେ ନିଜେ କାମ କରିବାକୁ ପଡ଼ିବ ଭାବିଲେ କେତେ କଷ୍ଟ ଲାଗୁଛି। ଅଚିହ୍ନା ଅଜଣା ମୁହଁକୁ ଦେଖି ବିନା ଲୁହରେ କାନ୍ଦିବା ଛଡ଼ା ଅନ୍ୟ ଉପାୟ ନଥାଏ। ନା କାହାକୁ କହି ହେବ ନା ହାଡ଼ ମାଂସ ଦେହ ଧରି ସହି ହେବ।

ଜନ୍ମ କରିଲା ବାପାମା'ଙ୍କୁ ବୃଦ୍ଧାଶ୍ରମ ପଠେଇବା ପୂର୍ବରୁ ନିଜ ବିବେକକୁ ଥରେ ପଚାରି ନିଷ୍ପତ୍ତି ନେଲେ ପୁଣି ଉତ୍କଳୀୟ ସଂସ୍କୃତି ବିଶ୍ୱରେ ନିଜ ଟେକ ରଖିପାରିବ। ସଞ୍ଜର ସୂରୁଜ ଉଷ୍ମତାରେ ଠିଆ ହୋଇଗଲେ ସମସ୍ତ ଅସାଧ ରୋଗ ଦୂର ହୋଇଯିବ। ମଣିଷ ପଣିଆ ଯଦି ମଣିଷ ନିକଟରେ ନ ରହିଲା ସେ କି ମଣିଷ? ଆଜିର ଏହି ଅବିବେକୀ ମଣିଷକୁ ଦେଖିଲେ ଲାଗୁଛି ଯେମିତି ପାଟିରେ ଲୁଗା ଦେଇ ମୁରୁକି ହସୁଛି ମଣିଷ ପଣିଆ। ଅନାବଶ୍ୟକ ବୃଦ୍ଧଶ୍ରମ ଏବଂ ଅନାଥ ଆଶ୍ରମ ଓଡ଼ିଶା ପରି ଶାନ୍ତି ରାଜ୍ୟରେ ନ ହେଉ।

ନବରଙ୍ଗପୁର, ମୋ: ୯୪୩୭୭୮୫୧୫୮

# ତିବ୍ବତରେ ପଦ୍ମସମ୍ଭବ

ପ୍ରବୀର କୁମାର ପଟ୍ଟନାୟକ

(ପୂର୍ବପ୍ରକାଶିତ ଉତ୍ତାରୁ...)

ପଦ୍ମସମ୍ଭବ ତିବ୍ବତ ଆସିଲେ ଖ୍ରୀ୭୪୭ରେ। ସେ ପ୍ରଥମେ ଦେଶର ବିଭିନ୍ନ ଅଞ୍ଚଳ ଭ୍ରମଣ କରିବାର ସହି ସବୁଆଡ଼େ ବୌଦ୍ଧଧର୍ମର ମୌଳିକ ତତ୍ତ୍ୱ ଅଥବା ବୁଦ୍ଧଙ୍କ ବାଣୀଗୁଡ଼ିକ ବିଶଦ ଭାବେ ବ୍ୟାଖ୍ୟା କରି ଲୋକମାନଙ୍କୁ ବୁଝାଇଲେ। ଏ ସବୁ ପ୍ରାରମ୍ଭିକ ପ୍ରଚାର ପ୍ରସାର ଫଳରେ ବୌଦ୍ଧ ଧର୍ମ ନୂତନ ଶକ୍ତି ଓ ପ୍ରେରଣା ପାଇପାରିଥିଲା। ସେ ପ୍ରଚଳିତ ବୌଦ୍ଧଧର୍ମ(ଶାନ୍ତରକ୍ଷିତଙ୍କ ଦ୍ୱାରା ପ୍ରଚାରିତ), ଯାହା ସାଧାରଣ ଭାବେ ଲୋକମାନଙ୍କ ମଧ୍ୟରେ ବ୍ୟାପିଥିଲା, ସେଥିରେ ବୌଦ୍ଧତାନ୍ତ୍ରିକ ତତ୍ତ୍ୱ ତଥା 'ବନ୍' ଧର୍ମର ଆଚାରବିଚାର କିଛି ମିଶାଇ ପ୍ରଚାର କରିଚାଲିଲେ। ସେ ତିବ୍ବତୀୟ ବୌଦ୍ଧମାନଙ୍କ ଦ୍ୱାରା ପୂଜିତ ଦେବଦେବୀମାନଙ୍କ ସହ ସ୍ଥାନୀୟ ଭାବେ ପୂଜିତ ଦେବଦେବୀ ତତ୍ତ୍ୱକୁ ପ୍ରବେଶ କରାଇଲେ। ବୌଦ୍ଧ ଧର୍ମରେ ଏହି ମିଶ୍ରିତ ଉପାଦାନ ସବୁ ଲୋକମାନଙ୍କ ଦ୍ୱାରା ଆଦୃତ ତଥା ଗ୍ରହଣଯୋଗ୍ୟ ହୋଇପାରିଲା। ସେ ତିବ୍ବତରେ ଯେଉଁ ବୌଦ୍ଧଧର୍ମ ପ୍ରଚାର କରିଥିଲେ ତାହା ଥିଲା ମୂଳତଃ ମହାଯାନର ତାନ୍ତ୍ରିକ ଶାଖାର ବ୍ରଜଯାନ। ଏହି ବଜ୍ରଯାନ ମୂଳତଃ ତନ୍ତ୍ର ଉପରେ ପର୍ଯ୍ୟବସିତ। ତିବ୍ବତୀୟ ମୂଳ 'ବନ୍' ଧର୍ମ ମଧ୍ୟ ପ୍ରାଚୀନ ଧର୍ମମତଗୁଡ଼ିକ ଭଳି ସେହି ଗୁଣିଗାରେଡ଼ି ତତ୍ତ୍ୱରେ ଭରପୂର। ଏଣୁ ତିବ୍ବତରେ ପଦ୍ମସମ୍ଭବଙ୍କ ଦ୍ୱାରା ପ୍ରଚାରିତ ବୌଦ୍ଧଧର୍ମ ସ୍ଥାନୀୟ 'ବନ୍' ଧର୍ମର ଆଚାର ବିଚାରକୁ ମିଶାଇ ଦେଇ ବ୍ରଜଯାନର ଯେଉଁ ନୂଆ ସ୍ୱରୂପ ପଦ୍ମସମ୍ଭବ ସେଠାରେ ଉପସ୍ଥାପନ କରାଇଲେ, ତାହା ଲୋକମାନଙ୍କ ଦ୍ୱାରା ଗୃହୀତ ଓ ଆଦୃତ ହୋଇପାରିଥିଲା। ପଦ୍ମସମ୍ଭବ ଏବେ ମଧ୍ୟ ତିବ୍ବତରେ ଅତ୍ୟନ୍ତ ଲୋକପ୍ରିୟ ଧର୍ମଗୁରୁ ଓ

**ଦ୍ୱିତୀୟ-ବୁଦ୍ଧ କଥା**

ଆଦରରେ 'ରିନ୍-ପୋ-ସେ' ନାମରେ ଅଧିକ ପରିଚିତ। ପଦ୍ମସମ୍ଭବଙ୍କୁ ତିବ୍ବତରେ ବୌଦ୍ଧ ଧର୍ମର ପ୍ରତିଷ୍ଠାତା ତଥା ପ୍ରଥମ ପ୍ରଚାରକ ଭାବେ ସ୍ଥାନ ଦିଆଯାଇଛି।

ପଦ୍ମସମ୍ଭବରେ ତିବ୍ବତରେ ପହଞ୍ଚି ଧର୍ମପ୍ରଚାର କାମ ଆରମ୍ଭ କରିବା ଅବସରରେ ଶାନ୍ତରକ୍ଷିତ ଯେ କି ନେପାଳରେ ରହିଥିଲେ, ରାଜାଙ୍କ ଡାକରା ପାଇ ପୁଣି ଥରେ ତିବ୍ବତ ଫେରି ଆସିଲେ। ଏ ମଧ୍ୟରେ ପଦ୍ମସମ୍ଭବ ତିବ୍ବତରେ ଶାନ୍ତ ପରିବେଶ ଫେରାଇ ଆଣି ସାରିଥିଲେ ଏବଂ ଲୋକଙ୍କର ତାଙ୍କ କାର୍ଯ୍ୟରେ କୌଣସି ବିରୋଧ ନଥିଲା। ପଦ୍ମସମ୍ଭବ ଶାନ୍ତରକ୍ଷିତ ଓ ରାଜାଙ୍କ ସହ ଆଲୋଚନା କରି ଲାସା ନିକଟ 'ସମ-ୟେ' ଠାରେ ଏକ ବିଶାଳ ବୌଦ୍ଧ ମହାବିହାର ନିର୍ମାଣର ଭିତ୍ତି ସ୍ଥାପନ କରାଇଲେ। ଆଚାର୍ଯ୍ୟ ବୋଧିସତ୍ତ୍ୱ ନାମରେ ଖ୍ୟାତ ଶାନ୍ତରକ୍ଷିତ, କେଉଁଠି ମହାବିହାର ନିର୍ମାଣ ହେବ ତାହାର ଭୂମି ପରୀକ୍ଷା କରି ମଗଧର ଓଦନ୍ତପୁରୀ ମହାବିହାର ଅନୁକରଣରେ ଏକ ନକ୍ସା ପ୍ରସ୍ତୁତ କଲେ। ଏହି ନକ୍ସା ଅନୁଯାୟୀ ଏହା ମଧ୍ୟରେ ସୁମେରୁ ପର୍ବତ, ବାରଗୋଟି ମହାଦେଶ, ଉଭୟ ସୂର୍ଯ୍ୟ ଓ ଚନ୍ଦ୍ରଙ୍କର ଅବସ୍ଥିତି ସହ ଚାରିକଡ଼ରେ ଲୁହାବାଡ଼ ବା ପାଚେରି ନିର୍ମାଣ ହେବାର ଯୋଜନା ଅନ୍ତର୍ଭୁକ୍ତ ହେଲା। 'ସମ-ୟେ' ମହାବିହାର ଠିକ୍ ଏହି ପରିକଳ୍ପନାରେ ନିର୍ମାଣ କରାଗଲା। ଏହି 'ସମ-ୟେ' ମହାବିହାର ଖ୍ରୀ୭୪୯ ବେଳକୁ ନିର୍ମିତ ହେଲା। ଏହି ବିହାର-ମନ୍ଦିରର ଚୂଡ଼ା ବା ଶିଖର ଭାଗ ଚୀନ୍‌ର ନିର୍ମାଣ ଶୈଳୀରେ, ମଧ୍ୟଭାଗ ଭାରତୀୟ ଶୈଳୀରେ ଏବଂ ତଳଭାଗ ତିବ୍ବତୀୟ ଶୈଳୀରେ ନିର୍ମିତ ହେଲା। ଏହି 'ସମ-ୟେ' ମହାବିହାର ତିବ୍ବତର ରାଜଧାନୀ ଲାସାଠାରୁ ତିରିଶ କିଲୋମିଟର ଦୂରରେ ଦକ୍ଷିଣ-ପୂର୍ବ ଦିଗକୁ ଥିବା ସାମ୍ପୋ ନଦୀର ଉତ୍ତରପାର୍ଶ୍ୱ କୂଳରେ ଅବସ୍ଥିତ। ଏବେ ମଧ୍ୟ ଏହି ପୁରାତନ ମହାବିହାରର କିଛି ଅଂଶ ଦୃଶ୍ୟମାନ ତଥା ଭଗ୍ନ ଅବସ୍ଥାରେ ତିଷ୍ଠି ରହିଛି। ଏହି ମହାବିହାର ମଧ୍ୟରେ ଥିଲା ଗୋଟିଏ ବିଶାଳ ବୌଦ୍ଧ ମନ୍ଦିର, ଚାରିଗୋଟି ବୃହତ୍ ମହାବିଦ୍ୟାଳୟ ଓ ଅନ୍ୟ ଅନେକ କୋଠା ଓ ଅନୁଷ୍ଠାନ ଆଦି। ସବୁଠାରୁ ଅଧିକ ଉଲ୍ଲେଖଯୋଗ୍ୟ ବିଷୟ ହେଉଛି ଏହି ମହାବିହାରଟି ହୋଇଥିଲା ତିବ୍ବତରେ ବୌଦ୍ଧଧର୍ମ ସମ୍ପ୍ରଦାୟ ଶିକ୍ଷାର ଏକ ବୃହତ୍ କେନ୍ଦ୍ର। ଆଚାର୍ଯ୍ୟ ଶାନ୍ତରକ୍ଷିତ ଜଣେ ବିଶିଷ୍ଟ ବୌଦ୍ଧ ଆଚାର୍ଯ୍ୟ ତଥା ବୌଦ୍ଧ ପଣ୍ଡିତ ଥିଲେ। ନିର୍ମାଣ ପରେ ତାଙ୍କୁ ହିଁ ମୁଖ୍ୟ ଆଚାର୍ଯ୍ୟ ଭାବେ ଏହ ମହାବିହାରରେ ସାମଗ୍ରିକ ଦାୟିତ୍ୱ ଅର୍ପଣ କରାଯାଇଥିଲା। ସେହି ହିଁ ସେ ସମୟରେ ଏକମାତ୍ର ଏହି ପଦ ପାଇଁ ଯୋଗ୍ୟ ବ୍ୟକ୍ତି ଥିଲେ।(କ୍ରମଶଃ...)

ଭୁବନେଶ୍ୱର, ମୋ: ୭୨୦୫୦୨୨୭ ୯୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ମଧ୍ୟପ୍ରାଚ୍ୟ ଥରହର...

ଏହି ଆକ୍ରମଣର ଦଣ୍ଡ ଇସ୍ରାଏଲକୁ ମିଳିବ ବୋଲି କହିଛନ୍ତି। ଏହା ପରେ ଇରାନ ଜବାବୀ କାର୍ଯ୍ୟାନୁଷ୍ଠାନ ନେଇଛି। ଇସ୍ରାଏଲ ଉପରେ ଇରାନ ଶହେରୁ ଅଧିକ ଡ୍ରୋନ ମାଡ଼ କରିଛି। ତେବେ ସବୁ ଡ୍ରୋନକୁ ଖସାଇ ଦିଆଯାଇଛି। କୌଣସି ଡ୍ରୋନ ଇସ୍ରାଏଲ ସୀମାରେ ପ୍ରବେଶ କରିପାରିନି ବୋଲି ଇସ୍ରାଏଲ ସେନା (ଆଇଡିଏଫ) ପକ୍ଷରୁ କୁହାଯାଇଛି। ଇରାନର ଜବାବୀ କାର୍ଯ୍ୟାନୁଷ୍ଠାନକୁ ଦେଖି ଇସ୍ରାଏଲ ସତର୍କ ହୋଇ ରହିଛି। ନିଜ ସୀମାରେ ଲଢୁଆ ବିମାନକୁ ମୁତୟନ କରି ରଖିଛି। ଦୁଇ ଦେଶ ମୁହାଁମୁହିଁ ସ୍ଥିତିରେ ଅଛନ୍ତି। ଭାରତ ଏହି ଯୁଦ୍ଧ ସ୍ଥିତିକୁ ନେଇ ଗଭୀର ଚିନ୍ତା ପ୍ରକଟ କରିଛି। ବୈଦେଶିକ ମନ୍ତ୍ରାଳୟ ଶାନ୍ତି ନିବେଦନ କରିଛି। ଉତ୍ତେଜନାକୁ ବଢ଼ାଇବା ଭଳି କୌଣସି ପଦକ୍ଷେପ ନ ନେବା ପାଇଁ ଦୁଇ ଦେଶକୁ ପରାମର୍ଶ ଦେଇଛି। କୂଟନୈତିକ ସ୍ତରରେ ଆଲୋଚନା କରି ବିବାଦର ସମାଧାନ କରିବାକୁ କୁହାଯାଇଛି। ଯଥାସମ୍ଭବ ସହାୟତା ଲାଗି ଭାରତ ପ୍ରସ୍ତୁତ ବୋଲି କୁହାଯାଇଛି। ଏହା ମଧ୍ୟରେ ଇରାନ ସ୍ଥିତ ଭାରତୀୟ ଦୂତାବାସ ନାଗରିକଙ୍କ ପାଇଁ ଚେତାବନୀ ଜାରି କରିଛି। ଭାରତୀୟ ନାଗରିକଙ୍କୁ ସତର୍କ ରହିବା ପାଇଁ କୁହାଯାଇଛି।

ଅନ୍ୟପକ୍ଷରେ ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତନ୍ୟାହୁ ଆକ୍ରମଣର ସୂଚନା ଆମେରିକା ଏବଂ ରୁଷ୍‌କୁ ଦେଇଛନ୍ତି। ସେ ସନ୍ଧ୍ୟାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହ କଥା ହୋଇଛନ୍ତି। ନେତନ୍ୟାହୁ ତାଙ୍କୁ ସ୍ଥିତି ବିଷୟରେ ସୂଚନା ଦେଇଛନ୍ତି। ଅଞ୍ଚଳରେ ଶାନ୍ତି ଏବଂ ସ୍ଥିରତା ବଜାୟ ରଖିବା ଲାଗି ନେତନ୍ୟାହୁଙ୍କୁ ମୋଦୀ କହିଛନ୍ତି। ଆକ୍ରମଣ ପରେ ନେତନ୍ୟାହୁ ଦେଶକୁ ସମ୍ବୋଧନ କରିଥିଲେ। ଇସ୍ରାଏଲର କ୍ଷତି କରିବା ପାଇଁ ଇରାନ ପାଖରେ କ୍ଷମତା ରହିଛି। ଏହାର ମୁକାବିଲା ପାଇଁ ପ୍ରସ୍ତୁତି କରାଯାଇଛି। ଏଥିରେ ସହଯୋଗ କରିବା ପାଇଁ ସେ ଲୋକଙ୍କୁ ନିବେଦନ କରିଛନ୍ତି। ଇରାନ ପରମାଣୁ ଅସ୍ତ୍ରଶସ୍ତ୍ର ନିର୍ମାଣ ଦିଗରେ ଅତ୍ୟନ୍ତ ବିପଜ୍ଜନକ ପଦକ୍ଷେପ ନେଇଥିଲା। ୯ଟି ପରମାଣୁ ବୋମା ନିର୍ମାଣ ଲାଗି ଇରାନ ପାଖରେ ପର୍ଯ୍ୟାପ୍ତ ୟୁରାନିୟମ ଥିଲା। ୬ ବର୍ଷରେ ୨୦ ହଜାର ବାଲିଷ୍ଟିକ ମିସାଇଲ ନିର୍ମାଣ କରିବାକୁ ଯୋଜନା ମଧ୍ୟ କରିଥିଲା। ଏହି କ୍ଷେପଣାସ୍ତ୍ର ମିନିଟ୍‌କ ମଧ୍ୟରେ ଇସ୍ରାଏଲରେ ପହଞ୍ଚି ଯାଇଥାନ୍ତା। ତେଣୁ ଏହି ଆକ୍ରମଣ କରାଯାଇଥିଲା। ଯଦି ଏବେ କାର୍ଯ୍ୟାନୁଷ୍ଠାନ ନିଆଯାଇ ନ ଥାଆନ୍ତା ତେବେ ଆଗାମୀ ପିଢ଼ିର ଭବିଷ୍ୟତ ସୁରକ୍ଷିତ ରହି ନ ଥାଆନ୍ତା। ଇସ୍ରାଏଲ କେବଳ ନିଜ ପାଇଁ ନୁହେଁ, ବରଂ ସମଗ୍ର ବିଶ୍ୱ ପାଇଁ ଏହି ପଦକ୍ଷେପ ନେଇଛି। ଏହି ଅଭିଯାନ ଏବେ ଶେଷ ହୋଇନାହିଁ ବୋଲି ନେତନ୍ୟାହୁ କହିଛନ୍ତି। ସେ ଇରାନ ନାଗରିକଙ୍କୁ ମଧ୍ୟ ନିବେଦନ କରିଛନ୍ତି। ଇରାନ ନାଗରିକ ନୁହେଁ, ବରଂ ଆମେ ଇରାନ ସରକାର ବିରୋଧରେ ଲଢୁଛୁ। ଅନେକ ବର୍ଷ ହେଲା ଇରାନ ନିଜ ଲୋକଙ୍କ ସ୍ୱରକୁ ଚପାଇ ରଖିଛି। ଏହା ମଧ୍ୟରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏହି ଆକ୍ରମଣ ସମର୍ଥନ ଦେଇଛନ୍ତି। ଏହି ଆକ୍ରମଣ ବହୁତ ବଢ଼ିଆ ଥିଲା ବୋଲି କହିଛନ୍ତି। ଇରାନକୁ ଗୋଟିଏ ସୁଯୋଗ ଦିଆଯାଇଥିଲା। କିନ୍ତୁ ଇରାନ ୬୦ ଦିନ ମଧ୍ୟରେ ଏହାର ଲାଭ ଉଠାଇ ପାରି ନ ଥିଲା। ଏବେ ଏହି ଦେଶକୁ ବହୁତ ବଡ଼ ଝଟ୍‌କା ଲାଗିଛି। ଯଦି ପରମାଣୁ ଚୁକ୍ତି ପାଇଁ ଆଲୋଚନା କରା ନ ଯିବ ତେବେ ଆହୁରି ପ୍ରଚଣ୍ଡ ଆକ୍ରମଣ ହେବ ବୋଲି ଟ୍ରମ୍ପ ଧମକ ଦେଇଛନ୍ତି। ତେବେ ଟ୍ରମ୍ପଙ୍କ ଏହି ପ୍ରସ୍ତାବକୁ ଇରାନ ପ୍ରତ୍ୟାଖ୍ୟାନ କରିଦେଇଛି। ଏପରି ସମୟରେ ଇରାନ ରାଷ୍ଟ୍ରପତି ମସୁଦ ପେଜସକିଆନ ଇସ୍ରାଏଲକୁ ଧମକ ଦେଇଛନ୍ତି। ଏହି ଦେଶ ବହୁତ ବଡ଼ ଭୁଲ କରିଦେଲା ବୋଲି କହିଛନ୍ତି। ଏହି ଦୁଃସାହସ ପାଇଁ ଇସ୍ରାଏଲକୁ ପଶ୍ଚାତାପ କରିବାକୁ ପଡ଼ିବ। ଏହି ଅପରାଧକୁ ଦେଖି ଇରାନ ଚୁପ୍ ହୋଇ ରହିପାରିବ ନାହିଁ। ଇରାନ ବିଦେଶ ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି ଯେ ସାମରିକ ଏବଂ ପରମାଣୁ ଠିକଣାରେ ଆକ୍ରମଣ କରି ଇସ୍ରାଏଲ ଯୁଦ୍ଧ ଘୋଷଣା କରିଛି। ଏହି ଘଟଣାକୁ ନେଇ ମିଳିତ ଜାତିସଂଘ ସୁରକ୍ଷା ପରିଷଦକୁ ଇରାନ ବିଦେଶମନ୍ତ୍ରୀ ଚିଠି ଲେଖିଛନ୍ତି। ଇସ୍ରାଏଲ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବାକୁ ଦାବି କରିଛନ୍ତି।

### ଓଡ଼ିଶାରେ ମହିଳା...

ଏହି କାର୍ଯ୍ୟକ୍ରମରେ ସମାଜରେ ମହିଳାମାନଙ୍କ ସାମାଜିକ, ଅର୍ଥନୈତିକ ଓ ରାଜନୈତିକ ଅଧିକାରକୁ ସୁରକ୍ଷିତ କରିବା ପାଇଁ ସାତ ସୂତ୍ରୀ ଦାବି ସର୍ବସମ୍ମତିକ୍ରମେ ପାରିତ କରାଯାଇଥିଲା। ସଂସଦରେ ପାରିତ ହୋଇଥିବା ନାରୀଶକ୍ତି ବନ୍ଦନ ଅଧିନିୟମ ବିଲ ଅନୁଯାୟୀ ମହିଳାମାନଙ୍କ ପାଇଁ ବିଧାନସଭା ଓ ସଂସଦର ୩୩ ପ୍ରତିଶତ ଆସନ ସଂରକ୍ଷଣର ବ୍ୟବସ୍ଥାକୁ ୨୦୨୯ ସାଧାରଣ ନିର୍ବାଚନରେ ଲାଗୁ କରାଯାଉ ବୋଲି ଦାବି ରଖାଯାଇଥିଲା। ସେହିପରି ମିଶନ ଶକ୍ତି ମାଧ୍ୟମରେ ଗଠିତ ହୋଇଥିବା ରାଜ୍ୟର ସାତ ହଜାରରୁ ଊର୍ଦ୍ଧ୍ୱ ଏସ୍‌ଏଚ୍‌ଜିଗୁଡିକୁ ପୂର୍ବରୁ ସରକାରୀ ବିଭାଗରୁ ପ୍ରଦାନ କରାଯାଉଥିବା ବିଭିନ୍ନ କାର୍ଯ୍ୟରେ ପୁନଃ ନିୟୋଜିତ କରିବା, ବିନା ସୁଧରେ ବର୍ଷକୁ ୨୦ ଲକ୍ଷ ଟଙ୍କା ପ୍ରଦାନ, ମିଶନ ଶକ୍ତିର ବଜେଟ ପରିମାଣକୁ ଦଶ ହଜାର କୋଟି ଟଙ୍କାକୁ ବୃଦ୍ଧି, ମହିଳା ସୁରକ୍ଷାକୁ ପ୍ରାଥମିକତା ଓ ପୂର୍ବରୁ ଥିବା ମହିଳା ଓ ଶିଶୁ ଡେସ୍କକୁ ପୁନଃ ସ୍ଥାପନ, ମହିଳାଙ୍କ ପାଇଁ କେଜିରୁ ପିଜି ପର୍ଯ୍ୟନ୍ତ ମାଗଣା ଶିକ୍ଷା. ମହିଳାଙ୍କ ପାଇଁ ସ୍ୱାସ୍ଥ୍ୟ କାର୍ଡରେ ବର୍ଷକୁ ୨୦ ଲକ୍ଷ ଟଙ୍କାର ମାଗଣା ଚିକିତ୍ସା ବ୍ୟବସ୍ଥା ନିମନ୍ତେ ଏହି ଅବସରରେ ଦାବି କରାଯାଇଛି।

ଏହି କାର୍ଯ୍ୟକ୍ରମରେ ଦଳର ବରିଷ୍ଠ ନେତା ଦେବୀ ପ୍ରସାଦ ମିଶ୍ର, ପ୍ରତାପ ଦେବ, ସଂତୃପ୍ତ ମିଶ୍ର, ପ୍ରଣବ ପ୍ରକାଶ ଦାସ, ପ୍ରଫୁଲ୍ଲ ସାମଲ, ସଞ୍ଜୟ ଦାସବର୍ମା, ଇଂ. ପ୍ରୀତିରଞ୍ଜନ ଘଡ଼ାଇ, ପ୍ରଣବ ବଳବନ୍ତରାୟ, ବ୍ୟୋମକେଶ ରାୟ, ଦେବୀ ରଞ୍ଜନ ତ୍ରିପାଠୀ ପ୍ରମୁଖ ବକ୍ତବ୍ୟ ରଖିଥିଲେ।

### ଓଡ଼ିଆ 'ଅସ୍ମିତା'ର...

ଧ୍ୱଜାଧାରୀ ବୋଲି ଘୋଷି ହେଉଛନ୍ତି, ଓଡ଼ିଆ ଲୋକଙ୍କ ନିଯୁକ୍ତି ବୃଦ୍ଧି ଉପରେ ଗୁରୁତ୍ୱ ଦିଆଯିବ ବୋଲି କହୁଛନ୍ତି; ଅନ୍ୟପକ୍ଷରେ ସରକାରଙ୍କ ପ୍ରଚାର ପାଇଁ ଓଡ଼ିଆ ଗାଡ଼ି ମାଲିକଙ୍କ ପରିବର୍ତ୍ତେ ଝାଡ଼ଖଣ୍ଡ ଗାଡ଼ିମାଲିକଙ୍କ ପେଟ ପୋଷୁଛନ୍ତି । ଯାହାକୁ ନେଇ ରାଜ୍ୟର ବିଭିନ୍ନ ମହଲରେ ତୀବ୍ର ପ୍ରତିକ୍ରିୟା ସୃଷ୍ଟି ହୋଇଛି ।

ରାଜ୍ୟ ସରକାରଙ୍କ ବର୍ଷକର ଉପଲବ୍ଧି ପ୍ରଚାର ନିମନ୍ତେ ଓଡ଼ିଶାର ୩୧୪ ଟି ବ୍ଲକ, ୧୧୫ଟି ବିଜ୍ଞାପିତ ଅଞ୍ଚଳ ପରିଷଦ ଏବଂ ୫ଟି ମହାନଗର ନିଗମରେ ଗୁରୁବାରଠାରୁ ବିକାଶ ବାହନ ଗଡ଼ିବା ଆରମ୍ଭ ହୋଇଛି। ଏହି ବାହନ ଜରିଆରେ ରାଜ୍ୟ ସରକାରଙ୍କ ପକ୍ଷରୁ ପ୍ରକାଶିତ "ପ୍ରଗତି ପ୍ରବାହ' ପୁସ୍ତକ ଏବଂ ଏକ ବର୍ଷର ସଫଳତାର ସମ୍ବଳିତ ପୁସ୍ତିକା ମଧ୍ୟ ସମସ୍ତଙ୍କ ପାଖରେ ପହଞ୍ଚାଇବାକୁ ଯୋଜନା କରାଯାଇଛି । ମିଳିଥିବା ସୂଚନା ଅନୁସାରେ ଭଡ଼ା ଓ ଆନୁଷଙ୍ଗିକ ଖର୍ଚ୍ଚକୁ ମିଶାଇ ଦୈନିକ ୨୫ ଲକ୍ଷ ଟଙ୍କା ବରାଦ କରାଯାଇଛି ଏବଂ ୧୦ ଦିନରେ ଏଥିପାଇଁ ସରକାର ଅଢ଼େଇ କୋଟି ଟଙ୍କା ଖର୍ଚ୍ଚ କରିବେ । କେବଳ ଏହି ଘଟଣା ନୁହେଁ, ଗତ ନିର୍ବାଚନ ସମୟରେ ବିଜେପି ପାଇଁ ପ୍ରଚାର ନିମନ୍ତେ ଉତ୍ତରପ୍ରଦେଶରୁ ୫୦୦ରୁ ଊର୍ଦ୍ଧ୍ୱ ପିକ୍‌ଅପ୍ ଭ୍ୟାନ ଭଡ଼ାରେ ଅଣା ଯାଇଥିଲା। ଗେରୁଆ ରଙ୍ଗର ହୋଡିଂରେ ଗାଡ଼ିଗୁଡ଼ିକ ସଜାଇ ସବୁ ନିର୍ବାଚନ ମଣ୍ଡଳରେ ପ୍ରଚାର ପାଇଁ ବ୍ୟବହାର କରାଯାଇଥିଲା । ସେତେବେଳେ ଏହାକୁ ନେଇ ମଧ୍ୟ ତୀବ୍ର ପ୍ରତିକ୍ରିୟା ସୃଷ୍ଟି ହୋଇଥିଲା। ଓଡ଼ିଶାରେ ବିଜେପି ପ୍ରଚାର ପାଇଁ ଅନ୍ୟ ରାଜ୍ୟର ଗାଡ଼ିକୁ ବ୍ୟବହାର କରିବାକୁ ଅନେକ ନାପସନ୍ଦ କରିଥିଲେ । ଏବେ କଥିତ 'ବିକାଶ' ବାହନ ପ୍ରସାର କାର୍ଯ୍ୟକ୍ରମ ମାଧ୍ୟମରେ, ସରକାର ଜନସାଧାରଣଙ୍କ ଭାଗୀଦାରିତାରେ 'ବିକଶିତ ଓଡ଼ିଶା' ତଥା ସମୃଦ୍ଧ ଓଡ଼ିଶା ଗଠନର ବୃହତ୍ତର ଲକ୍ଷ୍ୟକୁ ସାକାର କରିବା ପାଇଁ ପ୍ରୟାସ କରିଛନ୍ତି ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି । ଅନ୍ୟପକ୍ଷରେ ସରକାରଙ୍କ ଏପ୍ରକାର ପ୍ରଚାରକୁ ବିରୋଧୀ କଟୁ ସମାଲୋଚନା କରିଛନ୍ତି । ବିଜେପି ସରକାରଙ୍କ ଝାରଖଣ୍ଡ ପ୍ରୀତି ବହୁ ପୁରୁଣା ଓ ନିର୍ଦ୍ଦିଷ୍ଟ ନେତାଙ୍କ ସୁପାରିସରେ ଓଡ଼ିଆ ଗାଡ଼ି ପରିବର୍ତ୍ତେ ପ୍ରଚାର ପାଇଁ ଝାରଖଣ୍ଡ ଗାଡ଼ି ଅଣାଯାଇଛି ବୋଲି ବିରୋଧୀ କହିଛନ୍ତି । ଅନ୍ୟପକ୍ଷରେ ସାଧାରଣ ଲୋକମାନେ ମଧ୍ୟ ଏହାକୁ ସାମାଜିକ ଗଣମାଧ୍ୟମରେ ସମାଲୋଚନା କରିଛନ୍ତି । ଓଡ଼ିଆଙ୍କୁ ଛାଡ଼ି ବର୍ତ୍ତମାନ କାହିଁକି ଝାଡ଼ଖଣ୍ଡୀଙ୍କ ପ୍ରତି ସରକାର ଆକୃଷ୍ଟ ହେଲେ ତାକୁ ନେଇ ପ୍ରଶ୍ନ ଉଠାଇଛନ୍ତି ।

ଏ ସମ୍ପର୍କରେ ନିଖିଳ ଓଡ଼ିଶା ଡ୍ରାଇଭର୍ ମହାସଂଘ ସଭାପତି ପ୍ରଶାନ୍ତ ମେଣ୍ଡୁଲି କହିଛନ୍ତି ଯେ ଏହା ଓଡ଼ିଆ ଅସ୍ମିତା ପ୍ରତି କୁଠାରଘାତ। ରାଜ୍ୟ ସରକାର ଓଡ଼ିଆ ଗାଡ଼ି ମାଲିକ ଓ ଓଡ଼ିଆ ଗାଡ଼ିଚାଳକଙ୍କୁ ଛାଡ଼ି ବାହାର ରାଜ୍ୟରୁ ଗାଡି ଆଣୁଛନ୍ତି। ଏହାଦ୍ୱାରା ଓଡ଼ିଶାର ଟଙ୍କା ବାହାର ରାଜ୍ୟକୁ ଚାଲିଯିବ। ଓଡ଼ିଆଗାଡ଼ି ଚାଳକଙ୍କୁ ଏହି କାର୍ଯ୍ୟରେ ନିୟୋଜିତ କରିଥିଲେ ରାଜ୍ୟର କିଛି ଗାଡ଼ି ମାଲିକ ଓ ଗାଡ଼ି ଚାଳକ କିଛି ଅର୍ଥ ପାଇପାରିଥାନ୍ତେ। ଏହାକୁ ମହାସଂଘ ନାପସନ୍ଦ କରୁଛି ବୋଲି ସେ କହିଛନ୍ତି।

### ୧୬ରୁ ବଢ଼ିବ...

ସମ୍ଭାବନା ରହିଛି। ଏହି ସମୟରେ କେତେକ ସ୍ଥାନରେ ହାଲୁକା ଓ ମଧ୍ୟମ ଧରଣର ବର୍ଷା ସହ ବିଜୁଳି ଘଡ଼ଘଡ଼ି ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ କୁହାଯାଇଛି। ଶେଷ ରଜ ଅର୍ଥାତ ୧୬ ତାରିଖରୁ ବର୍ଷାର ପ୍ରଭାବ ବଢ଼ିବା ନେଇ କେନ୍ଦ୍ର ପକ୍ଷରୁ କୁହାଯାଇଛି। ଗତ ୨୪ ଘଣ୍ଟାରେ ମାଲକାନଗିରିରେ ୧୩ ମିମି ବର୍ଷା ହୋଇଥିବା ବେଳେ ମାଲକାନଗିରିରେ ୧୨ ମିମି ଓ ବାକି ଅଞ୍ଚଳରେ ୧୦ ମିମିରୁ କମ୍ ବର୍ଷା ରେକର୍ଡ ହୋଇଛି।

### ବାଇକ୍‌କୁ ଚାପିଦେଲା...

ଘଟଣାସ୍ଥଳରେ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ଦୁଇଜଣ ଗୁରୁତର ହୋଇଥିଲେ। ସ୍ଥାନୀୟ ଲୋକ ସେମାନଙ୍କୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ ହେଁ ସେଠାରେ ଡାକ୍ତର ସେମାନଙ୍କୁ ମୃତ ଘୋଷଣା କରିଛନ୍ତି। ଅପରପକ୍ଷେ, ଦୁର୍ଘଟଣା ଘଟଣାଇଥିବା ଗାଡ଼ିଟି ଫେରାର୍ ହୋଇଯାଇଛି। ଭାରୀଯାନଗୁଡ଼ିକ ଅଟକି ରହିଥିବା ଯୋଗୁଁ ଟ୍ରାଫିକ୍ ସମସ୍ୟା ଦେଖାଦେଇଥିଲା। ବାରମ୍ବାର ଦୁର୍ଘଟଣା ଘଟୁଥିବା ନେଇ ସ୍ଥାନୀୟ ଲୋକେଙ୍କ ମଧ୍ୟରେ ଉତ୍ତେଜନା ଦେଖା ଦେଇଛି। ପୁଲିସ ଲୋକଙ୍କୁ ବୁଝାସୁଝା କରିବା ପରେ ଟ୍ରାଫିକ ସମସ୍ୟା ସ୍ୱାଭାବିକ ହୋଇଛି। ଏନେଇ ତିନିଟି ମାମଲା ରୁଜୁ ହୋଇଛି।

### ଜୁନ ଅଧା ହେଲାଣି...

ଛାତ୍ରାବାସରେ ଅଚଳାବସ୍ଥା ସୃଷ୍ଟି ହୋଇଛି । ବାଧ୍ୟବାଧକତା ଦୃଷ୍ଟିରୁ ସ୍କୁଲର ପ୍ରଧାନଶିକ୍ଷକ ଓ କର୍ତ୍ତୃପକ୍ଷ କରଜ କରି ପିଲାମାନଙ୍କ ପାଇଁ ଖାଦ୍ୟ ବ୍ୟବସ୍ଥା କରୁଥିବା ଅଭିଯୋଗ ହୋଇଛି ।

ପୂର୍ବ ସରକାର ସମୟରେ ଜାନୁଆରୀ ଓ ଫେବୃଆରୀ ମାସରେ ଅନୁସୂଚୀତ ଜାତି ଓ ଜନଜାତି ପିଲାମାନଙ୍କୁ ପ୍ରାକ୍ ମାଟ୍ରିକ୍ ଛାତ୍ରବୃତ୍ତି ଅର୍ଥ ପ୍ରଦାନ କରାଯାଉଥିଲା। କୌଣସି ସମୟରେ ବିଳମ୍ବ ହେଲେ ବି ଶିକ୍ଷାବର୍ଷ ଆରମ୍ଭ ବେଳକୁ ଏହି ବୃତ୍ତିରାଶି ବିଭାଗ ପକ୍ଷରୁ ପଠାଇ ଦିଆଯାଇଥିଲା। ମାତ୍ର ଚଳିତ ବର୍ଷ ଜୁନ୍ ମାସ ଅଧା ହୋଇଥିଲେ ହେଁ ଅନୁସୂଚୀତ ଜାତି ଓ ଜନଜାତି ଛାତ୍ରଛାତ୍ରୀଙ୍କୁ ବୃତ୍ତିରାଶି ଦିଆଯାଇ ନାହିଁ। ଏପରିକି ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ, ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆ ବର୍ଗ କଲ୍ୟାଣ ବିଭାଗ ପାଖରେ ଏ ସଂକ୍ରାନ୍ତରେ ତଥ୍ୟ ମଧ୍ୟ ନାହିଁ। କେତେଜଣ ଛାତ୍ରଛାତ୍ରୀ ବୃତ୍ତିରାଶି ପାଇବାକୁ ଯୋଗ୍ୟ, ସେନେଇ ତଥ୍ୟ ଦେବାକୁ ସମସ୍ତ ଜିଲ୍ଲା ଉନ୍ନୟନ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଯାହାକୁ ନେଇ ବିଭିନ୍ନ ମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି ।

ଅପରପକ୍ଷରେ ପ୍ରି-ମାଟ୍ରିକ୍ ସ୍କୋଲାରସିପ୍ ପାଇଁ ଛାତ୍ରମାନଙ୍କୁ ମାସିକ ୧୦୫୦ ଟଙ୍କା ଓ ଛାତ୍ରୀଙ୍କୁ ୧୧୦୦ ଟଙ୍କା ଦିଆଯାଉଛି। ଯାହା ସମୁଦ୍ରକୁ ଶଙ୍ଖେ। ମଧ୍ୟାହ୍ନରେ ଓ ରାତିରେ ୨ଟି ମିଲ୍ ସମେତ ସକାଳେ ଓ ଅପରାହ୍ନରେ ୨ ଥର ଜଳଖିଆ ପ୍ରଦାନ କରାଯାଉଛି। ଅର୍ଥାତ୍ ଦିନକୁ ୪ଥର ଅର୍ଥାତ୍ ମାସକୁ ୧୨୦ ଥର ପିଲାମାନେ ଖାଉଛନ୍ତି। ପ୍ରତି ଥର ଖାଇବା ପିଛା ୮ରୁ ୯ ଟଙ୍କା ମଧ୍ୟରେ ପଡୁଛି। ଏହି ଅର୍ଥରେ କିପରି ପଲାଙ୍କୁ କେଉଁ ପ୍ରକାରର ସୁଷମ ଖାଦ୍ୟ ପ୍ରଦାନ କରାଯାଉଛି ବୋଲି ଅଭିଭାବକମାନେ ପ୍ରଶ୍ନ କରିଛନ୍ତି। ଛାତ୍ରଛାତ୍ରୀଙ୍କ ମାନସିକ, ଶାରିରୀକ ଓ ବୌଦ୍ଧିକ ବିକାଶ ପାଇଁ ସୁଷମ ଓ ପୁଷ୍ଟିକର ଖାଦ୍ୟ ଆବଶ୍ୟକ। ହେଲେ ହଷ୍ଟେଲ୍‌ରେ ରହୁଥିବା ଛାତ୍ରଛାତ୍ରୀଙ୍କୁ ଆବଶ୍ୟକ ପରିମାଣରେ ତାହା ମିଳି ପାରୁ ନଥିବା ଅଭିଭାବକମାନେ ଅଭିଯୋଗ କରିଛନ୍ତି। ଏହି ଅନୁଦାନକୁ ବଢ଼ାଇବାକୁ ମଧ୍ୟ ସେମାନେ ଦାବି କରିଛନ୍ତି।

■ ମହିଳା ସାଂସଦଙ୍କୁ ଉପେକ୍ଷା

## ଶିଳାନ୍ୟାସ ଫଳକରେ ନାମ ନାହିଁ

**ବାରିପଦା, ୧୩।୬(ସମିସ):** ବିଜେପି ମହିଳାଙ୍କୁ ସବୁ କ୍ଷେତ୍ରରେ ଅଗ୍ରାଧିକାର ଦେଉଥିବା ନେଇ ଡିଣ୍ଡିମ ପିଟୁଥିବା ବେଳେ ବାସ୍ତବ ଚିତ୍ର କିନ୍ତୁ ଅଲଗା। ବିଜେପିରେ ମହିଳା ସାଂସଦଙ୍କୁ ଅଣଦେଖା କରାଯାଇଛି। ଯାହାର ଏକ ଚିତ୍ର ଦେଖିବାକୁ ମିଳିଛି ବାରିପଦା ପୌରାଅଞ୍ଚଳରେ। ବାରିପଦା ସହରାଞ୍ଚଳ ଜଳ ନିଷ୍କାସନ ନେଇ ଡ୍ରେନ୍ ନିର୍ମାଣ ସକାଶେ ଶୁକ୍ରବାର ଶିଳାନ୍ୟାସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ବିଭିନ୍ନ ସ୍ଥାନ ସହ ଭଞ୍ଜପୁର ରେଳଷ୍ଟେସନ୍ ନିକଟରେ ଶିଳାନ୍ୟାସ କରାଯାଇଛି। ଯାହାକି ରାଜ୍ୟସଭା ସାଂସଦ ମମତା ମହାନ୍ତଙ୍କ ଘର ନିକଟରେ ହୋଇଛି। କିନ୍ତୁ ତାଙ୍କୁ ନିମନ୍ତ୍ରଣ କରାଯାଇନାହିଁ କି ଫଳକରେ ମଧ୍ୟ ତାଙ୍କ ନାମ ରଖାଯାଇନାହିଁ। ଗୃହ ଓ ନଗର ଉନ୍ନୟନ ମନ୍ତ୍ରୀ ଡା. କୃଷ୍ଣଚନ୍ଦ୍ର ମହାପାତ୍ର, ବାରିପଦା ବିଧାୟକ ପ୍ରକାଶ ସୋରେନ, ନଗରପାଳ କୃଷ୍ଣାନନ୍ଦ ମହାନ୍ତି, ଉପ ନଗରପାଳ ସୀମା ଦାସ, କାର୍ଯ୍ୟ ନିର୍ବାହୀ ଅଧିକାରୀ ଦେବୀପ୍ରସାଦ ରାଉତ ଓ କାଉନସିଲର ଅନୁରାଧା ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। କିନ୍ତୁ ରାଜ୍ୟସଭା ସାଂସଦଙ୍କ ଅନୁପସ୍ଥିତି ଓ ଶିଳାନ୍ୟାସ ଫଳକରେ ନାମ ନରହିବା ଚାପା ଗୁଞ୍ଜରଣ ସୃଷ୍ଟି କରିଛି। ବିଜେପି ମହିଳାଙ୍କ ବିକାଶ ନିମନ୍ତେ ସର୍ବଦା ଚେଷ୍ଟିତ ଥିବା ନେଇ କହୁଥିବା ବେଳେ ଦଳ ମଧ୍ୟରେ ନେତ୍ରୀଙ୍କୁ କୋଣଠେସା କରାଯିବା ଚର୍ଚ୍ଚା ହେଉଛି।

■ ଘସିପୁରା ବ୍ଲକ ସୀମାରୁ ବ୍ୟାପୁଛି ଝାଡ଼ାବାନ୍ତି

## ଆନନ୍ଦପୁର ଉପଖଣ୍ଡ ଡାକ୍ତରଖାନାରେ ୪ ମୃତ, ୩୦ ଆକ୍ରାନ୍ତ

**ଆନନ୍ଦପୁର, ୧୩।୬ (ସମିସ):** ଆନନ୍ଦପୁର ଉପଖଣ୍ଡରେ ଏବେ ଝାଡ଼ାବାନ୍ତି ବ୍ୟାପିଛି। ଘସିପୁର ବ୍ଲକ ଅଞ୍ଚଳରେ ପାନୀୟଜଳ ଅଭାବକୁ ନେଇ ଏହି ସଂକ୍ରାମକ ରୋଗ ବ୍ୟାପିବାରେ ଲାଗିଛି। ବ୍ଲକ୍ ସୀମାନ୍ତ ତଥା ଗ୍ରାମାଞ୍ଚଳରେ ଏହି ରୋଗ ଏବେ ଅଣାୟତ୍ତ ହେଉଛି। ଉପଖଣ୍ଡ ଡାକ୍ତରଖାନାରେ ଏବେ ସୁଦ୍ଧା ୪ ଜଣଙ୍କର ମୃତ୍ୟୁ ହୋଇସାରିଥିଲା ବେଳେ ଆହୁରି ପ୍ରାୟ ୩୦ ଜଣ ଚିକିତ୍ସାଧୀନ ଥିବା ଜଣାପଡ଼ିଛି। ଗତ ବୁଧବାର ଝାଡ଼ାବାନ୍ତି ରୋଗରେ ଆକ୍ରାନ୍ତ ହୋଇ ସଞ୍ଜୁଲତା ଜେନାଙ୍କ ମୃତ୍ୟୁ ହୋଇଯାଇଛି। ଘସିପୁରା ବ୍ଲକ ବାତୋ ଗ୍ରାମର ସୁମ ଜେନା (୪୫)ଙ୍କ ଆନନ୍ଦପୁର ଡାକ୍ତରଖାନାରେ ମୃତ୍ୟୁ ହୋଇଛି। ଅନ୍ୟପକ୍ଷରେ, କଟକ ସ୍ଥାନାନ୍ତର ହୋଇଥିବା ତାଙ୍କ ସ୍ୱାମୀ ଯୋଗେନ୍ଦ୍ର ଜେନା (୫୧)ଙ୍କ ମଧ୍ୟ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ସୂଚନା ମିଳିଛି। ଘସିପୁରା ବ୍ଲକ ସୀମାନ୍ତ ତାରାଇଲୋ ଗ୍ରାମର ଘନଶ୍ୟାମ ପୂର୍ତ୍ତି ମଧ୍ୟ ଝାଡ଼ାବାନ୍ତିରେ ଏଠାରେ ଚିକିତ୍ସାଧୀନ ଅବସ୍ଥାରେ ପ୍ରାଣ ହରାଇଛନ୍ତି।

ଗତ ଦୁଇ ଦିନ ମଧ୍ୟରେ ଚମ୍ପାପାଳ ସୁଲଣ, କଣ୍ଟିପାଳ, ବନିକା, ଟୋଲଙ୍ଗପଡ଼ା, ଭଣ୍ଡାରିଡିହା, ରଘୁନାଥପୁର, କୋଡ଼ପଡ଼ା, ସମଣା, ବାହାରିପୁର, ଫକୀରପୁର, ବାଲିପାଳ ଓ କାନପୁର ଗ୍ରାମରୁ ପ୍ରାୟ ୩୦ ଆକ୍ରାନ୍ତ ଆନନ୍ଦପୁର ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ଝାଡ଼ାବାନ୍ତି ରୋଗର ପ୍ରକୋପ ଲାଗି ରହିଥିଲେ ମଧ୍ୟ ସ୍ୱାସ୍ଥ୍ୟ ବିଭାଗ କର୍ମଚାରୀ ଉକ୍ତ ଅଞ୍ଚଳକୁ ଯାଇ ନଥିବା ଚିନ୍ତାର କାରଣ ହୋଇଛି। ଉକ୍ତ ଗାଁରେ ପ୍ରାଥମିକ ଚିକିତ୍ସା ମିଳି ନଥିବାରୁ ଏହି ରୋଗର ପ୍ରକୋପ ବୃଦ୍ଧି ପାଇଛି। ଶୁକ୍ରବାର ଗୁରୁତର ଅବସ୍ଥାରେ ଚମ୍ପାପାଳ ଗ୍ରାମର ଗଣେଶ୍ୱର ପେରେଇ, ଶାନ୍ତିଲତା ପେରେଇ ଓ ଭରତ ପେରେଇଙ୍କୁ ମଧ୍ୟ ଚିକିତ୍ସା ପାଇଁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିବା ଜଣାଯାଇଛି।

■ ଭଦ୍ରକରେ ଶାନ୍ତି ଫେରୁଛି

## ସ୍ୱାଭାବିକ ହେଲା ଇଣ୍ଟରନେଟ ସେବା

**ଭଦ୍ରକ, ୧୩।୬(ସମିସ):** ଆଇନ ଶୃଙ୍ଖଳାକୁ ଦୃଷ୍ଟିରେ ରଖି ଭଦ୍ରକରେ ଆଜି ସକାଳୁ ଆହୁରି ୧୨ଘଣ୍ଟା ପାଇଁ ଇଣ୍ଟରନେଟ ସେବାକୁ ପ୍ରଶାସନ ବନ୍ଦ ରଖିଥିଲା। ଫଳରେ ଦୀର୍ଘ ୩୬ ଘଣ୍ଟା ଜିଲ୍ଲାବ୍ୟାପୀ ଇଣ୍ଟରନେଟ୍ ସେବା ସ୍ୱାଭାବିକ ହୋଇଛି। କିନ୍ତୁ ପ୍ରଶାସନ ସାମାଜିକ ଗଣମାଧ୍ୟମ ଉପରେ କଡ଼ା ନଜର ରଖିଛି। ଆବଶ୍ୟକ ପଡ଼ିଲେ, ପୁଣିଥରେ ଇଣ୍ଟରନେଟ୍ ସେବା ଉପରେ କଟକଣା ଲାଗୁ ହୋଇପାରେ ବୋଲି ଜିଲ୍ଲାର ଏସ୍‌ପି ମନୋଜ ରାଉତ କହିଛନ୍ତି। ଭଦ୍ରକ ଜିଲ୍ଲା ତିହିଡ଼ି ଥାନା କଷଟିଠାରେ ଗୋରୁମାଫିଆଙ୍କ ଆକ୍ରମଣରେ ଜଣେ ଯୁବକଙ୍କ ମୃତ୍ୟୁ ପରେ ଭଦ୍ରକରେ କଟକଣା ଜାରି ହୋଇଥିଲା। ଗୁରୁବାର ୨୪ ଘଣ୍ଟା ପାଇଁ ଇଣ୍ଟରନେଟ ସେବା ବନ୍ଦ ଥିବା ବେଳେ ଶୁକ୍ରବାର ମଧ୍ୟ ସକାଳୁ ୬ରୁ ସନ୍ଧ୍ୟା ୬ ପର୍ଯ୍ୟନ୍ତ ୧୨ ଘଣ୍ଟା ପାଇଁ ପ୍ରଶାସନ ଇଣ୍ଟରନେଟ୍ ସେବାକୁ ବନ୍ଦ ରଖିଥିଲା।

## 'ଅପୂର୍ବା'ର ଶାରଦୀୟ ବିଶେଷ ସଂଖ୍ୟା ପାଇଁ ଲେଖା ଆବେଦନ

**ଜୁଲାଇ ୧୫ ଆବେଦନର ଶେଷ ତାରିଖ**

**ଭୁବନେଶ୍ୱର,୧୨।୬(ସମିସ):** ରାଜ୍ୟର ଲୋକପ୍ରିୟ ସାହିତ୍ୟ ପତ୍ରିକା 'ଅପୂର୍ବା'ର ୨୭ତମ ଶାରଦୀୟ ବିଶେଷ ସଂଖ୍ୟା ପ୍ରକାଶ ପାଇବାକୁ ଯାଉଛି। ରାଜ୍ୟର ବହୁ ବରିଷ୍ଠ ଓ ତରୁଣ ଲେଖକ ଲେଖିକାଙ୍କ ସୁନିର୍ବାଚିତ ଲେଖାର ସମୃଦ୍ଧ ଏହି ବିଶେଷ ସଂଖ୍ୟାଟି ଆସନ୍ତା ସେପ୍ଟେମ୍ବର ଶେଷ ସପ୍ତାହରେ ଏକ ଉତ୍ସବରେ ଲୋକାର୍ପିତ ହେବ। ଏଥିପାଇଁ ଆଗ୍ରହୀ ଲେଖକ ଲେଖିକାମାନେ ନିଜର ସୁନିର୍ବାଚିତ ଲେଖା ଯଥା: ଉପନ୍ୟାସ, ଗଳ୍ପ, କବିତା, ପ୍ରବନ୍ଧ, ଫିଚର, ଅନୁବାଦ ସାହିତ୍ୟ ଆଦି ଅପୂର୍ବାର ଏହି ଶାରଦୀୟ ସ୍ୱତନ୍ତ୍ର ସଂଖ୍ୟା-୨୦୨୫ ପାଇଁ ପଠାଇବାକୁ ନିବେଦନ କରାଯାଇଛି। (ଇମେଲ- apurba1999@gmail.com) ରେ ଲେଖା ଗୁଡ଼ିକ ଆକୃତି ଅକ୍ଷରରେ ଟାଇପ୍ ହୋଇ ପେଜମେକର ବା ୱାର୍ଡ ଫର୍ମାଟରେ ଜୁଲାଇ ୧୫ ତାରିଖ ମଧ୍ୟରେ ପଠାଇବା ଆବଶ୍ୟକ। ଭଲ ହାତଲେଖାରେ ଲେଖା ଥିବା ଲେଖାକୁ ମଧ୍ୟ ଗ୍ରହଣ କରାଯିବ। ଏଥିପାଇଁ ଠିକଣା- ସମ୍ପାଦକ-ଅପୂର୍ବା, ପ୍ଲଟ୍ ନଂ-୨୯୪, ୟୁନିଟ୍-୩ ଖାରବେଳ ନଗର, ଭୁବନେଶ୍ୱର-୭୫୧୦୦୧ରେ ପଠାଇବା ସହ ଅଧିକ ସୂଚନା ପାଇଁ ମୋବାଇଲ ନମ୍ବର- ୯୯୩୭୩୦୦୨୨୩ ରେ ଯୋଗଯୋଗ କରିପାରିବେ ବୋଲି ଅପୂର୍ବାର ସମ୍ପାଦକ କ୍ଷୀରୋଦ ପତି ପ୍ରେସ୍ ବିବୃତ୍ତିରେ ସୂଚନା ଦେଇଛନ୍ତି।


**AFFIDAVIT**

I, Manoja Kumar Sahu, aged about 50 years, H/o- Sasmita Kumari Dash, resident of Flat No.201, 1st floor, Swarnajyoshtna Apartment, Mallick complex, Lane-10B, Jagamara, Bhubaneswar, PO/PS- Khandagiri, Dist- Khurda, PIN- 751030, Odisha declared by this affidavit No. 497, dtd- 12/06/2025 that now onwards I shall be known as **MANOJ KUMAR SAHU** for all future purposes.

**AFFIDAVIT**

I, Prasannajit Moharana, aged about 31 years, S/o.: Debendranath Moharana, of Village: Jailo, PO.: Mahanga, P.S.: Mahanga, Dist.: Cuttack declare by this affidavit No.: 5788, dtd. 05.06.2025 that now onwards I shall be known as **Prasanajit Moharana** for all future purposes.

**AFFIDAVIT**

By virtue of an affidavit sworn before Notary Court of Odisha, Sukinda, Jajpur, Dated: 22.04.2025, I, Madan Tudu, At: Aradapal, PO: Kalarangiatta, PS:Kaliapani, Dist: Jajpur declare that I have changed my son's name from Adyansh Tudu (Old Name) to Leda Tudu (New Name). Henceforth, he shall be known as **Leda Tudu** for all purposes.

Sd/- Madan Tudu

**AFFIDAVIT**

I, S K Kalmattullah, S/o. Sheik Amanattulla, resident of LIG- 11/3, Housing Board Colony, Chandrasekharpur, Bhubaneswar, Dist- Khordha, Pin- 751016, Odisha, declare by this Affidavit No. 21, Dated 12.06.2025, that now onwards I shall be known as **SHEIK KALAMATTULLA** for all future purposes.

**AFFIDAVIT**

BY VIRTUE OF an affidavit sworn before the Notary Public, Sunabeda, No.2647 dated 12.06.2025, I, **VYSYARAJU SIVA PRASAD RAO** of Vill.- Padwa, Po.- Padwa, Dist.- Koraput, Pin- 764038, Odisha declare that, I have changed my son's name from **V.SWAHAN** to **VYSYARAJU SOHAN**. Henceforth he shall be known as **VYSYARAJU SOHAN** for all purposes.

**AFFIDAVIT**

By virtue of an affidavit Sl.No.- 5864, dtd. 05.06.2025 before the Notary Public, Sambalpur, I, Prasadi Padhan have changed my minor son's name from **Ashish Padhan** to **Jagannath Padhan**. Henceforth he will be know as **Jagannath Padhan** for all purposes.

Sd/- Prasadi Padhan

**AFFIDAVIT**

BY VIRTUE OF an affidavit sworn before the Notary Public, Sunabeda, No.2646 dated 12.06.2025, I, **VYSYARAJU SIVA PRASAD RAO** of Vill.- Padwa, Po.- Padwa, Dist.- Koraput, Pin- 764038, Odisha declare that, I have changed my daughter's name from **V.VAISALI** to **VYSYARAJU VAISHALI**. Henceforth she shall be known as **VYSYARAJU VAISHALI** for all purposes.

**AFFIDAVIT**

I Snigdha Ghosh,W/o- Dillip Kumar Ghosh, resident of village, Palusia, Post-Gopinathpur, Ps-Bhograi, Dist- Balasore, Odisha, declared by affidavit before Executive Magistrate , Bhograi No.1878/ dtd- 27/05/2025 that My actual name as Snigdha Ghosh in educational certificate, that wrongly mentioned as Snidha Ghosh in Adhar card. Snigdha Ghosh and Snidha Ghosh is one & same person.Hence my name as Snigdha Ghosh for all future purpose.

**AFFIDAVIT**

BY VIRTUE OF an affidavit sworn before the Notary Public, Sunabeda, No.2648 dated 12.06.2025, I, **VYSYARAJU SIVA PRASAD** of Vill.- Padwa, Po.- Padwa, Dist.- Koraput, Pin- 764038, Odisha declare that, I have changed my name from **VYSYARAJU SIVA PRASAD** to **VYSYARAJU SHIVA PRASAD RAO**. Henceforth I shall be known as **VYSYARAJU SHIVA PRASAD RAO** for all purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated- 13/06/2025. I, **Nila Nag** (Applicant name) Son of Mathula Nag, permanent resident of At- Kapsibhata, P.O. Ghantabahali, P.S. Titilagarh, Dist- Bolangir, (Odisha), PIN- 767033 now residing at the same place affirm that I have changed my minor daughter name from **Dasamata Nag** (old name) To **Dasmita Nag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she will be known as **Dasmita Nag** (new name).

**NILA NAG**

**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact

**GADHWAL GROUP**

**Mob.: 9437015112**

**AFFIDAVIT**

BY VIRTUE OF an affidavit sworn before the Notary Public, Sunabeda, No.2644 dated 12.06.2025, I, **BHAGABATI KHILL** of Vill.- Kakua, Po.- Badel, Dist.- Koraput, Pin- 764041, Odisha declare that, I have changed my name from **BHAGABATI KHIL** to **BHAGABATI KHILLA**. Henceforth I shall be known as **BHAGABATI KHILLA** for all purposes.

**AFFIDAVIT**

I, Suprava Sahoo, aged about 48 years, W/o- Seshadev Sahu, resident of At- Main Road, Titilagarh, PO/PS- Titilagarh, Dist- Balangir, PIN- 767033, Odisha declared by this affidavit No. 512, dtd- 13/06/2025 that now onwards I shall be known as **SUPRAVA SAHU** for all future purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated- 12/06/2025. I, **Tanka Majhi** (Applicant name) Son of Sahadev Majhi, permanent resident of AT/P.O. Chalki, P.S. Muribahal, Dist- Bolangir, (Odisha), PIN- 767037 now residing at the same place affirm that I have changed my minor daughter name from **Dips Majhi** (old name) To **Deepa Majhi** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she will be known as **Deepa Majhi** (new name).

**TANKA MAJHI**

**AFFIDAVIT**

By virtue of an Affidavit No. 596 Dtd: 12.06.2025 sworn before the Executive Magistrate, Lephripara, I Manash Ranjan Sahoo S/o- Nityananda Sahoo R/o At/Po/Ps-Lephripara, Dist- Sundargarh - 770012, declare that my minor daughter SRUSTI KUMARI SAHOO changed her name to SONAKSHI SAHOO. Henceforth, she will be known as **SONAKSHI SAHOO** for all purposes.


**OFFICE OF THE TAHASILDAR, GUNUPUR**

No....1770...../XII:02/2025-Debottar Dated: 12.06.2025

**CORRIGENDUM**

**1ST EXTENSION OF DATE SUBMISSION OF TENDER**

Last date for submission of Sealed Tender No 1659/XII: 02/2025 dated 03.06.2025 for staging of Mina Bazar and join ride items except Mout Ka Kua at Mina Bazar Rath Yatra for the year 2025 is extended to **17.06.2025 at 04.00 PM.**

All other terms and conditions will remain the same.

Sd/- Tahasildar-Cum-Executive Officer
Endowment, Gunupur

**ODISHA LIFT IRRIGATION CORPORATION LTD.** CAD-731

(A GOVT. OF ODISHA UNDERTAKING)

**OFFICE OF THE EXECUTIVE ENGINEER, L.I. DIVISION, GUNUPUR**

E-mail: eeolicgnpr@gmail.com

"E"-Procurement Notice

**BID IDENTIFICATION NO. OLIC-GNPR-03/2025-26 dt.11.06.2025**

The Executive Engineer, Lift Irrigation Division, Gunupur, Odisha on behalf of Odisha Lift Irrigation Corporation Limited, Bhubaneswar invites E-tender on Percentage Rate bids in single cover system online mode for the work Installation / Revival / Reinforcement of Lift Irrigation Projects on turnkey basis from reputed contractors / firms having both valid Civil and H.T. license, holders registered within the State issued by PWD/PHED/RWSS/ Irrigation /Rural works of required class and valid HT license issued by E.I.B.O., Odisha with experience in OLIC nature of works. Contractors / firms having civil license can also participate in the above tender making joint venture with valid HT license holders and vice-versa. Valid Joint Venture Documents registered before the Sub-Registration Officer / First Class Magistrate / Executive Magistrate. If a Civil contractor will be first party and joint venture with electrical contractor then the electrical contractor have to produce an affidavit that he have not made joint venture with any others. The bidders who have awarded similar nature of work previously but not satisfactory progress till date their tender may be rejected without assigning any reason thereof.

The details are available in the Government Tender **Website i.e. www.tendersorissa.gov.in**

1. Total Nos. of Packages: 07 nos.
2. Approximate Estimated Cost: Rs. 10.97 Lakhs to 26.71 Lakhs.
3. Period of completion: Mentioned against each package.
4. Class of Contractor: Mentioned against each package.
5. Availability of tender On-line for bidding: From 18.06.2025 to 25.06.2025.
6. Last date & time of seeking tender clarification: On dt. 24.06.2025
7. Last date of submission of original Bid documents / Cost of Bid (On Online Mode): On or before dt. 25.06.2025 up to 5.30 P.M.
8. Date & Time of Opening of tender in the office of the Executive Engineer, L.I. Division, Gunupur (Online Mode): dt. 26.06.2025 onwards.
9. Any Corrigendum/ Addendum: Will be displayed in the website only.

The undersigned reserves the right to reject/cancel any or all the tenders without assigning any reason thereof.

OIPR-32144/11/0010/2526

Sd/- Executive Engineer
L.I. Division, Gunupur

GOVERNMENT OF ODISHA
OFFICE OF THE SUPERINTENDING ENGINEER
RURAL WORKS DIVISION-I, MALKANGIRI
NATIONAL COMPETITIVE BIDDING THROUGH e-Procurement
1st Corrigendum to Online Tender 01/RWD-I, MKG/2025-26 dt. 23.05.2025

O-284

In Partial modification to this office tender call notice Online Tender 04/RWD-I, MKG/2024-25 dt.09.10.2024 availability of Tender on-line for bidding have been rescheduled as follows

| Procurement Officer | Bid Identification No. | No of Works | Availability of Tender on-line for bidding | | Last Date & Time of seeking tender clarification | Date and time of opening of tender |
|---|---|---|---|---|---|---|
| | | | From | To | | |
| 1 | 2 | 3 | 4 | 5 | 6 | 7 |
| Executive Engineer, Rural Works Division-I, Malkangiri | Online Tender -01/ RWD-I, MKG /2025-26 | **Total 7 nos** (single cover & Double Cover) | 23.06.2025 from 11.00 AM | 07.07.2025 up to 5.00 PM | 30.06.2025 up to 5.00 P.M. | Tech Bid opening: - **(Single Cover & Double Cover Tech. Bid)** 08.07.2025 at 11.00 AM |

All other terms and conditions will remain unaltered

OIPR-25058/11/0013/2526

Executive Engineer
R.W. Division-I, Malkangiri

# ଝାଡ଼ାବାନ୍ତି ଆକ୍ରାନ୍ତ ଅଞ୍ଚଳରେ ବିଧାୟକ

# ମୃତକଙ୍କ ପରିବାରକୁ ଭେଟିଲେ

ବାରିକପୁର,୧୩।୬(ସମିସ)



ଭଣ୍ଡାରିପୋଖରୀ ବ୍ଲକ ମାଳଦା ଓ ଷୋଳମପୁର ଗ୍ରାମପଞ୍ଚାୟତ ଅଧୀନ କେତେକ ଗାଁରେ ଦୁଇ ତିନି ଦିନ ହେବ ଝାଡ଼ାବାନ୍ତି ବ୍ୟାପୁଥିବା ଜଣାପଡିଛି। କେତେକ ଆକ୍ରାନ୍ତ ମେଡିକାଲରୁ ଚିକିତ୍ସିତ ହୋଇ ଘରକୁ ଫେରିଥିବା ବେଳେ ଆହୁରି କେତେକ ଏବେବି ଚିକିତ୍ସାଧୀନ ଅଛନ୍ତି। ଏ ସଂପର୍କରେ ଖବର ପାଇବା ପରେ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ ପ୍ରଥମେ ଯାଜପୁର ମେଡିକାଲ ଓ ପରେ ଆକ୍ରାନ୍ତ ଗାଁକୁ ଯାଇ ରୋଗୀମାନଙ୍କୁ ଭେଟିବା ସହିତ ଉନ୍ନତ ମାନର ଚିକିତ୍ସା ଯୋଗାଇ ଦେବା ଉପରେ ସ୍ୱାସ୍ଥ୍ୟ ବିଭାଗ ଅଧିକାରୀମାନଙ୍କ ସହିତ ବିଭିନ୍ନ ଆଲୋଚନା କରିଛନ୍ତି। ବିଧାୟକ ପ୍ରଥମେ ଦାଣ୍ଡକୂଳ, ମଣିନାଥପୁର ଓ ମୁଢାପଦା ଠାରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। ଏହାପରେ ଜଳହରି କବି ସାହିଠାରେ ପହଞ୍ଚି ଝାଡ଼ାବାନ୍ତିରେ ମୃତ ବରଣ କରିଥିବା ଗୋଲଖ କବିଙ୍କ ପରିବାର ବର୍ଗଙ୍କୁ ଭେଟି ସମବେଦନା ଜଣାଇଛନ୍ତି। ଉପସ୍ଥିତ ଥିବା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଡାକ୍ତର କମଳାକାନ୍ତ ସ୍ୱାଇଁଙ୍କ ସହିତ ଝାଡ଼ାବାନ୍ତି ବ୍ୟାପୁଥିବା ଗ୍ରାମରେ କେଉଁ ଭଳି ନିରାକରଣ ବ୍ୟବସ୍ଥା ଗ୍ରହଣ କରାଯାଇଛି ସେନେଇ ବିଧାୟକ ବିସ୍ତୃତ ଆଲୋଚନା କରିଥିଲେ। ଏହାଛଡା ଆକ୍ରାନ୍ତ ଅଞ୍ଚଳରେ ସମସ୍ତ ପ୍ରକାରର ସତର୍କତା ମୂଳକ ପଦକ୍ଷେପ ଗ୍ରହଣ କରିବାକୁ କହିଥିଲେ। ପରିଦର୍ଶନ ସମୟରେ ଜିଲ୍ଲା ପରିଷଦ ସଭ୍ୟ ଉତ୍କଳ କେଶରୀ ମହାନ୍ତି, ଲକ୍ଷ୍ମୀଧର ସାହୁ, ସରପଞ୍ଚ ପରମାନନ୍ଦ ନାୟକ, ମିନତୀ ପରିଡା, ଜନସ୍ୱାସ୍ଥ୍ୟ ସମ୍ପ୍ରସାରଣ ଅଧିକାରୀ ପୃଥିରାଜ ପୋଥାଳ, ସୁପର ଭାଇଜର ନବଘନ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ଏହାଛଡା ଯୁବ ନେତା ମୁକୁନ୍ଦ ଚରଣ ମଲ୍ଲିକ, ମୋହନ କୁମାର ରାୟ, ପ୍ରତ୍ୟୁଷ କୁମାର ସାମଲ, ସୁରଥ ଦାସ, ଭାଗିରଥି ପରିଡା, ବିଦ୍ୟାଧର ଜେନା ପ୍ରମୁଖ ଉପସ୍ଥିତ ରହିଥିଲେ।

## ବନ୍ଧୁକ ଦେଖାଇ ଲୁଟ୍ ଘଟଣା

## ଏସ୍‌ପିଙ୍କ ତଦନ୍ତ ଆରମ୍ଭ

**ତିହିଡ଼ି,୧୩।୬(ସମିସ):** ତିହିଡି ଉପକଣ୍ଠ କସ୍କୋ ବଜାର ନିକଟବର୍ତ୍ତୀ ଏୟୁସ୍କୁଲ ଫାଇନାନ୍ସ ବ୍ୟାଙ୍କ କାର୍ଯ୍ୟାଳୟରେ କର୍ମଚାରୀମାନଙ୍କୁ ବନ୍ଧୁକ ଦେଖାଇ ଦୁର୍ବୃତ୍ତମାନେ ଟଙ୍କା ଲୁଟ ଘଟଣାର ଆଜି ଭଦ୍ରକ ଏସ୍‌ପି ଓ ତିହିଡ଼ି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅନୁସନ୍ଧାନ ଆରମ୍ଭ କରିଛନ୍ତି। ତିହିଡ଼ି ଥାନା ଅଧିକାରୀ ସତ୍ୟବ୍ରତ ଗ୍ରହାଚାର୍ଯ୍ୟ ଓ ଭଦ୍ରକ ଏସ୍‌ପି ମନୋଜ କୁମାର ରାଉତ ଘଟଣାସ୍ଥଳରେ ପହଞ୍ଚି କର୍ମଚାରୀଙ୍କୁ ପଚରା ଉଚୁରା କରୁଛନ୍ତି। ମିଳିଥିବା ସୂଚନା ଅନୁଯାୟୀ, ୩ ଜଣ ବ୍ୟକ୍ତି ହେଲମେଟ୍ ପିନ୍ଧି କମ୍ପାନୀ କାର୍ଯ୍ୟାଳୟରେ ପ୍ରବେଶ କରିଥିଲେ। ବନ୍ଧୁକ ଓ ଛୁରି ଦେଖାଇ କମ୍ପାନୀ କାର୍ଯ୍ୟାଳୟରେ ଥିବା ୪ ଜଣ କର୍ମଚାରୀଙ୍କୁ ଭୟଭୀତ କରିବା ସହ ଟଙ୍କା ଲୁଟିନେଇଥିଲେ। କର୍ମଚାରୀଙ୍କର ୪ଟି ମୋବାଇଲ ଫୋନ ମଧ୍ୟ ଛଡ଼ାଇ ନେଇ ବାହାର ପାଖରୁ ସଟର ବନ୍ଦ କରି ଚମ୍ପଟ ମାରିଥିଲେ। ଭୟଭୀତ କର୍ମଚାରୀ ଭିତରୁ ବିକଳ ହୋଇ ସଟର ବାଡ଼େଇବା ପରେ ଶୁଣି ଘର ମାଲିକଙ୍କୁ ଜଣାଇଥିଲେ। ପାଖରେ ଥିବା ଜଣେ ବ୍ୟକ୍ତି ଏହା ଘର ମାଲିକ ଓ ଅନ୍ୟମାନେ ସଟର ଖୋଲିବା ପରେ ସମସ୍ତ ଘଟଣା ଜାଣିବାକୁ ପାଇଥିଲେ। ତେବେ ଏନେଇ ତିହିଡି ଥାନାରେ ଏକ ମାମଲା ହେଇଥିବ ଜଣାପଡ଼ିଛି। ତିହିଡି ପୁଲିସ ସବୁ ଦିଗରୁ ଛାନ୍‌ଭିନ କରୁଛି। ସବୁ ଜାଗାରେ ସିସିଟିଭି ତନ୍ନତନ୍ନ କରି ଦେଖୁଛି। ପ୍ରାୟ ସାଢ଼େ ସାତ ଲକ୍ଷ ଟଙ୍କା ଲୁଟ୍ ହୋଇଥିବା କୁହାଯାଉଛି।

## ବିମାନ ଦୁର୍ଘଟଣା ମୃତକଙ୍କ ପାଇଁ ମହମବତି ଶୋଭାଯାତ୍ରା




**ଭଦ୍ରକ,୧୩।୬(ସମିସ):** ଗତକାଲି ମଧ୍ୟାହ୍ନ ସମୟରେ ଗୁଜୁରାଟର ଅହମ୍ମଦାବାଦ ଏୟାରପୋର୍ଟରେ ବିମାନ ଦୁର୍ଘଟଣାରେ ମୃତ୍ୟୁବରଣ କରିଥିବା ଦିବଂଗତ ଆତ୍ମାର ସଦ୍‌ଗତି ନିମନ୍ତେ ଏକ ମହମବତି ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। କଚେରୀ ବଜାର ମା' ବଙ୍କବାସୁଣୀ ମନ୍ଦିର ପ୍ରାଙ୍ଗଣରୁ ପୂଜାର୍ଚ୍ଚନା ପରେ ଟାଉନହଲ ଛକ ପର୍ଯ୍ୟନ୍ତ ଯାଇଥିଲା। ଏଥିରେ ବରିଷ୍ଠ ନାଗରିକ ମହାସଂଘର ସଭାପତି ଲଲାଟେନ୍ଦୁ ମହାନ୍ତି, ସାଧାରଣ ସମ୍ପାଦକ କୈଳାଶ ଚନ୍ଦ୍ର ମହାପାତ୍ର, ଉପଦେଷ୍ଟା ଅଜୟ କୁମାର ନାୟକ, ଇନ୍ଦ୍ରମଣି ପଣ୍ଡା, ପୁରୁଣା ବଜାର ସଂଘର ଉପଦେଷ୍ଟା ସୁଧାକର ରାଉତ ଓ ମହାସଂଘର ସଦସ୍ୟ ଦିଲ୍ଲୀପ ନାୟକ, ରାଧାରାଣୀ ମହାପାତ୍ର, କୈଳାଶ ଚନ୍ଦ୍ର ପଣ୍ଡା, ପ୍ରଶାନ୍ତ ଦେ, ମୁକ୍ତିକାନ୍ତ ମହାପାତ୍ର, ସଂଯୁକ୍ତା ଯାଦବ, ପ୍ରଦୀପ ବଳ, ବିଜୟ କୁମାର ପଣ୍ଡା, ଲକ୍ଷ୍ମୀକାନ୍ତ ବାରିକ, ତରୁଣ କୁମାର ସାମାନୀ, ଗୌରାଙ୍ଗ ବାରିକ, ଶାନ୍ତିଲତା ବାରିକ, ବାବୁଲାଲ ଦାସ, ପବନ ଶର୍ମା, ଶ୍ୟାମସୁନ୍ଦର ଦାସ, ଯୁଧିଷ୍ଠିର ବାରିକ ଗଦାଧର ବଳ, ମନୋରଞ୍ଜନ ମହାନ୍ତି, ବୈଲୋଚନ ବେଉରିଆ, ଜଗନ୍ନାଥ ରାଉତ, ଏମଡି, ମୋକିତ ଖାଁ, କଲାମ ଖାନ, ଶତାଧିକ ବ୍ୟକ୍ତି ବିମାନ ଦୁର୍ଘଟଣାରେ ଆକସ୍ମିକ ମୃତ୍ୟୁରେ ଜିଲ୍ଲାବାସୀଙ୍କ ତରଫରୁ ଜିଲ୍ଲା ବରିଷ୍ଠ ନାଗରିକ ମହାସଂଘ ପଥପ୍ରାନ୍ତ ସଭା ମାଧ୍ୟମରେ ସ୍ୱର୍ଗତ ଆତ୍ମାର ସଦ୍‌ଗତି ପାଇଁ ଜଗତର ନାଥ ଶ୍ରୀଜଗନ୍ନାଥ ଓ ଆମର ଆରାଧ୍ୟ ଦେବୀ ମା' ଭଦ୍ରକାଳୀ, ବାବା ଆଖଣ୍ଡଳମଣିଙ୍କ ଠାରେ ପ୍ରାର୍ଥନା କରିଥିଲେ।

## ଥାନାରେ ଅଟକ ଥିବା ଯୁବକ ଫେରାର

**ବାସୁଦେବପୁର,୧୩।୬(ସମିସ):** ବାସୁଦେବପୁର ଥାନାର ଏକ ମାମଲାର ତଦନ୍ତ ପାଇଁ ଅଟକ ଥିବା ସାବରପୁର ଗ୍ରାମର ସେଖ୍ ଲାଲିଆ ଥାନାରୁ ଫେରାର ହୋଇଯାଇଛି। ବାସୁଦେବପୁର ଥାନାର ଦିନକୁ ଦିନ କେଶ୍ ବୃଦ୍ଧି ପାଉଛନ୍ତି। ଥାନାର କର୍ମଚାରୀ ଅଭାବ ଯୋଗୁଁ ବିଭିନ୍ନ ସ୍ଥାନରେ ଚୋରି ବୃଦ୍ଧି ପାଇଛି। ଗତ ତିନିଦିନ ତଳେ ଏକ ମାମଲାରେ ସାବରପୁର ଗ୍ରାମର ସେଖ୍ ଜାଫୁଙ୍କ ପୁଅ ସେଖ ଲାଲିଆଙ୍କୁ ପୁଲିସ ଥାନାର ଅଟକ ରଖି ପଚରାଉଚରା କରୁଥିଲେ। ଲାଲିଆ ପୁଲିସର ବଳୟ ଭେଦକରି ଥାନାରୁ ଚମ୍ପଟ ମାରିଛି। ଲାଲିଆ ଥାନାରୁ ଚମ୍ପଟ ମାରିବା ପରେ ପୁଲିସର ନିଦ ହଜି ଯାଇଛି। ବିଭିନ୍ନ ସ୍ଥାନରେ ତନ୍ନ ତନ୍ନ କରି ଲାଲିଆକୁ ଖୋଜି ବୁଲୁଛି। ଆଜି ପର୍ଯ୍ୟନ୍ତ କୌଣସି ସୁରାକ ପାଇ ନଥିବାର ବିଶେଷ ସୂତ୍ରରୁ ଜଣାଯାଇଛି।

## ପୂର୍ବତନ ଡାକ ଅଧିକାରୀଙ୍କ ପରଲୋକ



**ଭଦ୍ରକ,୧୩।୬(ସମିସ):** ଭଦ୍ରକ ଜିଲ୍ଲା ତିହିଡ଼ି ବ୍ଲକ ଦୌଲତପୁର ପଞ୍ଚାୟତ ଅର୍ଜୁନିବିନ୍ଧା ଗାଁର ଗଙ୍ଗାଧର ବିଶ୍ୱାଳଙ୍କର ମୃତ୍ୟୁ ହୋଇଯାଇଛି। ମୃତ୍ୟୁବେଳକୁ ତାଙ୍କୁ ୮୪ ବର୍ଷ ହୋଇଥିଲା। ସେ ପ୍ରଥମେ ପୀରହାଟ ସବ୍‌ପୋଷ୍ଟ ଅଫିସରେ ହେଡ ପୋଷ୍ଟ ମାଷ୍ଟର ଥିଲେ। ସୁନ୍ଦରଗଡ଼ ଜିଲ୍ଲା ମୁଖ୍ୟ ପୋଷ୍ଟ ଅଫିସରୁ ଆସିଷ୍ଟାଣ୍ଟ ସୁପରିଟେଣ୍ଡେଣ୍ଟଙ୍କ ପଦରେ ଅବସ୍ଥାପିତ ଥିଲେ। ଏହି ପୋଷ୍ଟ ଅଫିସରୁ ସେ ଅବସର ନେଇଥିଲେ। ବାର୍ଦ୍ଧକ୍ୟ ଜନିତ ରୋଗରେ ସେ କିଛି ବର୍ଷ ପୀଡ଼ିତ ଥିଲେ। ଆଜି ଅର୍ଜୁନିବିନ୍ଧା ଗାଁର ନିଜ ଘରେ ତାଙ୍କର ମୃତ୍ୟୁ ହୋଇଯାଇଛି। ସେ ଜଣେ ପରୋପକାରୀ, ମେଳାପୀ, ସରଳ ପ୍ରକୃତିର ଲୋକଥିଲେ। ମୃତ୍ୟୁ ଶଯ୍ୟା ନିକଟରେ ପୁତ୍ର ସୁଦର୍ଶନ ବିଶ୍ୱାଳ, ସୁରେଶ ବିଶ୍ୱାଳ, ସୁଭାସ ବିଶ୍ୱାଳ, ଜ୍ୱାଇଁ ଜିତେନ୍ଦ୍ର ନାୟକ, ଅମୂଲ୍ୟ ରାଉତ, ବୋହୂ ପ୍ରଭାତି ବଳ, ମିନାକ୍ଷୀ ବିଶ୍ୱାଳ, ମିଲୁରାଣୀ ବିଶ୍ୱାଳ, ଝରଣା ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ। ଏହି ପଞ୍ଚାୟତର ଜନପ୍ରତିନିଧି, ରାଜନେତାଙ୍କ ସମେତ ଗ୍ରାମବାସୀ ତାଙ୍କୁ ଶେଷ ଦର୍ଶନ କରି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି।

## ଗୋବନ୍ଧ୍ୟା ନିରାକରଣ ଶିବିର



**ଭଦ୍ରକ/ ମଞ୍ଜୁରୀ ରୋଡ,୧୩।୬(ସମିସ):** ଭଦ୍ରକ ଜିଲ୍ଲା ପ୍ରାଣୀ ସମ୍ପଦ ବିଭାଗ ପକ୍ଷରୁ ଭଣ୍ଡାରିପୋଖରୀ ବ୍ଲକର ବିଭିନ୍ନ ସ୍ଥାନରେ ଗୋବନ୍ଧ୍ୟା ନିରାକରଣ ଶିବିର ଅନୁଷ୍ଠିତ ହୋଇଯାଇଛି। ବ୍ଲକର ମଞ୍ଜୁରୀ ରୋଡ ନିକଟସ୍ଥ ନାଆମୀ ଠାରେ ଏହି ନିରାକରଣ ଶିବିର ଆୟୋଜନ ହୋଇଥିଲା। ଏଥିରେ ଜିଲ୍ଲା ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ସୁନୀଲ କୁମାର ଭୂୟାଁ, ବ୍ଲକ ପ୍ରାଣୀ ଚିକିତ୍ସା ଅଧିକାରୀ ଦେବ ପ୍ରକାଶ ସାହୁ, ସହକାରୀ ଅଧିକାରୀ ଦେବାଶିଷ ହୋତା, ପ୍ରାଣୀ ଧନ ନୀରିକ୍ଷକ ତାପସ କୁମାର ରାଉତ, ବିଟଲ କୁମାର ମଣ୍ଡଳ, ସୁବ୍ରତ କୁମାର ରାଉତ, ପ୍ରମୁଖ ଯୋଗ ଦେଇ ଗୋ ସମ୍ପଦ ଉପରେ ପରାମର୍ଶ ଦେଇଥିଲେ। ଏହାଛଡା ଗୋବନ୍ଧ୍ୟା ନିରାକରଣ ଓ ଉପକାରିତା ସମ୍ପର୍କରେ ଗୋ ପାଳକ ମାନଙ୍କୁ ବିଭିନ୍ନ ପରାମର୍ଶ ଦେଇଥିଲେ। ଏହାଛଡା ଚିକିତ୍ସକ ମାନେ ଗାଈଗୋରୁ ମାନଙ୍କୁ ବିଭିନ୍ନ ପ୍ରକାରର ପରୀକ୍ଷା ନିରୀକ୍ଷା କରିଥିଲେ। ସେହିଭଳି ରଣଜିତ୍ ପଞ୍ଚାୟତ ନୀଳାଦ୍ରି ଓ ନିର୍ଗୁଣ୍ଡି ଠାରେ ମଧ୍ୟ ଦିନିକିଆ ଶିବିର ଆୟୋଜନ ହୋଇଥିବା ସୂଚନା ଦିଆଯାଇଛି।

## ଆଦର୍ଶ ମହିଳା ରଙ୍ଗଲତାଙ୍କ ଦେହାନ୍ତ



**ଧାମନଗର,୧୩।୬(ସମିସ):** ଧାମନଗର ଏନଏସି ଅନ୍ତର୍ଗତ ଶାମପୁର ଗ୍ରାମର ବିଶିଷ୍ଟ ବ୍ୟବସାୟୀ ପର୍ଶୁରାମ ମହାପାତ୍ରଙ୍କ ମା' ରଙ୍ଗଲତା ମହାପାତ୍ରଙ୍କ ୮୬ବର୍ଷ ବୟସରେ ଦେହାନ୍ତ ହୋଇଛି। ସେ ଜଣେ ଧର୍ମପ୍ରାଣା, ସମାଜସେବୀ ପରୋଉପକାରୀ ଓ ଆଦର୍ଶ ମହିଳା ଥିଲେ। ତାଙ୍କ ମୃତ୍ୟୁ ଖବର ପାଇ ସାଂସଦ ପ୍ରତିନିଧି ସରୋଜ ମହାପାତ୍ର, ଧାମନଗର ଉପନିବନ୍ଧକ ଅଧିକାରୀ ସତ୍ୟାନନ୍ଦ ପାତ୍ର, ସୁଶାନ୍ତ କୁମାର ରାଉତ, ନାରାୟଣ ଚନ୍ଦ୍ର ରାଉତ, ମାନସ ରଞ୍ଜନ ମହାପାତ୍ର, ଅଧ୍ୟାପକ ସୁରେନ୍ଦ୍ର କୁମାର ଜେନାଙ୍କ ସମେତ ବହୁ ସମାଜସେବୀ, ବୁଦ୍ଧିଜୀବୀ, ଛାତ୍ରଛାତ୍ରୀ, ସାମ୍ବାଦିକ ଓ ଗ୍ରାମବାସୀ ପ୍ରମୁଖ ତାଙ୍କ ବାସଭବନରେ ପହଞ୍ଚି ସ୍ୱର୍ଗତାଙ୍କୁ ଶେଷ ଦର୍ଶନ କରିଥିଲେ। ରଙ୍ଗଲତାଙ୍କ ବିୟୋଗରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ, ଭଦ୍ରକ ସାଂସଦ ଅଭିମନ୍ୟୁ ସେଠୀ, ଧାମନଗର ପୂର୍ବତନ ବିଧାୟକ ମୁକ୍ତିକାନ୍ତ ମଣ୍ଡଳ, ରାଜେନ୍ଦ୍ର କୁମାର ଦାସ, ସମାଜ ସେବୀ ସଞ୍ଜୟ କୁମାର ଦାସ, ପୂର୍ବତନ ପଞ୍ଚାୟତ ସମିତି ଅଧ୍ୟକ୍ଷ ଅଶୋକ କୁମାର ନାୟକ, ଜିଲ୍ଲା ପରିଷଦ ଉପାଧ୍ୟକ୍ଷା ଟୁନିବାଳା ବିଶ୍ୱାଳ, ଜିଲ୍ଲା ପରିଷଦ ସଭ୍ୟ ପ୍ରଦୀପ କୁମାର ମଲ୍ଲିକ, ମନ୍ତ୍ରୀଙ୍କ ନଗର ପ୍ରତିନିଧି କୈଳାସ ଚନ୍ଦ୍ର ମହାପାତ୍ର, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ସୁରଥ ଚନ୍ଦ୍ର ସେଠୀ, ଓକିଲ ସଂଘର ସଭାପତି ଅଶୋକ କୁମାର ଦାସ, ସାଧାରଣ ସମ୍ପାଦକ ରଣଜିତ ମହାନ୍ତିଙ୍କ ସମେତ ବିଭିନ୍ନ ମହଲରୁ ଗଭୀର ଶୋକ ପ୍ରକାଶ କରିଛନ୍ତି। ରଙ୍ଗଲତାଙ୍କ ମରଶରୀରକୁ ଗ୍ରାମର ଏକ ମଶାଣିରେ ସଂସ୍କାର କରାଯାଇଛି।

## ଭଣ୍ଡାରିପୋଖରୀ ସାହିତ୍ୟ ସଂସଦର ରଜ ଆସର



**ବାରିକପୁର,୧୩।୬(ସମିସ):** ଭଣ୍ଡାରିପୋଖରୀ ସାହିତ୍ୟ ସଂସଦର ରଜ ଆସର ଓ କବିତା ପାଠୋତ୍ସବ ସ୍ଥାନୀୟ ଶାରଦା ବିଦ୍ୟାମନ୍ଦିରରେ ଅନୁଷ୍ଠିତ ହୋଇଯାଇଛି। ଅଧ୍ୟାପକ ଭରତ ଚନ୍ଦ୍ର କରଣଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କବି ଡ. ଅବନୀ ପ୍ରଧାନ, ମୁଖ୍ୟବକ୍ତା ଭାବେ ଶିଶୁ ସାହିତ୍ୟିକ ପୁରୁଷୋତ୍ତମ ଧଳ, ସମ୍ମାନିତ ଅତିଥି ଭାବେ ଶାରଦା ବିଦ୍ୟାମନ୍ଦିରର ପ୍ରଧାନ ଶିକ୍ଷକ ଶରତ ଚନ୍ଦ୍ର ମହାପାତ୍ର, ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଜଗନ୍ନାଥ ନାୟକ, 'ପବନସୁତ'ର ସମ୍ପାଦକ ଦାମୋଦର ନାୟକ ପ୍ରମୁଖ ଯୋଗ ଦେଇ ଅନୁଭବ ଓ ଅନୁଭୂତିରୁ କବିତା ସୃଷ୍ଟି ହୋଇଥାଏ ବୋଲି ମତବ୍ୟକ୍ତ କରିଥିଲେ। ସାହିତ୍ୟ ସଂସଦ ସମ୍ପାଦକ ସମ୍ପାଦକ ପବନ କୁମାର ନାୟକ ଅତିଥି ପରିଚୟ ସହିତ ଆଭିମୁଖ୍ୟ ପ୍ରଦାନ କରିଥିବା ବେଳେ ରମାକାନ୍ତ ବେହେରା ଧନ୍ୟବାଦ ପ୍ରଦାନ ଅର୍ପଣ କରିଥିଲେ। ଏହି ଅବସରରେ ଶଶାଙ୍କ ଶେଖର ପଣ୍ଡା ଓ ରାଜେଶ ବିଶ୍ୱାଳଙ୍କ ସଂଯୋଜନାରେ ଅନୁଷ୍ଠିତ କବିତା ପାଠୋତ୍ସବରେ ରାଜଶ୍ରୀ ଓଝା, ରୀନାରାଣୀ ପଣ୍ଡା, ରଶ୍ମିତା ବେହେରା, ଜଗନ୍ନାଥ ସାମଲ, ମୁରଲୀଧର ଦାସ, ରମାକାନ୍ତ ବେହେରା, ଉପେନ୍ଦ୍ର ପରିଡା, ସନ୍ତୋଷ କୁମାର କର, ପ୍ରଣାକୃଷ୍ଣ ସାହୁ, ରାଜେଶ ବିଶ୍ୱାଳ, ଶଶାଙ୍କ ପଣ୍ଡା, ପ୍ରଭାକର ସାହୁ ପ୍ରମୁଖ କବିତା ପାଠ କରିଥିଲେ। ବାପିସାହୁ ଓ ବସନ୍ତ ଜେନା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ବାସୁଦେବପୁର ପୌରପାଳିକାର ରଜ ମହୋତ୍ସବ




**ବାସୁଦେବପୁର,୧୩।୬(ସମିସ):** ବାସୁଦେବପୁର ପୌରପାଳିକାର ପକ୍ଷରୁ ଚତୁର୍ଥ ବାର୍ଷିକ ରଜ ମହୋତ୍ସବ ପାଳିତ ହୋଇଯାଇଛି। ପୌରପାଳିକାର ଅଧ୍ୟକ୍ଷା ନିବେଦିତା ବେହେରା ରଜ ମହୋତ୍ସବକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ପୌରପାଳିକାର ପକ୍ଷରୁ ରଜ ମହୋତ୍ସବରେ ପାରମ୍ପରିକ ଶଙ୍ଖ ବଜାଇବା, ମେହେନ୍ଦି ଓ ପୁଚୁକା ଖାଇବା ଆଦି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଆୟୋଜିତ ସଭାରେ ପୌରପାଳିକାର କାର୍ଯ୍ୟନିର୍ବାହୀ ଅଧିକାରୀ ସୁଧାଂଶୁ ମୋହନ ସ୍ୱାଇଁ ସଭାପତିତ୍ୱ କରିଥିଲେ। ତୃପ୍ତି ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷ ଶୈଳବାଳା ଦାଶ, ସମ୍ମାନିତ ଅତିଥି ଉପାଧ୍ୟକ୍ଷ ଉତ୍ତମ କୁମାର ବାରିକ ଯୋଗ ଦେଇ ଉଦ୍‌ବୋଧନ ଦେଇ ଥିଲେ। ସଭାରେ ଲଲାଟେନ୍ଦୁ ନାୟକ ସଂଯୋଜନା କରିଥିଲେ। ସ୍ୱୟଂ ସହାୟକ ଗୋଷ୍ଠୀର ପକ୍ଷରୁ ପୋଡ଼ପିଠା, ରଜ ପାନ, ବିଭିନ୍ନ ପ୍ରକାର ପିଠା ପ୍ରଦର୍ଶନ କରିଥିଲେ। ବିଭିନ୍ନ ପ୍ରତିଯୋଗିତାର କୃତି ପ୍ରତିଯୋଗୀଙ୍କୁ ମାନପତ୍ର ଓ ପୁରସ୍କାର ପ୍ରଦାନ କରିଥିଲେ। ଓଡ଼ିଶାର ସଂସ୍କୃତି ଓ ପରମ୍ପରାକୁ ଉଜ୍ଜୀବିତ ରଖିବା ପାଇଁ ଅଭିନବ ପ୍ରୟାସ। ରଜ ମହୋତ୍ସବ ଭାଇଚାରାର ପ୍ରତୀକ ବୋଲି ଅତିଥିମାନେ କହିଥିଲେ।

## ଶିଶୁ ଶ୍ରମନିରୋଧ ଦିବସ ପାଳିତ



**ଭଦ୍ରକ,୧୩।୬(ସମିସ):** ଆଇନ୍ ସେବା ପ୍ରାଧିକରଣ ଭଦ୍ରକ ଅଧ୍ୟକ୍ଷ ସଂଗ୍ରାମ କେଶରୀ ପଟ୍ଟନାୟକଙ୍କ ନିର୍ଦ୍ଦେଶରେ ଯୋଗୀରଷି ଲଛମନ ଦାସ ଶିଶୁ ଆଶ୍ରମ ଦୋଳସାହିଠାରେ ବିଶ୍ୱ ଶିଶୁ ଶ୍ରମନିରୋଧ ଦିବସ ପାଳିତ ହୋଇଯାଇଛି। ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ସଚିବ ପୂଣ୍ୟଶ୍ଳୋକ ରଥ ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଏଲ୍‌ଏଡିସ୍‌ଏସ୍ ସହାୟକ, ଭଦ୍ରକ ତାପସ କୁମାର ମହାନ୍ତି, ଜିଲ୍ଲା ଶିଶୁ ଯତ୍ନ ଅଧିକାରୀ, ଭଦ୍ରକ ଅବିନାଶ ମହାନ୍ତି, ଶ୍ରମବିଭାଗ ଅଧିକାରୀ, ଭଦ୍ରକ ସହାୟକ ଲୋକନାଥ ଦାସ, ସଂପାଦକ ଲୋକନାଥ ପତି, ଅଧିକ୍ଷକ ଜ୍ୟୋତି ପ୍ରକାଶ ପତି, ଯୋଗି ରଷି ଲଛମନ ଦାସ ଶିଶୁ ଆଶ୍ରମ ଭଦ୍ରକ ତଥା ଏହି ଆଶ୍ରମର ପିଲାମାନଙ୍କ ସମେତ ସମସ୍ତ କର୍ମୀଗଣ ଯୋଗ ଦେଇଥିଲେ। ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର କର୍ମୀମାନେ ଏହି କାର୍ଯ୍ୟକ୍ରମରେ ସଂପୂର୍ଣ୍ଣ ସହଯୋଗ କରି ସଫଳ କରାଇଥିଲେ। ଉପସ୍ଥିତ ଥିବା ଅତିଥିମାନେ ଏହି କାର୍ଯ୍ୟକ୍ରମରେ ଯୋଗଦେଇ ଛାତ୍ରମାନଙ୍କୁ ଶିଶୁ ଶ୍ରମିକ ବିରୋଧରେ ସଚେତନ କରାଇଥିଲେ। ଶିଶୁ ଶ୍ରମିକ ଏକ ସାମାଜିକ ବ୍ୟାଧି ହୋଇ ସମାଜର ଅହିତ ସାଧନ କରୁଛି। ଆମଦେଶର ଶିଶୁ ଆଗାମୀ କାଲିର ଭବିଷ୍ୟତ। ହେଟେଲ୍‌ରେ, ଗ୍ୟାରେଜରେ କିମ୍ବା କୌଣସି ଦୋକାନରେ ଯଦି ୧୮ ବର୍ଷରୁ କମ୍ ଶିଶୁ (କିଶୋର/କିଶୋରୀ) ଏଭଳି କାର୍ଯ୍ୟରେ ଲିପ୍ତ ରହନ୍ତି ଯାହା ଆଇନ୍ ଦୃଷ୍ଟିରେ ଅପରାଧ କିମ୍ବା ଆଇନ୍ ବିରୋଧି। ତେବେ ଏସବୁ ସଂପର୍କରେ ଅବଗତ ହେଲେ ତୁରନ୍ତ ୧୦୯୮ (ଦେୟମୁକ୍ତ) ନମ୍ବରରେ ଯୋଗାଯୋଗ କରି ଶିଶୁକୁ ସୁରକ୍ଷାଦେଇ ଭବିଷ୍ୟତରେ ଶିଶୁ ଶ୍ରମିକ ପ୍ରଥା ଉଚ୍ଛେଦ ପାଇଁ ଅନୁରୋଧ କରାଯାଉଛି। ଯେଉଁ ଶିଶୁଟିଏ ଯତ୍ନ ଏବଂ ସୁରକ୍ଷା ତଥା ଆଇନ୍ ସହ ଦ୍ୱନ୍ଦରେ ରହିଛନ୍ତି ସେହିଭଳି ଶିଶୁମାନଙ୍କ ସଂପର୍କରେ ଯଦି ଆପଣ ଜାଣିବାକୁ ପାଉଛନ୍ତି ତେବେ ତୁରନ୍ତ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ, ଭଦ୍ରକଙ୍କ ସହ ଯୋଗାଯୋଗ ତଥା ନାଲସା ସହାୟକ ୧୫୧୦୦ (ଦେୟମୁକ୍ତ) ନମ୍ବରରେ ଯୋଗାଯୋଗ କରିପାରିବେ।

## ବଜ୍ରପାତରେ ଯୁବକ ମୃତ

**ତିହିଡି,୧୩।୬(ସମିସ):** ତିହିଡି ପୀରହାଟ ଥାନା ଅନ୍ତର୍ଗତ ସାହାପୁର ପଞ୍ଚାୟତରେ ବଜ୍ରପାତରେ ଗ୍ରାହର କରୁଣାକର ବାରିକଙ୍କ ମୃତ୍ୟୁ ହୋଇଥିବା ସୂଚନା ମିଳିଛି। ବିଲକୁ ଚାଷ କାମ କରିବାକୁ ଯାଇଥିବା ସମୟରେ ହଠାତ ବର୍ଷା ହେବା ସହ ବଜ୍ରପାତ ହୋଇଥିଲା। ଏଥିରେ ସେ ଆଘାତ ପାଇ ବିଲରେ ଟଳିପଡ଼ିଥିଲେ। ବିଲରେ କାମ କରୁଥିବା ଲୋକ ତାଙ୍କୁ ଉଦ୍ଧାର କରି ତିହିଡି ମେଡିକାଲ ଆଣିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସୂଚନା ପାଇବା ପରେ ପୀରହାଟ ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଛି।

## ଭାଗବତ କଲ୍ୟାଣ ମଣ୍ଡପରେ ପୂର୍ଣ୍ଣିମା ଆସର




**ଭଦ୍ରକ,୧୩।୬(ସମିସ):** ଭାଗବତ କଲ୍ୟାଣ ମଣ୍ଡପଠାରେ ପୂର୍ଣ୍ଣିମା ଆସର ଅନୁଷ୍ଠିତ ହୋଇଯାଇଛି। ପ୍ରଫେସର ରାଜକିଶୋର ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ଆସରରେ ମୁଖ୍ୟବକ୍ତା ଭାବେ ରତିକାନ୍ତ ମହାନ୍ତି ଓ ସମ୍ମାନିତ ବକ୍ତା ଭାବେ ଯୁଧିଷ୍ଠିର ଦାସ ଯୋଗଦେଇ ମହାପ୍ରଭୁ ଜଗନ୍ନାଥଙ୍କର ମାନବୀୟ ଲୀଳା ଉପରେ ଆଲୋକପାତ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଡ. ଗୋଲକବିହାରୀ ସାହୁ, ଡ.ରାମଚନ୍ଦ୍ର ପଣ୍ଡା, ଅଧ୍ୟାପକ ପବିତ୍ର ପାଣିଗ୍ରାହୀ, ହରିଶ ଚନ୍ଦ୍ର ଦାସ, ଗୀତାରାଣୀ ଆଇଚ, ଗୌତମ ମହାରଣା ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଏହି ଅବସରରେ ଅନୁଷ୍ଠିତ କବିତା ଆସରରେ ରମେଶ ଚନ୍ଦ୍ର ସ୍ୱାଇଁ, ମୁସ୍ତାକ ଗୋହର, ଅବଦୁଲ ଦୟାନ, ଅନିଲ ଦାସ, ମନୋରମା ରାୟ, ମମତା ଦାସ, ନରେଶ ଲେଙ୍କା, ଅକ୍ଷୟ ଜେନା, ଗୀତାଞ୍ଜଳି ଅଗସ୍ତି, ସାବିତ୍ରୀ ବାନାର୍ଜୀ, ବିଳାସିନୀ ଶିଅଳ, ଅରୂପାନନ୍ଦ ନାୟକ ପ୍ରମୁଖ ସ୍ୱରଚିତ କବିତା ପାଠ କରିଥିଲେ। ସହ ସମ୍ପାଦକ ବୈକୁଣ୍ଠ ବିଶ୍ୱାଳ ସ୍ୱାଗତ ଭାଷଣ ଓ ମଞ୍ଚ ଆମନ୍ତ୍ରଣ କରିଥିବା ବେଳେ, କବି ଚର୍ଚ୍ଚିକା ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

# କେନାଲ ରାସ୍ତାରେ ଅନବରତ ପାଣି

ବାରିକପୁର,୧୩।୬(ସମିସ):



ଭଣ୍ଡାରିପୋଖରୀ ବିଦ୍ୟୁତ୍ କାର୍ଯ୍ୟାଳୟ ନିକଟରୁ ପୂର୍ତ୍ତ ବିଭାଗ ରାସ୍ତାକୁ ସଂଯୋଗ କରୁଥିବା ବଡ କୋଳିପଦୀ ମାଇନର ରାସ୍ତା ଅବସ୍ଥା ବେହାଲ ହୋଇଗଲାଣି। ଜଳସମ୍ପଦ ବିଭାଗ ଅଧୀନରେ ଥିବା ଉକ୍ତ ତିନି ଶହ ମିଟର ରାସ୍ତା ପାଇଁ ଲୋକମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହି ପଥ ଦେଇ ଆଠ ଦଶ ଖଣ୍ଡି ପଞ୍ଚାୟତର ଲୋକେ ଦୈନିକ ଭଣ୍ଡାରିପୋଖରୀକୁ ଯାତାୟାତ କରିଥାନ୍ତି। ଦୀର୍ଘ ଦିନ ଧରି ଜରାଜୀର୍ଣ୍ଣ ଅବସ୍ଥାରେ ରାସ୍ତାଟି ରହିଥିବା ବେଳେ ବୋହୁ ଆପତ୍ତି ଅଭିଯୋଗ ପରେ ଗତବର୍ଷ ବିଭାଗ ପକ୍ଷରୁ ଏହା ଉପରେ କିଛି ମୋରମ ଓ ମେଣ୍ଟାଲ ବିଛା ଯାଇଥିଲା। ଏବେ କିଛି ମାସ ହେବ ରାସ୍ତା ଅବସ୍ଥା ଅତ୍ୟନ୍ତ ଖରାପ ହୋଇ ଯାଇଛି। ମେଗା ପାନୀୟ ଜଳ ପ୍ରକଳ୍ପ ପ୍ରକଳ୍ପ ପକ୍ଷରୁ ପୂର୍ତ୍ତ ରାସ୍ତାକୁ ଲାଗି କେନାଲ ମୁଣ୍ଡକୁ ଖୋଳା ଯାଇ ପାଇପ ଲାଇନ ବିଛା ଯାଇଛି। ପାଇପ ଲାଇନ ସଂଯୋଗ ସଠିକ୍ ହୋଇନଥିବା ବେଳେ ଅନବରତ ପାଣି ନିଷ୍କାସନ ହୋଇ କେନାଲ ରାସ୍ତାଟିକୁ ବୁଡ଼େଇ ଦେଉଛି। ଫଳରେ ପ୍ରବେଶ ପଥଟି ସଦାସର୍ବଦା ପାଣି କାଦୁଅରେ ଭରି ରହୁଛି। ଯେଉଁଥିପାଇଁ ସାଇକଲ ଓ ମୋଟର ସାଇକଲ ଯୋଗେ ଯାତାୟାତ କରୁଥିବା ଲୋକମାନେ ଘୋର ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଏହାଛଡା ଉକ୍ତ ସ୍ଥାନ ଠାରୁ ମାତ୍ର କୋଡ଼ିଏ ମିଟର ଦୂରରେ କେନାଲ ଖୋଳା ଯାଇ ପାଇପ ମଧ୍ୟ ପକା ଯାଇଛି। ପାଇପ ବିଛାଣ ପରବର୍ତ୍ତୀ ସମୟରେ ମାଟି, ମୋରମ କିମ୍ବା ମେଣ୍ଟାଲ ଦ୍ୱାରା ଉକ୍ତ ସ୍ଥାନଟିକୁ ମଧ୍ୟ ସଠିକ ଭାବେ ମରାମତି କରା ଯାଇନାହିଁ। ଫଳରେ ଏଠି ଗର୍ତ୍ତ ସୃଷ୍ଟି ହୋଇ ବର୍ଷା ହେଲେ ପାଣି ଜମି ଯିବାରୁ ଲୋକ ମାନେ ଗମନାଗମନ କରି ପାରୁ ନାହାଁନ୍ତି। ଏପରିକି ବାଇକ ଆରୋହୀ ମାନେ ଦୁର୍ଘଟଣାର ମଧ୍ୟ ଶିକାର ହେଉଛନ୍ତି। ଏହି ରାସ୍ତାଟିକୁ ପିଚୁ କିମ୍ବା କଂକ୍ରିଟ ନିର୍ମାଣ ପାଇଁ ଦାବି ହୋଇଥିଲେ ମଧ୍ୟ ବିଭାଗ ଏହା ଉପରେ ଦୃଷ୍ଟି ଦେଉନାହିଁ। ଏପଟେ ଯେତେକ ମରାମତି ହୋଇଥିଲା ତାକୁ ମଧ୍ୟ ନଷ୍ଟ କରା ଯାଉଛି। ବିଭାଗର ସ୍ଥାନୀୟ କନିଷ୍ଠ ଯନ୍ତ୍ରୀ କ୍ଷେତ୍ର ପରିଦର୍ଶନ କରୁନଥିବା ହେତୁ ଏହି ପଥଟି ଦିନକୁ ଦିନ ଜରାଜୀର୍ଣ୍ଣ ହେଉଥିବା ସ୍ଥାନୀୟ ଲୋକମାନେ ଅଭିଯୋଗ କରିଛନ୍ତି। ଏହା ଉପରେ ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ଦାବି ହୋଇଛି।

## ଯୁବକଙ୍କ ଆତ୍ମହତ୍ୟା ଅଭିଯୋଗ

**ବ୍ରହ୍ମବରଦା,୧୩।୬(ସମିସ):** ଗୁରୁବାର ରାତିରେ ବେକରେ ରଶି ଜଣେ ଯୁବକ ଆତ୍ମହତ୍ୟା କରିଥିବା ନେଇ ବ୍ରହ୍ମବରଦା ଥାନାରେ ଅଭିଯୋଗ ହୋଇଛି। ଆତ୍ମହତ୍ୟା କରିଥିବା ଯୁବକ ଜଣକ ବ୍ରହ୍ମବରଦା ଥାନା ଅଧୀନ ବନ୍ଧଡିଅ ପଞ୍ଚାୟତର ମିଟୁ ମଲ୍ଲିକଙ୍କ ପୁଅ ବବୁଲୁ (୧୮) ବୋଲି ଜଣାପଡିଛି। ଖବର ମତେ ଗତ ଗୁରୁବାର ରାତି ୯ଟାରେ କୌଣସି କାରଣରୁ ମିଟୁ ନିଜ ଘର ଭିତରେ ଲୁଗାକୁ ବେକରେ ଭିଡି ଫ୍ୟାନରେ ଝୁଲି ପଡିଥିଲେ। ପରିବାର ଲୋକେ ଏହା ଜାଣିପାରି ତାଙ୍କୁ ତୁରନ୍ତ ଗୁରୁତର ଅବସ୍ଥାରେ ଉଦ୍ଧାର କରି ଯାଜପୁର ମେଡିକାଲକୁ ନେଇଯାଇଥିଲେ। କିନ୍ତୁ ସେଠାରେ ତାଙ୍କର ମୃତ୍ୟୁ ଘଟିଥିଲା। ଏ ନେଇ ବ୍ରହ୍ମବରଦା ପୁଲିସ କେସ୍ ନଂ ୧୦/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ ପରେ ତାର ପରିବାରକୁ ହସ୍ତାନ୍ତର କରାଯାଇଥିବା ଜଣାପଡିଛି।

## ଓସ୍ତ ଗଛ ଉପୁଡ଼ି ରାସ୍ତା ବନ୍ଦ



**ବ୍ରହ୍ମବରଦା, ୧୩।୬(ସମିସ):** ଶୁକ୍ରବାର ମଧ୍ୟାହ୍ନରେ ଲଗାଣ ବର୍ଷା ଯୋଗୁ ବ୍ରହ୍ମବରଦା ଚଣ୍ଡି ମନ୍ଦିର ପ୍ରାଙ୍ଗଣରେ ଥିବା ଏକ ବହୁ ପୁରୁଣା ଓସ୍ତ ଗଛ ଉପୁଡ଼ି ପଡିଥିଲା। ଫଳରେ ପ୍ରଥମାଖଣ୍ଡି- ବନ୍ଧଡିଅ ମୁଖ୍ୟ ରାସ୍ତାର ବ୍ରହ୍ମବରଦା ମାଛ ମାର୍କେଟରୁ ତାରିଣୀ ଛକକୁ ସଂଯୋଗ କରୁଥିବା ରାସ୍ତାଟି ଦୀର୍ଘ ସମୟ ଧରି ଅବରୋଧ ହେବାସହ ଉକ୍ତ ରାସ୍ତା ଦେଇ ଗାଡିମଟର ଯିବାଆସିବା କରିବା. ଏକ ପ୍ରକାର ଠପ ହୋଇଯାଇଥିଲା। ଏଥି ସହିତ ଉକ୍ତ ଗଛଟି ଉପୁଡ଼ି ନିକଟରେ ଯାଇଥିବା ୧୧ କେଭି ବିଦ୍ୟୁତ ତାର ଉପରେ ପଡିଯିବାରୁ ତାର ଛିଡି ବ୍ରହ୍ମବରଦାର କିଛି ଅଞ୍ଚଳରେ ବିଦ୍ୟୁତ ସରବରାହ ମଧ୍ୟ ବାଧାପ୍ରାପ୍ତ ହୋଇଥିଲା। ରାସ୍ତା ଉପରୁ ଅବରୋଧ ହଟାଇବାକୁ ଅଗ୍ନିସମ ବିଭାଗର ସହାୟତା ନିଆହୋଇଥିଲା। ବରୁଆଁ ଅଗ୍ନିସମ ବିଭାଗର ଓଆଇସି ରବିନ୍ଦ୍ର କେତନ ସାହୁ ଓ ତାଙ୍କ ସହଯୋଗୀ ମାନେ ପହଞ୍ଚି ଦିର୍ଘ ସମୟ ଅବିଶ୍ରାନ୍ତ ପରିଶ୍ରମ ଫଳରେ ଉକ୍ତ ଓସ୍ତ ଗଛକୁ କାଟି ରାସ୍ତାରୁ ହଟାଇଥିଲେ। ବିଦ୍ୟୁତ ବିଭାଗ କନିଷ୍ଠ ଯନ୍ତ୍ରୀ ସୟଦ ଇବ୍ରାର ଅଲ୍ଲୀ ଓ କର୍ମଚାରୀ ସମେତ ବ୍ରହ୍ମବରଦା ଥାନାର କନେଷ୍ଟବଳ ବଳରାମ ସାହୁ ଉପସ୍ଥିତ ରହି ରାସ୍ତା ଅବରୋଧ ହଟାଇବାରେ ସହଯୋଗ କରିଥିବା ବେଳେ ଏଥିରେ କାହାର କିଛି କ୍ଷୟକ୍ଷତି ହୋଇନଥିବା ସୂଚନା ମିଳିଛି।

## ୩୫ ୟୁନିଟ୍ ରକ୍ତ ସଂଗ୍ରହ



**ଦାନଗଦି,୧୩।୬(ସମିସ):** ଟାଟା ଷ୍ଟିଲ୍ ମେଡିକା ହସ୍ପିଟାଲ୍, କଳିଙ୍ଗନଗର ଏବଂ ଜିଲ୍ଲା ମୁଖ୍ୟାଳୟ ହସ୍ପିଟାଲ (ଡିଏଚ୍ଏଚ) ର ରକ୍ତ କେନ୍ଦ୍ର ସହ ମିଳିତ ସହଯୋଗରେ ଅସୋସିଏସନ୍ ଅଫ୍ ସର୍ଜନସ ଅଫ୍ ଇଣ୍ଡିଆ (ଏଏସଆଇ) ଓଡ଼ିଶା ଶାଖା ଦ୍ୱାରା ଶୁକ୍ରବାର ଟାଟା ଷ୍ଟିଲ୍ ମେଡିକା ହସ୍ପିଟାଲରେ ଏକ ସ୍ୱେଚ୍ଛାସେବୀ ରକ୍ତଦାନ ଶିବିର ଆୟୋଜିତ ହୋଇଯାଇଛି।ଏହି ଶିବିରକୁ ଟାଟା ଷ୍ଟିଲ୍ ମେଡିକା ହସ୍ପିଟାଲର ସିଇଓ ଡ. ସନ୍ତୋଷ କୁମାର ଉଦଘାଟନ କରିଥିଲେ। ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ ଏଏସଆଇ ସଦସ୍ୟମାନେ ମଧ୍ୟ ଉପସ୍ଥିତ ଥିଲେ। ଏହି ଶିବିରରେ ୩୫ ୟୁନିଟ୍ ରକ୍ତ ସଂଗ୍ରହ କରାଯାଇଥିଲା, ଯାହା ରକ୍ତ ଆବଶ୍ୟକ କରୁଥିବା ରୋଗୀଙ୍କ ସେବାରେ ବ୍ୟବହୃତ ହେବ। ଟାଟା ଷ୍ଟିଲ୍ ମେଡିକା ହସ୍ପିଟାଲ୍, ଏଏସଆଇ ଓଡ଼ିଶା ଶାଖା ଏବଂ ଜିଲ୍ଲା ମୁଖ୍ୟାଳୟ ହସ୍ପିଟାଲ୍ ରକ୍ତ କେନ୍ଦ୍ରକୁ ଏହି ଜୀବନରକ୍ଷାକାରୀ ପ୍ରୟାସରେ ସେମାନଙ୍କ ସହଯୋଗ ପାଇଁ ଏବଂ ସମସ୍ତ ରକ୍ତଦାତାଙ୍କୁ ସେମାନଙ୍କର ଅମୂଲ୍ୟ ଅବଦାନ ପାଇଁ ହୃଦୟପୂର୍ବକ କୃତଜ୍ଞତା ଜଣାଇଛି।

## ଲୁଣହାର ଗାଁଛକ ଟ୍ରାନ୍ସଫର୍ମର ଚାରିକଡ଼ରେ ଲାଗିଲା ତାରବାଡ଼

**ରାମଚନ୍ଦ୍ରପୁର,୧୩।୬(ସମିସ):** ଘସିପୁରା ବ୍ଲକ ଲୁଣହାର ଗାଁଛକରେ ବିପଦପୂର୍ଣ୍ଣ ଅବସ୍ଥାରେ ଦୀର୍ଘ ଦିନ ଧରି ଖୋଲା ମେଲାରେ ରହି ଗାଈଗୋରୁ ତଥା ପଥଚାରୀଙ୍କ ପାଇଁ ଥିବା ବିପଦ ସାଜିଥିବା ଦୁଇଟି ବିଦ୍ୟୁତ ଟ୍ରାନ୍ସଫର୍ମର୍ ଚାରିକଡ଼ରେ ପାଚେରି ନିର୍ମାଣ ସହ ତାରବାଡ଼ ଲଗାଯାଇଛି। ଏ ସମ୍ପର୍ଦ୍ଧରେ 'ସକାଳ'ରେ ଏକ ଖବର ପ୍ରକାଶ ପାଇଲା ପରେ ବିଭାଗୀୟ ଅଧିକାରୀ ଆବଶ୍ୟକ ପଦକ୍ଷେପ ନେଇଥିବା ଜଣାପଡ଼ିଛି।



ବିଦ୍ୟୁତ ବିଭାଗ ପକ୍ଷରୁ ଦୁଇଟି ଯାକ ଟ୍ରାନ୍ସଫର୍ମର ଚତୁପାର୍ଶ୍ୱରେ ପାଚେରି ଏବଂ ତାରବାଡ଼କୁ ତ୍ୱରାନ୍ୱିତ କରାଯାଇଥିବାରୁ ବିଭାଗୀୟ ଅଧିକାରୀଙ୍କୁ କୃତଜ୍ଞତା ଜଣାଇଛନ୍ତି ଲୁଣହାର ଗ୍ରାମବାସୀ।

# ଆଗରପଡ଼ା ଅଞ୍ଚଳର ରଜ ମହୋତ୍ସବ

**ବନ୍ତ/ଆଗରପଡ଼ା,୧୩।୬(ସମିସ)**



ଆଧୁନିକ ସଭ୍ୟତାର ଦ୍ୱାହିଦେଇ ଉତ୍କଳର ମହାନ ସଂସ୍କୃତି ପରମ୍ପରାକୁ ଉତ୍କଳୀୟ ମାନେ ଭୁଲିଯାଇ ପାଶ୍ଚାତ୍ୟ ମୁଖୀ ହେଉଥିବା ବେଳେ ଆଗରପଡ଼ା ଓ ତା' ଆଖପାଖ ଅଞ୍ଚଳବାସୀ କିନ୍ତୁ ଭୁଲି ପାରିନାହାନ୍ତି ସେହି ମହାନ ସଂସ୍କୃତି ଓ ପରମ୍ପରାକୁ। ତା'ର ଜ୍ୱଳନ୍ତ ଉଦାହରଣ ଓଡ଼ିଆ ମାନଙ୍କ ରଜ ପର୍ବ। ଅନ୍ୟାନ୍ୟ ଅଞ୍ଚଳରେ ଏହି ପର୍ବପର୍ବାଣୀ ଲୋପର ପାଦ ଦେଶରେ ପହଞ୍ଚିଥିବା ବେଳେ ଏଠାକାର ଅଞ୍ଚଳରେ ଏହି ପର୍ବ କିନ୍ତୁ ଅଧିକ ସରସ ସୁନ୍ଦର ହେବାରେ ଲାଗିଛି। ଏଠାରେ ପୋଡ଼ ପିଠା, କାକରା, ମଣ୍ଡା ଆଦି ସୁଆଦିଆ ପିଠାର ବାସ୍ନା ଆଜିବି ଘରେ ଘରେ ଅନୁଭବ ହୋଇଥାଏ। ଗାଁ ଦାଣ୍ଡରେ ଯିବା ବେଳେ ଏହାର ବାସ୍ନା ସମସ୍ତଙ୍କୁ ଆକର୍ଷିତ କରିଥାଏ। ଯୁବକମାନଙ୍କ କବାଡ଼ି ଖେଳ ଗାଁ ଦାଣ୍ଡରେ ଏକ ନିଆରା ପରିବେଶ ସୃଷ୍ଟି କରିଥାଏ। ଉତ୍କଳ କେଶରୀ ଡ. ହରେକୃଷ୍ଣ ମହତାବ ଆଗରପଡ଼ା ଅଞ୍ଚଳରେ କବାଡ଼ି ଖେଳର ପରମ୍ପରା ଆରମ୍ଭ କରିଥିଲେ। ସେ ନିଜେ ମଧ୍ୟ ସାଧାରଣ ଲୋକଙ୍କ ସହ ମିଶି ଖେଳୁଥିଲେ। ଏବେ ଏହି ବ୍ଲକର ତିନି ଗୋଟି ସ୍ଥାନରେ ରଜ ମହୋତ୍ସବ ଧୁମଧାମରେ ପାଳନ କରାଯାଉଥିବା ବେଳେ ପୁରୁଷୋତ୍ତର ରାମଗଡ଼ ପଦା ଠାରେ କିଛି ଉଦ୍ୟମୀ ଯୁବକ ୨୦୦୫ ମସିହା ଠାରୁ କମିଟି ଗଠନ କରି ରଜ ପର୍ବକୁ ଗଣ ପର୍ବରେ ପରିଣତ କରିବା ପାଇଁ ଉଦ୍ୟମ ଜାରି ରଖିଛନ୍ତି। କମିଟି ପକ୍ଷରୁ ରାମଦୋଳି, ବ୍ରେକ ଡ୍ୟାନ୍ସ ଦୋଳି, ଚକିରୀ ଦୋଳି, ଜୋଡ଼ା ଦୋଳି ଓ ମିକି ମାଉସ ରେ ଚଢ଼ି ଛୋଟ ଛୋଟ ପିଲାମାନେ ଆନନ୍ଦ ଉଠାଇଥାନ୍ତି। ସେହିପରି ବଡ଼ମହିଁଷଗୋଠ ପଞ୍ଚାୟତ ଟିକିରା ବରଗଛ ପଡ଼ିଆ ଠାରେ ଆଇଡିଆଲ କ୍ଲବ ସଭାପତି ମନ୍ମଥ ଦାସ ପ୍ରମୁଖଙ୍କୁ ନେଇ ଅନ୍ୟ ଏକ କମିଟି ଗଠନ କରାଯାଇଛି। ପୂର୍ବ ବର୍ଷ ଅପେକ୍ଷା ଏହି ପର୍ବକୁ ଏଥର ଅଧିକ ଆକର୍ଷଣ କରିବା ପାଇଁ ସମସ୍ତ ଚେଷ୍ଟା ଚାଲିଥିବାର ସଭାପତି ମନ୍ମଥ ଦାସ ସୂଚନା ଦେଇଛନ୍ତି। ଚାରିଦିନ ବ୍ୟାପି ଏଠାରେ ଏହି ପର୍ବ ପାଳନ ହେବାକୁ ଥିବା ବେଳେ ପ୍ରତ୍ୟେହ ଦିନ ବିଭିନ୍ନ ପ୍ରତିଯୋଗୀତା ସାଙ୍ଗକୁ ସଂଗୀତ, ନୃତ୍ୟ ପରିବେଷଣ ଓ ଶେଷ ଦିନରେ ପ୍ରତିଭାଧର ବ୍ୟକ୍ତି ମାନଙ୍କୁ ସମ୍ବର୍ଦ୍ଧିତ କରାଯିବ। ଗଣିଜାଙ୍ଗ ହାଟ ପଡ଼ିଆ ଠାରେ ରଜ ପର୍ବ ଧୁମ ଧାମରେ ପାଳିତ ହେବ। ଏଠାରେ ପାନଭଙ୍ଗା, ଝୋଟି, ଚିତା, ପୁଚି, ପୋଡ଼ ପିଠା ପ୍ରସ୍ତୁତି ଆଦି ପ୍ରତିଯୋଗିତା ମାନ ଅନୁଷ୍ଠିତ ହୋଇଥାଏ। ପ୍ରତିବର୍ଷପରି ଏବର୍ଷ ମଧ୍ୟ ଏଠାରେ ରଜପରୀ ପ୍ରତିଯୋଗିତା ହେବ। ଅନୁରୂପ ଭାବେ ରାମଚନ୍ଦ୍ରପୁର ପଂଚାୟତ ଅର୍ନ୍ତଗତ ନିମପଡ଼ାଠାରେ ମଧ୍ୟ ଏବର୍ଷ ଧୁମଧାମରେ ରଜମହୋତ୍ସବ ପାଳିତ ହେବାକୁ ଯାଉଛି। ମୋଟା ମୋଟି ଭାବେ କହିବାକୁ ଗଲେ ଓଡ଼ିଆ ସଂସ୍କୃତିକୁ ବଞ୍ଚାଇବା ପାଇଁ ଏହା ଏକ ପ୍ରୟାସ।

## ଅଧପନ୍ତରିଆ ଭାବେ ଖୋଲିଲା ଗଳିପୋଲ



**ବ୍ୟାସନଗର,୧୩।୬(ସମିସ):** ବହୁପ୍ରତିକ୍ଷୀତ ଯାଜପୁର ରୋଡ ଡାକବଙ୍ଗଳା ଛକ ଗଳିପୋଲ ଓଡିଶାର ଗଣପର୍ବ ରଜ ପୂର୍ବରୁ ଖୋଲା ହୋଇଛି। ତେବେ ଏବେବି ଗଳିପୋଲର ଉଭୟ ପାଶ୍ୱର୍ର ଅନେକ କାର୍ଯ୍ୟ ଅଧାପନ୍ତରିଆ ରହିଛି। ରଜ ପୂର୍ବରୁ ଏହି ଗଳିପୋଲ ଖୋଲା ଯିବା ନେଇ ରେଳବାଇ ପକ୍ଷରୁ ମଧ୍ୟ ସୂଚନା ଦିଆଯାଇଥିଲା। ତେବେ ଅଦାପନ୍ତରିଆ ଭାବେ ହେଉ ପଛେ ଗଳିପୋଲ ଖୋଲିବା ଖବର ପ୍ରଚାରିତ ହେବା ପରେ ବ୍ୟାସନଗର ସହରବାସୀଙ୍କ ସମେତ ବ୍ୟବସାୟୀମାନଙ୍କ ମଧ୍ୟରେ ଖୁସିର ଲହରୀ ଖେଳିଯାଇଛି। ରେଳବାଇ ଗଳିପୋଲ ସ୍ଥାନରେ ଦୀର୍ଘ ବର୍ଷ ହେବ ବେପାରର ବଣିଜ କରି ପେଟ ପୋଷୁଥିବା ଉଠା ଦୋକାନୀମାନେ ରଜ ନିମନ୍ତେ ଗଳିପୋଲ ଖୋଲିବା ନେଇ ସନ୍ତୋଷ ବ୍ୟକ୍ତ କରିଛନ୍ତି। ତେବେ ଗଳିପୋଲର ଦୁଇ ପାଶ୍ୱର୍ରେ ଏଯାଏଁ ସେଡ୍ ନିର୍ମାଣ ସରିନଥିବାରୁ ଏନେଇ ଅଧିକ ୨ ମାସ ସମୟ ଲାଗିବ ବୋଲି ସୂଚନା ମିଳିଥିବା ବେଳେ ଏହାବାଦ୍ ଏବେବି ଅନେକ କାର୍ଯ୍ୟ ମଧ୍ୟ ଅଧାପନ୍ତରିଆ ରହିଛି। ତେବେ ସୁବଠାରୁ ଗୁରୁତ୍ୱପୂର୍ଣ୍ଣ ଭାବେ ଗଳୀପୋଲ ମଧ୍ୟଭାଗରେ ପାଣି ଜମି ରହୁଥିବାରୁ ଏହାର ସ୍ଥାୟୀ ନିରାକରଣ ଏଯାଏଁ ସରିନଥିବାରୁ ଏହାକୁ ନେଇ ସହରର ଅନେକ ବୁଦ୍ଧିଜୀବି ପ୍ରଶ୍ନ କରିବା ସହିତ ଠିକାସଂସ୍ଥା ଏବଂ ରେଳବାଇର ଏପରି ତୃଟିପୂର୍ଣ୍ଣ ନିର୍ମାଣ ଶୈଳୀକୁ ନେଇ ପ୍ରଶ୍ନ କରିଛନ୍ତି।

## ସୁକିନ୍ଦାରେ ରଥ ନିର୍ମାଣ କାର୍ଯ୍ୟ ତଦାରଖ



**ସୁକିନ୍ଦା,୧୩।୬(ସମିସ):** ସୁକିନ୍ଦାରେ ନୂତନ ରଥ ନିର୍ମାଣ କାର୍ଯ୍ୟ ତଦାରଖ କରିଛନ୍ତି ସମବାୟ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ। ଗତ ଫେବୃଆରି ମାସରେ ଏକ ବିବାହ ଶୋଭାଯାତ୍ରାରେ ବାଣ ଫୁଟାଇବା ସମୟରେ ହଠାତ୍ ଅଗ୍ନିକାଣ୍ଡ ଘଟି ରଥର ଉପରଭାଗ ପୋଡ଼ିଯାଇଥିଲା। ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରିବାକୁ ସ୍ଥାନୀୟ ଦେବୋତ୍ତର କମିଟିର ଏକ ଟିମ୍ ଘଟଣା ସମ୍ପର୍କରେ ଶ୍ରୀମନ୍ଦିର ପ୍ରଶାସନ ଓ ମୁକ୍ତିମଣ୍ଡପ ସହ ଆଲୋଚନା କରିଥିଲେ। ଆଲୋଚନା ପରେ ସମ୍ପର୍ଣ୍ଣ ନୂତନ ରଥ ନିର୍ମାଣ ପାଇଁ ସିଦ୍ଧାନ୍ତ ହୋଇଥିଲା। ସ୍ଥାନୀୟ ଲୋକେ ନୂତନ ରଥ ନିର୍ମାଣ ପାଇଁ ସ୍ଥାନୀୟ ବିଧାୟକ ତଥା ମନ୍ତ୍ରୀ ପ୍ରଦୀପ ବଳସାମନ୍ତଙ୍କୁ ଭେଟି ଆଲୋଚନା କରିବା ପରେ ନୂତନ ରଥ ନିର୍ମାଣ ପାଇଁ ସମ୍ପୂର୍ଣ୍ଣ ସହଯୋଗ କରିବା ପାଇଁ ମନ୍ତ୍ରୀ ପ୍ରତିଶ୍ରୁତି ଦେଇଥିଲେ। ରଥ ନିର୍ମାଣ କାର୍ଯ୍ୟ ଯଥା ସମୟରେ ସମ୍ପୂର୍ଣ୍ଣ କରିବାକୁ ମନ୍ତ୍ରୀ ଶ୍ରୀ ବଳସାମନ୍ତ ସ୍ଥାନୀୟ ତହସିଲଦାର ତଥା ସ୍ଥାନୀୟ ଦେବୋତ୍ତର ମୁଖ୍ୟଙ୍କୁ ପରାମର୍ଶ ଦେଇଥିଲେ। ରଥଯାତ୍ରା ପାଖେଇ ଆସୁଥିବାରୁ ରଥ ନିର୍ମାଣ କାର୍ଯ୍ୟ ତଦାରଖ କରିବା ପାଇଁ ମନ୍ତ୍ରୀ ରଥ ଖଳାରେ ପହଞ୍ଚି କାର୍ଯ୍ୟ ଦେଖିବା ସହ ତହସିଲଦାରଙ୍କ ଆଲୋଚନା କରିଥିଲେ।

## ହେଉନି ନଦୀଗର୍ଭ ପୁନରୁଦ୍ଧାର
## ବିପଦ ଆଶଙ୍କାରେ ନଦୀକୂଳିଆବାସୀ



**ବନ୍ତ/ଆଗରପଡ଼ା,୧୩।୮୬(ସମିସ):** ଆବାହନ କାଳରୁ ସାଳନ୍ଦୀ ନଦୀ ବନ୍ତ ବ୍ଲକର ଆଗରପଡା ଦେଇ ବହି ଯାଇଥିବା ବେଳେ ଏହାର ଶାଖା ପ୍ରଶାଖା ନଦୀ ଗୁଡ଼ିକ ଭଦ୍ରକ, ବାଲେଶ୍ୱର, କେନ୍ଦୁଝର ଜିଲ୍ଲାକୁ ପ୍ରବାହିତ ହୋଇଛି। ଏହି ନଦୀ କୂଳରେ ଶତାଧିକ ବେଆଇନ ଇଟାଭାଟି ଚାଲିଛି। ନଦୀ ପଠାରୁ ମାଟି ଖନନ କରାଯାଇ ଏଥିରେ ବ୍ୟବହୃତ ହେଉଛି। ଯଦ୍ୱାରା ନଦୀ କୂଳ ସବୁ ଖାଇ ଯାଇଛି। ବର୍ଷାଋତୁ ଆସିଲେ ବର୍ଷା ପ୍ରଭାବରେ ନଦୀ ପାଣି କ୍ରମଶଃ ଫୁଲି ଗ୍ରାମାଭିମୁଖି ହେଉଥିବାରୁ ନଦୀ କୂଳିଆ ଗ୍ରାମବାସୀ ବିପଦ ଆଶଙ୍କାରେ ରହିଛନ୍ତି। ଏହି ନଦୀର ଜଳକୁ କୃଷି କ୍ଷେତ୍ରରେ ବିନିଯୋଗ କରିବା ପାଇଁ ଉତ୍କଳକେଶରୀ ଡ. ହରେକୃଷ୍ଣ ମହତାବ ସେହି ସମୟରେ ପାଶ୍ୱର୍ବର୍ତ୍ତି କେନ୍ଦୁଝର ଜିଲ୍ଲା ହଦଗଡ ଠାରେ ଏକ ଡ୍ୟାମ ପ୍ରତିଷ୍ଠା କରିଥିଲେ। ଏଥିରେ ଜଳନିୟନ୍ତ୍ରିତ ହେବା ସହ ଏହି ଜଳକୁ ବିଭିନ୍ନ କେନାଲ ମାଧ୍ୟମରେ ଛଡାଯିବା ଫଳରେ ୩ଗୋଟି ଜିଲ୍ଲା କୃଷି ଅର୍ଥନୀତି ଉପରେ ବେଶ ପ୍ରଭାବ ପକାଉଥିବା ବେଳେ ଏବେ ସାଳନ୍ଦୀ ନଦୀ କୂଳ ଖାଇ ଗ୍ରାମାଭିମୁଖୀ ହେବାଯୋଗୁଁ ନଦୀ କୂଳିଆ ଗ୍ରାମକୁ ବିପଦ ସୃଷ୍ଟି କରୁଛି। ପ୍ରତିବର୍ଷ ବର୍ଷାଦିନରେ ସାଳନ୍ଦି ନଦୀରେ ଏହିପରି ମନୁଷ୍ୟ କୃତ ବନ୍ୟା ଆସି ନଦୀ ଜଳ ଲୋକଙ୍କର କ୍ଷୟକ୍ଷତି ପହଞ୍ଚାଉଛି। ଏ ଅଞ୍ଚଳରେ ନଦୀକୂଳରେ ଅବସ୍ଥିତ ପାଟକନା, ମହାନ୍ତିପଡା, ରାଉତରାପୁର, ହଳଦୀପହଣି, କାଣ୍ଡବା, ଗୋପିନାଥପୁର, କୁଆଁଶମଢିଆ, ହରିପୁର, ଘଣ୍ଟଗଢିଆ, ନରାଜପୁର, ବଡମହିଷଗୋଠ, ଟିକିରା, ଚାରିଗାଁ, ଶ୍ରୀରାମପୁର,ଯଶବନ୍ତପୁର, ରାଜନଗର ମଙ୍ଗଳପୁର,ଅଣିଜୋ,ନରିପୁର, ବିରିଡିହି ଆଦି ଗ୍ରାମବାସୀ ଏନେଇ ଚିନ୍ତା ପ୍ରକଟ କରିଛନ୍ତି। ଏଥିପ୍ରତି ବିଭାଗୀୟ ଉଚ୍ଚକର୍ତ୍ତୃପକ୍ଷ ଦୃଷ୍ଟିଦେବାକୁ ଗ୍ରାମବାସୀଙ୍କ ପକ୍ଷରୁ ଦାବି ହେଉଛି।

## ଶିଶୁ ଶ୍ରମିକ ନିରାକରଣ ପକ୍ଷ ପାଳନ

**ଯାଜପୁର,୧୩।୬(ସମିସ):** ଆଜିଠାରୁ ୧୫ ଦିନ ବ୍ୟାପୀ ଶିଶୁ ଶ୍ରମିକ ନିରାକରଣ ସଚେତନତା ପକ୍ଷ ଜିଲ୍ଲା ଶ୍ରମ ବିଭାଗ, ଜିଲ୍ଲା ପ୍ରଶାସନ ମିଳିତ ଆନୁକୂଲ୍ୟରେ ଆରମ୍ଭ ହୋଇଛି। ଜିଲ୍ଲାପାଳଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ବିକାଶ ମେଳା ପଡିଆ ଠାରେ ଏକ ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥ ଶିବଶଙ୍କର ମିଶ୍ର, ଯୁଗ୍ମ ଶ୍ରମ ଆୟୁକ୍ତ ଯାଜପୁର ସତ୍ୟନାରାୟଣ ଆଚାର୍ଯ୍ୟ, ପ୍ରଭାଗୀୟ ଶ୍ରମ ଆୟୁକ୍ତ ରେକ୍ସୋନା ଜେନା, ଚେୟାରମ୍ୟାନ, ଶିଶୁ କଲ୍ୟାଣ ସମିତି କାମିନି ରଞ୍ଜନ ପଟ୍ଟନାୟକ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ନିରଞ୍ଜନ କର, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀଙ୍କ ଦ୍ୱାରା ଉଦ୍‌ଘାଟନ କରାଯାଇଥିଲା। ସଚେତନତା ରଥରେ ୬-୧୪ ବର୍ଷ ମଧ୍ୟରେ ଶିଶୁ ଶ୍ରମିକଙ୍କୁ କାର୍ଯ୍ୟରେ ନିୟୋଜିତ କରିଲେ କିମ୍ବା କିଶୋର ଶ୍ରମିକଙ୍କୁ ବିପଦ ସଙ୍କୁଳ ବୃତ୍ତି ଓ ପ୍ରକ୍ରିୟା ରେ ନିୟୋଜିତ କଲେ ଆଇନ ରେ ଥିବା ଦଣ୍ଡ ବିଧାନର ବିଧି ବିଧାନ ଥିବାର ସଚେତନ କରାଯାଉଛି। ସଚେତନତା ରଥଟି ଜିଲ୍ଲାରେ ସମସ୍ତ ପୌରାଞ୍ଚଳ ଓ ବ୍ଲକ ଏରିଆରେ ଭ୍ରମଣ କରି ଆସନ୍ତା ୨୬ ତାରିଖ ପର୍ଯ୍ୟନ୍ତ ସାଧାରଣ ଜନତାଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରାଯିବ। ଏତଦବ୍ୟତୀତ ସ୍କୁଲର ଏନ୍‌ସିସି ଛାତ୍ରଛାତ୍ରୀ, ଆସ୍ୱାୟାର ଏନଜିଓର ସଦସ୍ୟ, ଜିଲ୍ଲା ନିୟୋଜନ ଅଧିକାରୀ, ଜିଲ୍ଲା ଶିକ୍ଷା ଅଧିକାରୀ, ବିଭିନ ଶ୍ରମିକ ସଂଗଠନର ସଭ୍ୟ, ଶ୍ରମ ବିଭାଗର ଦେବାଶିଷ ଜେନା, ଭରପ୍ରାପ୍ତ ଜିଲ୍ଲା ଶ୍ରମ ଅଧିକାରୀ (କଲ୍ୟାଣ), ସମସ୍ତ ସହକାରୀ ଶ୍ରମ ଅଧିକାରୀ ଯଥା ସୌମ୍ୟ ସୁନ୍ଦର ରାଉତରାୟ, ସୌମ୍ୟ ରଞ୍ଜନ ବେହେରା, ସ୍ମୃତି ରଞ୍ଜନ ପଣ୍ଡା ଓ କୁମାରୀ ରଚନା ସେଠୀ ସାମିଲ ଥିଲେ।

## ବିପର୍ଯ୍ୟୟ ପରିଚାଳନା ଅଭ୍ୟାସ ପାଇଁ ପ୍ରସ୍ତୁତି



**କେନ୍ଦୁଝର, ୧୩।୬(ସମିସ):** କେନ୍ଦୁଝର ଜିଲ୍ଲାରେ ସମ୍ଭାବ୍ୟ ବିପର୍ଯ୍ୟୟ ମୁକାବିଲା ନିମନ୍ତେ ଅତିରିକ୍ତ ଜିଲ୍ଲାପାଳ ରବୀନ୍ଦ୍ର କୁମାର ପ୍ରଧାନଙ୍କ ଅଧ୍ୟକ୍ଷତାରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥିତ ଓସ୍ୱାନ ହଲଠାରେ ଟେବୁଲ ଟପ ଏକ୍ସରସାଇଜ ଏବଂ ସାମୂହିକ ଅଭ୍ୟାସ ୨୦୨୫ର ସଫଳ ଆୟୋଜନ ନିମନ୍ତେ ଜିଲ୍ଲାସ୍ତରୀୟ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଚଳିତ ମାସ ୧୮ ତାରିଖରେ ଜିଲ୍ଲାସ୍ତରରେ ପୂର୍ବାହ୍ନ ୧୦ରୁ ୧ଟା ଓ ବ୍ଲକସ୍ତରରେ ଅପରାହ୍ନ ୨ରୁ ସନ୍ଧ୍ୟା ୫ ପର୍ଯ୍ୟନ୍ତ ୨ଟି ପର୍ଯ୍ୟାୟରେ ଟେବୁଲ ଟପ ଏକ୍ସରସାଇଜ ଅନୁଷ୍ଠିତ ହେବ। ୧୯ ରେ ସକାଳ ୯ଟାରୁ ଜିଲ୍ଲାସ୍ଥିତ ୪ଟି ବନ୍ୟା ଆଶ୍ରୟସ୍ଥଳୀଠାରେ ବିପର୍ଯ୍ୟୟ ପରିଚାଳନା ଅଭ୍ୟାସ (ମକଡ୍ରିଲ) ଅନୁଷ୍ଠିତ ହେବ। ବିପର୍ଯ୍ୟୟ ସମୟରେ ବ୍ୟବହୃତ ସମସ୍ତ ଆନୁଷଙ୍ଗିକ ଯନ୍ତ୍ରପାତିର ଉପଯୁକ୍ତ ଯାଞ୍ଚ ଏବଂ ପରୀକ୍ଷା ପୂର୍ବକ ସଠିକ ବ୍ୟବହାର ନିମନ୍ତେ ସୁନିଶ୍ଚିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ କୁମାର ନାଗଭୂଷଣ, ଡେପୁଟି କଲେକ୍ଟର ଆପାତକାଳୀନ ଅଭିଳାଷ ପୁରୋହିତ, ଜିଲ୍ଲା ପ୍ରକଳ୍ପ ଅଧିକାରୀ, ଓଡ଼ିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା ସଂସ୍ଥା ଇଜାଜ ଇକବାଲ ଉପସ୍ଥିତ ଥିଲେ। ଉପଜିଲ୍ଲାପାଳ, ସମସ୍ତ ବିଡିଓ, ତହସିଲଦାର, ଅନ୍ୟାନ୍ୟ ସହଯୋଗୀ ସଂସ୍ଥା କର୍ମକର୍ତ୍ତା, ଆଶ୍ରୟସ୍ଥଳୀ ପରିଚାଳନା କର୍ମକର୍ତ୍ତା, ନିର୍ବାହୀ ଅଧିକାରୀ ଆଭାସୀ ମାଧ୍ୟମରେ ଯୋଗଦାନ କରିଥିଲେ।

## ସ୍ୱେଚ୍ଛାକୃତ ରକ୍ତଦାନ ଶିବିର: ୫୭ ୟୁନିଟ ସଂଗ୍ରହ

### ଭିନ୍ନକ୍ଷମ ମହିଳା କଲେ ରକ୍ତଦାନ

**ରାମଚନ୍ଦ୍ରପୁର,୧୩।୬(ସମିସ):** ପୁରୁଣାବାନ୍ଧଗୋଡ଼ା ନ୍ୟୁ ଜେନେରେସନ ୟୁଥ କ୍ଲବ ପକ୍ଷରୁ ଯୁବ ସାଥୀ ସିମ୍ପୁଲ ସେନାପତିଙ୍କ ସ୍ମୃତିରେ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଆୟୋଜିତ ହୋଇଛି। ଅତିଥି ଭାବେ ବସନ୍ତମଞ୍ଜରୀ ସେବା ଟ୍ରଷ୍ଟର ପ୍ରତିଷ୍ଠାତା ଡ. ରତିକାନ୍ତ ବରାଳ, ସ୍ୱାସ୍ଥ୍ୟକେନ୍ଦ୍ରର ଚିକିତ୍ସାଧିକାରୀ ଦୀନକୃଷ୍ଣ ଜଗନ୍ନାଥ ଯୋଗ ଦେଇଥିଲେ। ସମାଜସେବୀ ସୁନୀଲ ବିଶୋଇ, ବଳରାମ ବେହେରା, ତାରିଣୀ ପଟ୍ଟନାୟକ ମଧ୍ୟ ଉପସ୍ଥିତ ଥିଲେ। ଭିନ୍ନକ୍ଷମ ମହିଳା ସଂଘମିତ୍ରା ମିଶ୍ର ସ୍ୱେଚ୍ଛାକୃତ ଭାବେ ରକ୍ତଦାନ କରିଥିଲେ। ଏହି ଅବସରରେ ମୋଟ ୫୭ ୟୁନିଟ ରକ୍ତ ସଂଗ୍ରହ କରାଯାଇଛି। ଆନନ୍ଦପୁର ରକ୍ତଭଣ୍ଡାର ଏଲଟି ସୁଦର୍ଶନ ବେହେରା, ଅଶୋକ ସୂର, ସ୍ୱାଗତିକା ମହାନ୍ତି ଏଲଟି ପିଙ୍କନ ଚକ୍ର, ମହିଳା ସ୍ୱାସ୍ଥ୍ୟ କର୍ମୀ ସସ୍ମିତା ସାହୁ, ସିଏଚଓ ସୁପ୍ରିୟା ପୁହାଣ ପ୍ରମୁଖ ରକ୍ତ ସଂଗ୍ରହରେ ସହଯୋଗ କରିଥିଲେ। କ୍ଲବର ସଭାପତି ଆଶୁତୋଷ ମାଝୀଙ୍କ ତତ୍ତ୍ୱାବଧାନରେ ସମସ୍ତ ସଦସ୍ୟ ସହଯୋଗ କରିଥିଲେ।



## ଦୃଷ୍ଟିବାଧିତ ବାବୁଲିଙ୍କୁ ମିଳୁନି ସରକାରୀ ସହାୟତା



**ରାମଚନ୍ଦ୍ରପୁର,୧୩।୬(ସମିସ):** ଘସିପୁରା ବ୍ଲକ ପୁରୁଣାବାନ୍ଧଗୋଡ଼ା ପଞ୍ଚାୟତ ଅନ୍ତର୍ଗତ ନଣ୍ଡାବର ଗ୍ରାମର ବାବୁଲି ପାତ୍ର (୪୦) ଜନ୍ମରୁ ଦୃଷ୍ଟିହୀନ। ପତ୍ନୀ ଶିବାନୀ ଏବଂ ଦୁଇ ପିଲାଙ୍କୁ ନେଇ ତାଙ୍କର ଛୋଟିଆ ସଂସାର। ଜମିବାଡ଼ି ବୋଲି କେବଳ ଘରଡିହ ଖଣ୍ଡିକ। ପତ୍ନୀ ପର ଘରେ ମୂଲ-ମଜୁରି କଲେ ପରିବାର ଚଳେ। ଖାଦ୍ୟ ସୁରକ୍ଷା ଯୋଜନାରେ ରାସନକାର୍ଡ ମିଳିଥିଲେ ମଧ୍ୟ ଦୁଇ ପିଲାଙ୍କ ନାଁ ନାହିଁ। ସେପଟେ, ସମ୍ବଳ ଅଭାବରୁ ପକ୍କା ଘରଟିଏ ନିର୍ମାଣ କରିବା ତାଙ୍କ ପକ୍ଷେ ସମ୍ଭବପର ହେଉନାହିଁ, ଯଦ୍ୱାରା ସେଇ ପୁରୁଣା ଚାଳଛପର ଘରେ ଦିନ କାଟୁଛନ୍ତି। ଜନ୍ମରୁ ଶତ ପ୍ରତିଶତ ଦୃଷ୍ଟିହୀନ ହୋଇଥିଲେ ମଧ୍ୟ ମାସକୁ ଭିନ୍ନକ୍ଷମ ଭତ୍ତା ହଜାରେ ମିଳୁଛି। ବହୁ ଅଭାବ ଅନଟନରେ ରହି ନିଜ ଭାଗ୍ୟକୁ ଆଦରି ପଡ଼ିରହିଛନ୍ତି ଦୃଷ୍ଟିବାଧିତ ବାବୁଲି। ସରକାରୀ ବାବୁଙ୍କ ଅବହେଳା କାରଣରୁ ଜଣେ ଶତପ୍ରତିଶତ ଦୃଷ୍ଟିବାଧିତ ଯୁବକ ମାସକୁ ମିଳୁଥିବା ୩ ହଜାର ୫ ଶହ ଟଙ୍କାର ଭତ୍ତା ପାଇବାରୁ ବଞ୍ଚିତ ହେଉଛନ୍ତି। ଏ ସମ୍ବନ୍ଧରେ ଘସିପୁରା ବିଡିଓ ସରଜମିନ ତଦନ୍ତ କରି ବାବୁଲି ପରିବାରକୁ ଅନ୍ତ୍ୟୋଦୟ ଆବାସ ଯୋଜନାରେ ସାମିଲ କରିବା ସହ ଦୁଇ ପିଲାଙ୍କୁ ଖାଦ୍ୟ ସୁରକ୍ଷା ଯୋଜନାରେ ସାମିଲ କରିବା ଏବଂ ବର୍ଦ୍ଧିତ ଭତ୍ତା ପ୍ରଦାନ କରିବାକୁ ଗ୍ରାମର ବୁଦ୍ଧିଜୀବୀ ଦାବି କରିଛନ୍ତି।

### ଯୁବତୀ ଚାଲାଣ ରାକେଟ୍‌ର ପର୍ଦ୍ଦାଫାସ୍

# ରାଜସ୍ଥାନରୁ ଆଉ ୨ ଯୁବତୀ ଉଦ୍ଧାର, କ୍ରେତା ଗିରଫ



**କପ୍ତିପଦା, ୧୩।୬ (ସମିସ):** ରାଉରକେଲାରେ କାମ ଦେବାକୁ କହି ସାଙ୍ଗରେ ନେଇ ରାଜସ୍ଥାନରେ ବିକି ଦେଉଥିଲେ। ସେଠାରେ ବୟସ, ଗଢ଼ଣ, ରଙ୍ଗକୁ ନେଇ ହେଉଥିଲା ମୂଲଚାଲ; କାହାକୁ ଲକ୍ଷେ ତ କାହାକୁ ୨ ଲକ୍ଷରେ ବିକ୍ରି କରାଯାଉଥିଲା। ନାବାଳିକାଙ୍କଠାରୁ ଆରମ୍ଭ କରି ୨୫/୨୬ ବର୍ଷୀୟ ଯୁବତୀଙ୍କୁ ଦଲାଲମାନେ ପରପୁରୁଷ ହାତକୁ ଟେକି ଦେଉଥିଲେ। ଆଉ, କିଣୁଥିବା ଲୋକମାନେ ସେମାନଙ୍କୁ ବିବାହ କରିବା ଉଦ୍ଦେଶ୍ୟରେ ଘରକୁ ନେଇଯାଉଥିଲେ। ରାଜସ୍ଥାନରେ ଚାଲିଥିବା ଏପରି ଏକ ଯୁବତୀ ଚାଲାଣ ରାକେଟ୍‌ର ପର୍ଦ୍ଦାଫାସ୍ କରିଛି ଶରତ ଥାନା ପୁଲିସ୍। ଏହି ରାକେଟ୍‌ର ଶିକାର ହୋଇଥିବା ମୟୂରଭଞ୍ଜର ୨ ଯୁବତୀଙ୍କୁ ପୁଲିସ୍ ପୂର୍ବରୁ ଉଦ୍ଧାର କରିଥିବା ବେଳେ ଦେଢ଼ମାସ ପରେ ଆଉ ଦୁଇ ଯୁବତୀଙ୍କୁ ଉଦ୍ଧାର କରିବା ସହ ଜଣେ ଗରାଖ ବା କ୍ରେତାକୁ ଗିରଫ କରିଛି। ସେ ହେଲା ରାମ ସୁମନ। ତା' ସହ ଆଉ କିଛି ଅଭିଯୁକ୍ତଙ୍କ ଏହି ରାକେଟ୍‌ରେ ସଂପୃକ୍ତି ଥିବା ପୁଲିସ୍ ଜାଣିବାକୁ ପାଇଛି। ପୂର୍ବରୁ ଯୁବତୀମାନଙ୍କୁ ବିକ୍ରି କରିଥିବା ଦଲାଲ ଧନେଶ୍ୱର ମୁର୍ମୁକୁ ଶରତ ପୁଲିସ୍ ଗିରଫ କରି କୋର୍ଟ ଚାଲାଣ କରିଥିଲା ଓ ୨ ଯୁବତୀଙ୍କୁ ଉଦ୍ଧାର କରିଥିଲା। ଗିରଫ ଦଲାଲର ବୟାନକୁ ଭିତ୍ତି କରି ପୁଲିସକୁ ସଫଳତା ମିଳିଛି ବୋଲି ଶରତ ଆଇଆଇସି ରମାକାନ୍ତ ପାତ୍ର ସୂଚନା ଦେଇଛନ୍ତି।

ସୂଚନାନୁଯାୟୀ, ଦେଢ଼ମାସ ତଳେ ମୟୂରଭଞ୍ଜର ଶରତ ଥାନା ଅଞ୍ଚଳର ୪ଜଣ ଯୁବତୀଙ୍କୁ ଧନେଶ୍ୱର ରାଉରକେଲାରେ ଭଲ ଦରମାରେ କାମ ଦେବାର ଲୋଭ ଦେଖାଇ ସେମାନଙ୍କ ପରିବାରଲୋକଙ୍କ ଅଗୋଚରରେ ସାଙ୍ଗରେ ନେଇ ଯାଇଥିଲା। କିନ୍ତୁ ଦଲାଲଜଣଙ୍କ ସେମାନଙ୍କୁ ରାଉରକେଲା ପରିବର୍ତ୍ତେ ରାଜସ୍ଥାନ ରେଲୱେ ଷ୍ଟେସନ୍‌ରେ ବିକି ଦେଇଥିଲା। ତେବେ ଯୁବତୀମାନେ ପ୍ରକୃତ କଥା ଜାଣିପାରି ଲୁଚିଲୁଚି ଘରଲୋକଙ୍କୁ ଫୋନ୍‌ରେ ସୂଚନା ଦେଇଥିଲେ। ପରେ ଏନେଇ ପରିବାରଲୋକଙ୍କ ପକ୍ଷରୁ ଶରତ ଥାନାରେ ଅଭିଯୋଗ ହେବା ପରେ ତନାଘନା ଆରମ୍ଭ ହୋଇଥିଲା। ଯୁବତୀମାନେ କଲ୍ କରିଥିବା ଲୋକେସନ୍ ରାଜସ୍ଥାନ ବୋଲି ଜଣାପଡ଼ିବା ପରେ ପୁଲିସ୍ ସେମାନଙ୍କୁ ଉଦ୍ଧାର କରିବା ପାଇଁ ଉଦ୍ୟମ ଆରମ୍ଭ କରିଥିଲା। ଦେଢ଼ ମାସ ତଳେ ପୁଲିସ୍ ୨ଜଣଙ୍କୁ ଉଦ୍ଧାର କରିଥିବା ବେଳେ ଦଲାଲକୁ ଗିରଫ କରିଥିଲା। ତେବେ ଗରାଖ ଓ ଅନ୍ୟ ୨ଯୁବତୀଙ୍କ ପତ୍ତା ପାଇନଥିଲା। ରାଜସ୍ଥାନ ପୁଲିସ୍ ବିଶ୍ୱସ୍ତ ସୂତ୍ରରୁ ଯୁବତୀଙ୍କ ଲୋକେସନ୍ ସଂପର୍କରେ ଖବର ପାଇ ଚଢ଼ଉ କରିଥିଲା। ପୁଲିସ୍ ଯୁବତୀଦ୍ୱୟଙ୍କୁ ରାମ ସୁମନର ଘରୁ ଉଦ୍ଧାର କରିଥିଲା। ଆଜି ରାଜସ୍ଥାନ ପୁଲିସ୍ ଯୁବତୀଦ୍ୱୟଙ୍କୁ ଶରତ ଥାନା ପୁଲିସ୍‌କୁ ହସ୍ତାନ୍ତର କରିଛି। ଅପରପକ୍ଷେ, ଉଦ୍ଧାର ହୋଇଥିବା ଯୁବତୀମାନେ ଆଜି ଗଣମାଧ୍ୟମ ସାମ୍ନାରେ ସେମାନଙ୍କ ନିର୍ଯାତନାର କାହାଣୀ ବଖାଣିଛନ୍ତି।

## ବିଦ୍ୟୁତ୍ ଆଘାତରେ କନଷ୍ଟେବଲ ମୃତ

**ବିଷମ କଟକ, ୧୩।୬(ସମିସ):** ନିର୍ମାଣାଧୀନ ଘରର ଛାତ ଉପରେ ପାଲ ବିଛାଉଥିବା ବେଳେ ୧୧ କେଭି ବିଦ୍ୟୁତ ତାର ସ୍ପର୍ଶରେ ଆସି ଏପିଆର କନ୍‌ଷ୍ଟେବଲଙ୍କ ମୃତ୍ୟୁ ଘଟିଛି। ଏଭଳି ଦୁଃଖଦ ଘଟଣା ଘଟିଛି ରାୟଗଡ଼ା ଜିଲ୍ଲା ବିଷମ କଟକ ଥାନା ଅନ୍ତର୍ଗତ ହାଜାରୀଡାଙ୍ଗ ସଦର ପଞ୍ଚାୟତରେ। ସୂଚନା ଅନୁଯାୟୀ, ବିଷମକଟକ ଥାନାରେ କାର୍ଯ୍ୟରତ ଏପିଆର କନ୍‌ଷ୍ଟେବଲ ତଥା କୋର୍ଟଗାର୍ଡ ରଞ୍ଜନ କୁମାର ସାହୁକାର (୨୨) ତାଙ୍କ ନିଜ ଗ୍ରାମ ହାଜାରୀଡାଙ୍ଗରେ ନୂତନ ଘର ତିଆରି କରୁଥିଲେ। ଗୁରୁବାର ଦିନ ସେହି ଘର ସ୍ଲାପରେ ଗ୍ରାଡିଙ୍ଗ ପକାଯାଇଥିଲା। ସେ ଦିନ ରାତି ପ୍ରାୟ ୧୦ଟା ସମୟରେ ବର୍ଷା ଆରମ୍ଭ ହୋଇଥିଲା। ବର୍ଷାରେ ଗ୍ରାଡିଙ୍ଗ ନଷ୍ଟ ହେଇଯିବା ଆଶଙ୍କାରେ ରଞ୍ଜନ ପାଲ ଘୋଡ଼ାଇବା ପାଇଁ ଛାତ ଉପରକୁ ଯାଇଥିଲେ। ସେହି ସମୟରେ ଟିକିଏ ଅସାବଧାନତା ଯୋଗୁଁ ଛାତ ଉପରେ ଯାଇଥିବା ୧୧କେଭି ବିଦ୍ୟୁତ ତାର ସଂସ୍ପର୍ଶରେ ସେ ଆସି ଯାଇଥିଲେ।

### ଅଣସରରେ ମହାପ୍ରଭୁଙ୍କ ମାନବୀୟ ଲୀଳା

# ଆଜି ଶ୍ରୀଅଙ୍ଗ ଫିଟା ନୀତି

**ପୁରୀ, ୧୩।୬ (ସମିସ):** ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିତ୍ୟ ଲୀଳାସ୍ଥଳ ପୁରୁଷୋତ୍ତମ କ୍ଷେତ୍ର। ଶ୍ରୀମନ୍ଦିରରେ ବିରାଜମାନ କରି ବିଭିନ୍ନ ଉତ୍ସବରେ ଲୀଳାଖେଳା କରିଥା'ନ୍ତି ଦାରୁବିଗ୍ରହ। ପବିତ୍ର ଦେବସ୍ନାନ ପୂର୍ଣ୍ଣିମାରେ ୧୦୮ ଗଡୁ ଜଳରେ ସ୍ନାନ କରିବା ପରେ ଜ୍ୱରରେ ପଡ଼ିଛନ୍ତି ମହାପ୍ରଭୁ। ଅଣସର ଘରେ ଶ୍ରୀଅଙ୍ଗଲାଗି ସେବକ ଦଇତାପତିମାନେ ଠାକୁରଙ୍କ ଗୁପ୍ତସେବା କରୁଛନ୍ତି। ସାଧାରଣ ମଣିଷଟିଏ ଅସୁସ୍ଥ ହେଲେ, ଯେଉଁଭଳି ଚିକିତ୍ସା କରାଯାଏ, ବର୍ତ୍ତମାନ ଦାରୁଦିଅଁଙ୍କ ସେହିଭଳି ଉପଚାର ଚାଲିଛି। ଦଇତାପତି ସେବକଙ୍କ ସୂଚନା ଅନୁଯାୟୀ, ଅସୁସ୍ଥ ମଣିଷ ହସ୍ପିଟାଲରେ ଚିକିତ୍ସିତ ସମୟରେ ଯେଉଁଭଳି ବସ୍ତ୍ର ପରିଧାନ କରନ୍ତି, ଠାକୁର ଏବେ ସେହିଭଳି ବସ୍ତ୍ର ପିନ୍ଧିଛନ୍ତି। ପାଟ ପିତାମ୍ବରୀ ବସ୍ତ୍ର ଏବଂ ଅଳଙ୍କାର ପରିତ୍ୟାଗ କରି ଜଣେ ଅସୁସ୍ଥଙ୍କ ପରି ଅଣସର ଘରେ କାଠକୁ ଆଉଜି ରହିଛନ୍ତି। ଶ୍ରୀଅଙ୍ଗରେ କେବଳ ଖଣ୍ଡିଏ ଧଳା ସୂତାବସ୍ତ୍ର ରହିଛି। ରୋଗରେ ପଡ଼ିଲେ ମଣିଷ ଯେପରି କୌଣସି କଠିନ ଖାଦ୍ୟ ବା ଅନ୍ନ ଇତ୍ୟାଦି ଖାଆନ୍ତି ନାହିଁ, ଠାକୁରଙ୍କ ପାଖରେ ମଧ୍ୟ ସେହିପରି ଭୋଗ ଲାଗୁ ନାହିଁ। ରୋଗୀ ଯେମିତି ଫଳମୂଳ ଖାଇଥା'ନ୍ତି, ଦରୁବିଗ୍ରହଙ୍କୁ ସେହିପରି ଧୁଆମୁଗ, ଛେନା ଚକଟା, ପଣସ, ପିଜୁଳି, ସପୁରୀ, ଅଙ୍ଗୁର, ଆମ୍ବ ପ୍ରଭୃତି ଫଳ ଲାଗି କରାଯାଉଛି। ଅସୁସ୍ଥ ବ୍ୟକ୍ତିଙ୍କୁ ଗ୍ଲୁକୋଜ, ଇଲେକ୍ଟ୍ରୋରାଲ ପାଣି ଦିଆଯିବା ଭଳି ଠାକୁରଙ୍କୁ ସର, କ୍ଷୀର, ଅଳେଇଚ ଓ କର୍ପୂର ପଡ଼ିଥିବା ପଣା ଦିଆଯାଉଛି। ସମ୍ପୂର୍ଣ୍ଣ ଭାବେ ଜ୍ୱର ଛାଡ଼ିବା ପର୍ଯ୍ୟନ୍ତ ଦଇତାପତି ସେବକମାନେ ଏହିପରି ମହାପ୍ରଭୁଙ୍କ ସେବା କରିଥା'ନ୍ତି।

ଦୈନନ୍ଦିନ ଦୁଇଥର ମହାପ୍ରଭୁଙ୍କ ଉପଚାର ଚାଲିଛି। ମଧ୍ୟାହ୍ନ ଧୂପ ସରିବା ପରେ ଏବଂ ସନ୍ଧ୍ୟା ଧୂପ ସରିବା ପରେ ଅଣସର ଘର ଖୋଲାଯାଏ। ଦଇତାପତି ପରିବାରର ଛୋଟଠାରୁ ବଡ଼ ପର୍ଯ୍ୟନ୍ତ ସମସ୍ତେ ଗୋଷ୍ଠୀଗତ ଭାବେ ପ୍ରତ୍ୟହ ମହାପ୍ରଭୁଙ୍କ ସେବାରେ ନିୟୋଜିତ ହୋଇଥା'ନ୍ତି। ତେବେ ଶନିବାର ଚତୁର୍ଥୀରେ ଶ୍ରୀଅଙ୍ଗଫିଟା ନୀତି ସମ୍ପନ୍ନ ହେବ। ବର୍ଷସାରା ଲାଗିଥିବା ଚନ୍ଦନ, କରାଳ ଆଦି ବସ୍ତ୍ର ଫିଟା ଯିବ।

## ହୋଟେଲରେ ଡାକ୍ତରଙ୍କ ସନ୍ଦେହଜନକ ମୃତ୍ୟୁ

**ବାଲେଶ୍ୱର,୧୩।୬ (ସମିସ):** ବାଲେଶ୍ୱର ଟାଉନ ଥାନା ପୁଲିସ୍ ଆଜି ସିନେମା ବଜାରସ୍ଥିତ ହୋଟେଲ 'ନିଶି'ର ୧୧୫ ନମ୍ବର ରୁମ୍‌ରୁ ଡାକ୍ତର ପ୍ରଦୀପ ମଲ୍ଲିକ (୫୧)ଙ୍କ ମୃତଦେହ ଉଦ୍ଧାର କରିଛି। କୋଲକାତା କାଳୀଘାଟ ଅଞ୍ଚଳରେ ଥିବା ୧/୩ସି ପ୍ରିନ୍ସ ଗୋଲାମ ମହମ୍ମଦ ଷ୍ଟ୍ରିଟ୍‌ର ଗୋବିନ୍ଦ ମଲ୍ଲିକଙ୍କ ପୁଅ ହେଉଛନ୍ତି ପ୍ରଦୀପ। ସେ ପ୍ରତିମାସ ବାଲେଶ୍ୱରରେ ଥିବା ନିଶା ନିବାରଣ

**କବାଟ ଭାଙ୍ଗି ଶବ ଉଦ୍ଧାର କଲା ପୁଲିସ୍**

କେନ୍ଦ୍ରଗୁଡ଼ିକୁ ଆସି ରୋଗୀମାନଙ୍କୁ ଚିକିତ୍ସା କରିଥା'ନ୍ତି ବୋଲି ହୋଟେଲ ମ୍ୟାନେଜର କହିଛନ୍ତି। ଶୁକ୍ରବାର ମଧ୍ୟାହ୍ନ ପର୍ଯ୍ୟନ୍ତ ଡା. ମଲ୍ଲିକ ନିଜ ରୁମ୍‌ର କବାଟ ନ ଖୋଲିବାରୁ ହୋଟେଲ କର୍ମଚାରୀଙ୍କ ସନ୍ଦେହ ହୋଇଥିଲା। ଏ ସଂପର୍କରେ ମ୍ୟାନେଜର ଟାଉନ୍ ଥାନାକୁ ଜଣାଇବା ପରେ ପୁଲିସ୍ ଓ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ଉକ୍ତ ରୁମ୍‌ର କବାଟ ଭଙ୍ଗା ଯାଇଥିଲା। ସେ ଖଟ ଉପରେ ପଡ଼ିଥିବା ବେଳେ ତାଙ୍କ ପାଟିରୁ ଧଳା ରଙ୍ଗର ଫେଣ ବାହାରି ଶୁଖି ଯାଇଥିବା ଦେଖାଯାଇଥିଲା। ପୁଲିସ ତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ଶବ ଉଦ୍ଧାର କରିବା ପରେ ବ୍ୟବଚ୍ଛେଦ ପାଇଁ ପଠାଇବା ସହ ତାଙ୍କ ପରିବାରଲୋକଙ୍କୁ ଖବର ଦିଆଯାଇଛି। ପରିବାରଲୋକେ ଆସିଲେ ଶନିବାର ଶବ ବ୍ୟବଚ୍ଛେଦ ହେବ ବୋଲି ଟାଉନ ଥାନା ଅଧିକାରୀ ବିଜୟ କୁମାର ଦାସ ସୂଚନା ଦେଇଛନ୍ତି। ତେବେ କେଉଁ ପରିସ୍ଥିତିରେ ଡାକ୍ତର ମଲ୍ଲିକଙ୍କ ମୃତ୍ୟୁ ଘଟିଲା, ତାହାକୁ ନେଇ ସନ୍ଦେହ ପ୍ରକାଶ ପାଇଛି। ସେ ଆତ୍ମହତ୍ୟା କରିଛନ୍ତି ନା ତାଙ୍କୁ ହତ୍ୟା କରି ଆତ୍ମହତ୍ୟାର ରୂପ ଦିଆଯିବାକୁ ଚେଷ୍ଟା କରାଯାଇଛି, ସେନେଇ ପୁଲିସ୍ ତଦନ୍ତ ଚଳାଇଛି।

## ପ୍ରକାଶ ପାଇଲା ବିଏଡ୍ ପ୍ରବେଶିକା ପରୀକ୍ଷା ଫଳ

**ଭୁବନେଶ୍ୱର, ୧୩।୬(ସମିସ):** ବିଏଡ୍ ପ୍ରବେଶିକା ପରୀକ୍ଷା ଫଳ ଶୁକ୍ରବାର ପ୍ରକାଶ ପାଇଛି। ଛାତ୍ରଛାତ୍ରୀମାନେ ସାମସ୍ ଇ-ସ୍ପେସ୍‌ରୁ ନିଜର ମାର୍କ ଜାଣିପାରିବେ। ଆସନ୍ତା ୧୯ ତାରିଖ ମଧ୍ୟରେ ସ୍ନାତକ ବା ତତ୍ତୁଲ୍ୟ ମାର୍କ ଅପଡେଟ୍ କରିବା ସହ ଚଏସ୍ ଲକିଂ କରିପାରିବେ। ଏହାପରେ ପ୍ରଥମ ରାଉଣ୍ଡ ନାମଲେଖା ପାଇଁ ମେଧା ତାଲିକା ୨୫ତାରିଖରେ ପ୍ରକାଶ ପାଇବ। ଚୟନ ହୋଇଥିବା ଶିକ୍ଷାନୁଷ୍ଠାନରେ ପଢ଼ିବାକୁ ଇଚ୍ଛୁକ ଥିଲେ, ଫ୍ରିଜ୍ ଅପସନ୍ ଦେବେ। ଅନ୍ୟଥା ସ୍ଲାଇଡ୍ ଅପସନ୍ ଦେଇ ଜୁଲାଇ ୧ ତାରିଖ ମଧ୍ୟରେ ନାମ ଲେଖାଇବେ। ଦ୍ୱିତୀୟ ରାଉଣ୍ଡ ନାମଲେଖା ପାଇଁ ଜୁଲାଇ ୭ ତାରିଖରେ ମେଧା ତାଲିକା ପ୍ରକାଶ ପାଇବ ଓ ୧୧ ତାରିଖ ମଧ୍ୟରେ ନାମଲେଖା ସରିବ। ସେହିପରି, ୧୭ ତାରିଖରେ ତୃତୀୟ ରାଉଣ୍ଡ ପାଇଁ ମେଧା ତାଲିକା ପ୍ରକାଶ ପାଇବ ଓ ୨୨ ତାରିଖ ମଧ୍ୟରେ ନାମ ଲେଖାଇ ପାରିବେ। ୩ ରାଉଣ୍ଡରେ ନାମଲେଖା ପରେ ୱେଟିଂଲିଷ୍ଟ ରାଉଣ୍ଡ ଅନୁଷ୍ଠିତ ହେବ। ଏଥିପାଇଁ ଛାତ୍ରଛାତ୍ରୀମାନେ ୨୮ରୁ ୩୧ତାରିଖ ମଧ୍ୟରେ ଅନ୍‌ଲାଇନ୍ ଆବେଦନ କରିପାରିବେ। ଅଗଷ୍ଟ ୪ ତାରିଖରେ ମେଧା ତାଲିକା ପ୍ରକାଶ ପାଇବା ସହ ୫ ତାରିଖରେ ଚୟନ ହୋଇଥିବା ଶିକ୍ଷାନୁଷ୍ଠାନରେ ନୋଟିସ୍ ପ୍ରକାଶ ପାଇବ। ୬ ଓ ୭ ତାରିଖରେ ସାମାନଙ୍କ ନାମଲେଖା ସରିବ। ଜୁଲାଇ ୨୪ ତାରିଖଠାରୁ ପାଠପଢ଼ା ଆରମ୍ଭ ହେବ ବୋଲି ଉଚ୍ଚଶିକ୍ଷା ବିଭାଗ ସ୍ପଷ୍ଟ କରିଛି। ବିଇଡି, ବିଏଚ୍ଇଡି ଓ ଏମ୍ଇଡିରେ ନାମଲେଖା ପାଇଁ ମୋଟ୍ ୨୭୫୦ ସିଟ୍ ରହିଛି। ଏଥିପାଇଁ ପ୍ରାୟ ୪୭ ଗୁଣାରୁ ଅଧିକ ଅର୍ଥାତ୍ ୧ଲକ୍ଷ ୨୯ ହଜାର ୭୧୨ଜଣ ଆବେଦନ କରିଥିଲେ। ତନ୍ମଧ୍ୟରୁ ୧ଲକ୍ଷ ୧୭ ହଜାର ୯୩୩ ପିଲା ପରୀକ୍ଷା ଦେଇଥିବା ବେଳେ ୧୧,୭୭୯ ଜଣ ପରୀକ୍ଷା ଦେଇ ନାହାନ୍ତି।

**୨୫ରେ ପ୍ରଥମ ରାଉଣ୍ଡ ମେଧା ତାଲିକା**

**ଜୁଲାଇ ୨୪ରୁ ଆରମ୍ଭ ହେବ ପାଠପଢ଼ା**

### ■ ଶିମିଳିପାଳରୁ ପୁଣି ଧରାହେଲେ ୪ ଶିକାରୀ

# ୨ ଦେଶୀ ବନ୍ଧୁକ, ବ୍ୟାପକ ଗୋଳାବାରୁଦ ଜବତ

**ବାରିପଦା, ୧୩।୬ (ସମିସ):** ଶିକାର ଉଦ୍ଦେଶ୍ୟରେ ଶିମିଳିପାଳ ଅଭୟାରଣ୍ୟରେ ପ୍ରବେଶ କରିଥିବା ୪ କୁଖ୍ୟାତ ଶିକାରୀକୁ ଶୁକ୍ରବାର ବନବିଭାଗ ଗିରଫ କରିଛି। ସେମାନେ ହେଲେ, ଉଦଳା ଥାନା ଅନ୍ତର୍ଗତ ଅମ୍ବିକାଦେଇପୁର ଗ୍ରାମର କୁଅଁର ମୋହନ ମୁର୍ମୁ, ବିଜୟ ମୁର୍ମୁ, ସୋଲେ ସିଂ ଓ ରାମେଶ୍ୱର ହେମ୍ବ୍ରମ। ପରେ ଶିକାରୀଙ୍କ ଘରେ ଚଢ଼ଉ କରି ୨ଟି ଦେଶୀ ବନ୍ଧୁକ, ବ୍ୟାପକ ଗୋଳାବାରୁଦ, ୩ଟି ସମ୍ବର ଶିଙ୍ଘ, କୋଟିଲାଖାଇର ଥଣ୍ଟ ଏବଂ ଅନ୍ୟାନ୍ୟ ଅବୈଧ ବନ୍ୟ ସାମଗ୍ରୀ ଜବତ କରାଯାଇଛି। ଅଭୟାରଣ୍ୟ ମଧ୍ୟରେ ଖଞ୍ଜା ଯାଇଥିବା ଏଆଇ କ୍ୟାମେରା ସହାୟତାରେ ବନ ବିଭାଗ ଏହି ଶିକାରୀମାନଙ୍କୁ ଗିରଫ କରିଛି। ଏମାନେ ଶିକାର କରିବା ପାଇଁ ଦଳବଦ୍ଧ ହୋଇ ଅଭୟାରଣ୍ୟର କୋର୍ ଅଞ୍ଚଳରେ ପ୍ରବେଶ କରିଥିଲେ। ତେବେ, ଅନ୍ୟ ୨ ଶିକାରୀ ଖସି ପଳାଇବାରେ ସକ୍ଷମ ହୋଇଛନ୍ତି।



### ବରିଷ୍ଠ ଆଇନଜୀବୀଙ୍କୁ ନିର୍ଯାତନା ଘଟଣା

# ବିଚାରବିଭାଗୀୟ ତଦନ୍ତ ଦାବି କଲା ରାଜ୍ୟ ଆଇନଜୀବୀ ପରିଷଦ

**କଟକ, ୧୩।୬(ସମିସ):** ବାଲେଶ୍ୱରରେ ଜନୈକ ବରିଷ୍ଠ ଆଇନଜୀବୀଙ୍କ ପ୍ରତି ପୁଲିସ ତଥା ମହିଳା ଆଇଏଏସ ଅଧିକାରୀଙ୍କର ନିର୍ଯାତନା ଘଟଣାର ବିଚାର ବିଭାଗୀୟ ତଦନ୍ତ ପାଇଁ ଦାବି କରିଛି ରାଜ୍ୟ ଆଇନଜୀବୀ ପରିଷଦ। ଗତ ୬ ତାରିଖରେ ବାଲେଶ୍ୱର ଓକିଲ ସଂଘର ସଦସ୍ୟ ତଥା ବରିଷ୍ଠ ଆଇନଜୀବୀ ପୁରୁଷୋତ୍ତମ ଦାସ ଅମାନୁଷିକ ଭାବେ ପୁଲିସ ନିର୍ଯାତନାର ଶିକାର ହୋଇଥିଲେ। ଶ୍ରୀ ଦାସ ବାଲେଶ୍ୱରର ସଦର ବିଧାୟକଙ୍କୁ ସାକ୍ଷାତ କରିବା ଉଦ୍ଦେଶ୍ୟରେ ଧାର୍ଯ୍ୟ ସମୟ ମୁତାବକ ବାଲେଶ୍ୱର ନ୍ୟୁ ସର୍କିଟ ହାଉସକୁ ଯାଇଥିଲେ। ସେଠାରେ ତାଙ୍କୁ ପାଇନଥିଲେ। ତେବେ ଜଣେ ମହିଳା ଆଇଏଏସ୍ ଅଧିକାରୀ ବସିଥିବା ଏକ କୋଠରୀକୁ ଚାହିଁ ଫେରିଆସିଥିଲେ। ଶ୍ରୀ ଦାସ ତାଙ୍କ କୋଠରୀକୁ ଚାହିଁବା ବିଷୟକୁ ନେଇ ଉତ୍କ୍ଷିପ୍ତ ହୋଇଥିଲେ ସମ୍ପୃକ୍ତ ମହିଳା ଅଧିକାରୀ। ପରେ ସହଦେବ ଖୁଣ୍ଟା ମଡେଲ ଥାନାଧିକାରୀଙ୍କ ଡାକରା ପାଇ ଶ୍ରୀ ଦାସ ରକ୍ତ ଥାନାରେ ଉପସ୍ଥିତ ହୋଇଥିଲେ। ସେଠାରେ ସଂପୃକ୍ତ ଆଇଏଏସ ଅଧିକାରୀ ଏବଂ ଅନ୍ୟ ପୁଲିସ ଅଧିକାରୀ ଉପସ୍ଥିତ ଥିଲେ। ଶ୍ରୀ ଦାସଙ୍କୁ ଉକ୍ତ ଥାନାରେ ୮ଘଣ୍ଟା ପର୍ଯ୍ୟନ୍ତ ରଖାଯାଇ ଛଡ଼ାଯାଇଥିଲେ ସୁଦ୍ଧା ପରେ ତାଙ୍କ ବାସଭବନ ଉପରେ ଚଢଉ କରି ପୁଲିସ ତାଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା।

ଉକ୍ତ ଘଟଣାକୁ ଦୃଷ୍ଟିକୁ ରଖି ଆଜି ଆଇନଜୀବୀ ପରିଷଦର ଅଧ୍ୟକ୍ଷ ସୀତାଂଶୁ ମୋହନ ଦ୍ୱିବେଦୀଙ୍କ ଅଧ୍ୟକ୍ଷତାରେ ଏକ ଜରୁରକାଳୀନ ବୈଠକ ଡକାଯାଇ ସର୍ବସମ୍ମତିକ୍ରମେ ଉକ୍ତ ଘଟଣାକୁ ନିନ୍ଦା କରିବା ସହିତ ପଦକ୍ଷେପ ନେବା ପାଇଁ ଓଡ଼ିଶା ସରକାରଙ୍କର ଦୃଷ୍ଟି ଆକର୍ଷଣ କରାଯାଇଛି। ସମସ୍ତ ଘଟଣାର ସଠିକ୍ ପ୍ରମାଣ ନିମନ୍ତେ ଏକ ବିଚାର ବିଭାଗୀୟ ତଦନ୍ତ, ସହଦେବ ଖୁଣ୍ଟା ମଡେଲ ଥାନାର ଭାରପ୍ରାପ୍ତ ଅଧିକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ସହ ସଂପୃକ୍ତ ମହିଳା ଆଇଏଏସ ଅଧିକାରୀଙ୍କ ବିରୁଦ୍ଧରେ ତୁରନ୍ତ ବିହାତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଦାବି କରାଯାଇଛି। ଆଗାମୀ ୧୦ଦିନ ମଧ୍ୟରେ ଯଦି ସରକାରଙ୍କ ତରଫରୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଯାଏ, ତେବେ ଭବିଷ୍ୟତ କାର୍ଯ୍ୟପନ୍ଥା ସ୍ଥିର କରିବା ପାଇଁ ସର୍ବସମ୍ମତି କ୍ରମେ ନିଷ୍ପତ୍ତି ଗ୍ରହଣ କରାଯାଇଛି।

### ■ ଷ୍ଟେସନ୍‌ରେ ମିଳିତ ମକଡ୍ରିଲ

# ପୁରୀ ଷ୍ଟେସନ୍‌ରେ ୩ ଛଦ୍ମବେଶୀ ଆତଙ୍କୀ

**ପୁରୀ,୧୩।୬(ସମିସ):** ଆସନ୍ତା ୨୭ ତାରିଖରେ ବିଶ୍ୱପ୍ରସିଦ୍ଧ ରଥଯାତ୍ରା। ଆଉ ମାତ୍ର ୧୩ଦିନ ପରେ ବଡ଼ଦାଣ୍ଡରେ ଗଡ଼ିବ ତିନିରଥ। ଦେଶବିଦେଶରୁ ଭକ୍ତ ପୁରୀ ଆସିବେ। ବଡ଼ଦାଣ୍ଡରେ ଲକ୍ଷାଧିକ ଶ୍ରଦ୍ଧାଳୁଙ୍କ ସମାଗମ ହେବ। ଏହି ସମୟରେ ଯଦି ଆତଙ୍କୀ ଆକ୍ରମଣ ହୁଏ, ତାହାକୁ କିପରି ପ୍ରତିହତ କରାଯିବ? କେଉଁଭଳି ଭାବେ ଏହାର ଜବାବ ଦେବ ସୁରକ୍ଷା ବାହିନୀ; ଏନେଇ ଶୁକ୍ରବାର ପୁରୀ ରେଳ ଷ୍ଟେସନ୍‌ରେ ଓଡ଼ିଶା ପୁଲିସ ଓ ରେଲୱେ ସୁରକ୍ଷାବାହିନୀ ପକ୍ଷରୁ ମିଳିତ ଭାବେ ମକ୍-ଡ୍ରିଲ କରାଯାଇଛି।

ଛଦ୍ମ ବେଶଧାରୀ ୩ଜଣ ଆତଙ୍କୀ ରେଲୱେ ସୁରକ୍ଷା ବାହିନୀକୁ ଆକ୍ରମଣ କରି ଷ୍ଟେସନ୍‌ରେ ପ୍ରବେଶ କରିଥିଲେ। ଏକ ନମ୍ବର ଓ ଦୁଇ ନମ୍ବର ପ୍ଲାଟ୍‌ଫର୍ମରେ ଥିବା ଯାତ୍ରୀଙ୍କ ଉପରକୁ ଗୁଳି ଚଳାଇବା ସହ ୩ନମ୍ବର ପ୍ଲାଟଫର୍ମରେ ଥିବା ତପସ୍ୱିନୀ ଏକ୍ସପ୍ରେସ୍‌କୁ କବ୍‌ଜାକୁ ନେଇଥିଲେ। ରେଳବାଇ ପୁଲିସ୍ ଆତଙ୍କବାଦୀଙ୍କୁ ଧରିବାକୁ ଚେଷ୍ଟା କରି ବିଫଳ ହୋଇଥିଲେ। ପରେ ଓଡ଼ିଶା ପୁଲିସର ସ୍ୱତନ୍ତ୍ର ଏସ୍‌ଟିଯୁ କମାଣ୍ଡୋ ୩ ଆତଙ୍କୀଙ୍କୁ ହତ୍ୟା କରି ଯାତ୍ରୀଙ୍କୁ ଉଦ୍ଧାର କରିଥିଲେ। ଆତଙ୍କବାଦୀଙ୍କୁ ହତ୍ୟା କରିବା ପରେ ଅଗ୍ନିଶମ ବାହିନୀ ପହଞ୍ଚି ଷ୍ଟେସନରେ ଲାଗିଥିବା ନିଆଁକୁ ଆୟତ୍ତ କରିଥିଲେ। ସଙ୍ଗେସଙ୍ଗେ ଓଡ୍ରାଫ୍ ଟିମ୍ ପହଞ୍ଚି ଆହତ ଯାତ୍ରୀଙ୍କୁ ଉଦ୍ଧାର କରିଥିଲେ। ତେବେ ଏହି ମକ୍‌ଡ୍ରିଲକୁ ଦେଖି ଯାତ୍ରୀମାନେ ହଠାତ୍ କିଛି ବୁଝିପାରି ନଥିଲେ। ଏହା ମକ୍‌ଡ୍ରିଲ ବୋଲି ପରେ ସେମାନେ ଜାଣିବା ପରେ ଆଶ୍ୱସ୍ତି ହୋଇଥିଲେ।

ଏ ସମ୍ପର୍କରେ ଏସ୍‌ପି ବିନୀତ ଅଗ୍ରୱାଲ କହିଛନ୍ତି, ରଥଯାତ୍ରାର ସୁରକ୍ଷା ପାଇଁ ଏହା ଆମର ପ୍ରସ୍ତୁତିର ଏକ ଅଂଶ। ଆତଙ୍କବାଦୀ ଆକ୍ରମଣ ହେଲେ ଆମ ସୁରକ୍ଷାବାହିନୀ କିଭଳି ମୁକାବିଲା କରିବେ, ସେନେଇ ଆମର ୧୧ଟି ବିଭାଗ ଏହି ମକ୍‌ଡ୍ରିଲରେ ସାମିଲ ଥିଲା। ପୁଲିସ, ଓଡ୍ରାଫ୍, ଆରପିଏଫ୍, ଜିଆରପି, ଏସ୍‌ଟିଯୁ, ଏସ୍‌ଓଜି, ଅଗ୍ନିଶମ ବିଭାଗ, ସ୍ୱାସ୍ଥ୍ୟ ବିଭାଗ ପ୍ରମୁଖ ସାମିଲ ହୋଇଥିଲେ। ପରେ ସଂଧ୍ୟାରେ ଶ୍ରୀମନ୍ଦିର ନିକଟରେ ଏହିପରି ଭାବେ ମକ୍‌ଡ୍ରିଲ କରାଯାଇଥିଲା।

# ମାଲକାନଗିରିରୁ ଦୁଇ ମାଓବାଦୀ ଗିରଫ

### ପିସ୍ତଲ, ଗୁଳି ସମେତ ବିସ୍ଫୋରକ ଜବତ

**ମାଲକାନଗିରି, ୧୩।୬ (ସମିସ):** ମାଲକାନଗିରି ଜିଲ୍ଲା ପୁଲିସ ଦୁଇଜଣ ମାଓବାଦୀଙ୍କୁ ଗିରଫ କରିବା ସହ ସେମାନଙ୍କଠାରୁ ବିପୁଳ ଅସ୍ତ୍ରଶସ୍ତ୍ର ଜବତ କରିଛି। ଗିରଫ ଦୁଇ ମାଓବାଦୀ ହେଲେ, ଛତିଶଗଡ଼ ବସ୍ତର ଜିଲ୍ଲାର ଚନ୍ଦାମେଟାପଟଲପରା ଗ୍ରାମର କେସା କବାସୀ ଓ ବିଜାପୁର ଜିଲ୍ଲା ତାମୋଡ଼ ଗ୍ରାମର ରାକେଶ ଓରଫ୍ ସାନୁ କୁଞ୍ଜାମା। ଜବତ ସାମଗ୍ରୀଗୁଡ଼ିକ ମଧ୍ୟରୁ ଗୋଟିଏ ପିସ୍ତଲ, ୬ଟି ଗୁଳି, ୧୦ଟି ଡିଟୋନେଟର, ୧୦ମିଟର କୋଡେକ୍ସ ତାର, ୫୦ ଗ୍ରାମ ବନ୍ଧସ୍ୱଳ ପାଉଡର, ଗୋଟିଏ ୱକିଟାକି, ଟର୍ଚ୍ଚଲାଇଟ୍, ରେଡିଓ, ମାଓ ପୁସ୍ତିକା, ଔଷଧ ସହ ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ରହିଛି।



ଆଜି ମାଲକାନଗିରି ଆରକ୍ଷୀ ଅଧିକ୍ଷକଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଏସ୍‌ପି ବିନୋଦ ପାଟିଲ ଦେଇଥିବା ସୂଚନାନୁଯାୟୀ, ଛତିଶଗଡ଼ର କିଛି ମାଓବାଦୀ ଗତକାଲି ମାଲକାନଗିରିରେ ପ୍ରବେଶ କରିଥିବା ବିଶେଷ ସୂତ୍ରରୁ ଖବର ପାଇ ଜିଲ୍ଲା ପୁଲିସ ମାଥିଲି ଥାନା ଅଧୀନ ସୋଡ଼ିଗୁଡ଼ା ଓ ତେନ୍ତୁଳିଗୁଡ଼ା ଗ୍ରାମ ମଧ୍ୟରେ ଥିବା ଜଙ୍ଗଲରେ ସର୍ଚ୍ଚ ଅପରେସନ ଆରମ୍ଭ କରିଥିଲା। ଆଜି ଭୋରରେ କିଛି ମାଓବାଦୀ ଜଙ୍ଗଲ ମଧ୍ୟରେ ଯାଉଥିବା ଦେଖି ପୁଲିସ ପିଛା କରିବା ସହ ସେମାନଙ୍କୁ ଆତ୍ମସମର୍ପଣ କରିବାକୁ କହିଥିଲେ। କିନ୍ତୁ ସେମାନେ ପୁଲିସ୍ ଉପରକୁ ଗୁଳି ଚଳାଇବା ସହ ଜଙ୍ଗଲ ମଧ୍ୟରେ ଫେରାର ହୋଇଯାଇଥିଲେ। ତେବେ ପୁଲିସ ସେମାନଙ୍କ ମଧ୍ୟରୁ ୨ଜଣ ମାଓବାଦୀଙ୍କୁ ଗିରଫ କରିବାରେ ସଫଳ ହେବା ସହ ବିପୁଳ ଅସ୍ତ୍ରଶସ୍ତ୍ର ଓ ମାଓ ସାମଗ୍ରୀ ଜବତ କରିବାରେ ସକ୍ଷମ ହୋଇଛି। ଗିରଫ ଦୁଇ ମାଓବାଦୀ ସିପିଆଇ ମାଓ ସଂଗଠନରେ ଏସିଏମ୍ ଭାବେ କାମ କରୁଥିବା ବେଳେ ଛତିଶଗଡ଼ର ବିଭିନ୍ନ ହିଂସାକାଣ୍ଡରେ ଜଡ଼ିତ ଥିଲେ। ତେବେ ଆଜି ଏହି ଦୁଇଜଣଙ୍କୁ କୋର୍ଟଚାଲାଣ କରାଯିବ ବୋଲି ଏସ୍‌ପି ଶ୍ରୀ ପାଟିଲ ମତପ୍ରକାଶ କରିଛନ୍ତି।

## ନାବାଳିକା ଦୁଷ୍କର୍ମକାରୀକୁ ୨୦ ବର୍ଷ ଜେଲ୍

**କେନ୍ଦୁଝର, ୧୩।୬(ସମିସ):** କେନ୍ଦୁଝର ଫାଷ୍ଟଟ୍ରାକ୍ କୋର୍ଟ ବିଚାରପତି ବିଜୟ କୁମାର ମିଶ୍ର ଶୁକ୍ରବାର ଏକ ନାବାଳିକା ଦୁଷ୍କର୍ମ ମାମଲାର ବିଚାର କରି ହରିଚନ୍ଦନପୁର ଥାନା ଅନ୍ତର୍ଗତ ଶଗଡ଼ପଟା ଗ୍ରାମର କାନ୍ଦରା ନାଏକ(୫୦) ଓରଫ୍ କାହ୍ନୁକୁ ୨୦ବର୍ଷ ଜେଲ୍ ଓ ୧୦ ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ, ଅଧିକ ୬ ମାସ ସଶ୍ରମ କାରାଦଣ୍ଡ ଭୋଗିବାକୁ ରାୟରେ ନିର୍ଦ୍ଦେଶ ରହିଛି। ସେହିପରି ଘଟଣା ସଂକ୍ରାନ୍ତ ତଥ୍ୟ ଲୁଚାଇଥିବାରୁ ସୁମିତ୍ରା ମହାନ୍ତ (୪୦) ନାମକ ଜଣେ ମହିଳାଙ୍କୁ କୋର୍ଟ ୭୦୦ ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ ଏକ ମାସ ଜେଲ୍ ଦଣ୍ଡ ଭୋଗିବାକୁ ରାୟରେ ନିର୍ଦ୍ଦେଶ ରହିଛି। ୭ବର୍ଷର ଜଣେ ନାବାଳିକା ହରିଚନ୍ଦନପୁରସ୍ଥିତ ସେଣ୍ଟ ଜାଭିୟର ସ୍କୁଲ ହଷ୍ଟେଲରେ ରହି ପାଠ ପଢ଼ୁଥିଲା। ୨୦୨୩ ଜାନୁଆରୀ ୨୯ରେ ମାଆ-ଝିଅଙ୍କ ସାକ୍ଷାତ ସମୟରେ ଘଟଣା ପ୍ରଘଟ ହୋଇଥିଲା। ପୀଡ଼ିତା କହିଥିଲା ଯେ ସ୍କୁଲର କାନ୍ଦରା ଅଜା(ରୋଷେୟା) ସରସ୍ୱତୀ ପୂଜା ଦିନ ସନ୍ଧ୍ୟା ଶୌଚ କରାଇବାକୁ ନେଇଥିଲା ସମୟରେ ଦୁଷ୍କର୍ମ କରିଥିଲା। ଏ କଥା ଅନ୍ୟ ଆସାମୀ ସ୍କୁଲର ସୁମିତ୍ରା ମହାନ୍ତ ଜାଣି ମଧ୍ୟ ଲୁଚାଇବାକୁ ପୀଡ଼ିତାକୁ ଧମକାଇଥିଲା। ଫଳରେ ପୀଡ଼ିତାର ମାଆ ହରିଚନ୍ଦନପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ ମାମଲା ରୁଜୁ କରି ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ସରକାରଙ୍କ ତରଫରୁ ସ୍ୱତନ୍ତ୍ର ପିପି ଜ୍ଞାନେନ୍ଦ୍ରନାଥ ଜେନା କେସ୍ ପରିଚାଳନା କରୁଥିଲେ।

### ଆଇପିଏସ ଅଧିକାରୀ ସତୀଶ ଗଜଭିୟେଙ୍କୁ ନିମ୍ନ ପାହ୍ୟାର କେନ୍ଦ୍ରୀୟ ଡେପୁଟେସନ ମାମଲା

# ୧୦ ଦିନରେ ଚୂଡ଼ାନ୍ତ ନିଷ୍ପତ୍ତି ନେବାକୁ କ୍ୟାଟ୍‌କୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

**କଟକ, ୧୩।୬ (ସମିସ):** ଆଇଜି ପାହ୍ୟାର ବରିଷ୍ଠ ଆଇପିଏସ୍ ଅଧିକାରୀ ସତୀଶ କୁମାର ଈଶ୍ୱର ଦାସ ଗଜଭିୟେଙ୍କୁ ଡିଆଇଜି ପାହ୍ୟାର କେନ୍ଦ୍ରୀୟ ଡେପୁଟେସନରେ ନିଯୁକ୍ତି ଆଦେଶକୁ ଚାଲେଞ୍ଜ କରି କେନ୍ଦ୍ରୀୟ ପ୍ରଶାସନିକ ଟ୍ରିବ୍ୟୁନାଲ(କ୍ୟାଟ)ରେ ବିଚାରାଧୀନ ମାମଲାର ଫଇସଲା ୧୦ଦିନ ମଧ୍ୟରେ କରିବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ସେହିଭଳି ଆବେଦନକାରୀ ଆପିଏସ ଅଧିକାରୀଜଣଙ୍କ ଯଦି କେନ୍ଦ୍ର କିମ୍ବା ରାଜ୍ୟ ସରକାରଙ୍କୁ ନିଜର ବରିଷ୍ଠତା ଅନୁସାରେ କୌଣସି ପଦରେ ଯୋଗଦେବାକୁ ନିବେଦନ କରିବେ ତାହେଲେ ତାଙ୍କ ଆବେଦନକୁ ବିଚାର କରିବାକୁ ହାଇକୋର୍ଟ କହିଛନ୍ତି। ଶ୍ରୀ ଗଜଭିୟେଙ୍କ ପକ୍ଷରୁ ଦାୟର ଆବେଦନର ଶୁଣାଣି କରି ଜଷ୍ଟିସ ଆଦିତ୍ୟ କୁମାର ମହାପାତ୍ର ଓ ଜଷ୍ଟିସ ମୁରାହାରି ଶ୍ରୀ ରମଣଙ୍କୁ ନେଇ ଗଠିତ ଅବକାଶକାଳୀନ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି।

ଆବେଦନକାରୀ ଏହି ଆଦେଶନାମା କପିକୁ ଆସନ୍ତା ୧୦ ଦିନ ମଧ୍ୟରେ କ୍ୟାଟରେ ଦାଖଲ କରିବେ। ଆବେଦନକାରୀ ଉକ୍ତ ଆଦେଶନାମା ଦାଖଲ କରିବାର ୧୦ ଦିନ ମଧ୍ୟରେ କ୍ୟାଟ ଉପରୋକ୍ତ ପ୍ରସଂଗରେ ବିଚାରାଧୀନ ମାମଲା ସମ୍ପର୍କରେ ଚୂଡ଼ାନ୍ତ ଫଇସଲା କରିବେ ବୋଲି ହାଇକୋର୍ଟ କହିଛନ୍ତି।

ମାମଲାରୁ ପ୍ରକାଶ ଯେ, ଆଇଜି ପାହ୍ୟାର ଆଇପିଏସ ଶ୍ରୀ ଗଜଭିୟେ କେନ୍ଦ୍ରୀୟ ଡେପୁଟେସନ୍‌ରେ ଯିବା ପାଇଁ ଏକ ଆବେଦନ କରିଥିଲେ। ତେବେ ତାଙ୍କୁ ସିଆରପିଏଫ୍‌ର ଡିଆଇଜି ପଦରେ ଅବସର ସମୟ (୨୦୨୮ ସେପ୍ଟେମ୍ବର ୩୦) ପର୍ଯ୍ୟନ୍ତ ଅଥବା ପରବର୍ତ୍ତୀ ଆଦେଶ ପର୍ଯ୍ୟନ୍ତ ଡେପୁଟେସନରେ ନେବା ପାଇଁ କେନ୍ଦ୍ର ସରକାରଙ୍କ ପକ୍ଷରୁ ଆଦେଶନାମା ଜାରି ହୋଇଥିଲା। ଏହାକୁ ଅସଂଗତ ଦର୍ଶାଇ ସେ କେନ୍ଦ୍ର ଗୃହ ମନ୍ତ୍ରଣାଳୟ ଓ ପୁଲିସ ଡିଜିଙ୍କୁ ଦାବିପତ୍ର ଦେଇଥିଲେ ମଧ୍ୟ କେନ୍ଦ୍ର ଗୃହ ମନ୍ତ୍ରଣାଳୟର ଗତ ୨୦୨୪ଡିସେମ୍ବର୬ର ବିଜ୍ଞପ୍ତି ଆଧାରରେ ଓଡ଼ିଶା ଗୃହ ବିଭାଗ ତାଙ୍କୁ ଗତ ୨୦୨୪ ଡିସେମ୍ବର ୩୦ରେ ରିଲିଭ କରିଦେଇଥିଲା। ଏହାକୁ ବିରୋଧ କରି ସେ କ୍ୟାଟଙ୍କ ଦ୍ୱାରସ୍ଥ ହୋଇଥିଲେ। କ୍ୟାଟ ମାମଲା ଶୁଣାଣି ଶେଷ କରି ଗତ ୨୦୨୫ ମେ ୯ ତାରିଖରେ ରାୟ ସଂରକ୍ଷିତ ରଖିଥିଲେ ମଧ୍ୟ ଏହା ପ୍ରକାଶ ପାଇନଥିବାରୁ ଶ୍ରୀ ଗଜଭିୟେ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ରାୟ ସଂରକ୍ଷିତ କ୍ଷେତ୍ରରେ ନିର୍ଦ୍ଧାରିତ ୩ସପ୍ତାହ ମଧ୍ୟରେ ରାୟ ପ୍ରକାଶ କରାଯିବା କଥା ଏହା ହୋଇନଥିବାରୁ ସେ ହାଇକୋର୍ଟଙ୍କ ହସ୍ତକ୍ଷେପ ଲୋଡ଼ିଥିଲେ।

## ଆଜିର ରାଶିଫଳ

**ମେଷ:** ଦିନଟି ମିଶ୍ରିତ ଫଳ ପ୍ରଦାନ କରିବ। ପରିବାରର ସହଯୋଗ ମିଳିବ। ସମ୍ପର୍କୀୟ ଆପଣଙ୍କ ପାଇଁ ସମସ୍ୟା ସୃଷ୍ଟି କରିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ସହଯୋଗ ମନୋଭାବ ରହିବ। ଘରେ ପୂଜାପାଠର ଆୟୋଜନ ହେବ।

**ବୃଷ:** ଜମିବାଡ଼ି କିଣିବା ଯୋଜନା କରିବେ। ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ଉଜ୍ଜ୍ୱଳ ଭବିଷ୍ୟତ ରହିବ। କୌଣସି ଶୁଭ ସମାଚାର ମିଳିପାରେ। ସେୟାର ବଜାରରେ ନିବେଶ କରିବେ। ଛାତ୍ରଛାତ୍ରୀ ପଢ଼ାରେ ମନଯୋଗ ଦେବେ।

**ମିଥୁନ:** ବ୍ୟବସାୟରେ ପରିବର୍ତ୍ତନ ଆଣିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଧାର୍ମିକ ପୁସ୍ତକ ପ୍ରତି ରୁଚି ବଢ଼ିବ। ଦୂରସ୍ଥାନକୁ ଯାତ୍ରାଯୋଗ ଅଛି। ଉଚ୍ଚଶିକ୍ଷା ପାଇଁ ଅନୁକୂଳ ସମୟ। କଥାବାର୍ତ୍ତାରେ ମଧୁରତା ରଖିବେ।

**କର୍କଟ:** ଛାତ୍ରଛାତ୍ରୀ ପଢ଼ାରେ ମନୋନିବେଶ କରିବେ। ପରିବାର ସହ ଯାତ୍ରା ଯୋଗ ରହିଛି। ଘରକୁ ଅତିଥି ଆଗମନ କରିବେ। ମାଆଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିପାରନ୍ତି। ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ଦିନଟି ହସଖୁସିରେ ଅତିବାହିତ କରିବେ। ପରିବାରରେ କୌଣସି ସଦସ୍ୟଙ୍କୁ ନେଇ ଚିନ୍ତାରେ ରହିବେ। ଛାତ୍ରଛାତ୍ରୀ ପଢ଼ାରେ ଧ୍ୟାନ କେନ୍ଦ୍ରିତ କରିବେ ନାହିଁ। ଜୀବନସାଥୀଙ୍କ ସହଯୋଗ ରହିବ।

**କନ୍ୟା:** ବ୍ୟବସାୟକୁ ଆଗକୁ ବଢ଼ାଇବାରେ ସଫଳ ହେବେ। ରିୟଲ ଇଷ୍ଟେଟ୍ ବ୍ୟବସାୟରେ ଲାଭ ହେବ। ବନ୍ଧୁଙ୍କ ଦ୍ୱାରା ଧନପ୍ରାପ୍ତି ଯୋଗ ରହିଛି। କୌଣସି ଶୁଭ ସମାଚାର ପାଇବେ। ପ୍ରେମ ବ୍ୟାପାରରେ ସଫଳ ହେବେ।

**ତୁଳା:** ମନ ପ୍ରସନ୍ନ ରହିବ। ଖର୍ଚ୍ଚ ବୃଦ୍ଧି ପାଇବ। ବରିଷ୍ଠ ଅଧିକାରୀଙ୍କ ସହ କଥାବାର୍ତ୍ତା ସମୟରେ ସଂଯମତା ରକ୍ଷା କରନ୍ତୁ। ମନପସନ୍ଦର କୌଣସି କାର୍ଯ୍ୟ କରିବେ। ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି।

**ବିଛା:** ପ୍ରଶାସନିକ କ୍ଷେତ୍ରରେ ସଫଳତା ପାଇବେ। ପରିବାରରେ ସୁଖଶାନ୍ତି ବଜାୟ ରହିବ। ପ୍ରେମ ଜୀବନରେ ପ୍ରଗାଢ଼ତା ଆସିବ। ନୂଆ ଯାନବାହନ କିଣିପାରନ୍ତି। ପିଲାମାନେ ଖେଳକୁଦରେ ସମୟ ଅତିବାହିତ କରିବେ।

**ଧନୁ:** କୌଣସି ନୂଆ କାମ ମିଳିପାରେ। ନିବେଶ ପାଇଁ ଭଲ ସମୟ। ରାଜନୀତିରେ କ୍ୟାରିୟର ପାଇଁ ଭଲ ସମୟ ରହିବ। ନୂଆ ଲୋକଙ୍କୁ ଭେଟିବାର ସୁଯୋଗ ଜୁଟିବ। କୌଣସି କାମ ପାଇଁ ପ୍ରଶଂସିତ ହେବେ।।

**ମକର:** ଚାକିରିରେ ବଦଳି ସମ୍ଭାବନା ରହିବ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପ୍ରସ୍ତୁତି କରିବେ। ସଫଳତା ପାଇଁ ଅଧିକ ପରିଶ୍ରମ କରିବେ। ଅଟକି ରହିଥିବା କାର୍ଯ୍ୟ ପୂରଣ ହେବ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ।

**କୁମ୍ଭ:** ପରିବାରର ସହଯୋଗ ମିଳିବ। ଚାକିରିରେ ପଦୋନ୍ନତି ସମ୍ଭାବନା ରହିବ। ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତି ହେବ। ବିଦେଶ ଯାତ୍ରା ଯୋଗ ରହିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଆୟ ଓ ବ୍ୟୟ ସମାନ ରହିବ।

**ମୀନ:** କୌଣସି ନୂଆ ବିଷୟ ପ୍ରତି ଆଗ୍ରହ ବଢ଼ିବ। ପଡ଼ୋଶୀଙ୍କ ସହ ମନୋମାଳିନ୍ୟ ହୋଇପାରେ। ଦୀର୍ଘ ଦିନର ଆଶା ପୂରଣ ହେବ। ସାମାଜିକ କାର୍ଯ୍ୟରେ ସାମିଲ ରହିବେ। ପଡୋଶୀଙ୍କ ସହ ମନୋମାଳିନ୍ୟ ହୋଇପାରେ।

## ଆଜିର ଇତିହାସ

- ୧୯୦୭- ନରୱେରେ ମହିଳାଙ୍କୁ ମତଦାନ ଅଧିକାର ମିଳିଲା।
- ୧୯୧୮ - ବ୍ୟାସକବି ଫକୀର ମୋହନ ସେନାପତିଙ୍କ ମୃତ୍ୟୁ।
- ୧୯୩୪-ଭିଏନାରେ ବେନିତୋ ମୁସୋଲିନୀ ଓ ହିଟଲର୍‌ଙ୍କ ସାକ୍ଷାତ।
- ୧୯୪୯-ଭିଏତନାମ ରାଷ୍ଟ୍ର ଗଠନ କରାଗଲା।
- ୨୦୦୩- ଗୋବି ମରୁଭୂମିରୁ ଏକ ବିଶାଳକାୟ ଡାଇନୋସର୍ ଜୀବାଶ୍ମ ଠାବ କରାଗଲା।
- ୨୦୨୩- ୟୁନାନରେ ନୌକା ବୁଡ଼ିବାରୁ ୭୮ ପ୍ରବାସୀଙ୍କ ମୃତ୍ୟୁ।

## ଆସିଛି ରଜ...




ଓଡ଼ିଶା ଏକ ଐତିହ୍ୟ, କଳା, ସଂସ୍କୃତି, ପରମ୍ପରାର ରାଜ୍ୟ। ଆମ ଉତ୍କଳୀୟ ପରମ୍ପରାରେ ବାରମାସରେ ତେର ପର୍ବ ପାଳନ କରାଯାଏ। ଗ୍ରୀଷ୍ମ ଓ ବର୍ଷା ଋତୁର ସନ୍ଧିକ୍ଷଣରେ ଭିଜାମାଟିର ବାସ୍ନା ନେଇ ଆସେ ଓଡ଼ିଶାର ଗଣପର୍ବ ରଜ। ବସୁଧା, ପ୍ରକୃତି ମାତାକୁ ପୂଜା କରିବାର ଏକ ଅନନ୍ୟ ପରମ୍ପରା। "ରଜ" ଶବ୍ଦଟି "ରଜସ୍ୱଳା" ଶବ୍ଦରୁ ଆନୀତ। ଭୂଦେବୀଙ୍କ ସମ୍ମାନ ପାଇଁ ଏହି ରଜ ପର୍ବର ସୃଷ୍ଟି। ନାରୀଟିଏ ଯେପରି ରଜସ୍ୱଳା ହୋଇଥାଏ ସେହିପରି ଭୂଦେବୀ ରଜସ୍ୱଳା ହୁଅନ୍ତି ବୋଲି କଳ୍ପନା କରାଯାଇଥାଏ। ଦୀର୍ଘ ୫ ଦିନ ଧରି ପାଳନ ହେଉଥିବା ଏହି ପର୍ବ ଓଡ଼ିଶାର ଏକ ଗଣପର୍ବ ଅଟେ। ରଜର ପୂର୍ବ ପ୍ରସ୍ତୁତି ରୂପେ ସଜବାଜ ଏହି ପର୍ବର ପ୍ରଥମ ଦିନ। ଏହାପରେ ବୃଷ ମାସର ଶେଷ ଦିନ ବା ପହିଲି ରଜ ରଜୋବତୀ ହେବାର ପ୍ରାରମ୍ଭ ଦିବସ ଅଟେ। ଦ୍ୱିତୀୟ ବା ମଝି ଦିନ ମିଥୁନ ସଂକ୍ରାନ୍ତି ବା ରଜ ସଂକ୍ରାନ୍ତି ନାମେ ପରିଚିତ। ରଜୋବତୀ ହେବାର ଶେଷ ଦିନ ଶେଷ ରଜ ନାମେ ପରିଚିତ। ଜଣେ ନାରୀକୁ ଯେମିତି ପ୍ରଜନନ ପୂର୍ବରୁ ବିଶ୍ରାମର ଆବଶ୍ୟକତା ରହିଛି, ଠିକ୍ ସେମିତି ପ୍ରଜନନକ୍ଷମ ହେବାକୁ ଯାଉଥିବା ଧରିତ୍ରୀ ମା'କୁ ରଜ ତିନି ଦିନ ବିଶ୍ରାମ ଦିଆଯାଏ। ଏହି ସମୟରେ ଭୂମିରେ ଲଙ୍ଗଳ ଚଳାଇବା କିମ୍ବା ଅନ୍ୟ କୃଷି କାମ କରିବାରେ ରହିଛି ବାରଣ। ସାଧାରଣତଃ ମୁଖ୍ୟ ରଜ ପର୍ବ ୩ ଦିନ ହୋଇଥିବାବେଳେ ସମୁଦାୟ ୫ ଦିନ ଧରି ଏହା ପାଳନ କରାଯାଏ। ପହିଲି ରଜର ପୂର୍ବଦିନ ପଡ଼ିଥାଏ ସଜବାଜ। ଏହି ଦିନ ଘର ଓ କୃଷି କର୍ମରେ ବ୍ୟବହୃତ ଉପକରଣ ଧୋଇ ପରିଷ୍କାର କରାଯାଏ। ପିଲାଙ୍କ ପାଇଁ ଦୋଳି ବନ୍ଧାଯିବା ସହ କୁଆଁରୀ ଝିଅମାନେ ଅଳତା, କଜଳ, ମେହେନ୍ଦୀ, ମୁଣ୍ଡରେ ଚନ୍ଦନ ଟିପା ଲଗାଇ ହୋଇଥାନ୍ତି ସଜବାଜ। ଏହାର ପରଦିନ ପଡ଼େ ପହିଲି ରଜ। ଏହି ଦିନ ଝିଅମାନେ ନୂଆ ବସ୍ତ୍ର ପିନ୍ଧି ସଜବାଜ ହୋଇ ଦୋଳି ଖେଳିବା ସହ ଏକାଠି ବସି ପିଠାପଣା ଖାଇଥାନ୍ତି। ମିଥୁନ ମାସର ପ୍ରଥମ ଦିନ ହେଉଛି ରଜ ସଂକ୍ରାନ୍ତି। ସଂକ୍ରାନ୍ତି ପରଦିନ ପଡ଼େ ଶେଷ ରଜ ବା ଭୂମି ଦହନ ଓ ଶେଷରେ ମିଥୁନ ମାସର ତୃତୀୟ ଦିନରେ ପଡ଼େ ବସୁମତୀ ସ୍ନାନ। ବସୁମତୀ ସ୍ନାନ ସମୟରେ ପିଢ଼ା ଉପରେ ଶିଳପୁଆ, ପାଞ୍ଚଣ ଓ ଲଙ୍ଗଳ ଲୁହାକୁ ରଖି ସିନ୍ଦୁର ଦିଆଯାଏ। ସୋରିଷ, ହଳଦୀଖଣ୍ଡ, ଫୁଲ, ଜଡ଼ା ତେଲ ପ୍ରଭୃତିରେ ପୂଜାର୍ଚ୍ଚନା କରାଯାଏ। ଶେଷରେ ବସୁଧା ମାତାଙ୍କୁ ପ୍ରଣାମ କରି ଉତ୍ତମ ଚାଷ ଓ ଉପଯୁକ୍ତ ବର୍ଷା ପାଇଁ ପ୍ରାର୍ଥନା କରାଯାଇଥାଏ। ରଜ ତିନି ଦିନ କୁମାରୀ ଝିଅମାନେ ରଜସ୍ୱଳା ନାରୀଙ୍କ ଭଳି ଭୂମିରେ ଚାଲନ୍ତି ନାହିଁ। ଲୁଣ ଖାଆନ୍ତି ନାହିଁ, କେବଳ ଫଳମୂଳ ଓ ମିଠା ସେବନ କରିବାର ବିଧି ରହିଛି। ରଜରେ ଗୃହିଣୀମାନଙ୍କୁ ଗୃହକର୍ମରୁ ମିଳିଥାଏ ବିରତି। ରଜରେ କୁମାରୀମାନଙ୍କ ରଜ ଦୋଳି ଗୀତ ସବୁଠାରୁ ବଡ଼ ଆକର୍ଷଣ। ଦୋଳି ଖେଳିବା ସମୟରେ ସେମାନେ ଓଡ଼ିଶାର ସାମାଜିକ ଚଳଣୀ, ପରମ୍ପରା ଆଦିକୁ ନେଇ ଉଦ୍ଦିଷ୍ଟ ଲୋକଗୀତ ଗାଇଥାନ୍ତି। "ବନସ୍ତେ ଡାକିଲା ଗଜ, ବରଷକେ ଥରେ ଆସିଛି ରଜ ଲୋ, ଘେନି ନୂଆ ସଜବାଜ" ଏହି ଗୀତଟି ଓଡିଶାର ପୁରପଲ୍ଲୀରେ ବେଶ୍ ଆଦୃତି ଲାଭ କରିଛି। ପୋଡ଼ ପିଠା ଓ ଖିଲି ପାନ ବିନା ଅଧୁରା ରଜ। ଅରୁଆ ଚାଉଳ, ବିରି, ଗୁଡ଼ ନଡ଼ିଆ, ଗୁଜରାତି, ଗୋଲମରିଚ, ଗୁଆ ଘିଅର ମିଶ୍ରଣରେ ପ୍ରସ୍ତୁତ ପୋଡ଼ ପିଠାରେ ସତେ ଯେମିତି ମିଶି ରହିଥାଏ ଆବେଗ, ଆତ୍ମୀୟତା, ଅନୁରାଗ। ରଜରେ ଲୋକେ ନିଜ ବନ୍ଧୁ ଓ ପରିଜନଙ୍କୁ ଶ୍ରଦ୍ଧା ପୂର୍ବକ ମିଠା ପାନ ଦେଇଥାନ୍ତି। ଏହି ସମୟରେ ନୂଆ ବାହା ହୋଇଥିବା ଝିଅଟି ଘରୁ ରଜଭାର ଆସିଥାଏ। ମାତୃଜାତି ମଧ୍ୟରେ ଉତ୍ସାହ, ଉନ୍ମାଦନା ଓ ନୂତନ ଶକ୍ତି ଜାଗ୍ରତ କରିବା ପାଇଁ ପାଳନ କରାଯାଇଥାଏ ରଜପର୍ବ। ଏହି ଦିନଗୁଡ଼ିକର ରୀତିନୀତିରେ ସମ୍ପୂର୍ଣ୍ଣ ଓଡ଼ିଆ ଘରର ଚଳଣି ପ୍ରତିଫଳିତ ହୋଇଥାଏ। ସାମ୍ପ୍ରତିକ କାଳରେ ଏହି ରଜ ପର୍ବର ମାର୍ମିକ ଅନୁଭବ ଖୁବ୍ କମ୍ ଲାଗେ। କେବଳ ଦୋଳି ଖେଳ ଓ ପିଠା-ପଣାକୁ ଛାଡ଼ି ଦେଲେ, ରଜ ପର୍ବର ଅନ୍ୟାନ୍ୟ କାର୍ଯ୍ୟସୂଚୀକୁ ପାଳନ କରାଯାଉନି। ଆଧୁନିକତାର ଛାପରେ ଯଦିଓ ପୂର୍ବଭଳି ରଜପର୍ବ ଗାଁରେ ଏକାଠି ପାଳନ କରିବାର ପରମ୍ପରା ଆଉ ନାହିଁ, ତଥାପି ରଜପର୍ବ ପାଇଁ ଆଦର ଓ ସରାଗ କମିନାହିଁ।

## ବିଶ୍ୱ ରକ୍ତଦାତା ଦିବସ

ରକ୍ତ ଦାନ ମହତ ଦାନ, କାରଣ ଏହି ଦାନ ଜଣେ ବ୍ୟକ୍ତିକୁ ନୂଆ ଜୀବନ ଦିଏ। ରକ୍ତଦାନ ଭଳି ମହାନ କାର୍ଯ୍ୟକୁ ପ୍ରୋତ୍ସାହନ ଦେବା ନିମନ୍ତେ ପ୍ରତିବର୍ଷ ଜୁନ୍ ୧୪ ତାରିଖକୁ ବିଶ୍ୱ ରକ୍ତଦାତା ଦିବସ ଭାବେ ପାଳନ କରାଯାଏ। ରକ୍ତଦାନର ମହତ ଆଉ ରକ୍ତଦାତାଙ୍କ ମହାନ ପଣିଆକୁ ସମ୍ମାନ ଜଣାଇବା ଉଦ୍ଦେଶ୍ୟରେ ପ୍ରତିବର୍ଷ ଏହି ଦିବସ ପାଳନ କରାଯାଏ। ବିଶ୍ୱରେ ଆବଶ୍ୟକତା ତୁଳନାରେ ଉପଲବ୍ଧ ହେଉଥିବା ରକ୍ତର ପରିମାଣ ଯଥେଷ୍ଟ କମ୍। ଏହି କାରଣରୁ ଅନେକ ଲୋକଙ୍କ ଅକାଳରେ ମୃତ୍ୟୁ ହେଉଛି। ହେଲେ, ଯଦି ଲୋକମାନେ ସ୍ୱଇଚ୍ଛାରେ ରକ୍ତ ଦାନ କରିବାକୁ ଆଗେଇ ଆସନ୍ତି ତାହାହେଲେ ଅନେକ ଜୀବନ ବଞ୍ଚେଇବା ସମ୍ଭବ ହୋଇପାରିବ। ସଚେତନତା ଅଭାବରୁ ଅଧିକାଂଶ ଲୋକ ରକ୍ତଦାନ କରିବାଠାରୁ ଦୂରେଇ ରୁହନ୍ତି। ରକ୍ତଦାନ ବିଷୟରେ ଲୋକମାନଙ୍କୁ ସଚେତନ କରାଇବା ସହିତ ରକ୍ତଦାନ ପାଇଁ ପ୍ରୋତ୍ସାହିତ କରିବାକୁ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଆନୁକୂଲ୍ୟରେ ସର୍ବ ପ୍ରଥମେ ୨୦୦୪ରେ ବିଶ୍ୱ ରକ୍ତଦାତା ଦିବସ ପାଳନ କରାଯାଇଥିଲା। ନୋବେଲ୍ ପୁରସ୍କାର ବିଜେତା ଅଷ୍ଟ୍ରିଆର ଡାକ୍ତର କାର୍ଲ ଲ୍ୟାଣ୍ଡଷ୍ଟେନରଙ୍କ ଜନ୍ମଦିନକୁ ବିଶ୍ୱସ୍ତରରେ ରକ୍ତଦାତା ଦିବସ ଭାବେ ପାଳନ କରାଯାଏ। ରକ୍ତର ବର୍ଗୀକରଣ କରିବାରେ ସେ ହେଉଛନ୍ତି ପ୍ରଥମ ବ୍ୟକ୍ତି। ରକ୍ତଦାନ ଯୋଗୁଁ ଲକ୍ଷଲକ୍ଷ ଲୋକଙ୍କ ଜୀବନ ରକ୍ଷା ହୋଇପାରୁଛି। ରକ୍ତ ଅଭାବ ସମସ୍ୟାର ସମାଧାନ ପାଇଁ ସୁସ୍ଥ ବ୍ୟକ୍ତିମାନେ ରକ୍ତଦାନ କରିବା ଜରୁରୀ। ରକ୍ତ ଦାନ କେବଳ ଏକ ମହତ କାର୍ଯ୍ୟ ନୁହେଁ, ବରଂ ସ୍ୱାସ୍ଥ୍ୟ ପାଇଁ ମଧ୍ୟ ବହୁତ ଭଲ ବୋଲି ବିବେଚନା କରାଯାଏ। ରକ୍ତର କୌଣସି ବିକଳ୍ପ ନ ଥିବାରୁ ରକ୍ତ ଦାନ ମାଧ୍ୟମରେ ଏହା ସଂଗ୍ରହ କରିବା ଜରୁରୀ ହୋଇପଡିଛି। ରକ୍ତ ସଂଗ୍ରହ ନିମନ୍ତେ ବ୍ଲଡ୍ ବ୍ୟାଙ୍କମାନ ପ୍ରତିଷ୍ଠା କରାଯାଇଅଛି। ଏଠାରେ ଲୋକମାନଙ୍କୁ ରକ୍ତ ଦାନ ନିମନ୍ତେ ପ୍ରୋତ୍ସାହିତ କରାଯାଉଛି ଏବଂ ଲୋକମାନଙ୍କର ରକ୍ତକୁ ସଂଗ୍ରହ କରାଯାଇ ଆବଶ୍ୟକ କ୍ଷେତ୍ରରେ ବିନିଯୋଗ ମଧ୍ୟ କରାଯାଉଅଛି। ଏହି ଦିନ ବିଭିନ୍ନ ସ୍ୱେଚ୍ଛାସେବୀ ଅନୁଷ୍ଠାନ ପକ୍ଷରୁ ରକ୍ତଦାନ ଶିବିର ଅନୁଷ୍ଠିତ ହୁଏ।

## 'ଏସ୍‌ଏସ୍‌ଏମ୍‌ବି୨୯'ରେ ମାଧବନ୍



'ଆରଆରଆର୍' ଫେମ୍ ନିର୍ଦ୍ଦେଶକ ଏସ୍. ଏସ୍ ରାଜମୌଳିଙ୍କ ଫିଲ୍ମ 'ଏସ୍‌ଏସ୍‌ଏମ୍‌ବି୨୯'କୁ ନେଇ ଦର୍ଶକଙ୍କ ଭିତରେ ବେଶ୍ ଉତ୍ସାହ ରହିଛି। ଏହା ଭାରତୀୟ ସିନେମା ଇତିହାସରେ ସବୁଠୁ ବଡ଼ ବଜେଟ୍‌ର ଫିଲ୍ମ ବୋଲି କୁହାଯାଉଛି। ୧୦୦୦ କୋଟି ବଜେଟ୍‌ରେ ନିର୍ମିତ ଏହି ଫିଲ୍ମରେ ଲିଡ୍ ରୋଲରେ ପ୍ରିୟଙ୍କା ଚୋପ୍ରା ଓ ମହେଶ ବାବୁ ନଜର ଆସିବେ। ପୃଥ୍ୱୀରାଜ ସୁକୁମାରନ୍ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ନଜର ଆସିବେ। ଏବେ ଆଉ ଜଣେ ବଲିଉଡ୍ ଅଭିନେତାଙ୍କ ଏଣ୍ଟ୍ରି ଏହି ଆକ୍ସନ୍ ଆଡଭେଞ୍ଚର ଫିଲ୍ମରେ ହୋଇଛି। ଆର୍.ମାଧବନ୍ ଏବେ ଏହି ଫିଲ୍ମରେ ନଜର ଆସିବେ। ଏଥିରେ ମହେଶ ବାବୁଙ୍କ ପିତା ଭୂମିକାରେ ଅଭିନୟ କରିବା ପାଇଁ ରାଜମୌଳି ନାନା ପାଟେକରଙ୍କୁ ଅଫର୍ ଦେଇଥଲେ। କିନ୍ତୁ ନାନାଙ୍କୁ ଏହି ଭୂମିକା ପସନ୍ଦ ଆସିଲା ନାହିଁ। ଏହାପରେ ମାଧବନ୍‌ଙ୍କୁ ଏହି ଭୂମିକା ମିଳିଥିବା ଚର୍ଚ୍ଚା ହେଉଛି। ଏହାର ସୁଟିଂ ହାଇଦ୍ରାବାଦ୍, ଓଡ଼ିଶା ଓ ବିଦେଶର କେତେକ ସ୍ଥାନରେ କରାଯିବ।

## ସୁମନ

### ସକାଳ ଶିଶୁ କୁଇଜ୍-୧୬୮

(୧) ବାନ୍ଧବଗଡ଼ ଜାତୀୟ ଉଦ୍ୟାନ ଭାରତରେ କେଉଁ ରାଜ୍ୟରେ ଅଛି?
ଉତ୍ତର: ____________

(୨) ବାରୁଦ ତିଆରି ପାଇଁ କେଉଁ ରସାୟନର ବ୍ୟବହାର କରାଯାଏ?
ଉତ୍ତର: ____________

(୩) ସ୍ପେନ୍‌ର ରାଜଧାନୀର ନାମ କ'ଣ?
ଉତ୍ତର: ____________

(୪) 'ଗୋଧୂଳିର ବାଘ' ଉପନ୍ୟାସର ରଚୟିତାଙ୍କ ନାମ କ'ଣ?
ଉତ୍ତର: ____________

(୫) ସ୍ନାନ ପୂର୍ଣ୍ଣିମା ଦିନ ଶ୍ରୀଜଗନ୍ନାଥ ମହାପ୍ରଭୁ କେତେ ଗରା ଜଳରେ ସ୍ନାନ କରନ୍ତି?
ଉତ୍ତର: ____________

**ଗତ ସପ୍ତାହର କୁଇଜ୍ ବିଜେତା**
- ସ୍ୱାଗତିକା ପଟେଲ, ମଙ୍ଗସପୁର, ସୁନ୍ଦରଗଡ଼
- ଚିନ୍ମୟ ବାରିକ, ବିଲିପଡ଼ା, ଯାଜପୁର
- ତୃପ୍ତିମୟୀ ପ୍ରଧାନ, ବାସୁଦେବପୁର, ଭଦ୍ରକ

ସକାଳ ଶିଶୁ କୁଇଜ୍‌ରେ ଅଂଶଗ୍ରହଣ କରୁଥିବା ଛାତ୍ରଛାତ୍ରୀମାନେ ଏବେ ସେମାନଙ୍କ ଉତ୍ତରକୁ sakalasishu@gmail.comରେ ପଠାଇବାକୁ ଅନୁରୋଧ। ତିନିଜଣ ସଠିକ୍ ଉତ୍ତରଦାତାଙ୍କ ନାମ ଏହି ପୃଷ୍ଠାରେ ପ୍ରକାଶ ପାଇବ।

ଆମର ଯୋଗାଯୋଗ ଠିକଣା
ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଇଡ୍‌କୋ ପ୍ଲଟ୍ ନଂ- ୯୦-୯୧, ଭଗବାନପୁର, ଭୁବନେଶ୍ୱର-୭୫୧୦୧୯

### ରଜ ପରବ


ଅଶୋକ କୁମାର ପ୍ରଧାନ

ବରଷକ ପରେ ଆମରି ଗାଆଁକୁ
କେଡ଼େ ଶରଧାରେ ଆସିଛୁ ରଜ
ତୋ ପାଇଁ ଦେଖୁନୁ ପାଦରେ ଅଳତା
ନାଇ ଝିଅ ବୋହୂ ହେଲେଣି ସଜ।
ତୁ ଆସିଲେ ଆମେ ଭୁଲି ଯାଉ ମନୁ
ଅଭାବ କଷଣ ଗରିବୀ ଦୁଃଖ
ତୋ ପରବ ପାଳି ମନେ ଖୁସି ବୋଲି
ଫୁଲ ପରି ଦିଶେ ଆମରି ମୁଖ।
ଧରଣୀ ମାଆକୁ ସମ୍ମାନ ଜଣାଇ
ଦୋଳି ଖେଳେ ଆମେ ହେଉରେ ରତ
ଦୋଳି ଖେଳି ସକାଳରୁ ସଞ୍ଜ ହୁଏ
ଭୋକ ଭୁଲି ଯିବା କଥାଟା ସତ।
ବନସ୍ତରୁ ଗଜ ଡାକ ଶୁଣି ଆମେ
ଅଧିର ହେଉଛୁ ବେଳରୁ ବେଳ
ଦୋଳି ସାଥେ ପୁଣି ପୁଚି ଖେଳୁଥାଉ
ହୋଇ ସାଙ୍ଗ ସାଥି ସଭିଏଁ ମେଳ।
ରଜପାନ ସାଥେ ପୋଡ଼ ପିଠା ଖାଇ
ଦିନ କାଟିଥାଉ ସଭିଏଁ ଆମେ
ଶପଥ କରୁଛୁ ଆଜିର ଦିନରେ
ଲାଗିବୁ ସଭିଏଁ ଜଗତ କାମେ।
ରଜ ପରବ ତୁ ଆମ ଓଡ଼ିଆଙ୍କ
ପରବ ଭିତରେ ଅଟୁ ତୁ ରାଣୀ
ତୁ ଆସିଲେ କେତେ ପରବ ଆସଇ
ହସ ଖୁସି ସାଥେ ଆଣୁ ତୁ ଟାଣି। ■

ଗୋବିନ୍ଦପୁର ଉଚ୍ଚ ବିଦ୍ୟାଳୟ
ରୋହିଗାଁ, ଗଞ୍ଜାମ
ମୋ-୮୨୪୯୧୧୯୧୩୦



### ଅମୃତ ଗଛ








ଗୁରୁକୂଳ ଆଶ୍ରମରେ ଶିକ୍ଷା ସମାପ୍ତ ହେବା ପରେ ଧନଞ୍ଜୟ ନାମକ ଶିଷ୍ୟ ନିଜ ଗୁରୁଙ୍କ ପାଖକୁ ଯାଇ କହିଲା, "ଗୁରୁଦେବ, ମୁଁ ଆପଣଙ୍କୁ ଗୁରୁ ଦକ୍ଷିଣା ସ୍ୱରୂପ କିଛି ଉପହାର ଦେବାପାଇଁ ଚାହୁଁଛି, କୁହନ୍ତୁ ଆପଣଙ୍କର କ'ଣ ଦରକାର ? ଗୁରୁ ସାମାନ୍ୟ ହସିଦେଇ ଧନଞ୍ଜୟକୁ କହିଲେ, "ଯଦି ତମେ ମତେ କିଛି ଦେବାକୁ ଚାହୁଁଛ ତେବେ ଅମୃତ ଗଛର ପତ୍ରଟିଏ ମତେ ଆଣିଦିଅ।" ଗୁରୁଙ୍କ କଥା ଶୁଣି ଶିଷ୍ୟ ଧନଞ୍ଜୟ ଆଶ୍ଚର୍ଯ୍ୟ ହୋଇଗଲା। ଅମୃତ ଗଛ ! ଏମିତି କିଛି ଗଛ ଅଛି କି ? ସେ ଗୁରୁଙ୍କୁ ପଚାରିଲା। ଗୁରୁ କହିଲେ, ମୁଁ ସେ ବିଷୟରେ କିଛି କହିପାରିବି ନାହିଁ। ତୁମେ ବାହାରକୁ ଯାଇ ଖୋଜ। ଯଦି ମତେ ଗୁରୁ ଦକ୍ଷିଣା ଦେଇ ସନ୍ତୁଷ୍ଟ କରିବାକୁ ଚାହୁଁଛ ତେବେ ଅମୃତ ଗଛର ପତ୍ରଟିଏ ଆଣିଦିଅ। ଧନଞ୍ଜୟ ଚିନ୍ତାରେ ପଡ଼ିଗଲା। କେଉଁଠୁ ପାଇବ ଅମୃତ ଗଛର ପତ୍ର ? ଏହା ଭାବି ଭାବି ସେ ନିକଟସ୍ଥ କିଛି ଗାଁକୁ ଗଲା। ସେଠାକୁ ଯାଇ ବିଭିନ୍ନ ଲୋକଙ୍କୁ ଗଛ ବିଷୟରେ ପଚାରିଲା ହେଲେ କେହି ବି ତା ପ୍ରଶ୍ନର ସଠିକ୍ ଉତ୍ତର ଦେଇପାରିଲେ ନାହିଁ। ସମସ୍ତଙ୍କ ପାଖରୁ ନିରାଶ ହେବାପରେ ଧନଞ୍ଜୟ ମନ ଦୁଃଖରେ ଗାଁର ଶେଷ ମୁଣ୍ଡରେ ଯାଇ ପହଞ୍ଚିଲା। ସେଠାରେ ବୁଢ଼ୀଟିଏ ଘରକରି ରହୁଥିଲା। ଧନଞ୍ଜୟ ସେ ବୁଢ଼ୀ ପାଖକୁ ଯାଇ ଅମୃତ ଗଛ ବିଷୟରେ ପଚାରିଲା। ସବୁକଥା ଶୁଣିବା ପରେ ବୁଢ଼ୀ ଲୋକଟି ଧନଞ୍ଜୟର ମୁହଁକୁ କିଛି ସମୟ ପାଇଁ ଅନାଇଲା ଏବଂ କହିଲା 'ହଁ' ଅମୃତ ଗଛ ମୋ' ଘର ପଛପଟ ବାଡ଼ିରେ ଅଛି। ଏ କଥା ଶୁଣି ଧନଞ୍ଜୟ ପ୍ରଥମେ ବିଶ୍ୱାସ କରୁ ନ ଥିଲା। ସେ ଭାବିଲା ଯେ, ବୁଢ଼ୀ ଲୋକଟିର ମୁଣ୍ଡ ବୋଧେ ଖରାପ ହୋଇ ଯାଇଛି। ଏହାପରେ ବୁଢ଼ୀ ଜଣକ ଧନଞ୍ଜୟକୁ ଡାକିନେଇ ତା' ବାଡ଼ି ପଛପଟକୁ ଗଲା ଏବଂ ସେଠାରେ ଥିବା ଏକ ପୁରୁଣା ଅଶ୍ୱତ୍ଥ ଗଛକୁ ଦେଖାଇଲା। ଗଛକୁ ଦେଖି ଧନଞ୍ଜୟ ଆଶ୍ଚର୍ଯ୍ୟ ହୋଇଗଲା ଏବଂ କହିଲା ଇଏ ତ ଅଶ୍ୱତ୍ଥ ଗଛ। ଏହାକୁ ଆମେ କ'ଣ ପାଇଁ ଅମୃତ ଗଛ ବୋଲି କହିବା ? ବୁଢ଼ୀ ଜଣକ ଧନଞ୍ଜୟକୁ ନିଜ ଭାଷାରେ ବୁଝାଇଲା। ଆମ ପରିବେଶରେ ଥିବା ସମସ୍ତ ସବୁଜ ଉଦ୍ଭିଦମାନେ ଆମକୁ ବଞ୍ଚିବା ପାଇଁ ଅମ୍ଳଜାନ ପରି ଅମୃତ ଦିଅନ୍ତି କିନ୍ତୁ କିଛି ଗଛ ଆମକୁ ଅଧିକ ପରିମାଣର ଅମ୍ଳଜାନ ଦିଅନ୍ତି। ସେହି ଗଛ ମଧ୍ୟରୁ ଅଶ୍ୱତ୍ଥ ଗଛ ଅନ୍ୟତମ। ଏଥିସହ ଏହା ବାୟୁମଣ୍ଡଳକୁ ଶୁଦ୍ଧ କରିବାରେ ସାହାଯ୍ୟ କରେ। ଅଶ୍ୱତ୍ଥ ଗଛର ପତ୍ର, ଛେଲି, ଆଦି ହଜମ ସମସ୍ୟା, ଶ୍ୱାସକ୍ରିୟା ସମସ୍ୟା, ରକ୍ତ ସଫା ଏବଂ ଚର୍ମ ରୋଗ ପାଇଁ ମଧ୍ୟ ବ୍ୟବହାର କରାଯାଏ। ଏହି ଗଛ ଅମ୍ଳଜାନ ପରି ଅମୃତକୁ ଗଚ୍ଛିତ ରଖିଥିବାରୁ ଏହାକୁ ଆମେ ଅମୃତ ଗଛ ବୋଲି କହିପାରିବା। ପୂର୍ବରୁ ବରଗଛ ଏବଂ ଅଶ୍ୱତ୍ଥ ଗଛର ବିବାହ କରି ଆମେ ତାହାକୁ ସୁରକ୍ଷା ଦେଉଥିଲେ କିନ୍ତୁ ଦୁଃଖର କଥା ହେଉଛି ଏହା ଯେ, ଆମର ସ୍ୱାର୍ଥଭିତ୍ତିକ କାମ ପାଇଁ ବର୍ତ୍ତମାନ ଅଶ୍ୱତ୍ଥ ଗଛର ସଂଖ୍ୟା ବହୁତ କମି ଗଲାଣି। ଏହି ଗଛର ସୁରକ୍ଷା ଯଦି ସଠିକ୍ ଭାବେ ନ ହେବ ତେବେ ଆଗାମୀ ଦିନରେ ଆମକୁ ବିଶୁଦ୍ଧ ଅମ୍ଳଜାନ ମିଳିବା କଷ୍ଟକର ହୋଇଯିବ। ସବୁକଥା ଶୁଣିବା ପରେ ଧନଞ୍ଜୟ ଅମୃତ ଗଛର ଗୁରୁତ୍ୱକୁ ଭଲଭାବେ ବୁଝିଲା। ଏହାପରେ ସେ ଅଶ୍ୱତ୍ଥ ଗଛର ପତ୍ରଟିଏ ନେଇ ଗୁରୁଙ୍କ ପାଖକୁ ଗଲା ଏବଂ ସେଠାରେ ପହଞ୍ଚି ସବୁକଥା ଗୋଟି ଗୋଟି କରି ବୁଝାଇ କହିଲା। ଉପଯୁକ୍ତ ପତ୍ରଟି ପାଇବା ପରେ ଗୁରୁ ଧନଞ୍ଜୟ ଉପରେ ଅତ୍ୟନ୍ତ ଖୁସି ହୋଇଗଲେ ଏବଂ ଶ୍ରେଷ୍ଠ ଗୁରୁଦକ୍ଷିଣା ପାଇଁ ତାକୁ ଆଶୀର୍ବାଦ କଲେ। ■



ରାଜେଶ୍ ରାୟ


ବିଦ୍ୱାନ୍ ମହାବିଦ୍ୟାଳୟ, ଜୟପୁର, କୋରାପୁଟ
ମୋ- ୬୩୭୧୫୫୫୯୪୦


### ଶିଶୁ ଚିତ୍ର


ଶାନ୍ତନୁ ଶାନ୍ତିସ୍ୱରୂପ ସାହୁ
ଷଷ୍ଠ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ଭୀମଟାଙ୍ଗି, ଭୁବନେଶ୍ୱର


ସନ୍ଦୀପ୍ତା ଦିବ୍ୟାରାଣୀ
ଚତୁର୍ଥ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ, ଭୁବନେଶ୍ୱର


ଆଦ୍ୟାଶା ନାଏକ
ଚତୁର୍ଥ ଶ୍ରେଣୀ
ଶିମିଳିପାଳ ସରକାରୀ ଉଚ୍ଚ ବିଦ୍ୟାଳୟ
ଭୋଳାଗଡ଼ିଆ


ତନିସ୍କା ପାତ୍ର
ଚତୁର୍ଥ ଶ୍ରେଣୀ
ଡି.ଏ.ଭି ପବ୍ଲିକ୍ ସ୍କୁଲ
ନିମାପଡ଼ା

### ପ୍ରହେଳିକା

- ଗଛରେ ଝୁଲେ ବାଉଁଶ ଦୋଳି
ଝୁଲନ୍ତି ପିଲା ମିଶି
ପୋଡ଼ ପିଠାର ସୁଗନ୍ଧ ଆସେ
ପରାଣ ଉଠେ ହସି
ଲୁଡୁ ତାଆସ ବାଗୁଡ଼ି ଖେଳ
ଖେଳନ୍ତି ସର୍ବ ଜନ
ଏହି ପରବେ ଅପା ବାଣ୍ଟଇ
ମସଲା ଖିଲିପାନ
କୁହତ ନାମ ତା'ର
ଆମ୍ବ ପଣସ ମାଂସ କଷାରେ
ମହକି ଉଠେ ଘର।
ଉତ୍ତର-ରଜପର୍ବ

- ଚାଉଳ ଚୂନା ଓ ଗୁଡ଼ ନଡିଆ
କାଜୁ ଅଳେଇଚ ବାସେ ବଢ଼ିଆ
ପିଠାଟିଏ ବନେ ତା'ର ମିଶ୍ରଣେ
ପୋଡ଼ାହୁଏ ସିଏ ଅତି ଯତନେ
ଭାରି ସୁଆଦିଆ ସିଏ
ଖଣ୍ଡ ଖଣ୍ଡ କରି କାଟି ଦିଏ ବୋଉ
କୁହ ତା'ର ନାମ କିଏ।
ଉତ୍ତର-ପୋଡ଼ପିଠା



ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର
ମୋ-୭୩୫୫୬୩୪୨୪୭

## ମ୍ୟୁନିକ୍ ସୁଟିଂ ବିଶ୍ୱକପ୍

# ସ୍ୱର୍ଣ୍ଣ ଜିତିଲେ ସୁରୁଚି



ନୂଆଦିଲ୍ଲୀ, ୧୩।୬ (ଏଜେନ୍ସି): ଜର୍ମାନୀର ମ୍ୟୁନିକରେ ଅନୁଷ୍ଠିତ ଆଇଏସ୍ଏସ୍ଏଫ୍ ସୁଟିଂ ବିଶ୍ୱକପ୍‌ରେ ସୁରୁଚି ସିଂହ ଭାରତ ପାଇଁ ସ୍ୱର୍ଣ୍ଣିମ ସଫଳତା ଆଣିଛନ୍ତି। ମହିଳା ୧୦ ମିଟର ଏୟାର ପିସ୍ତଲ ଇଭେଣ୍ଟରେ ସୁରୁଚି ପୋଡିୟମର ପ୍ରଥମ ସ୍ଥାନରେ ରହି ଏହି ବିଶ୍ୱକପ୍‌ରେ ଦେଶ ପାଇଁ ପ୍ରଥମ ସ୍ୱର୍ଣ୍ଣପଦକ ଜିତିଛନ୍ତି। ଚଳିତ ମ୍ୟୁନିକ ବିଶ୍ୱକପ୍‌ରେ ପୂର୍ବରୁ ସିଫ୍ଟ କୌର ଓ ଏଲାଭେନିଲ ଭାଲରିଭାନ କାଂସ୍ୟ ପଦକ ବିଜୟୀ ହୋଇଥିଲେ। ଶୁକ୍ରବାର ଅନୁଷ୍ଠିତ ମହିଳା ୧୦ ମିଟର ଏୟାର ପିସ୍ତଲ ଇଭେଣ୍ଟର ଫାଇନାଲରେ ୧୯ ବର୍ଷୀୟା ସୁରୁଚି ୨୪୧.୯ ସ୍କୋର କରି ପ୍ରଥମ ସ୍ଥାନ ହାସଲ କରିଥିଲେ। ଫ୍ରାନ୍ସର କାମିଲେ ଜେଡଜେଜେୱସ୍କି (୨୪୧.୭) ଓ ଚାଇନାର କ୍ୱିଆନଜୁନ ୟାଓ (୨୨୧.୭) ଯଥାକ୍ରମେ ରୌପ୍ୟ ଓ କାଂସ୍ୟ ପଦକରେ ସନ୍ତୁଷ୍ଟ ରହିଥିଲେ। ପୂର୍ବରୁ ଯୋଗ୍ୟତା ପର୍ଯ୍ୟାୟରେ ସୁରୁଚି ୫୮୮ ସ୍କୋର ସହ ପୋଡିୟମର ଦ୍ୱିତୀୟ ସ୍ଥାନରେ ରହି ଫାଇନାଲରେ ପହଞ୍ଚିଥିଲେ। ତେବେ ଅଲିମ୍ପିକ ପଦକ ବିଜୟିନୀ ମନୁ ଭାକର ୫୭୪ ସ୍କୋର ସହ ୨୫ତମ ସ୍ଥାନରେ ରହି ଅଭିଯାନ ଶେଷ କରିଥିଲେ।

## ଏମ୍ଏଲ୍‌ସି-୩ ସିଜନ ଆରମ୍ଭ

# ଫିନ୍ ଆଲେନଙ୍କ ୫୧ ବଲରେ ୧୫୧ ରନ



କାଲିଫର୍ଣ୍ଣିଆ, ୧୩।୬ (ଏଜେନ୍ସି): ଆମେରିକାର ଫ୍ରାଞ୍ଚାଇଜଭିତ୍ତିକ ଟି-୨୦ ପ୍ରତିଯୋଗିତା ମେଜର ଲିଗ୍ କ୍ରିକେଟ୍ (ଏମ୍ଏଲ୍‌ସି)ର ୩ୟ ସଂସ୍କରଣ ଆରମ୍ଭ ହୋଇଯାଇଛି। ଉଦ୍‌ଘାଟନୀ ଦିବସରେ ଶୁକ୍ରବାର କୋରି ଆଣ୍ଡରସନଙ୍କ ନେତୃତ୍ୱାଧୀନ ସାନ୍ ଫ୍ରାନସିସ୍କୋ ୟୁନିକର୍ନ୍ସ ୧୨୩ ରନର ବିଶାଳ ବ୍ୟବଧାନରେ ୱାଶିଂଟନ ଫ୍ରିଡମକୁ ପରାସ୍ତ କରିଛି। ପ୍ରଥମେ ବ୍ୟାଟିଂ କରିଥିବା ସାନ୍ ଫ୍ରାନସିସ୍କୋ ଫିନ୍ ଆଲେନଙ୍କ ବିସ୍ଫୋରକ ଶତକ ବଳରେ ୫ ୱିକେଟ୍‌ରେ ୨୬୯ ରନ କରିଥିଲା। ଜବାବରେ ଗ୍ଲେନ ମ୍ୟାକ୍ସୱେଲଙ୍କ ୱାଶିଂଟନ ଫ୍ରିଡମ ୧୩.୧ ଓଭରରେ ୧୪୬ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ୫୧ ବଲରେ ୧୫୧ ରନ କରିଥିବା ଆଲେନ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ହୋଇଥିଲେ। କିୱି ବ୍ୟାଟର୍ ଆଲେନ ଏହି ପାଳିରେ ୧୯ ଛକା ଓ ୫ ଚୌକା ମାରିଥିଲେ। ଡାହାଣହାତୀ ବ୍ୟାଟର୍ ଆଲେନ ଏହି ଶତକୀୟ ପାଳିରେ ଏକାଧିକ କୀର୍ତ୍ତିମାନ ସ୍ଥାପନ କରିଛନ୍ତି। ସେ ୩୪ ବଲରେ ଶତକ ହାସଲ କରି ଏମ୍ଏଲ୍‌ସି ଇତିହାସରେ ଦ୍ରୁତତମ ଶତକ ହାସଲକାରୀ ବ୍ୟାଟର୍ ହୋଇଛନ୍ତି। ସେହିଭଳି ସେ ତାଙ୍କ ଦେଢ଼ଶହ ରନ ୪୯ ବଲରେ ପୂରଣ କରିଥିଲେ। ଯାହାକି ଟି-୨୦ କ୍ରିକେଟ୍‌ରେ ଦ୍ରୁତତମ ୧୫୦ ରନ ରେକର୍ଡ ହୋଇଛି। ଏହାବାଦ୍ ଟି-୨୦ କ୍ରିକେଟ୍‌ରେ ଗୋଟିଏ ପାଳିରେ ସର୍ବାଧିକ ଛକା ମାରିବାର ରେକର୍ଡ ମଧ୍ୟ ଆଲେନଙ୍କ ନାମରେ ଲିପିବଦ୍ଧ ହୋଇଛି। ପୂର୍ବରୁ ୱେଷ୍ଟଇଣ୍ଡିଜର କ୍ରିସ ଗେଲ୍ ଓ ଇସ୍ତୋନିଆର ସାହିଲ ଚୌହାନ ଗୋଟିଏ ପାଳିରେ ୧୮ ଟି ଲେଖାଏ ଛକା ମାରିଥିଲେ। ଗତ ଆଇପିଏଲ୍ ନିଲାମୀରେ ଆଲେନଙ୍କୁ କୌଣସି ଫ୍ରାଞ୍ଚାଇଜ କ୍ରୟ କରି ନ ଥିଲେ।

## ଏଫ୍‌ଆଇଏଚ୍ ମହିଳା ପ୍ରୋ ଲିଗ୍

# ଆଜିଠୁ ଭାରତର ୟୁରୋପ ପର୍ଯ୍ୟାୟ ଆରମ୍ଭ

ଲଣ୍ଡନ, ୧୩।୬ (ଏଜେନ୍ସି): ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ହକି ଦଳ ଏହାର ଅନ୍ତିମ ପର୍ଯ୍ୟାୟ ତଥା ୟୁରୋପ୍ ଲେଗ୍ ଶନିବାରଠାରୁ ଅଷ୍ଟ୍ରେଲିଆ ବିପକ୍ଷରେ ଖେଳି ଆରମ୍ଭ କରିବାକୁ ଯାଉଛି। ସାଲିମା ଟେଟେଙ୍କ ନେତୃତ୍ୱାଧୀନ ଭାରତୀୟ ମହିଳା ଦଳ ଜୁନ ୧୪ ଓ ୧୫ରେ ଅଷ୍ଟ୍ରେଲିଆ ମହିଳା ଦଳ ବିପକ୍ଷରେ ଭାରତ କ୍ରମାଗତ ଦୁଇଟି ମ୍ୟାଚ୍ ଖେଳିବ। ଏହାପରେ ଜୁନ ୧୭ ଓ ୧୮ ରେ ଆର୍ଜେଣ୍ଟିନା ବିପକ୍ଷରେ ଆଉ ଦୁଇଟି ମ୍ୟାଚ୍‌ରେ ସାମ୍ନାସାମ୍ନି ହେବ। ଏହି ୪ଟି ମ୍ୟାଚ୍ ଲଣ୍ଡନର ଲି ଭାଲି ହକି ସେଣ୍ଟରରେ ଖେଳାଯିବ। ଏହାପରେ ଭାରତୀୟ ମହିଳା ହକି ଦଳ ଅନ୍ତୱିର୍ପ ଗସ୍ତ କରି ସେଠାରେ ଘରୋଇ ବେଲ୍‌ଜିୟମ ବିପକ୍ଷରେ ଜୁନ ୨୧ ଓ ୨୨ରେ କ୍ରମାଗତ ଭାବେ ଦୁଇଟି ମ୍ୟାଚ୍ ଖେଳିବ। ପ୍ରୋ ଲିଗ୍‌ର ଶେଷ ଦୁଇଟି ମ୍ୟାଚ୍‌ରେ ଚାଇନାକୁ ଭେଟିବ ଭାରତ। ଜର୍ମାନୀର ରାଜଧାନୀ ବର୍ଲିନରେ ଜୁନ ୨୮ ଓ ୨୯ ରେ ଏହି ଦୁଇଟି ମ୍ୟାଚ୍ ଖେଳାଯିବାର କାର୍ଯ୍ୟସୂଚୀ ରହିଛି। ଚଳିତ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ଦଳ ବର୍ତ୍ତମାନ ସୁଦ୍ଧା ୮ ମ୍ୟାଚ୍ ଖେଳି ୯ ପଏଣ୍ଟ ପାଇ ୬ଷ୍ଠ ସ୍ଥାନରେ ରହିଛି।

## ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ଫାଇନାଲ

# ଟାର୍ଗେଟ୍ ୨୮୨: ଦ.ଆଫ୍ରିକାର ଲଢ଼େଇ ଜାରି

ଲଣ୍ଡନ, ୧୩।୬ (ଏଜେନ୍ସି)





ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ଓ ଦକ୍ଷିଣ ଆଫ୍ରିକା କ୍ରିକେଟ୍ ଦଳ ମଧ୍ୟରେ ସ୍ଥାନୀୟ ଐତିହାସିକ ଲର୍ଡ୍ସ ଗ୍ରାଉଣ୍ଡରେ ଚାଲିଥିବା ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ (ଡବ୍ଲ୍ୟୁଟିସି) ତୃତୀୟ ସଂସ୍କରଣର ଫାଇନାଲ ମ୍ୟାଚ୍ ରୋମାଞ୍ଚକ ସ୍ଥିତିରେ ରହିଛି। ଲର୍ଡ୍ସର ଏହି ସୁଇଂ ଓ ବାଉନ୍ସି ପିଚ୍‌ରେ ପ୍ୟାଟ୍ କମିନ୍ସଙ୍କ ନେତୃତ୍ୱାଧୀନ ଅଷ୍ଟ୍ରେଲିଆ ୨୮୨ ରନର ଚ୍ୟାଲେଞ୍ଜିଂପୂର୍ଣ୍ଣ ଟାର୍ଗେଟ୍ ଦକ୍ଷିଣ ଆଫ୍ରିକା ସାମ୍ନାରେ ଧାର୍ଯ୍ୟ ରଖିଛି। ଏହାକୁ ପିଛା କରିଥିବା ଦକ୍ଷିଣ ଆଫ୍ରିକା ଶୁକ୍ରବାର ତୃତୀୟ ଦିବସ ଶେଷ ଖବର ସୁଦ୍ଧା ୩୮ ଓଭର ଖେଳି ୨ ୱିକେଟ୍ ବିନିମୟରେ ୧୫୪ ରନ ସଂଗ୍ରହ କରିଛି। ଓପନର୍ ଆଇଡେନ ମାର୍କରାମ ୭୧ ଓ ଅଧିନାୟକ ତେମ୍ବା ବଭୁମା ୪୦ ରନ କରି କ୍ରିଜରେ ଅପରାଜିତ ରହିଛନ୍ତି। ବିଜୟଠାରୁ ଦକ୍ଷିଣ ଆଫ୍ରିକା ଆହୁରି ୧୨୮ ରନ ପଛରେ ରହିଛି। ଆଉଟ୍ ହୋଇଥିବା ବ୍ୟାଟର୍‌ଙ୍କ ମଧ୍ୟରେ ର୍‌ୟାନ ରିକଲେଟନ ୬ ଓ ୱିଆନ ମଲଡର୍ ୨୭ ରନ କରି ମିଚେଲ ଷ୍ଟାର୍କଙ୍କ ଶିକାର ବନିଛନ୍ତି।

### ● ଷ୍ଟାର୍କଙ୍କ ଲଢୁଆ ଅର୍ଦ୍ଧଶତକ

ପୂର୍ବରୁ ୭୪ ରନର ଗୁରୁତ୍ୱପୂର୍ଣ୍ଣ ଅଗ୍ରଣୀ ହାସଲ କରିଥିବା ଅଷ୍ଟ୍ରେଲିଆ ଦଳ ଗୁରୁବାର ଦ୍ୱିତୀୟ ଦିବସ ଷ୍ଟମ୍ପସ ଦ୍ୱିତୀୟ ପାଳିରେ ୮ ୱିକେଟ୍ ହରାଇ ୧୪୪ ରନ କରିଥିଲା। ଶୁକ୍ରବାର ଏହି ଅସମାପ୍ତ ଦ୍ୱିତୀୟ ପାଳି ସ୍କୋରରୁ ବ୍ୟାଟିଂ ଆରମ୍ଭ କରି ଅଷ୍ଟ୍ରେଲିଆ ଆଉ ୬୩ ରନ ଯୋଡ଼ି ୨୦୭ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ପୂର୍ବଦିନ ୧୬ ରନ କରି ଅପରାଜିତ ରହିଥିବା ବାମହାତୀ ଦ୍ରୁତ ବୋଲର ମିଚେଲ ଷ୍ଟାର୍କ ଆଜି ବେଶ୍ ସତର୍କତାର ସହ ବ୍ୟାଟିଂ କରି ଅର୍ଦ୍ଧଶତକ ହାସଲ କରିଥିଲେ। ଫଳରେ ଅଷ୍ଟ୍ରେଲିଆ ୨୦୦ ରନ ଅତିକ୍ରମ କରି ଏକ ଚ୍ୟାଲେଞ୍ଜିଂପୂର୍ଣ୍ଣ ଟାର୍ଗେଟ୍ ଧାର୍ଯ୍ୟ କରିବାରେ ସକ୍ଷମ ହୋଇଥିଲା। ଷ୍ଟାର୍କ ୧୩୬ ବଲ୍ ସାମ୍ନା କରି ୫ ଚୌକା ସହାୟତାରେ ୫୮ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଅଷ୍ଟ୍ରେଲିଆ ଦ୍ୱିତୀୟ ପାଳିରେ ଏହା ସର୍ବାଧିକ ସ୍କୋର ବିବେଚିତ ହୋଇଛି। ୧୦ମ ୱିକେଟ୍ ଭାଗୀଦାରିରେ ସେ ଜୋଶ୍ ହାଜଲେଉଡ୍ (୧୭ ରନ)ଙ୍କ ସହ ମିଶି ୫୯ ରନ ସଂଗ୍ରହ କରିଥିଲେ। ଅନ୍ୟମାନଙ୍କ ନାଥନ ଲାୟନ ୨, ଆଲେକ୍ସ କେରୀ ୪୩, ମାର୍ନସ ଲାବୁସେନ ୨୨, ଷ୍ଟିଭେନ ସ୍ମିଥ ୧୩, ଟ୍ରାଭିସ ହେଡ୍ ଓ ବିଉ ୱେବଷ୍ଟର ୯ ରନ ଲେଖାଏ କରିଥିଲେ। ପ୍ରତିପକ୍ଷ ଦକ୍ଷିଣ ଆଫ୍ରିକା ପକ୍ଷରୁ କାଗିସୋ ରାବାଡା ସବୁଠୁ ସଫଳ ବୋଲର ଭାବେ ୪ଟି ଓ ଲୁନଗି ଏନ୍‌ଗିଡି ୩ଟି ୱିକେଟ୍ ନେଇଥିଲେ। ପ୍ରଥମ ପାଳିରେ ୫ ୱିକେଟ୍ ସଫଳତା ପାଇଥିବା ରାବାଡା ଏଥିସହ ମ୍ୟାଚରେ ୯ ୱିକେଟ୍ ହାସଲ କରିଛନ୍ତି।

### ● ଅହମ୍ମଦାବାଦ୍ ମୃତକଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି

ତୃତୀୟ ଦିବସ ଖେଳ ଆରମ୍ଭ ପୂର୍ବରୁ ଦକ୍ଷିଣ ଆଫ୍ରିକା ଓ ଅଷ୍ଟ୍ରେଲିଆ ଖେଳାଳି ନୀରବ ପ୍ରାର୍ଥନା କରି ଅହମ୍ମଦାବାଦ ବିମାନ ଦୁର୍ଘଟଣାରେ ମୃତ୍ୟୁବରଣ କରିଥିବା ବ୍ୟକ୍ତିବିଶେଷଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। ଏହି ସମୟରେ କ୍ରିଜରେ ଦକ୍ଷିଣ ଆଫ୍ରିକାର ସମସ୍ତ ଖେଳାଳିଙ୍କ ସମେତ ଅଷ୍ଟ୍ରେଲିଆ ଦୁଇ ବ୍ୟାଟର୍ ଷ୍ଟାର୍କ ଓ ନାଥନ ଲାୟନ ଏବଂ ଦୁଇ ଅମ୍ପାୟର ଫିଲ୍ଡରେ ଉପସ୍ଥିତ ରହିଥିଲେ। ଖେଳାଳିମାନେ ହାତରେ କଳା ପଟି ବାନ୍ଧି ପଡ଼ିଆକୁ ଓହ୍ଲାଇଥିଲେ।

### ● ୨୭ ବର୍ଷ ତଳେ ଆଇସିସି ଟ୍ରଫି ଜିତିଥିଲା ଆଫ୍ରିକା

ଦକ୍ଷିଣ ଆଫ୍ରିକା କ୍ରିକେଟ୍ ଦଳ ଏହାର କ୍ରିକେଟ୍ ଇତିହାସରେ ଥରେ ମାତ୍ର ଆଇସିସି ଟ୍ରଫି ଜିତିବାରେ ସକ୍ଷମ ହୋଇଛି। ୨୭ ବର୍ଷ ତଳେ ୧୯୯୮ ରେ ଅନୁଷ୍ଠିତ ଆଇସିସି ଚାମ୍ପିଅନ୍ସ ଟ୍ରଫିର ପ୍ରଥମ ସଂସ୍କରଣରେ ଦକ୍ଷିଣ ଆଫ୍ରିକା ୪ ୱିକେଟ୍‌ରେ ୱେଷ୍ଟଇଣ୍ଡିଜକୁ ପରାସ୍ତ କରି ଚାମ୍ପିଅନ ହୋଇଥିଲା।

## ଭାରତର ଟେଷ୍ଟ ପ୍ରସ୍ତୁତିରେ ବାଧା

# ସ୍ୱଦେଶ ଫେରିଲେ ହେଡ୍ କୋଚ୍ ଗମ୍ଭୀର



କେଣ୍ଟ, ୧୩।୬ (ଏଜେନ୍ସି): ଇଂଲଣ୍ଡ ସହ ଜୁନ୍ ୨୦ରୁ ଆରମ୍ଭ ହେବ ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍। ଏହି ସିରିଜ୍ ଲାଗି ପ୍ରସ୍ତୁତି ହେବା ସକାଶେ ଭାରତ ଭ୍ରମଣକାରୀ ଦେଶର କୌଣସି ଟିମ୍ ସହ ଅଭ୍ୟାସ ମ୍ୟାଚ୍ ଖେଳିନାହିଁ। ବରଂ ଇଂଲଣ୍ଡ ଗସ୍ତରେ ଥିବା ଭାରତ-ଏ' ଖେଳାଳିଙ୍କ ସହ ମିଶି ଏକ ୪ ଦିନିଆ ଅଭ୍ୟାସ୍ ମ୍ୟାଚ୍ ଖେଳିବାକୁ ପସନ୍ଦ କରିଛି। ଏହି ମ୍ୟାଚ୍‌ଟି ଏଠାରେ ଆଜିଠାରୁ ଆରମ୍ଭ ହୋଇଛି। ଭାରତୀୟ ଦଳର ଖେଳାଳିମାନେ ଅହମ୍ମଦାବାଦ୍ ବିମାନ ଦୁର୍ଘଟଣାରେ ମୃତ୍ୟୁବରଣ କରିଥିବା ବ୍ୟକ୍ତିବିଶେଷଙ୍କୁ ସମ୍ମାନ ଜଣାଇ ବାହୁରେ କଳାପଟି ବାନ୍ଧି ଖେଳିଥିଲେ। କିନ୍ତୁ ଖେଳ ଅଧାରୁ ଦଳର ହେଡ୍ କୋଚ୍ ଗୌତମ ଗମ୍ଭୀର ସ୍ୱଦେଶ ଫେରିଆସିଛନ୍ତି। ସ୍ୱଦେଶ ଫେରିବାର କାରଣ ହେଲା ତାଙ୍କ ମା'ଙ୍କ ଦେହ ଅସୁସ୍ଥ। ତାଙ୍କ ଚିକିତ୍ସା ସମ୍ପର୍କରେ ବ୍ୟବସ୍ଥା କରିବା ପରେ ସେ ପୁଣି ଦଳ ସହ ଯୋଗଦେବେ। ତାଙ୍କ ଅନୁପସ୍ଥିତିରେ ସହକାରୀ କୋଚ୍ ର୍‌ୟାନ୍ ଟେନ୍ ଡୋଏଷ୍ଟେ ଦଳର କୋଚ୍ ଦାୟିତ୍ୱରେ ରହିବେ। ଗମ୍ଭୀରଙ୍କ ଅନୁପସ୍ଥିତିରେ ଟେଷ୍ଟ ଦଳର ପ୍ରସ୍ତୁତି ଯେ ବାଧା ପାଇଛି, ଏହା ନିଃସନ୍ଦେହରେ କୁହାଯାଇପାରେ। ସବୁଠାରୁ ଉଲ୍ଲେଖନୀୟ ଘଟଣା ହେଲା ଏହି ମ୍ୟାଚ୍‌ରେ ରିପୋର୍ଟିଂ କରିବାକୁ ଗଣମାଧ୍ୟମକୁ ବାରଣ କରିଛି। ଏହା ଫଳରେ ମ୍ୟାଚ୍ ସମ୍ପର୍କରେ କେହି କିଛି ଜାଣିବାର ଅବକାଶ ହୋଇନାହିଁ। ଭାରତୀୟ ଟିମ୍ ନିଜ ରଣନୀତି ଅନ୍ୟମାନଙ୍କୁ ନ ଜଣାଇବାକୁ ହେଉ କିମ୍ବା ନିୟମିତ ମ୍ୟାଚ୍ ଖେଳିବାର ନ ଥିବାରୁ ବିସିସିଆଇ ଏହି ମ୍ୟାଚ୍‌କୁ ସର୍ବସାଧାରଣ କିମ୍ବା ଗଣମାଧ୍ୟମକୁ ସୂଚନା ଦେଇନାହିଁ। ଏଣୁ ଭାରତୀୟ ଟିମ୍ ଏହି ସିରିଜ୍‌କୁ କେତେ ଗୁରୁତ୍ୱ ଦେଉଛି ତାହା ଏଥିରୁ ପ୍ରମାଣିତ ହେଉଛି। ଏକ ବିଶ୍ୱସ୍ତ ସୂତ୍ରରୁ ଜଣାଯାଇଛି ଏହି ମ୍ୟାଚ୍ ୩୬୦ ଓଭର ଖେଳାଯିବ। ଏଥିରେ ଜଣେ ଖେଳାଳିଙ୍କୁ ପର୍ଯ୍ୟାପ୍ତ ସୁଯୋଗ ଦିଆଯିବ। ଯାହା ଫଳରେ ସେ ମ୍ୟାଚ୍‌ର ସ୍ଥିତି ଅନୁଯାୟୀ ନିଜକୁ ଖାପ୍ ଖୁଆଇପାରିବେ। ଏହାର ଅର୍ଥ ହେଲା ଲୋକେଶ ରାହୁଲ ଓ ଯଶସ୍ୱୀ ଜୟସ୍ୱାଲଙ୍କୁ ଯଦି ଇନିଂସ ଓପନ କରିବାକୁ ସୁଯୋଗ ମିଳେ, ତେବେ ଏମାନଙ୍କୁ କିଛି ନିର୍ଦ୍ଦିଷ୍ଟ ଓଭର ଖେଳିବାକୁ ଦିଆଯିବ। ଯଦି ବି ସେମାନେ ଆଉଟ ହୋଇଯାଆନ୍ତି ତଥାପି କ୍ରିଜ୍‌ରେ ରହି ବ୍ୟାଟିଂ କରିବେ। ଏହି ପରି ସମସ୍ତ ଖେଳାଳିଙ୍କୁ ସେମାନଙ୍କ ପୋଜିସନ ଓ ପ୍ଲେଇଂ ରୋଲ ଅନୁଯାୟୀ ପର୍ଯ୍ୟାପ୍ତ ସୁଯୋଗ ମିଳିବ। ଏହି ଯୋଜନା ଅନୁଯାୟୀ ପ୍ରତ୍ୟେକ ବୋଲରଙ୍କୁ ଅତିକମ୍‌ରେ ୧୫ ଓଭର ବୋଲିଂ କରିବାକୁ ସୁଯୋଗ ମିଳିବ। ବିଶେଷ କରି ଇଂଲଣ୍ଡର ଜଳବାୟୁ ଓ ପରିବେଶ ସହ ଖେଳକୁ କିପରି ଖାପ୍ ଖୁଆଇବେ ତାହା ଏହି ଅଭ୍ୟାସ ମ୍ୟାଚ୍‌ରେ ଗୁରୁତ୍ୱ ଦିଆଯାଇଛି।

### ● ଭାରତ ବିପକ୍ଷ ଟି-୨୦ ସିରିଜ

# ଇଂଲଣ୍ଡ ଦଳକୁ ଫେରିଲେ ସୋଫି



ଲଣ୍ଡନ, ୧୩।୬ (ଏଜେନ୍ସି): ଭାରତ ବିପକ୍ଷ ଆଗାମୀ ୫ ମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜ ଲାଗି ଶୁକ୍ରବାର ଘରୋଇ ଇଂଲଣ୍ଡ ମହିଳା କ୍ରିକେଟ୍ ଦଳ ଘୋଷଣା କରାଯାଇଛି। ବାମହାତୀ ସ୍ପିନ ଅଲ୍‌ରାଉଣ୍ଡର ସୋଫି ଇକଲେଷ୍ଟୋନ ସାମୟିକ ବିରତିରୁ ବାହାରି ଦଳକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ନିକଟରେ ୱେଷ୍ଟଇଣ୍ଡିଜ ବିପକ୍ଷ ଟି-୨୦ ସିରିଜରେ ୨୬ ବର୍ଷୀୟା ସୋଫି ବିଶ୍ରାମ ନେଇଥିଲେ। ନାଟ୍ ସ୍କିଭର-ବ୍ରଣ୍ଟଙ୍କୁ ୧୪ ଜଣିଆ ଇଂଲଣ୍ଡ ଟି-୨୦ ଦଳର ନେତୃତ୍ୱ ପ୍ରଦାନ କରାଯାଇଛି। ଭ୍ରମଣକାରୀ ଭାରତ ଓ ଇଂଲଣ୍ଡ ମଧ୍ୟରେ ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜ ଜୁନ ୨୮ରୁ ଆରମ୍ଭ ହେବ। ଟ୍ରେଣ୍ଟବ୍ରିଜରେ ପ୍ରଥମ ମ୍ୟାଚ୍ ଖେଳାଯିବ। ଏହାପରେ ଜୁଲାଇ ୧, ୪, ୯ ଓ ୧୨ରେ ପରବର୍ତ୍ତୀ ଚାରୋଟି ଟି-୨୦ ମ୍ୟାଚ୍ ଅନୁଷ୍ଠିତ ହେବ।

**ଘୋଷିତ ଇଂଲଣ୍ଡ ଦଳ**

ନାଟ୍ ସ୍କିଭର-ବ୍ରଣ୍ଟ (ଅଧିନାୟକ), ଏମ୍ ଆର୍ଲୋଟ, ଟାମି ବିଉମଣ୍ଟ, ଆମି ଜୋନ୍ସ (ଉଭୟ ୱିକେଟ୍‌କିପର), ଲୌରେନ ବେଲ୍, ଆଲିସେ କାପସୀ, ଚାର୍ଲି ଡିନ୍, ସୋଫି ଡଙ୍କଲୀ, ସୋଫି ଇକଲେଷ୍ଟୋନ, ଲୌରେନ ଫିଲର୍, ପାଇଗେ ସ୍କୋଫିଲ୍ଡ, ଲିନସୀ ସ୍ମିଥ, ଡାନି ୱଟ ଓ ଇସି ୱଙ୍ଗ୍।

## ଆଜିଠୁ ଫିଫା କ୍ଲବ୍ ବିଶ୍ୱକପ୍

# ଚାମ୍ପିଅନ ଦଳକୁ ମିଳିବ ୩୪୪.୫ କୋଟି



ନ୍ୟୁୟର୍କ, ୧୩।୬ (ଏଜେନ୍ସି): ବିଶ୍ୱ ଫୁଟ୍‌ବଲର ସର୍ବୋଚ୍ଚ ପ୍ରଶାସନିକ ସଂସ୍ଥା 'ଫିଫା' ପକ୍ଷରୁ କ୍ଲବ ବିଶ୍ୱକପ୍ ଶନିବାରଠାରୁ ଆମେରିକାରେ ଆରମ୍ଭ ହେବାକୁ ଯାଉଛି। ଫିଫା କ୍ଲବ ବିଶ୍ୱକପ୍‌ର ଏହା ହେବ ୨୧ତମ ସଂସ୍କରଣ। ଜୁନ ୧୪ରୁ ଆରମ୍ଭ ହୋଇ ଜୁଲାଇ ୧୩ରେ ଉଦ୍‌ଯାପିତ ହେବାକୁ ଥିବା ବିଶ୍ୱ କ୍ଲବ ଫୁଟ୍‌ବଲର ଏହି ଅନ୍ୟତମ ଶ୍ରେଷ୍ଠ ଟୁର୍ଣ୍ଣାମେଣ୍ଟରେ ଏଥର ୩୨ ଗୋଟି ଦଳ ଟ୍ରଫି ପାଇଁ ମଇଦାନକୁ ଅବତୀର୍ଣ୍ଣ ହୋଇଛନ୍ତି। ୩୨ ଗୋଟି ୮ଟି ଗ୍ରୁପ୍‌ରେ ବିଭକ୍ତ କରାଯାଇ ମ୍ୟାଚ୍ ଖେଳାଯିବ। ଏହାପରେ ପ୍ରତି ଗ୍ରୁପ୍‌ର ଦୁଇ ଶ୍ରେଷ୍ଠ ଦଳ ପ୍ରି-କ୍ୱାର୍ଟର ଫାଇନାଲକୁ ପ୍ରବେଶ କରିବେ। ପ୍ରତି ୪ ବର୍ଷରେ ଆୟୋଜିତ ହେଉଥିବା ଏହି ମେଗା ଟୁର୍ଣ୍ଣାମେଣ୍ଟ ଲାଗି ଫିଫା ଏଥର ଆଖିଦୃଶିଆ ପୁରସ୍କାର ରାଶି ଘୋଷଣା କରିଛି। କ୍ଲବ ବିଶ୍ୱକପ୍‌ର ଏହି ସଂସ୍କରଣ ଲାଗି ମୋଟ୍ ୧ ବିଲିୟନ ଡଲାର ପୁରସ୍କାର ରାଶି ରଖାଯାଇଛି। ଯାହାକି ଭାରତୀୟ ମୁଦ୍ରାରେ ୮ ହଜାର ୬୧୩ କୋଟି ୪ ଲକ୍ଷ ଟଙ୍କା ହେବ। ସେହିଭଳି ଚାମ୍ପିଅନ ଦଳକୁ ଆଖି ଝଲସିବା ଭଳି ପୁରସ୍କାର ରାଶି ପ୍ରଦାନ କରାଯିବ। ଏଥର କ୍ଲବ ବିଶ୍ୱକପ୍‌ରେ ଚାମ୍ପିଅନ ଦଳକୁ ଟ୍ରଫି ସହ ୪୦ ମିଲିୟନ ଡଲାର (ଭାରତୀୟ ମୁଦ୍ରାରେ ୩୪୪ କୋଟି ୫୦ ଲକ୍ଷ ଟଙ୍କା) ଅର୍ଥରାଶି ଫିଫା ପକ୍ଷରୁ ଦିଆଯିବ। ସେହିଭଳି ରନର୍ସଅପ୍ ଦଳ ୨୫୮ କୋଟି ୩୯ ଲକ୍ଷ ଟଙ୍କା ପୁରସ୍କାର ପାଇବ।

**ଫିଫାର କ୍ଲବ୍ ବିଶ୍ୱକପ୍ ପୁରସ୍କାର ରାଶି**

| | |
|---|---|
| ଚାମ୍ପିଅନ | : ୩୪୪.୫ କୋଟି ଟଙ୍କା |
| ରନର୍ସଅପ୍ | : ୨୫୮.୪ କୋଟି |
| ସେମିରେ ପରାଜିତ ଦଳ | : ୧୮୦.୮ କୋଟି |
| କ୍ୱାର୍ଟରରେ ପରାଜିତ ଦଳ | : ୧୧୩ କୋଟି |
| ରାଉଣ୍ଡ-୧୬ରେ ପରାଜିତ ଦଳ | : ୬୪.୬ କୋଟି |
| ଗ୍ରୁପ୍‌ରେ ପ୍ରତି ବିଜୟ ଲାଗି | : ୧୭ କୋଟି ୨୨ ଲକ୍ଷ |
| ଗ୍ରୁପ୍ ପର୍ଯ୍ୟାୟରେ ପ୍ରତି ଡ୍ର ଲାଗି | : ୮ କୋଟି ୬୧ ଲକ୍ଷ |

# ସର୍ବଭାରତୀୟ ଏ ଗ୍ରେଡ୍ କବାଡ଼ି ଉଦ୍‌ଘାଟିତ




ରସୁଲପୁର, ୧୩।୬ (ସମିସ)

ଯାଜପୁର ଜିଲ୍ଲା ରସୁଲପୁର ବ୍ଲକ୍ ଖଣ୍ଡିତରଠାରେ ସର୍ବଭାରତୀୟ ଏ-ଗ୍ରେଡ୍ ଦିବାରାତ୍ର ପୁରୁଷ ଓ ମହିଳା କବାଡ଼ି ଟୁର୍ଣ୍ଣାମେଣ୍ଟ ଆଜି ସନ୍ଧ୍ୟାରେ ଉଦ୍‌ଘାଟିତ ହୋଇଯାଇଛି। ଧର୍ମଶାଳା ବିଧାୟକ ହିମାଂଶୁ ଶେଖର ସାହୁ ମୁଖ୍ୟଅତିଥି ଭାବରେ ଯୋଗଦେଇ ୭୦ତମ କବାଡ଼ି ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ଯାଜପୁର କବାଡ଼ି ଆସୋସିଏସନ ଦ୍ୱାରା ଆୟୋଜିତ ଏହି କ୍ରୀଡ଼ା ପ୍ରତିଯୋଗିତାର ଉଦଘାଟନୀ ଉତ୍ସବରେ ଜେକେଏର ସଭାପତି ପ୍ରଦୀପ କୁମାର ସେଠୀ ସଭାପତିତ୍ୱ କରିଥିଲେ। ସଂପାଦକ ଅଧ୍ୟାପକ ସମରେନ୍ଦ୍ର ଦାଶ ପ୍ରାରମ୍ଭିକ ସୂଚନା ପ୍ରଦାନ କରିଥିବା ବେଳେ ଫାଲଗୁନି ବିଭୁକଲ୍ୟାଣ ଦାସ ଅତିଥି ପରିଚୟ ପ୍ରଦାନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଉପସଭାପତି ଅଭୟ କୁମାର ମହାନ୍ତି, ସ୍ଥାନୀୟ ସରପଞ୍ଚ ସୁରେନ୍ଦ୍ର ତିଆଡ଼ି, ଉପଦେଷ୍ଟା ରବୀନ୍ଦ୍ର କୁମାର ପୃଷ୍ଟି, କୃଷ୍ଣକାନ୍ତ ପଣ୍ଡା, ହେମନ୍ତ କୁମାର କର ପ୍ରମୁଖ ମଞ୍ଚାସୀନ ହୋଇଥିଲେ। ଖେଳାଳିମାନଙ୍କ ଶପଥ ଗ୍ରହଣ ପରେ ଅନୁଷ୍ଠାନିକ ଭାବରେ ୭୦ତମ ସର୍ବଭାରତୀୟ ଟୁର୍ଣ୍ଣାମେଣ୍ଟ ଉଦଘାଟିତ ହୋଇଥିଲା। ପୁରୁଷ ବିଭାଗର ପ୍ରଥମ ମ୍ୟାଚ୍ ଛତିଶଗଡ଼ର ବିଳାଶପୁର ଓ ବାରଙ୍ଗର ରେନ୍‌ବୋ କ୍ଲବ୍ ମଧ୍ୟରେ ୧ନଂ କୋର୍ଟରେ ଅନୁଷ୍ଠିତ ହୋଇଥିଲା। ମୁକେଶ କୁମାର ସାହୁ ରେଫରୀ ଏବଂ କେ. ମାଧବ ରାଓ ଓ ପ୍ରକାଶ କୁମାର ସାହୁ ପ୍ରଥମ ମ୍ୟାଚ୍ ପରିଚାଳନା କରିଥିଲେ।

### ■ ଜାତୀୟ କରାଟେ ପ୍ରତିଯୋଗିତା

# ଓଡ଼ିଶାକୁ ୨ ସ୍ୱର୍ଣ୍ଣ ସହ ୭ ପଦକ

ଭୁବନେଶ୍ୱର, ୧୩।୬ (ସମିସ): ଉତ୍ତରାଖଣ୍ଡର ଡେରାଡୁନ୍‌ଠାରେ ଚାଲିଥିବା ଜାତୀୟ କରାଟେ ପ୍ରତିଯୋଗିତାର ଦ୍ୱିତୀୟ ଦିନ ସୁଦ୍ଧା ଓଡ଼ିଶାର ପ୍ରତିଯୋଗୀମାନେ ୨ ସ୍ୱର୍ଣ୍ଣ, ୨ ରୌପ୍ୟ, ୫ କାଂସ୍ୟ ପଦକ ସହ ମୋଟ ୭ଟି ପଦକ ବିଜୟୀ ହୋଇଛି। ବିଶ୍ୱ କରାଟେ ସଂଘ ଦ୍ୱାରା ସ୍ୱୀକୃତିପ୍ରାପ୍ତ ଏହି ପ୍ରତିଯୋଗିତାର ଯୁବ ୭୦ କିଲୋ ଫାଇଟିଂ ଶ୍ରେଣୀରେ ଅଂଶୁମାନ ଆଚାର୍ଯ୍ୟ ଓ ୭୬ କିଲୋରୁ ଉର୍ଦ୍ଧ୍ୱ ଶ୍ରେଣୀ ଫାଇଟିଂରେ ଦିବ୍ୟପ୍ରସାଦ ନାୟକ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ଅନ୍ୟ ପଦକ ବିଜେତାଙ୍କ ମଧ୍ୟରେ ସୁଶ୍ରୀ ଅଲିଶା ସୁବୁଦ୍ଧି, ଓମ୍ ସତ୍ୟମ ମହାନ୍ତି ରୌପ୍ୟ ପଦକରେ ସନ୍ତୁଷ୍ଟ ହୋଇଛନ୍ତି। ଦଳ ଲାଗି ୫ଟି କାଂସ୍ୟ ପଦକ ଜିତିଥିବା କରାଟେକାମାନେ ହେଲେ ତପସ୍ୱିନୀ ନାୟକ, ସୁପ୍ରିୟା ମହାନ୍ତି, ଆର୍ଯ୍ୟବ୍ରତ ବିଶ୍ୱାଳ ଏକକରେ କାଂସ୍ୟ ପଦକ ହାସଲ କରିଛନ୍ତି। ଦଳଗି ବିଭାଗରେ ମଧ୍ୟ ଦଳକୁ ଆଉ ୨ଟି କାଂସ୍ୟ ପଦକ ମିଳିଛି। ତାହା ମଧ୍ୟରୁ କନିଷ୍ଠ ବାଳକ ଦଳଗତ କାଟାରେ ଶୁଭମ ଦାଶ, ଦୋଳଗୋବିନ୍ଦ ବେହେରା, ରୀତେଶ ପାତ୍ର ଓ ଅଂଶୁମାନ ମିଶ୍ର କାଂସ୍ୟ ପଦକ ଜିତିଥିଲେ।

## ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ

# ଅନୁଗୋଳ ଓ କେନ୍ଦ୍ରାପଡ଼ା ବିଜୟୀ



ଗୋବିନ୍ଦ ପଟ୍ଟନାୟକ



ସତ୍ୟ ବେହେରା

କଟକ, ୧୩।୬ (ସମିସ): ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଆନୁକୂଲ୍ୟରେ କଟକରେ ଚାଲିଥିବା ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟରେ ଶୁକ୍ରବାର ରେଭେନ୍ସା ବିଶ୍ୱବିଦ୍ୟାଳୟ ଗ୍ରାଉଣ୍ଡରେ ୨ଟି ମ୍ୟାଚ୍ ଖେଳାଯାଇଥିଲା। ଏଥିରେ ଅନୁଗୋଳ ଏବଂ କେନ୍ଦ୍ରାପଡ଼ା ବିଜୟୀ ହୋଇଛନ୍ତି।

ରେଭେନ୍ସା ଗ୍ରାଉଣ୍ଡ-୧ରେ କେନ୍ଦ୍ରାପଡ଼ା ଏବଂ ଜଗତସିଂହପୁର ମଧ୍ୟରେ ମୁକାବିଲା ହୋଇଥିଲା। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ଜଗତସିଂହପୁର ୧୦୨ ରନରେ ଅଲଆଉଟ ହୋଇଥିଲା। ଅରବିନ୍ଦ ମୁଦୁଲି ସର୍ବାଧିକ ୨୭ ରନ କରିଥିଲେ। କେନ୍ଦ୍ରାପଡ଼ାର ଗୋବିନ୍ଦ ପଟ୍ଟନାୟକ ୧୨ରନ ବିନିମୟରେ ୩ଟି ୱିକେଟ ଦଖଲ କରିଥିଲେ। ଜବାବରେ ୧୬.୫ ଓଭରରେ ୪ ୱିକେଟ ହରାଇ କେନ୍ଦ୍ରାପଡ଼ା ବିଜୟ ଲକ୍ଷ୍ୟ ହାସଲ କରିଛି। ଗୋବିନ୍ଦ ଅପରାଜିତ ୧୫ ରନ ସହ ଅଲରାଉଣ୍ଡ ପ୍ରଦର୍ଶନ କରି ଦଳକୁ ଜିତାଇଥିଲେ। ସେହିଭଳି ରେଭେନ୍ସା ଗ୍ରାଉଣ୍ଡ-୨ରେ ଅନୁଗୋଳ ୮ ରନରେ ଦେବଗଡ଼କୁ ହରାଇଥିଲା। ଅନୁଗୋଳର ଇନିଂସ ୧୦୪ ରନରେ ସୀମିତ ରହିଥିଲା। ହର୍ଷ କୁମାର ସର୍ବାଧିକ ୨୫ ରନ କରିଥିବାବେଳେ ଦେବଗଡ଼ ତରଫରୁ ଶୁଭମ ଦାସ ୩ଟି ୱିକେଟ ନେଇଥିଲେ। ୧୦୫ ରନର ବିଜୟ ଲକ୍ଷ୍ୟକୁ ପିଛା କରିଥିବା ଦେବଗଡ଼ ୯୬ ରନରେ ଅଲଆଉଟ ହୋଇଥିଲା। ଅନୁଗୋଳର ସତ୍ୟ ବେହେରା ୧୩ ରନ ବ୍ୟୟ କରି ୩ଟି ୱିକେଟ ନେଇ ଶ୍ରେଷ୍ଠ ପ୍ରଦର୍ଶନ କରିଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS